RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
# THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI



ଯଶଙ୍କୁ ଟକ୍କର ଦେବେ ଶ୍ରଦ୍ଧା

ପୃଷ୍ଠା ୧୧ ଦେଖନ୍ତୁ...

◆VOLUME- 44 ◆ISSUE-03 ◆SATURDAY ◆27 JUNE 2026 ◆PAGE-12 ◆₹ 7.00 | BHUBANESWAR | ◆ବର୍ଷ-୪୪ ◆ସଂଖ୍ୟା-୦୩ ◆ଶନିବାର ◆୨୭ ଜୁନ୍ ୨୦୨୬ ◆ପୃଷ୍ଠା-୧୨ ◆ଟ.୭.୦୦




TANISHQ

Celebrating Her Traditions, Her Way

Join us for an exclusive showcase of jewellery inspired by heritage and crafted for the modern woman.

Explore handcrafted designs that blend timeless artistry with contemporary elegance.

UP TO ₹601 OFF* per gram on gold jewellery | GET 100%* Exchange value on your old gold brought from any jeweller

Offer valid from 26th to 28th June 2026

Talk to our jewellery expert to know more 1800 2966 677 | Buy online at tanishq.co.in | or Download our App | *Conditions apply, For T&C visit our website.

Chandrasekharpur, Bhubaneswar, Mob-7205050700 | Master Canteen Square, Bhubaneswar, Mob-9238307043
Amalapada, Lane-2, Angul, Mob-9090066000, 8147485152 | Cantonment Road, Cuttack, Mob-9238307044



# ଦେଶ ବିଦେଶ



ସକାଳ THE SAKALA
www.sakalaepaper.com

## କେଇକୋ ଫୁଜିମୋରି ପେରୁର ପ୍ରଥମ ମହିଳା ରାଷ୍ଟ୍ରପତି



ଲିମା, ୨୬।୬(ଏଜେନ୍ସି): ପେରୁର ନିର୍ବାଚନ ଇତିହାସରେ ଏକ ନୂତନ ଅଧ୍ୟାୟ ସୃଷ୍ଟି କରି ଦେଶର ଦକ୍ଷିଣପନ୍ଥୀ ନେତ୍ରୀ ୫୧ ବର୍ଷୀୟା କେଇକୋ ଫୁଜିମୋରି ପ୍ରଥମ ମହିଳା ରାଷ୍ଟ୍ରପତି ଭାବେ ନିର୍ବାଚିତ ହୋଇଛନ୍ତି। ଚତୁର୍ଥ ଥର ପାଇଁ ରାଷ୍ଟ୍ରପତି ନିର୍ବାଚନ ଲଢୁଥିବା କେଇକୋ ପ୍ରାୟ ୫୦.୧ ପ୍ରତିଶତ ଭୋଟ୍ ପାଇ ନିଜର ପ୍ରତିଦ୍ୱନ୍ଦ୍ୱୀ ବାମପନ୍ଥୀ ପ୍ରାର୍ଥୀ ରୋବୋର୍ଟୋ ସାଞ୍ଚେଜ୍‌ଙ୍କୁ ଅତି ଅଳ୍ପ ବ୍ୟବଧାନରେ ପରାଜିତ କରିଛନ୍ତି। ଆସନ୍ତା ଜୁଲାଇ ୨୮ ତାରିଖରେ ସେ ଆନୁଷ୍ଠାନିକ ଭାବେ ଶପଥ ଗ୍ରହଣ କରିବେ। ପେରୁର ପୂର୍ବତନ ରାଷ୍ଟ୍ରପତି ଆଲବର୍ଟୋ ଫୁଜିମୋରିଙ୍କ କନ୍ୟା କେଇକୋଙ୍କ ପିଲାଦିନ ଏବଂ ରାଜନୈତିକ ଜୀବନ ବେଶ୍ ସଂଘର୍ଷପୂର୍ଣ୍ଣ ଥିଲା। ନବେ ଦଶକରେ ଦେଶରେ ଉଗ୍ରବାଦୀ ହିଂସା ଚରମ ସୀମାରେ ଥିବା ବେଳେ ସୁରକ୍ଷା ଦୃଷ୍ଟିରୁ ସେମାନଙ୍କ ପରିବାରକୁ ବଙ୍କର ଭିତରେ ଦିନ କାଟିବାକୁ ପଡ଼ିଥିଲା। ପରବର୍ତ୍ତୀ ସମୟରେ ୧୯୯୪ ମସିହାରେ ପିତାମାତାଙ୍କ ମଧ୍ୟରେ ବିବାଦ ଯୋଗୁଁ ମାତ୍ର ୧୯ ବର୍ଷ ବୟସରେ ନିଜ ପାଠପଢ଼ା ଛାଡ଼ି ସେ ପେରୁର ସବୁଠାରୁ କମ୍ ବୟସ୍କ 'ଫାଷ୍ଟ ଲେଡି' ବା ପ୍ରଥମ ମହିଳା ଭାବେ ଦାୟିତ୍ୱ ତୁଲାଇଥିଲେ। ରାଜନୈତିକ ଜୀବନ ମଧ୍ୟରେ କେଇକୋଙ୍କୁ ଅର୍ଥ ହେରଫେର ଏବଂ ବେଆଇନ ନିର୍ବାଚନ ପାଣ୍ଠି ସଂଗ୍ରହ ମାମଲାରେ ୨୦୧୮ ମସିହାରେ ପ୍ରାୟ ୧୩ ମାସ ଜେଲ୍‌ରେ ରହିବାକୁ ପଡ଼ିଥିଲା। ଜେଲ୍‌ରୁ ମୁକୁଳିବା ପରେ ସେ ନିଜ ଦଳକୁ ଏକାଠି ରଖି ପୁଣି ରାଜନୀତିରେ ସକ୍ରିୟ ହୋଇଥିଲେ। ବର୍ତ୍ତମାନ ଦେଶରେ ବଢୁଥିବା ଅପରାଧ, ଦୁର୍ନୀତି ଏବଂ ରାଜନୈତିକ ଅସ୍ଥିରତା ମଧ୍ୟରେ କେଇକୋ ପେରୁର ଶାସନ ଭାର ହାତକୁ ନେବାକୁ ଯାଉଛନ୍ତି।

## ଗୋଆରେ ଚାଲିବ କୋଚି ଭଳି ୱାଟର୍ ମେଟ୍ରୋ



ପାଣାଜୀ, ୨୬।୬(ଏଜେନ୍ସି): କେରଳର କୋଚି ସହର ଭଳି ବର୍ତ୍ତମାନ ଗୋଆରେ ମଧ୍ୟ ଜଳପଥରେ ମେଟ୍ରୋ ବା 'ୱାଟର ମେଟ୍ରୋ' ପ୍ରକଳ୍ପକୁ କାର୍ଯ୍ୟକାରୀ କରାଯିବ। କେନ୍ଦ୍ର ବନ୍ଦର, ଜାହାଜ ଚଳାଚଳ ଏବଂ ଜଳପଥ ମନ୍ତ୍ରୀ ସର୍ବାନନ୍ଦ ସୋନୋୱାଲ ଶୁକ୍ରବାର ଗୋଆ ଗସ୍ତ ସମୟରେ ଏହି ପ୍ରସ୍ତାବିତ ପ୍ରକଳ୍ପକୁ ପ୍ରାଥମିକତା ଭିତ୍ତିରେ ପ୍ରଥମ ପର୍ଯ୍ୟାୟରେ ହିଁ ଶେଷ କରିବାକୁ ଘୋଷଣା କରିଛନ୍ତି। ଏହି ପ୍ରକଳ୍ପ ମାଧ୍ୟମରେ ମାଣ୍ଡୋଭୀ ନଦୀ କୂଳରେ ଅବସ୍ଥିତ ଗୋଆର ରାଜଧାନୀ ପାଣାଜୀ ସହର ସହିତ ନଦୀ କୂଳବର୍ତ୍ତୀ ଅନ୍ୟାନ୍ୟ ସହର ଏବଂ ଗ୍ରାମଗୁଡ଼ିକୁ ଜଳପଥ ମାଧ୍ୟମରେ ଯୋଡ଼ାଯିବ। କୋଚି ମେଟ୍ରୋ ରେଳ ଲିମିଟେଡ୍ ଦ୍ୱାରା ଏହି ପ୍ରକଳ୍ପର ପ୍ରାଥମିକ ସର୍ଭେ କରାଯାଇ ପ୍ରାୟ ୮ଟି ସମ୍ଭାବ୍ୟ ରୁଟ୍ ଚିହ୍ନଟ କରାଯାଇଛି। ମୁଖ୍ୟମନ୍ତ୍ରୀ ପ୍ରମୋଦ ସାୱନ୍ତଙ୍କ ଅନୁରୋଧ କ୍ରମେ ଏହି ପ୍ରକଳ୍ପର କାର୍ଯ୍ୟକୁ ତ୍ୱରାନ୍ୱିତ କରାଯାଉଛି। ପାଣାଜୀ ବନ୍ଦରର ଏକ ନୂତନ ଟର୍ମିନାଲ୍ ଭବନ ଉଦ୍‌ଘାଟନ କରି କେନ୍ଦ୍ରମନ୍ତ୍ରୀ କହିଛନ୍ତି ଯେ, ଗତ ୧୨ ବର୍ଷ ମଧ୍ୟରେ ଭାରତର ସାମୁଦ୍ରିକ କ୍ଷେତ୍ରରେ ବ୍ୟାପକ ପରିବର୍ତ୍ତନ ଆସିଛି। ଦେଶର ବନ୍ଦରଗୁଡ଼ିକର କ୍ଷମତା ଦୁଇଗୁଣା ବୃଦ୍ଧି ପାଇବା ସହ ଆଭ୍ୟନ୍ତରୀଣ ଜଳପଥଗୁଡ଼ିକ ମଧ୍ୟ ବାଣିଜ୍ୟ ଏବଂ ପରିବହନର ଏକ ପ୍ରମୁଖ ମାଧ୍ୟମ ସାଜିଛନ୍ତି, ଯାହା ଭାରତୀୟ ଅର୍ଥନୀତିକୁ ଆଗକୁ ବଢ଼ାଇବାରେ ସହାୟକ ହେବ।

## ଏନ୍‌ସିଇଆର୍‌ଟି ବହିରୁ ହଟିଲା ସମାଜବାଦୀ ଓ ଧର୍ମନିରପେକ୍ଷ ଶବ୍ଦ

**ଜରୁରୀକାଳୀନ ପରିସ୍ଥିତି ଉପରେ ଯୋଡ଼ାଗଲା ନୂଆ ଅଧ୍ୟାୟ**

ନୂଆଦିଲ୍ଲୀ, ୨୬।୬ (ଏଜେନ୍ସି): ରାଷ୍ଟ୍ରୀୟ ଶିକ୍ଷା ଅନୁସନ୍ଧାନ ଓ ପ୍ରଶିକ୍ଷଣ ପରିଷଦ ବା ଏନସିଇଆରଟି ଦ୍ୱାରା ନବମ ଶ୍ରେଣୀର ନୂତନ ସାମାଜିକ ବିଜ୍ଞାନ ପାଠ୍ୟପୁସ୍ତକରୁ ସମ୍ବିଧାନର ପ୍ରସ୍ତାବନାକୁ ହଟାଇ ଦିଆଯାଇଛି। ଏହା ସହିତ ପ୍ରସ୍ତାବନାରେ ଥିବା 'ସମାଜବାଦୀ' ଏବଂ 'ଧର୍ମନିରପେକ୍ଷ' ଭଳି ଗୁରୁତ୍ୱପୂର୍ଣ୍ଣ ଶବ୍ଦଗୁଡ଼ିକୁ ମଧ୍ୟ ଏହି ବହିରୁ ବାଦ୍ ଦିଆଯାଇଥିବା ବେଳେ 'ଜରୁରୀକାଳୀନ ପରିସ୍ଥିତି' ସମ୍ପର୍କରେ ଏକ ନୂତନ ବିଷୟ ଅନ୍ତର୍ଭୁକ୍ତ କରାଯାଇଛି। ନୂତନ ପାଠ୍ୟପୁସ୍ତକର ଏକ ଅଧ୍ୟାୟରେ ୧୯୭୫ ମସିହାର ଜରୁରୀକାଳୀନ ପରିସ୍ଥିତିକୁ ଭାରତୀୟ ଗଣତନ୍ତ୍ରର ସବୁଠାରୁ ବଡ଼ ଆହ୍ୱାନ ଭାବେ ବର୍ଣ୍ଣନା କରାଯାଇଛି। ଏଥିରେ ତତ୍କାଳୀନ ଇନ୍ଦିରା ଗାନ୍ଧୀ ସରକାରଙ୍କ ବିରୋଧରେ ବଢୁଥିବା ଜନଅସନ୍ତୋଷ, ମୌଳିକ ଅଧିକାରର ନିଲମ୍ବନ, ଗଣମାଧ୍ୟମ ଉପରେ କଟକଣା ଏବଂ ନେତାମାନଙ୍କ ଗିରଫଦାରୀ ବିଷୟରେ ଉଲ୍ଲେଖ ରହିଛି। ଏହା ସହିତ ବିହାର ଓ ଗୁଜରାଟରେ ଲୋକନାୟକ ଜୟପ୍ରକାଶ ନାରାୟଣଙ୍କ ନେତୃତ୍ୱରେ ହୋଇଥିବା ଗଣଆନ୍ଦୋଳନ ଏବଂ ଜରୁରୀକାଳୀନ ପରିସ୍ଥିତି ପରେ ୧୯୭୭ ନିର୍ବାଚନରେ ଶାସକ ଦଳର ପରାଜୟକୁ ଭାରତୀୟ ଗଣତନ୍ତ୍ରର ସୁଦୃଢ଼ତାର ପ୍ରମାଣ ବୋଲି ଦର୍ଶାଯାଇଛି। ପୁସ୍ତକରେ ଏହା ମଧ୍ୟ ସ୍ପଷ୍ଟ କରାଯାଇଛି ଯେ 'ସମାଜବାଦୀ' ଓ 'ଧର୍ମନିରପେକ୍ଷ' ଶବ୍ଦ ଦ୍ୱୟକୁ ୧୯୭୬ ମସିହାରେ ଜରୁରୀକାଳୀନ ପରିସ୍ଥିତି ସମୟରେ ହିଁ ୪୨ତମ ସମ୍ବିଧାନ ସଂଶୋଧନ ଜରିଆରେ ଯୋଡ଼ାଯାଇଥିଲା। ଏହା ବ୍ୟତୀତ ଗଣତନ୍ତ୍ର ପ୍ରତି ଥିବା ଅନ୍ୟାନ୍ୟ ଆହ୍ୱାନ ଯେପରିକି ମିଥ୍ୟା ଖବର, ଦୁର୍ନୀତି, ଆଞ୍ଚଳିକତାବାଦ ଏବଂ ଲିଙ୍ଗଗତ ଅସମାନତା ଉପରେ ମଧ୍ୟ ଏଥିରେ ଆଲୋଚନା କରାଯାଇଛି। ପ୍ରଥମ ଥର ପାଇଁ ଛାତ୍ରଛାତ୍ରୀଙ୍କ ଦାୟିତ୍ୱବୋଧ ବଢ଼ାଇବାକୁ 'ଗଣତନ୍ତ୍ର ଏବଂ ଆପଣ' ଶୀର୍ଷକ ଏକ ନୂଆ ବିଭାଗ ସ୍ଥାନ ପାଇଛି। ଏହା ସହିତ ଭାରତୀୟ ନିର୍ବାଚନ କମିଶନଙ୍କ ସଫଳତାକୁ ପ୍ରଶଂସା କରାଯିବା ସହ ଗଣମାଧ୍ୟମକୁ ଗଣତନ୍ତ୍ରର 'ଚତୁର୍ଥ ସ୍ତମ୍ଭ' ଭାବେ ଅଭିହିତ କରାଯାଇଛି।

## ୧୧ ଜଣ ବାଂଲାଦେଶୀ ଆତଙ୍କବାଦୀଙ୍କ ବିରୋଧରେ ଚାର୍ଜସିଟ୍

ଗୌହାଟୀ, ୨୬।୬(ଏଜେନ୍ସି): ଭାରତରେ ଆତଙ୍କବାଦୀ ନେଟୱାର୍କର ବିସ୍ତାର ଏବଂ ଯୁବକମାନଙ୍କୁ ସଂଗଠନରେ ସାମିଲ କରିବା ପାଇଁ ଚାଲିଥିବା ଏକ ବଡ଼ ଷଡ଼ଯନ୍ତ୍ରର ପର୍ଦ୍ଦାଫାଶ କରି ଜାତୀୟ ତଦନ୍ତକାରୀ ସଂସ୍ଥା ବା ଏନଆଇଏ ୧୧ ଜଣ ଅଭିଯୁକ୍ତଙ୍କ ବିରୋଧରେ ଚାର୍ଜସିଟ୍ ଦାଖଲ କରିଛି। ପ୍ରତିବନ୍ଧିତ ଆତଙ୍କବାଦୀ ସଂଗଠନ 'ଜମାତ-ଉଲ୍-ମୁଜାହିଦ୍ଦିନ ବାଂଲାଦେଶ'ର ଏକ ଶାଖା ସହିତ ଜଡ଼ିତ ଏହି ସମସ୍ତ ଅଭିଯୁକ୍ତଙ୍କ ବିରୋଧରେ ଗୁଆହାଟୀ ସ୍ଥିତ ସ୍ୱତନ୍ତ୍ର ଅଦାଲତରେ ଏହି ଚାର୍ଜସିଟ୍ ଦାଖଲ କରାଯାଇଛି। ଏନଆଇଏର ତଦନ୍ତରୁ ଜଣାପଡ଼ିଛି ଯେ, ଏହି ସଂଗଠନର ବରିଷ୍ଠ ସଦସ୍ୟ ଇମାମ ମହମୁଦ ହବିବୁଲ୍ଲା ଭାରତ ମାଟିରେ ନିଜର ଆତଙ୍କବାଦୀ ଏଜେଣ୍ଡାକୁ ଆଗକୁ ବଢ଼ାଇବା ପାଇଁ 'ଇମାମ ମହମୁଦର କାଫିଲା' ନାମକ ଏକ ଶାଖା ଗଠନ କରିଥିଲା। ଏହି ସଂଗଠନ ଜରିଆରେ ପଶ୍ଚିମବଙ୍ଗ, ଆସାମ ଏବଂ ତ୍ରିପୁରା ଭଳି ଉତ୍ତର-ପୂର୍ବ ରାଜ୍ୟଗୁଡ଼ିକରେ ଉଗ୍ରବାଦୀ ଚିନ୍ତାଧାରାର ପ୍ରସାର କରିବା, ସ୍ଥାନୀୟ ଯୁବକମାନଙ୍କୁ ଭ୍ରମିତ କରି ସଂଗଠନରେ ସାମିଲ କରିବା ଏବଂ ଭାରତ ବିରୋଧୀ କାର୍ଯ୍ୟକଳାପ ଚଳାଇବା ପାଇଁ ଗୁପ୍ତ ବୈଠକ ଓ ଡିଜିଟାଲ୍ ମାଧ୍ୟମର ବ୍ୟବହାର କରାଯାଉଥିଲା। ଏହି ମାମଲାରେ ଗିରଫ ହୋଇଥିବା ଦୁଇ ପ୍ରମୁଖ ଅଭିଯୁକ୍ତ ନସିମୁଦ୍ଦିନ ଆସାମରେ ଏବଂ ଜାଗିର ମିଆଁ ତ୍ରିପୁରାରେ ଏହି ଆତଙ୍କବାଦୀ ସଂଗଠନର କାର୍ଯ୍ୟକଳାପର ନେତୃତ୍ୱ ନେଉଥିଲେ।

## ଦିଲ୍ଲୀରେ ସେପ୍ଟିକ୍ ଟାଙ୍କିରେ ଶ୍ୱାସରୁଦ୍ଧ ହୋଇ ୩ ଶ୍ରମିକଙ୍କ ମୃତ୍ୟୁ

ନୂଆଦିଲ୍ଲୀ, ୨୬।୬(ଏଜେନ୍ସି): ଦିଲ୍ଲୀର ମୁଣ୍ଡକା ଶିଳ୍ପାଞ୍ଚଳରେ ଥିବା ଏକ କାରଖାନାର ସେପ୍ଟିକ୍ ଟାଙ୍କି ଭିତରେ ବିଷାକ୍ତ ଗ୍ୟାସ୍ ସଂସ୍ପର୍ଶରେ ଆସି ଶୁକ୍ରବାର ଅପରାହ୍ନରେ ୩ ଜଣ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୁଣ୍ଡକାର ଜ୍ୱାଳାପୁରୀ ଅଞ୍ଚଳରେ ଥିବା ଏକ କାରଖାନାରେ ଏହି ଅଭାବନୀୟ ଘଟଣା ଘଟିଛି। ଅଗ୍ନିଶମ ବାହିନୀର ସୂଚନା ଅନୁଯାୟୀ, ମଧ୍ୟାହ୍ନ ପ୍ରାୟ ୧୨ଟା ବେଳେ କାରଖାନାର ସେପ୍ଟିକ୍ ଟାଙ୍କି ଭିତରେ କିଛି ଲୋକ ଫସି ରହିଥିବା ଖବର ମିଳିଥିଲା। ଏହା ପରେ ଉଦ୍ଧାର କାର୍ଯ୍ୟ ପାଇଁ ଅଗ୍ନିଶମ ଗାଡ଼ି ଏବଂ ପ୍ରଶାସନିକ ଅଧିକାରୀମାନେ ଘଟଣାସ୍ଥଳରେ ପହଞ୍ଚିଥିଲେ। ମାତ୍ର ଟାଙ୍କି ଭିତରେ ଥିବା ପ୍ରବଳ ବିଷାକ୍ତ ଗ୍ୟାସ୍ ଯୋଗୁଁ ସେମାନେ ଶ୍ୱାସରୁଦ୍ଧ ହୋଇ ସେଠାରେ ହିଁ ଅଚେତ ହୋଇପଡ଼ିଥିଲେ। ଅଗ୍ନିଶମ କର୍ମଚାରୀମାନେ ତିନି ଜଣଙ୍କୁ ଟାଙ୍କି ଭିତରୁ ବାହାରକୁ ଆଣିଥିଲେ ମଧ୍ୟ ସେତେବେଳକୁ ସେମାନଙ୍କର ମୃତ୍ୟୁ ହୋଇସାରିଥିଲା।

## ଡେନ୍‌ମାର୍କରେ ଅଜାନ ଉପରେ କଟକଣା ହେବ

କୋପେନହେଗେନ, ୨୬।୬(ଏଜେନ୍ସି): ଡେନମାର୍କରେ ବଢୁଥିବା ଇସଲାମୀକରଣକୁ ରୋକିବା ପାଇଁ ସେଠାକାର ସରକାର ସାରା ଦେଶରେ ମସଜିଦ୍‌ରୁ ଦିଆଯାଉଥିବା ସାର୍ବଜନୀନ ପ୍ରାର୍ଥନା ଡାକରା ବା ଅଜାନ ଉପରେ ସମ୍ପୂର୍ଣ୍ଣ ପ୍ରତିବନ୍ଧକ ଲଗାଇବାକୁ ପ୍ରସ୍ତୁତି ଚଳାଇଛନ୍ତି। ସର୍ବସାଧାରଣ ସ୍ଥାନରେ ମୁହଁ ଢାଙ୍କିବା ଉପରେ ପୂର୍ବରୁ କଟକଣା ଲଗାଯାଇଥିବା ବେଳେ ବର୍ତ୍ତମାନ ଏହି ନୂଆ ପ୍ରସ୍ତାବ ଉପରେ ବିଚାର କରାଯାଉଛି। ଦେଶର ପ୍ରବାସୀ ମନ୍ତ୍ରୀ ମୋର୍ଟେନ ବୋଡସ୍କୋଭ ଏକ ସାମ୍ବାଦିକ ସମ୍ମିଳନୀରେ ସ୍ପଷ୍ଟ ଭାବେ କହିଛନ୍ତି ଯେ, ଡେନମାର୍କର କିଛି ଅଞ୍ଚଳ ବର୍ତ୍ତମାନ ପାକିସ୍ତାନର ରାଜଧାନୀ 'ଇସଲାମାବାଦର ଉପକଣ୍ଠ' ଭଳି ଅନୁଭୂତ ହେଉଛି। ଡେନମାର୍କ ଆକାଶରେ ଅଜାନ ଶବ୍ଦ ଶୁଣାଯିବା ଉଚିତ ନୁହେଁ ଏବଂ ଏହାର ଏଠାରେ କୌଣସି ସ୍ଥାନ ନାହିଁ। ପ୍ରଧାନମନ୍ତ୍ରୀ ମେଟେ ଫ୍ରେଡେରିକସେନଙ୍କ ନେତୃତ୍ୱରେ ସରକାର ଏବେ ଶିକ୍ଷାନୁଷ୍ଠାନଗୁଡ଼ିକରୁ ପ୍ରାର୍ଥନା ଗୃହ ହଟାଇବା ସହ ଅନୁପ୍ରବେଶ ରୋକିବା ପାଇଁ ୟୁରୋପର ସବୁଠାରୁ କଠୋର ନୀତି ଆପଣାଇଛନ୍ତି। ଡେନମାର୍କରେ ମୋଟ ଜନସଂଖ୍ୟାର ପ୍ରାୟ ୫ ପ୍ରତିଶତ ମୁସଲିମ ସମ୍ପ୍ରଦାୟର ଲୋକ ଅଛନ୍ତି।

## 'ଅପରେସନ୍ ସିନ୍ଦୂର' ପ୍ରକାଶ ପାଇଲା ସହିଦ ଯବାନଙ୍କ ନାମ

ନୂଆଦିଲ୍ଲୀ, ୨୬।୬(ଏଜେନ୍ସି): ଗତ ବର୍ଷ ମେ ମାସରେ ପହଲଗାମଠାରେ ହୋଇଥିବା ଆତଙ୍କବାଦୀ ଆକ୍ରମଣର ଦୃଢ଼ ଜବାବ ଦେବାକୁ ଯାଇ ଭାରତୀୟ ସେନା ପକ୍ଷରୁ କରାଯାଇଥିବା 'ଅପରେସନ୍ ସିନ୍ଦୂର'ରେ ପ୍ରାଣବଳୀ ଦେଇଥିବା ୬ ଜଣ ବୀର ସୈନିକଙ୍କ ପରିଚୟ ପ୍ରଥମ ଥର ପାଇଁ ସାର୍ବଜନୀନ କରାଯାଇଛି। ଦେଶମାତୃକାର ସୁରକ୍ଷା ପାଇଁ ସର୍ବୋଚ୍ଚ ବଳିଦାନ ଦେଇଥିବା ଏହି ଅମର ଶହୀଦମାନଙ୍କ ନାମ ନୂଆଦିଲ୍ଲୀସ୍ଥିତ ଜାତୀୟ ସମର ସ୍ମାରକୀର 'ତ୍ୟାଗ ଚକ୍ର'ରେ ଖୋଦିତ କରାଯାଇ ସେମାନଙ୍କୁ ଚିରଦିନ ପାଇଁ ସମ୍ମାନିତ କରାଯିବ। ଶହୀଦ ହୋଇଥିବା ଏହି ସେନା ଅଧିକାରୀ ଓ ଯବାନମାନଙ୍କ ମଧ୍ୟରେ ଭାରତୀୟ ସ୍ଥଳସେନାର ୫ ଜଣ ଏବଂ ଭାରତୀୟ ବାୟୁସେନାର ଜଣେ ଯୋଦ୍ଧା ସାମିଲ ଅଛନ୍ତି। ସେମାନେ ହେଲେ ସୁବେଦାର ମେଜର ପବନ କୁମାର, ରାଇଫଲମ୍ୟାନ୍ ସୁନୀଲ କୁମାର, ଲାନ୍ସ ନାୟକ ଦିନେଶ କୁମାର, ଅଗ୍ନିବୀର ମୁରଲୀ ନାୟକ, ହାବିଲଦାର ସୁନୀଲ କୁମାର ସିଂ ଏବଂ ବାୟୁସେନା ସର୍ଜେଣ୍ଟ ସୁରେନ୍ଦ୍ର କୁମାର। ଏହି ବୀରମାନଙ୍କ ମଧ୍ୟରୁ ଦୁଇ ଜଣଙ୍କୁ ସେମାନଙ୍କ ଅସାଧାରଣ ସାହସିକତା ପାଇଁ ମରଣୋତ୍ତର ଭାବେ ବୀରତ୍ୱ ପୁରସ୍କାରରେ ସମ୍ମାନିତ କରାଯାଇଛି। ରାଇଫଲମ୍ୟାନ୍ ସୁନୀଲ କୁମାରଙ୍କୁ ମରଣୋତ୍ତର ଭାବେ 'ବୀର ଚକ୍ର' ଏବଂ ସର୍ଜେଣ୍ଟ ସୁରେନ୍ଦ୍ର କୁମାରଙ୍କୁ ମରଣୋତ୍ତର ଭାବେ 'ବାୟୁସେନା ପଦକ' ପ୍ରଦାନ କରାଯାଇଛି। ୨୦୨୫ ମସିହାର ବିଭିନ୍ନ ସାମରିକ ଅଭିଯାନ ସମୟରେ ସହିଦ ହୋଇଥିବା ସମସ୍ତ ସୈନିକଙ୍କ ନାମ ସହିତ ଏହି ୬ ଜଣ ବୀରଙ୍କ ନାମ ମଧ୍ୟ ଜାରି କରାଯାଇଛି। ସ୍ୱାଧୀନତା ପରଠାରୁ ଦେଶ ପାଇଁ ପ୍ରାଣ ଉତ୍ସର୍ଗ କରିଥିବା ପ୍ରତ୍ୟେକ ସୈନିକଙ୍କ ନାମ, ପଦବୀ ଓ ସେନା ଶାଖା ଜାତୀୟ ସମର ସ୍ମାରକୀର ୧୬ଟି ଗୋଲାକାର ଗ୍ରାନାଇଟ୍ ପ୍ରସ୍ତର କାନ୍ଥରେ ସ୍ଥାନ ପାଇଛି, ଯେଉଁଠାରେ ଏବେ ଏହି ବୀରମାନଙ୍କ ନାମ ସଦାସର୍ବଦା ପାଇଁ




ଶୋଭା ପାଇବ। ସୂଚନାଯୋଗ୍ୟ ଯେ, ଗତ ୨୦୨୫ ମସିହା ମଇ ୭ ତାରିଖରେ ପହଲଗାମ ଆତଙ୍କବାଦୀ ଆକ୍ରମଣର ପ୍ରତିଶୋଧ ସ୍ୱରୂପ ଭାରତୀୟ ସେନା ପକ୍ଷରୁ 'ଅପରେସନ୍ ସିନ୍ଦୂର' ଆରମ୍ଭ କରାଯାଇଥିଲା। ଏହି ଅଭିଯାନ ଅଧୀନରେ ଭାରତୀୟ ସଶସ୍ତ୍ର ବାହିନୀ ପକ୍ଷରୁ ପାକିସ୍ତାନ ଏବଂ ପାକିସ୍ତାନ ଅଧିକୃତ ଜମ୍ମୁ-କାଶ୍ମୀରରେ ଥିବା ଲସ୍କର-ଇ-ତୋଇବା, ଜୈଶ-ଇ-ମହମ୍ମଦ ଏବଂ ହିଜବୁଲ ମୁଜାହିଦ୍ଦିନ ଭଳି ସଂଗଠନର ୯ଟି ପ୍ରମୁଖ ଆତଙ୍କବାଦୀ ଆଡ୍ଡା ଉପରେ ସଠିକ୍ ଓ ବେଗବାନ ଆକ୍ରମଣ କରାଯାଇଥିଲା। ଏହି ସାମରିକ କାର୍ଯ୍ୟାନୁଷ୍ଠାନରେ ୧୦୦ରୁ ଅଧିକ ଆତଙ୍କବାଦୀ ନିହତ ହୋଇଥିଲେ। ଏହାର ଜବାବରେ ପାକିସ୍ତାନ ପକ୍ଷରୁ ଡ୍ରୋନ ଆକ୍ରମଣ ଓ ଗୋଳାବାରୁଦ ବର୍ଷଣ କରାଯିବା ଫଳରେ ଉଭୟ ଦେଶ ମଧ୍ୟରେ ଚାରି ଦିନ ଧରି ପ୍ରତ୍ୟକ୍ଷ ସଂଘର୍ଷ ଚାଲିଥିଲା। ପରେ ଭାରତ ଲାହୋରର ରାଡାର ପ୍ରତିଷ୍ଠାନ ଏବଂ ଗୁଜରାନୱାଲା ନିକଟସ୍ଥ ଆଡ୍ଡାଗୁଡ଼ିକୁ ସଫଳତାର ସହ ଧ୍ୱଂସ କରିବା ପରେ ମଇ ୧୦ ତାରିଖରେ ଦୁଇ ଦେଶର ସାମରିକ ଅଭିଯାନ ମହାନିର୍ଦ୍ଦେଶକଙ୍କ ଆଲୋଚନା ଭିତ୍ତିରେ ଏକ ଯୁଦ୍ଧବିରତି ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା। ଗତ ମାସରେ ଏହି ସଫଳ ସାମରିକ ଅଭିଯାନର ପ୍ରଥମ ବାର୍ଷିକୀ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶ୍ରଦ୍ଧାଞ୍ଜଳି ଅର୍ପଣ କରି 'ଅପରେସନ୍ ସିନ୍ଦୂର'କୁ ଆତଙ୍କବାଦ ବିରୋଧରେ ଭାରତର ଦୃଢ଼ ଜବାବ ଏବଂ ଜାତୀୟ ସୁରକ୍ଷା ପ୍ରତି ଦେଶର ପ୍ରତିବଦ୍ଧତାର ପ୍ରତୀକ ବୋଲି ଅଭିହିତ କରିଥିଲେ। ଦେଶର ସୁରକ୍ଷା ଓ ଅଖଣ୍ଡତା ବଜାୟ ରଖିବା ପାଇଁ ଭାରତୀୟ ସେନାର ଯବାନମାନେ ଯେଉଁ ଅତୁଳନୀୟ ସାହସ, ସଠିକତା ଏବଂ ଦୃଢ଼ ସଂକଳ୍ପ ପ୍ରଦର୍ଶନ କରିଛନ୍ତି, ତାହା ଦେଶବାସୀଙ୍କୁ ସଦାସର୍ବଦା ପ୍ରେରଣା ଯୋଗାଇବ ବୋଲି ପ୍ରଧାନମନ୍ତ୍ରୀ ପ୍ରକାଶ କରିଛନ୍ତି। ଅମର ଶହୀଦଙ୍କ ଏହି ବଳିଦାନ ନିକଟରେ ସମଗ୍ର ଦେଶ ଆଜି କୃତଜ୍ଞତା ଜ୍ଞାପନ କରୁଛି।

## ସରକାରୀ ଅଧିକାରୀଙ୍କ ଘରୁ ମିଳିଲା କୋଟି କୋଟି ଟଙ୍କାର ସୁନା, ହୀରା, ନଗଦ ଅର୍ଥ

ହାଇଦରାବାଦ, ୨୬।୬(ଏଜେନ୍ସି): ହାଇଦରାବାଦର ସାମିରପେଟ ଅଞ୍ଚଳର ଜଣେ ନିଲମ୍ବିତ ତହସିଲଦାର ତଥା ଯୁଗ୍ମ ଉପ-ନିବନ୍ଧକ (ଜଏଣ୍ଟ ସବ୍-ରେଜିଷ୍ଟ୍ରାର) ଥୁମ୍ମାକୋମ୍ମା ସୁଚରିତାଙ୍କ ଅସାଧୁତାକୁ ନେଇ ଏକ ବଡ଼ ପର୍ଦ୍ଦାଫାଶ ହୋଇଛି। ଭ୍ରଷ୍ଟାଚାର ନିରୋଧୀ ବ୍ୟୁରୋ (ଏସିବି) ପକ୍ଷରୁ ସୁଚରିତା ଏବଂ ତାଙ୍କ ସହଯୋଗୀମାନଙ୍କ ବିଭିନ୍ନ ବାସଭବନ ଉପରେ



କରାଯାଇଥିବା ଚଢ଼ାଉ ବେଳେ ପ୍ରାୟ ୫.୦୫ କୋଟି ଟଙ୍କାର ଆୟବହିର୍ଭୂତ ସମ୍ପତ୍ତି ଠାବ କରାଯାଇଛି। ସରକାରୀ ହିସାବ ଅନୁଯାୟୀ ଏହାର ମୂଲ୍ୟ ୫ କୋଟିରୁ ଅଧିକ ହୋଇଥିବା ବେଳେ ବଜାର ଦର ଅନୁସାରେ ଏହାର ପ୍ରକୃତ ମୂଲ୍ୟ କେତେ ଗୁଣା ଅଧିକ ହେବ ବୋଲି ଆଶା କରାଯାଉଛି। ସୂଚନାଯୋଗ୍ୟ ଯେ, ସୁଚରିତା ପୂର୍ବରୁ ୩୦ ଲକ୍ଷ ଟଙ୍କାର ଲାଞ୍ଚ ନେବା ଅଭିଯୋଗରେ ଗିରଫ ହୋଇ ବର୍ତ୍ତମାନ ବିଚାର ବିଭାଗୀୟ ହାଜତରେ ଅଛନ୍ତି। ଏହି ମାମଲାର ଅଧିକ ତଦନ୍ତ କରୁଥିବା ଅଧିକାରୀମାନେ ଯେତେବେଳେ ତାଙ୍କର ଏବଂ ତାଙ୍କ ସମ୍ପର୍କୀୟ ଓ ବେନାମୀ ସହଯୋଗୀମାନଙ୍କ ଘରେ ଯାଞ୍ଚ କରିଥିଲେ, ସେତେବେଳେ ସେମାନଙ୍କ ଆଖି ଖୋସି ହୋଇଯାଇଥିଲା। ଏହି ଚଢ଼ାଉ ସମୟରେ ସିଦ୍ଦିପେଟ ଅଞ୍ଚଳରେ ୨.୧୭ ଏକର ଚାଷ ଜମି, ହାଇଦରାବାଦରେ ୩ଟି ବିଳାସପୂର୍ଣ୍ଣ ଫ୍ଲାଟ୍, ୨ଟି ପ୍ଲଟ୍, ଦୁଇଟି ଦାମୀ କାର୍, ୧.୨ କୋଟି ଟଙ୍କାର ସୁନା ଓ ହୀରା ଅଳଙ୍କାର, ୧୨ ଲକ୍ଷ ଟଙ୍କାର ନଗଦ ଅର୍ଥ ଏବଂ ବ୍ୟାଙ୍କରେ ୩୮ ଲକ୍ଷ ଟଙ୍କାର ଜମା ରାଶି ଥିବା ଜଣାପଡ଼ିଛି।

## ଇଡ଼ି ଦ୍ୱାରା ୩.୬୬ କୋଟିର ଜୀବନ ବୀମା ପଲିସି ଜବତ

ଭୋପାଳ, ୨୬।୬(ଏଜେନ୍ସି): ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ (ଏସ୍‌ବିଆଇ) ସହ ଜଡ଼ିତ ପ୍ରାୟ ୧, ୨୬୬ କୋଟି ଟଙ୍କାର ଏକ ବଡ଼ ଆର୍ଥିକ ପ୍ରତାରଣା ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି)ର ଭୋପାଳ ଆଞ୍ଚଳିକ କାର୍ଯ୍ୟାଳୟ ପକ୍ଷରୁ ଏକ ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଆର୍ଥିକ ଅପରାଧ ନିରୋଧୀ ଆଇନ (ପିଏମଏଲଏ) ଅଧୀନରେ ଇଡି 'ଆଡଭାଣ୍ଟେଜ ଓଭରସିଜ ପ୍ରାଇଭେଟ ଲିମିଟେଡ' (ଏଓପିଏଲ) କମ୍ପାନୀର ମୁଖ୍ୟ ପ୍ରବର୍ତ୍ତକ ଶ୍ରୀକାନ୍ତ ଭାସିଙ୍କ ଦୁଇଟି ଅନ୍ତର୍ଜାତୀୟ ଜୀବନ ବୀମା ପଲିସିକୁ ଜବତ କରିଛି। ଏହି ଦୁଇଟି ଜୀବନ ବୀମା ପଲିସି 'ଜୁରିକ୍ ଇଣ୍ଟରନ୍ୟାସନାଲ ଲାଇଫ୍ ଲିମିଟେଡ' ସଂସ୍ଥାରେ ଥିଲା, ଯାହାର ସାମ୍ପ୍ରତିକ ମୂଲ୍ୟ ପ୍ରାୟ ୩.୬୬ କୋଟି ଟଙ୍କା ଅଟେ। କେନ୍ଦ୍ରୀୟ ଅନୁସନ୍ଧାନ ବ୍ୟୁରୋ (ସିବିଆଇ) ଦ୍ୱାରା ରୁଜୁ ହୋଇଥିବା ପ୍ରାଥମିକ ମାମଲାକୁ ଆଧାର କରି ଇଡି ଏହି ଘଟଣାର ତଦନ୍ତ ଆରମ୍ଭ କରିଥିଲା। ଅଭିଯୋଗ ଅନୁଯାୟୀ, ଉକ୍ତ କମ୍ପାନୀ ଏବଂ ଏହାର ନିର୍ଦ୍ଦେଶକମାନେ ଜାଲ୍ ବ୍ୟାପାରିକ ଦସ୍ତାବିଜ ପ୍ରସ୍ତୁତ କରି ଏବଂ ବ୍ୟାଙ୍କ ଅର୍ଥକୁ ଅନ୍ୟ ଆଡ଼େ ପଠାଇ ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆକୁ ବିପୁଳ ପରିମାଣର ଆର୍ଥିକ କ୍ଷତି ପହଞ୍ଚାଇଥିଲେ।

## ପଶ୍ଚିମବଙ୍ଗରେ ଲାଗୁହେବ ସମାନ ନାଗରିକ ସଂହିତା

କୋଲକାତା, ୨୬।୬(ଏଜେନ୍ସି): ପଶ୍ଚିମବଙ୍ଗରେ ସମାନ ନାଗରିକ ସଂହିତା ବା ୟୁସିସି ଲାଗୁ କରାଯିବ ବୋଲି ଶୁକ୍ରବାର ରାଜ୍ୟର ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁ ଅଧିକାରୀ ସ୍ପଷ୍ଟ କରିଛନ୍ତି। ଗୁଜରାଟ, ଉତ୍ତରାଖଣ୍ଡ ଏବଂ ଆସାମ ଭଳି ସମାନ ପ୍ରକ୍ରିୟା ଆପଣାଇ ପଶ୍ଚିମବଙ୍ଗରେ ମଧ୍ୟ ଏହାକୁ କାର୍ଯ୍ୟକାରୀ କରାଯିବ ଏବଂ ଆସନ୍ତା ସୋମବାର ଦିନ ବିଧାନସଭାରେ ଏହି ପ୍ରସ୍ତାବିତ ବିଲ୍‌ର ସମ୍ପୂର୍ଣ୍ଣ ରୂପରେଖ ଉପସ୍ଥାପନ କରାଯିବ ବୋଲି ସେ ସୂଚନା ଦେଇଛନ୍ତି। ଗତ ମେ ୨୫ ତାରିଖରେ ବିଧାନସଭାରେ ଆଗତ ହୋଇଥିବା ଏହି ବିଲ୍‌ରେ ବହୁବିବାହ ପ୍ରଥା ଉପରେ ସମ୍ପୂର୍ଣ୍ଣ ପ୍ରତିବନ୍ଧକ ଲଗାଇବା ସହ ବିବାହ ନକରି ଏକାଠି ରହୁଥିବା ସମ୍ପର୍କ (ଲିଭ୍-ଇନ୍ ରିଲେସନସିପ୍)ର ପଞ୍ଜୀକରଣକୁ ବାଧ୍ୟତାମୂଳକ କରିବା ପାଇଁ ପ୍ରସ୍ତାବ ରହିଛି। ଏହା ସହିତ ଧର୍ମ ନିର୍ବିଶେଷରେ ବିବାହ, ବିବାହ ବିଚ୍ଛେଦ ଏବଂ ସମ୍ପତ୍ତି ଉତ୍ତରାଧିକାର ପାଇଁ ଏକ ସମାନ ଆଇନଗତ ବ୍ୟବସ୍ଥା ପ୍ରସ୍ତୁତ କରାଯିବ। ପଶ୍ଚିମବଙ୍ଗ ବିଧାନସଭା ନିର୍ବାଚନ ସମୟରେ ଭାରତୀୟ ଜନତା ପାର୍ଟିର ସଂକଳ୍ପ ପତ୍ରରେ ଏହା ଏକ ପ୍ରମୁଖ ପ୍ରତିଶ୍ରୁତି ଥିଲା। ପୂର୍ବତନ ତୃଣମୂଳ କଂଗ୍ରେସ ସରକାରକୁ ସମାଲୋଚନା କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ପୂର୍ବ ସରକାର କେବଳ ତୁଷ୍ଟୀକରଣ, ଦୁର୍ନୀତି ଓ ପରିବାରବାଦକୁ ପ୍ରଶ୍ରୟ ଦେଇ ରାଜ୍ୟକୁ ପଛକୁ ଠେଲି ଦେଇଥିଲା। ବର୍ତ୍ତମାନ ରାଜ୍ୟରେ ଏକ ଜାତୀୟତାବାଦୀ ସରକାର ଗଠନ ହୋଇଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱରେ ପଶ୍ଚିମବଙ୍ଗରେ ବିକାଶମୂଳକ କାର୍ଯ୍ୟ ଏବଂ ଜନକଲ୍ୟାଣକାରୀ ଯୋଜନାଗୁଡ଼ିକୁ ଦ୍ରୁତ ଗତିରେ ଆଗକୁ ବଢ଼ାଯିବ।

**● ଟୋଲ୍ ପ୍ଲାଜାରେ ପିଟିହେଲା ଏଲ୍‌ପିଜି ଟ୍ୟାଙ୍କର**

## ଡ୍ରାଇଭର ଜୀବନ୍ତ ଦଗ୍ଧ, ୫ ଗୁରୁତର

କୌଶାମ୍ବୀ, ୨୬।୬(ଏଜେନ୍ସି): ଉତ୍ତର ପ୍ରଦେଶର କୌଶାମ୍ବୀ ଜିଲ୍ଲାରେ ଶୁକ୍ରବାର ସକାଳ ପ୍ରାୟ ୬ଟା ସମୟରେ ଏକ ବଡ଼ ଧରଣର ସଡ଼କ ଦୁର୍ଘଟଣା ଘଟିଛି। ଏକ ଦ୍ରୁତଗାମୀ ଏଲ୍‌ପିଜି ଗ୍ୟାସ୍ ଟ୍ୟାଙ୍କର ନିୟନ୍ତ୍ରଣ ହରାଇ ସିହୋରୀ ଟୋଲ୍ ପ୍ଲାଜା ସହ ପିଟି ହୋଇଯାଇଥିଲା। ଟକ୍କର ଏତେ ଜୋରଦାର ଥିଲା ଯେ ଏହାପରେ ଏକ ପ୍ରକାଣ୍ଡ ବିସ୍ଫୋରଣ ହେବା ସହ ଟ୍ୟାଙ୍କରରେ ନିଆଁ ଲାଗିଯାଇଥିଲା। ଏହି ଦୁର୍ଘଟଣାରେ ଟ୍ୟାଙ୍କର ଚାଳକ ଜଣକ ଗାଡ଼ି ଭିତରୁ ବାହାରି ନପାରି ଜୀବନ୍ତ ଦଗ୍ଧ ହୋଇଯାଇଛନ୍ତି। ଅଗ୍ନିକାଣ୍ଡର ତୀବ୍ରତା ଯୋଗୁଁ ତାଙ୍କ ଶରୀର ସମ୍ପୂର୍ଣ୍ଣ ପାଉଁଶ ହୋଇଯାଇଥିବା ବେଳେ ଉଦ୍ଧାରକାରୀ ଦଳ କେବଳ କଙ୍କାଳର କିଛି ଅଂଶ ଉଦ୍ଧାର କରିଛନ୍ତି। ଏହି ଦୁର୍ଘଟଣାରେ ଟୋଲ୍ ପ୍ଲାଜାର ୫ ଜଣ କର୍ମଚାରୀ ମଧ୍ୟ ଗୁରୁତର ଭାବେ ଆହତ ହୋଇଛନ୍ତି। ନିଆଁର ପ୍ରକୋପ ଏତେ ଅଧିକ ଥିଲା ଯେ ଟୋଲ୍ ପ୍ଲାଜା ୟାର୍ଡରେ ପାର୍କିଂ କରାଯାଇଥିବା ୧୬ଟି ମୋଟରସାଇକେଲ ଏବଂ ୨ଟି କାର୍ ସମ୍ପୂର୍ଣ୍ଣ ଜଳି ପାଉଁଶ ହୋଇଯାଇଛି। ବିସ୍ଫୋରଣ ପରେ ଆକାଶରେ ପ୍ରାୟ ୨ କିଲୋମିଟର ଦୂର ପର୍ଯ୍ୟନ୍ତ କଳା ଧୂଆଁର ଆସ୍ତରଣ ଦେଖିବାକୁ ମିଳିଥିଲା, ଯାହାଫଳରେ ହାଇୱେର ଉଭୟ ପାର୍ଶ୍ୱରେ ଗାଡ଼ିଗୁଡ଼ିକର ଦୀର୍ଘ ଲାଇନ୍ ଲାଗିଯାଇଥିଲା ଏବଂ ସ୍ଥାନୀୟ ଅଞ୍ଚଳରେ ଆତଙ୍କ ଖେଳିଯାଇଥିଲା। ଘଟଣାସ୍ଥଳରେ ଅଗ୍ନିଶମ ବାହିନୀ ପହଞ୍ଚି ପ୍ରାୟ ଅଧଘଣ୍ଟାର କଠିନ ପରିଶ୍ରମ ପରେ ନିଆଁକୁ ଆୟତ୍ତ କରିଥିଲେ। ସ୍ଥାନୀୟ କୋଖରାଜ ଥାନା ପୋଲିସ ଆହତମାନଙ୍କୁ ଚିକିତ୍ସା ପାଇଁ ହସ୍ପିଟାଲ ପଠାଇବା ସହ ଘଟଣାର ଅଧିକ ତଦନ୍ତ ଜାରି ରଖିଛି।

## ଭେନେଜୁଏଲା ଭୂକମ୍ପରେ ମୃତ୍ୟୁ ସଂଖ୍ୟା ୨୩୫କୁ ବୃଦ୍ଧି

## ସହାୟତା ପାଇଁ ଭାରତର 'ଅପରେସନ୍ ଅମିସ୍ତାଦ୍' ଆରମ୍ଭ

କାରାକାସ, ୨୬।୬(ଏଜେନ୍ସି): ଗତ ବୁଧବାର ଭେନେଜୁଏଲାରେ ଆସିଥିବା ଦୁଇଟି ଶକ୍ତିଶାଳୀ ଭୂକମ୍ପ ଯୋଗୁଁ ସେଠାରେ ବ୍ୟାପକ ସଂହାର ଲୀଳା ଦେଖାଦେଇଛି। ସାମ୍ପ୍ରତିକ ସୂଚନା ଅନୁଯାୟୀ, ଏହି ପ୍ରାକୃତିକ ବିପର୍ଯ୍ୟୟରେ ମୃତ୍ୟୁ ସଂଖ୍ୟା ୨୩୫କୁ ବୃଦ୍ଧି ପାଇଥିବା ବେଳେ ୪, ୩୦୦ରୁ ଅଧିକ ଲୋକ ଆହତ ହୋଇଛନ୍ତି। ସରକାରୀ ସୂତ୍ର ଅନୁସାରେ, ଏବେ ମଧ୍ୟ ୩୯, ୦୦୦ରୁ ଅଧିକ ଲୋକ ନିଖୋଜ ଅଛନ୍ତି। ଭାଙ୍ଗିପଡ଼ିଥିବା କୋଠାବାଡ଼ିର ଭଗ୍ନାବଶେଷ ତଳୁ ଏବେ ବି ଲୋକଙ୍କ ଚିତ୍କାର ଶୁଣାଯାଉଥିବାରୁ ଉଦ୍ଧାର କାର୍ଯ୍ୟକୁ ଆହୁରି ଜୋରଦାର କରାଯାଇଛି ଏବଂ ଅଧିକ ଲୋକ ଜୀବିତ ଉଦ୍ଧାର ହେବାର ଆଶା ରହିଛି। ଭୂକମ୍ପ ଆସିବା ସମୟରେ ଭେନେଜୁଏଲାରେ ଏକ ଜାତୀୟ ଛୁଟିଦିନ ଥିଲା ଏବଂ ଅଧିକାଂଶ ଲୋକ ଘର ଭିତରେ ରହି ବିଶ୍ୱକପ୍ ଫୁଟବଲ୍ ମ୍ୟାଚ୍ ଦେଖୁଥିଲେ। ଏହି କାରଣରୁ ମାଟିରେ ମିଶିଯାଇଥିବା କୋଠାଗୁଡ଼ିକ ତଳେ ବହୁ ସଂଖ୍ୟାରେ ଲୋକ ଦେବି ହୋଇ ରହିଥିବା ଆଶଙ୍କା କରାଯାଉଛି। ଆମେରିକାର ଭୂତାତ୍ତ୍ୱିକ ସର୍ବେକ୍ଷଣ ସଂସ୍ଥା ଅନୁଯାୟୀ, ଏହି ବିପର୍ଯ୍ୟୟରେ ମୃତ୍ୟୁ ସଂଖ୍ୟା ୧୦, ୦୦୦ କିମ୍ବା ତାଠାରୁ ଅଧିକ ହେବାର ଆଶଙ୍କା ରହିଛି। ସ୍ଥିତିକୁ ଦୃଷ୍ଟିରେ ରଖି ସେଠାକାର କାର୍ଯ୍ୟକାରୀ ରାଷ୍ଟ୍ରପତି ଜରୁରୀକାଳୀନ ପରିସ୍ଥିତି ଘୋଷଣା କରିଛନ୍ତି। ଏହି ମହାବିପତ୍ତି ସମୟରେ ଭେନେଜୁଏଲାବାସୀଙ୍କୁ ସାହାଯ୍ୟ କରିବା ପାଇଁ ଭାରତ ସରକାର ତୁରନ୍ତ 'ଅପରେସନ୍ ଅମିସ୍ତାଦ୍' ଆରମ୍ଭ କରିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଭେନେଜୁଏଲାର ପ୍ରଶାସନ ସହ ଆଲୋଚନା କରି ଭାରତ ପକ୍ଷରୁ ସମସ୍ତ ପ୍ରକାର ସହଯୋଗ ଯୋଗାଇଦେବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଭାରତୀୟ ବାୟୁସେନାର ଦୁଇଟି ବିଶାଳ ସି-୧୭ ଗ୍ଲୋବମାଷ୍ଟର ବିମାନ ଯୋଗେ ଭେନେଜୁଏଲାକୁ ସହାୟତା ସାମଗ୍ରୀ ପଠାଯାଇଛି। ଏହି ବିମାନରେ ଭାରତୀୟ ସେନାର ଏକ ସ୍ୱତନ୍ତ୍ର କ୍ଷେତ୍ରୀୟ ଚିକିତ୍ସାଳୟ (ଫିଲ୍ଡ ହସ୍ପିଟାଲ୍) ୟୁନିଟ୍ ପଠାଯାଇଛି, ଯାହା ସେଠାରେ ଜରୁରୀକାଳୀନ ଚିକିତ୍ସା ଯୋଗାଇବ। ଏହା ସହିତ ୩୫ ଟନରୁ ଅଧିକ ଜରୁରୀକାଳୀନ ରିଲିଫ୍ ଓ ସହାୟତା ସାମଗ୍ରୀ ମଧ୍ୟ ପ୍ରେରଣ କରାଯାଇଛି। ଭାରତର ବୈଦେଶିକ ମନ୍ତ୍ରୀ ଏସ ଜୟଶଙ୍କର କହିଛନ୍ତି ଯେ, ଏହି ମାନବୀୟ ସଙ୍କଟ ସମୟରେ ଭାରତ ଦୃଢ଼ତାର ସହ ଭେନେଜୁଏଲାବାସୀଙ୍କ ସହ ଛିଡ଼ା ହୋଇଛି ଏବଂ ସେମାନଙ୍କୁ ସମସ୍ତ ସମ୍ଭବପର ସହାୟତା ଯୋଗାଇଦେବାକୁ କୃତସଂକଳ୍ପ।

## ଫିଲିପାଇନ୍ସ ଓ ପାକିସ୍ତାନରେ ଭୂକମ୍ପ ଝଟ୍‌କା

ମାନିଲା/ଇସଲାମାବାଦ, ୨୬।୬(ଏଜେନ୍ସି): ଶୁକ୍ରବାର ଦକ୍ଷିଣ ଫିଲିପାଇନ୍ସର ମିନ୍ଦାନାଓ ଦ୍ୱୀପରେ ଏକ ଶକ୍ତିଶାଳୀ ଭୂକମ୍ପ ଅନୁଭୂତ ହୋଇଛି। ଆମେରିକାର ଭୂତାତ୍ତ୍ୱିକ ସର୍ଭେକ୍ଷଣ (ୟୁଏସ୍‌ଜିଏସ୍) ଅନୁଯାୟୀ, ରିକ୍ଟର ସ୍କେଲରେ ଏହି ଭୂକମ୍ପର ତୀବ୍ରତା ୬.୫ ରହିଥିବା ବେଳେ ଏହାର କେନ୍ଦ୍ରସ୍ଥଳ ଭୂପୃଷ୍ଠରୁ ୨୯ କିଲୋମିଟର ଗଭୀରତାରେ ଥିଲା। ଏହି ଝଟ୍‌କା ପରେ ତୁରନ୍ତ କୌଣସି ଧନଜୀବନ ହାନିର ସୂଚନା ମିଳିନାହିଁ ଏବଂ ସୁନାମି ନେଇ କୌଣସି ସତର୍କ ସୂଚନା ମଧ୍ୟ ଜାରି କରାଯାଇ ନାହିଁ। କେବଳ ଫିଲିପାଇନ୍ସ ନୁହେଁ, ଆଜି ପାକିସ୍ତାନରେ ମଧ୍ୟ ୫.୩ ତୀବ୍ରତାର ଏକ ମଧ୍ୟମ ଧରଣର ଭୂକମ୍ପ ଝଟ୍‌କା ଅନୁଭୂତ ହୋଇଛି। ମିନ୍ଦାନାଓ ଦ୍ୱୀପରେ ଚଳିତ ମାସ ମଧ୍ୟରେ ଏହା ଦ୍ୱିତୀୟ ବଡ଼ ଭୂକମ୍ପ। ଏହାପୂର୍ବରୁ ଜୁନ୍ ପ୍ରଥମ ସପ୍ତାହରେ ଏଠାରେ ଏକ ପ୍ରଳୟଙ୍କରୀ ୭.୮ ତୀବ୍ରତାର ଭୂକମ୍ପ ଆସିଥିଲା, ଯେଉଁଥିରେ ୮୦ ରୁ ଅଧିକ ଲୋକଙ୍କ ମୃତ୍ୟୁ ହେବା ସହ ୧, ୩୦୦ ରୁ ଅଧିକ ଲୋକ ଆହତ ହୋଇଥିଲେ। ସେହି ସମୟରେ ସୁନାମି ଆସିବା ଭୟରେ ଉପକୂଳବର୍ତ୍ତୀ ଅଞ୍ଚଳରୁ ବ୍ୟାପକ ସ୍ଥାନାନ୍ତରଣ କରାଯାଇଥିଲା। ଏପରିକି ଭୂକମ୍ପ ଯୋଗୁଁ ସମୁଦ୍ର ଶଯ୍ୟା ପ୍ରାୟ ୨ ମିଟର ଉପରକୁ ଉଠିଯାଇଥିଲା, ଯାହାଫଳରେ ପାଣି ଭିତରେ ଥିବା କୋରାଲ୍ ରିଫ୍ (ପ୍ରବାଳ ପ୍ରାଚୀର) ବାହାରକୁ ଦେଖାଯାଇଥିଲା। ଫିଲିପାଇନ୍ସ ଭୌଗୋଳିକ ଭାବେ ପ୍ରଶାନ୍ତ ମହାସାଗରର 'ରିଙ୍ଗ୍ ଅଫ୍ ଫାୟାର୍' ଅଞ୍ଚଳରେ ଅବସ୍ଥିତ। ଏହି ଅଞ୍ଚଳରେ ଅନେକ ଆଗ୍ନେୟଗିରି ଏବଂ ଟେକ୍ଟୋନିକ୍ ପ୍ଲେଟ୍ ଗୁଡ଼ିକର ମିଳନ ସ୍ଥଳ ଥିବାରୁ ଏଠାରେ ପ୍ରତିଦିନ ପ୍ରାୟ ଭୂକମ୍ପ ଅନୁଭୂତ ହୋଇଥାଏ।

## ବ୍ରିଟେନରେ ୬,୦୦୦ କଏଦୀଙ୍କୁ ଆଗୁଆ ମୁକ୍ତ କରାଯିବ

ଲଣ୍ଡନ, ୨୬।୬(ଏଜେନ୍ସି): ଇଂଲଣ୍ଡ ଏବଂ ୱେଲ୍ସର ଜେଲ୍‌ଗୁଡ଼ିକରେ କଏଦୀ ସଂଖ୍ୟା ଅତ୍ୟଧିକ ବଢ଼ିଯାଇଥିବାରୁ ସେଠାକାର ସରକାର ଜେଲ୍ ସଂସ୍କାର କାର୍ଯ୍ୟକ୍ରମ ଅଧୀନରେ ପ୍ରାୟ ୬, ୦୦୦ କଏଦୀଙ୍କୁ ସେପ୍‌ଟେମ୍ବର ମାସରୁ ପର୍ଯ୍ୟାୟକ୍ରମେ ଆଗୁଆ ମୁକ୍ତ କରିବାକୁ ନିଷ୍ପତ୍ତି ନେଇଛନ୍ତି। ବ୍ରିଟେନର ନ୍ୟାୟ ମନ୍ତ୍ରଣାଳୟର ଯୋଜନା ଅନୁଯାୟୀ, ପ୍ରଥମ ପର୍ଯ୍ୟାୟରେ ୧୮ ମାସରୁ କମ୍ କାରାଦଣ୍ଡ ଭୋଗୁଥିବା ଅପରାଧୀଙ୍କୁ ଛଡ଼ାଯିବ। ପରବର୍ତ୍ତୀ ସମୟରେ ଭଲ ବ୍ୟବହାର ପ୍ରଦର୍ଶନ କରୁଥିବା ଏବଂ ଦୀର୍ଘକାଳୀନ ସଜା କାଟୁଥିବା କଏଦୀଙ୍କୁ ମଧ୍ୟ ଏହି ନିୟମ ଆଧାରରେ ମୁକ୍ତ କରାଯିବ। ତେବେ ହତ୍ୟା ଭଳି ସଙ୍ଗୀନ ଅପରାହ୍ନରେ ଆଜୀବନ କାରାଦଣ୍ଡ ପାଇଥିବା ଅପରାଧୀଙ୍କ ପାଇଁ ଏହି ନିୟମ ଲାଗୁ ହେବ ନାହିଁ। ସରକାରଙ୍କ ଏହି ନିଷ୍ପତ୍ତିକୁ ବିରୋଧୀ ଦଳଗୁଡ଼ିକ ତୀବ୍ର ସମାଲୋଚନା କରିଛନ୍ତି। ବିରୋଧୀ ନେତାମାନଙ୍କ କହିବା ଅନୁଯାୟୀ, ଅପରାଧୀମାନଙ୍କୁ ସମୟ ପୂର୍ବରୁ ଛାଡ଼ିଦେବା ଦ୍ୱାରା ପୀଡ଼ିତମାନେ ନ୍ୟାୟରୁ ବଞ୍ଚିତ ହେବେ ଏବଂ ସମାଜରେ ଅସୁରକ୍ଷା ବୃଦ୍ଧି ପାଇବ।



সম্মিতঙ্কু জাতীয় সুযোগ
▶ପୃଷ୍ଠା ୧୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 44 ◆ISSUE-03 ◆SATURDAY ◆27 JUNE 2026 ◆PAGE-12 ◆₹ 7.00

◆ବର୍ଷ-୪୪ ◆ସଂଖ୍ୟା-୦୩ ◆ଶନିବାର ◆୨୭ ଜୁନ୍ ୨୦୨୬ ◆ପୃଷ୍ଠା-୧୨ ◆ଟ.୭.୦୦


## ପିଲାଙ୍କ ପଢ଼ାବହିରେ ତ୍ରୁଟି: କଡ଼ା କାର୍ଯ୍ୟାନୁଷ୍ଠାନ ନେଲେ ମୁଖ୍ୟମନ୍ତ୍ରୀ

# ଏସ୍‌ସିଇଆର୍‌ଟିର ୪ ଅଧିକାରୀ ନିଲମ୍ବିତ

### ତ୍ରୁଟିଶୂନ୍ୟ ଶିକ୍ଷାଦାନ ପାଇଁ କମିଟିର ୧୪ ସୁପାରିସ


■ ଭୁବନେଶ୍ୱର, ୨୬।୬ (ସମିସ): ପ୍ରଥମରୁ ଅଷ୍ଟମ ଶ୍ରେଣୀ ବହିରେ ମାଳମାଳ ତ୍ରୁଟି ଘଟଣାରେ ହୋଇଛି କଡ଼ା କାର୍ଯ୍ୟାନୁଷ୍ଠାନ। ଶିକ୍ଷକ ଶିକ୍ଷା ନିର୍ଦ୍ଦେଶାଳୟର (ଏସସିଇଆରଟି) ପୂର୍ବତନ ନିର୍ଦ୍ଦେଶକ ମନୋଜ ପାଢ଼ୀ ଓ ୩ ସହକାରୀ ନିର୍ଦ୍ଦେଶକଙ୍କୁ ସରକାର ନିଲମ୍ବନ କରିଛନ୍ତି। ସେହିପରି ଅନ୍ୟ ୬ ଜଣ ସହକାରୀ ନିର୍ଦ୍ଦେଶକଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ସୂଚନା ଦେଇଛି।

ଉନ୍ନୟନ କମିସନରଙ୍କ ଅଧ୍ୟକ୍ଷତାରେ ଗଠିତ କମିଟିର ରିପୋର୍ଟ ଆଧାରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶିକ୍ଷକ ଶିକ୍ଷା ନିର୍ଦ୍ଦେଶାଳୟର ତତ୍କାଳୀନ ନିର୍ଦ୍ଦେଶକ ମନୋଜ ପାଢ଼ୀଙ୍କୁ ନିଲମ୍ବନ କରିଛନ୍ତି। ତାଙ୍କ ସହିତ ଆଉ ୩ ଜଣ ସହକାରୀ ନିର୍ଦ୍ଦେଶକ ପ୍ରଲିପ୍ତା ମିଶ୍ର, ଦିଲୀପ କୁମାର ସାହୁ, ଓ ଭାରତୀ ଟୁଡୁଙ୍କୁ ମଧ୍ୟ ନିଲମ୍ବନ କରାଯାଇଛି। ଏହା ସହିତ ୬ ଜଣ ସହକାରୀ ନିର୍ଦ୍ଦେଶକଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ସେମାନେ ହେଲେ ବନ୍ଦିତା ପଟ୍ଟନାୟକ, ମାନସ ରଞ୍ଜନ ରାଉତ, ମନୋରଞ୍ଜନ ମହାପାତ୍ର, ଡକ୍ଟର ପ୍ରଶାନ୍ତ କୁମାର ସାହୁ, ମାନସ କୁମାର ନାୟକ ଏବଂ ଡକ୍ଟର ସୁଦର୍ଶନ ସନ୍ତରା। ତତ୍କାଳୀନ ନିର୍ଦ୍ଦେଶକ ମନୋଜ ପାଢ଼ୀଙ୍କ ସମୟରେ ନୂତନ ପୁସ୍ତକ ପ୍ରସ୍ତୁତି ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଥିଲା। ଅନୁରୂପ ଭାବେ ନିଲମ୍ବିତ ହୋଇଥିବା ଅନ୍ୟ ୩ ଜଣ ସହକାରୀ ନିର୍ଦ୍ଦେଶକ ମଧ୍ୟ କାର୍ଯ୍ୟରେ ଗୁରୁତର ଅବହେଳା କରିଥିବା ତଦନ୍ତ ବେଳେ ଜଣାପଡିଛି।

ଅପରପକ୍ଷରେ ପିଲାଙ୍କ ଶିକ୍ଷା ଓ ତ୍ରୁଟି ସୁଧାରିବା ପାଇଁ ତଦନ୍ତ କମିଟି ୧୪ଟି ସୁପାରିସ କରିଛି। ନୂତନ ପୁସ୍ତକ ଛପା ନ ହୋଇ ପିଲାଙ୍କୁ କିପରି ତ୍ରୁଟି ଶୂନ୍ୟ ଶିକ୍ଷାଦାନ କରାଯାଇ ପାରିବ ସେ ନେଇ ▶ପୃଷ୍ଠା-୭

### ଷଷ୍ଠ ଶ୍ରେଣୀ ଧନ୍ଦାମୂଳକ କୌଶଳ ଶିକ୍ଷାରେ 'ଝାଲ୍‌ମୁଢ଼ି'

■ ଭୁବନେଶ୍ୱର, ୨୬।୬ (ସମିସ): ସ୍କୁଲ ବହିରେ ମାଳମାଳ ତ୍ରୁଟି। ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ବିଭିନ୍ନ ପଢ଼ା ବହିରେ ଭୁଲ ସଂଖ୍ୟା ୨୬୦୦ ଟପିଥିବା ଅଭିଭାବକମାନେ ଅଭିଯୋଗ କରିଛନ୍ତି। ମୁଦ୍ରଣ ପ୍ରମାଦକୁ ବାଦ ଦେଲେ ଭୁଲ ତଥ୍ୟ, ଭୁଲ ଫଟୋ ଓ ଭୁଲ ପ୍ରସଙ୍ଗ ପାଠ୍ୟପୁସ୍ତକରେ ସ୍ଥାନ ପାଇଛି। ତେବେ ଷଷ୍ଠ ଶ୍ରେଣୀ ପିଲାଙ୍କ ପାଇଁ ଧନ୍ଦାମୂଳକ କୌଶଳ ଶିକ୍ଷା ପୁସ୍ତକରେ 'ଝାଲମୁଢ଼ି' ପ୍ରସ୍ତୁତି ଶିକ୍ଷଣ ଅନେକ ଅଭିଭାବକଙ୍କୁ ବ୍ୟଥିତ କରିଛି। ପିଲାଙ୍କୁ ଝାଲମୁଢ଼ି ପ୍ରସ୍ତୁତି ଶିକ୍ଷା ଦେବା କେଉଁପ୍ରକାର କୌଶଳ ଶିକ୍ଷା ବୋଲି ଅଭିଭାବକ ପ୍ରଶ୍ନ ଉଠାଇଛନ୍ତି। ଏପରିକି ସରକାର ପିଲାମାନଙ୍କୁ ଝାଲମୁଢ଼ି ପ୍ରସ୍ତୁତ କରି ବିକିବା ପାଇଁ ଷଷ୍ଠ ଶ୍ରେଣୀରୁ ତାଲିମ ଦେବାକୁ ପ୍ରୟାସ କରିଥିବା ମଧ୍ୟ ଅଭିଭାବକମାନେ ▶ପୃଷ୍ଠା-୭



**୮ମ ଶ୍ରେଣୀ ପୁସ୍ତକରେ ହିନ୍ଦୀ ଫିଲ୍ମ ଗୀତ 'ନିମ୍ବୁଡ଼ା ନିମ୍ବୁଡ଼ା'**

### ବହିରେ ତ୍ରୁଟି ପଛରେ ଷଡ଼ଯନ୍ତ୍ର: ମୁଖ୍ୟମନ୍ତ୍ରୀ

■ ଭୁବନେଶ୍ୱର, ୨୬।୬ (ସମିସ): ସ୍କୁଲ ପିଲାଙ୍କ ପଢ଼ା ବହିରେ ଶହଶହ ତ୍ରୁଟିକୁ ନେଇ ସରକାର ଅଡ଼ୁଆରେ ପଡ଼ିଛନ୍ତି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଭୂମିକା ସନ୍ଦେହ ଘେରକୁ ଆସିଛି । ସରକାରୀ ପ୍ରେସ ବଦଳରେ ବାହାରେ ବେସରକାରୀ ପ୍ରେସରେ ବହି ଛାପାକୁ ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଅଡୁଆରେ ପଡ଼ିଛି। ଓଡ଼ିଆ ପିଲାଙ୍କ ସ୍କୁଲ ବହିରେ ନିଉଟନଙ୍କୁ ପାଇଲଟ୍ ଭାବରେ ଉଲ୍ଲେଖ ପ୍ରସଙ୍ଗ ଜାତୀୟସ୍ତରରେ ଆଲୋଡ଼ନ ସୃଷ୍ଟି କରିଛି । ଜାତୀୟ ଗଣମାଧ୍ୟମ ଓଡ଼ିଆ ଶିକ୍ଷା ବିଶେଷଜ୍ଞ ଓ ଶିକ୍ଷାବିତ୍‌ଙ୍କ ଜ୍ଞାନକୁ ନେଇ ପ୍ରଶ୍ନ ଉଠାଇଛନ୍ତି । ମାତ୍ର ବିଭାଗୀୟ ମନ୍ତ୍ରୀ ଏହାକୁ ସାଧାରଣ ତ୍ରୁଟି ବୋଲି ଅଭିହିତ କରିଥିବାବେଳେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଅତ୍ୟନ୍ତ ଗୁରୁତ୍ୱର ସହ ▶ପୃଷ୍ଠା-୭

**କିଏ ଷଡ଼ଯନ୍ତ୍ର କରିଛି ତୁରନ୍ତ ତଦନ୍ତ କରାଯାଉ: କଂଗ୍ରେସ**

**ଚାଲି ନ ଜାଣି ବାଟକୁ ଦୋଷ: ବିଜେଡି**

## ରାମ ମନ୍ଦିର ଦାନ ଅର୍ଥ ହେରଫେର ମାମଲା

### ଚମ୍ପତ ରାୟଙ୍କ ସମେତ ଦୁଇ ବରିଷ୍ଠ କର୍ମକର୍ତ୍ତାଙ୍କ ଇସ୍ତଫା

■ ଅଯୋଧ୍ୟା, ୨୬।୬ (ଏଜେନ୍ସି): ଅଯୋଧ୍ୟାର ପ୍ରସିଦ୍ଧ ଶ୍ରୀରାମ ଜନ୍ମଭୂମି ମନ୍ଦିରରେ ଭକ୍ତମାନଙ୍କ ଦ୍ୱାରା ଅର୍ପଣ କରାଯାଉଥିବା ନଗଦ ଦାନ ଅର୍ଥ ହେରଫେର ଅଭିଯୋଗକୁ ନେଇ ସେଠାକାର ପରିଚାଳନା କମିଟିରେ ଏକ ବଡ଼ ବିପର୍ଯ୍ୟୟ ଦେଖାଦେଇଛି। ମନ୍ଦିର ପରିଚାଳନା ଦାୟିତ୍ୱରେ ଥିବା ସ୍ୱାଧୀନ ସଂସ୍ଥାର ମୁଖ୍ୟ ମହାସଚିବ ଚମ୍ପତ ରାୟ ଏବଂ ଅନ୍ୟତମ ବରିଷ୍ଠ ସଦସ୍ୟ ଅନିଲ ମିଶ୍ର ନିଜ ପଦବୀରୁ ଇସ୍ତଫା ଦେଇଛନ୍ତି। ବିଶେଷ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ନୈତିକତା ଆଧାରରେ ଉଭୟ ନିଜର ଇସ୍ତଫା ପତ୍ର ପ୍ରଦାନ କରିଛନ୍ତି। ଉତ୍ତର ପ୍ରଦେଶର ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥଙ୍କ ଦୃଢ଼ ଆଭିମୁଖ୍ୟ ଏବଂ ଏହି ଦୁର୍ନୀତିର ତଦନ୍ତ ପାଇଁ ଗଠିତ ବିଶେଷ ଅନୁସନ୍ଧାନକାରୀ ଦଳର ପ୍ରାଥମିକ ରିପୋର୍ଟ ଆସିବା ପରେ ଏହି ଇସ୍ତଫା ପ୍ରକ୍ରିୟା ଘଟିଛି। ପ୍ରାଥମିକ ଆକଳନ ଅନୁଯାୟୀ, ମନ୍ଦିରର ଦାନ ବାକ୍ସରୁ ପ୍ରାୟ ସାତରୁ ସାଢେ ସାତ କୋଟି ଟଙ୍କା ଗାଏବ ଥିବା ଜଣାପଡ଼ିଛି। ଏହି ମାମଲାରେ ପୋଲିସ ପକ୍ଷରୁ ବିଶ୍ୱାସଘାତକତା, ଚୋରି ଏବଂ ଅପରାଧିକ ମସୁଧା ଭଳି ▶ପୃଷ୍ଠା-୭



### ଚାବି ରଖୁଥିବା ସଦସ୍ୟ ଓ ବ୍ୟାଙ୍କ କର୍ମଚାରୀଙ୍କ ସମେତ ୮ ଗିରଫ

■ ଲକ୍ଷ୍ନୌ, ୨୬।୬ (ଏଜେନ୍ସି): ଅଯୋଧ୍ୟା ଶ୍ରୀରାମ ମନ୍ଦିରର ପ୍ରାୟ ୭ ରୁ ୭.୫ କୋଟି ଟଙ୍କାର ଦାନ ଅର୍ଥ ଆତ୍ମସାତ ମାମଲାରେ ସ୍ୱତନ୍ତ୍ର ତଦନ୍ତକାରୀ ଦଳର ପ୍ରାଥମିକ ରିପୋର୍ଟ ଆଧାରରେ ପୁଲିସ ଗୁରୁବାର ବିଳମ୍ବିତ ରାତିରେ ୮ ଜଣ ଅଭିଯୁକ୍ତଙ୍କୁ ଗିରଫ କରିଛି। ଗିରଫ ହୋଇଥିବା ସମସ୍ତ ଅଭିଯୁକ୍ତ ମନ୍ଦିରର ଦାନ ବାକ୍ସରୁ ଟଙ୍କା ଗଣତି କାର୍ଯ୍ୟରେ ସିଧାସଳଖ ସାମିଲ ଥିଲେ। ଏହି ମାମଲାରେ ମନ୍ଦିରର ପରିଚାଳନା ସମିତିର ସାଧାରଣ ସମ୍ପାଦକଙ୍କ ପୂର୍ବତନ ▶ପୃଷ୍ଠା-୭

## ସିଆଇଆଇ-ପୂର୍ବାଞ୍ଚଳ କାଉନସିଲ ବୈଠକ

# ଶିଳ୍ପାୟନରେ ସବୁ ରେକର୍ଡ ଭାଙ୍ଗିବ ଓଡ଼ିଶା: ମୁଖ୍ୟମନ୍ତ୍ରୀ



■ ଭୁବନେଶ୍ୱର, ୨୬।୬ (ସମିସ): ସିଆଇଆଇ-ଇଷ୍ଟର୍ଣ୍ଣ ରିଜିଓନାଲ କାଉନସିଲ ବୈଠକ ୨୦୨୬ରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗ ଦେଇ ରାଜ୍ୟର ଶିଳ୍ପ ବିକାଶ ଓ ଆଞ୍ଚଳିକ ଅଭିବୃଦ୍ଧି ପାଇଁ ଏକ ନୂଆ ରୋଡ୍‌ମ୍ୟାପ୍ ଉପସ୍ଥାପନ କରିଛନ୍ତି। ଓଡ଼ିଶା ସହିତ ସମଗ୍ର ପୂର୍ବ ଭାରତର ରାଜ୍ୟ ଗୁଡ଼ିକର ଶିଳ୍ପାୟନ ପ୍ରକ୍ରିୟାକୁ ବ୍ୟାପକ ଭାବେ ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟମନ୍ତ୍ରୀ ଏହି କାର୍ଯ୍ୟକ୍ରମରେ "ଗୋ ଇଷ୍ଟ" ନାମରେ ନୂଆ ଏକ ନୂତନ ପ୍ଲାଟଫର୍ମ ଘୋଷଣା କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ଏହି " ଗୋ ଇଷ୍ଟ'ର ଅର୍ଥ ହେଉଛି "ଓଡ଼ିଶା ସରକାର-ଇଷ୍ଟର୍ନ ଇନଭେଷ୍ଟମେଣ୍ଟ ଆକ୍ସିଲେରେଟର୍ ଏବଂ ସ୍ପେଶାଲ୍ ଟାସ୍କ ଫୋର୍ସ'। ଏହି ନୂତନ ପଦକ୍ଷେପ ମାଧ୍ୟମରେ ସମଗ୍ର ପୂର୍ବାଞ୍ଚଳ ଓ ପୂର୍ବୋତ୍ତର ରାଜ୍ୟର ଶିଳ୍ପ ଗୋଷ୍ଠୀଗୁଡ଼ିକ ତାଙ୍କ ନିଜ ରାଜ୍ୟରେ ତାଙ୍କର ଇଣ୍ଡଷ୍ଟ୍ରିଆଲ୍ ବେସ୍ ଓ ମାର୍କେଟ୍‌କୁ ସୁରକ୍ଷିତ ରଖି ଓଡ଼ିଶାରେ ନିବେଶ କରିବାକୁ ବ୍ୟାପକ ସୁଯୋଗ ପାଇବେ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।


ଆଗାମୀ ୫ ବର୍ଷ ମଧ୍ୟରେ ଓଡ଼ିଶା ଶିଳ୍ପାୟନ ଓ ଅଭିବୃଦ୍ଧି କ୍ଷେତ୍ରରେ ପୂର୍ବ ଭାରତର ଶ୍ରେଷ୍ଠ ରାଜ୍ୟରେ ପରିଣତ ହେବ ବୋଲି ମୁଖ୍ୟମନ୍ତ୍ରୀ ଦୃଢ଼ ବିଶ୍ୱାସ ବ୍ୟକ୍ତ କରିଛନ୍ତି। ଏଥିସହିତ ଶିଳ୍ପ ପ୍ରୋତ୍ସାହନ ସଂସ୍ଥା 'ଇପିକଲ' ମଧ୍ୟରେ ଏକ ସମର୍ପିତ 'ଗୋ ଇଷ୍ଟ ସେଲ୍' ଗଠନ କରାଯିବ। ନିବେଶ ପ୍ରକ୍ରିୟା ଏବଂ ମଞ୍ଜୁରୀର ସ୍ଥିତିକୁ ରିଏଲ୍ ଟାଇମ୍ (ତତ୍କାଳ) ମନିଟରିଂ ଓ ଟ୍ରାକିଂ କରିବା ପାଇଁ ଏକ ସ୍ୱତନ୍ତ୍ର "ଗୋ ସ୍ୱିଫ୍ଟ" ମଡ୍ୟୁଲ୍ ମଧ୍ୟ ସୃଷ୍ଟି କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

**ନିବେଶ ପ୍ରକଳ୍ପ ଗୁଡ଼ିକୁ ତ୍ୱରାନ୍ୱିତ କରିବ 'ଗୋ ଇଷ୍ଟ'**

**ସମାବେଶୀ ଶିଳ୍ପାୟନରେ ଦେଶରେ ଅଗ୍ରଣୀ ହେବ ଓଡ଼ିଶା**

ଏହି ସମ୍ମିଳନୀ ଅବସରରେ ମୁଖ୍ୟମନ୍ତ୍ରୀ ରାଜ୍ୟର ଶିଳ୍ପ ନୀତି ରିଜୋଲ୍ୟୁସନ୍-୨୦୨୨ରେ କିଛି ଗୁରୁତ୍ୱପୂର୍ଣ୍ଣ ସଂଶୋଧନ ସଂକ୍ରାନ୍ତରେ ସୂଚନା ଦେଇଛନ୍ତି। ଏହାଦ୍ୱାରା ଆର୍ଥିକ ଅନଗ୍ରସର ଓ ପଛୁଆ ଅଞ୍ଚଳ ଭାବେ ପରିଚିତ ବଲାଙ୍ଗୀର, କଳାହାଣ୍ଡି, ନୂଆପଡ଼ା, କନ୍ଧମାଳ, ବୌଦ୍ଧ ଓ ଗଜପତି ଭଳି ୧୫ଟି ପ୍ରମୁଖ ଜିଲ୍ଲାରେ ଅଣ-ଖଣିଜ ଦ୍ରବ୍ୟ ଭିତ୍ତିକ ଶିଳ୍ପ ପ୍ରତିଷ୍ଠା ପାଇଁ ଏକ ବ୍ୟାପକ ସୁଯୋଗ ସୃଷ୍ଟି ହେବ। ଏହି ଜିଲ୍ଲାଗୁଡ଼ିକୁ 'ଥ୍ରଷ୍ଟ ସେକ୍ଟର' ବା ▶ପୃଷ୍ଠା-୭

### ଲାଲ୍‌ଜୀ ଦେଶାଇ ରାଜ୍ୟ କଂଗ୍ରେସ ନୂଆ ପ୍ରଭାରୀ



■ ଭୁବନେଶ୍ୱର, ୨୬।୬ (ସମିସ): ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ନୂତନ ପ୍ରଭାରୀ ଭାବେ ନିଯୁକ୍ତି ପାଇଛନ୍ତି ଲାଲ୍‌ଜୀ ଦେଶାଇ। ରାଜ୍ୟ ପ୍ରଭାରୀ ଅଜୟ କୁମାର ଲଲ୍ଲୁଙ୍କ ସ୍ଥାନରେ ଶ୍ରୀ ଦେଶାଇଙ୍କୁ ରାଜ୍ୟ କଂଗ୍ରେସର ପ୍ରଭାରୀ ଭାବରେ ଅବସ୍ଥାପିତ କରାଯାଇଛି। ଏଆଇସିସି ସଭାପତି ମଲ୍ଲିକାର୍ଜୁନ ଖଡ଼୍‌ଗେଙ୍କ ଅନୁମୋଦନ କ୍ରମେ ଶୁକ୍ରବାର ଏଆଇସିସି ସଂଗଠନ ସମ୍ପାଦକ କେସି ବେଣୁଗୋପାଳ ଏ ସଂକ୍ରାନ୍ତରେ ବିଜ୍ଞପ୍ତି ଜାରି କରିଛନ୍ତି। ଶ୍ରୀ ଦେଶାଇ ଏହା ପୂର୍ବରୁ କଂଗ୍ରେସ ସେବା ଦଳର ଜାତୀୟ ସଭାପତି (ମୁଖ୍ୟ ସଂଗଠକ) ରହିଥିଲେ। ୨୦୨୪ ସାଧାରଣ ▶ପୃଷ୍ଠା-୭

### ମହେଶ ଦୀକ୍ଷିତ ଆଇବି ମୁଖ୍ୟ



■ ନୂଆଦିଲ୍ଲୀ, ୨୬।୬ (ଏଜେନ୍ସି): ଦେଶର ପ୍ରମୁଖ ଆଭ୍ୟନ୍ତରୀଣ ଗୁପ୍ତଚର ସଂସ୍ଥା 'ଇଣ୍ଟେଲିଜେନ୍ସ ବ୍ୟୁରୋ' (ଆଇବି)ର ନୂତନ ନିର୍ଦ୍ଦେଶକ ଭାବେ ବରିଷ୍ଠ ଆଇପିଏସ ଅଧିକାରୀ ମହେଶ ଦୀକ୍ଷିତଙ୍କୁ ନିଯୁକ୍ତ କରାଯାଇଛି। କେନ୍ଦ୍ର କ୍ୟାବିନେଟର ନିଯୁକ୍ତି କମିଟି ଦ୍ୱାରା ତାଙ୍କ ନାମକୁ ମଞ୍ଜୁରୀ ମିଳିଛି। ସେ ପୂର୍ବତନ ନିର୍ଦ୍ଦେଶକଙ୍କ କାର୍ଯ୍ୟକାଳ ଶେଷ ହେବା ପରେ ଏହି ଗୁରୁତ୍ୱପୂର୍ଣ୍ଣ ପଦବୀର ଦାୟିତ୍ୱ ଗ୍ରହଣ କରିବେ। ଆନ୍ଧ୍ରପ୍ରଦେଶ କ୍ୟାଡରର ୧୯୯୩ ବ୍ୟାଚର ଆଇପିଏସ ଅଧିକାରୀ ମହେଶ ଦୀକ୍ଷିତଙ୍କର ଗୁପ୍ତଚର କାର୍ଯ୍ୟକଳାପ, ଆତଙ୍କବାଦ ବିରୋଧୀ ଅଭିଯାନ ଏବଂ ଆଭ୍ୟନ୍ତରୀଣ ସୁରକ୍ଷା କ୍ଷେତ୍ରରେ ଦୀର୍ଘ ଦଶନ୍ଧିର ବ୍ୟାପକ ଅଭିଜ୍ଞତା ରହିଛି। ବିଶେଷ କରି ଶ୍ରୀନଗର ସ୍ଥିତ ଆଇବିର ସହଯୋଗୀ ▶ପୃଷ୍ଠା-୭

**ବାଲି ମଫିଆଙ୍କ ଆତଙ୍କରାଜ**

### ଅତିରିକ୍ତ ତହସିଲଦାରଙ୍କୁ ହତ୍ୟା ଧମକ

ରାଜନଗର, ୨୬।୬(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ଅଞ୍ଚଳରେ ବାଲି ମାଫିଆଙ୍କ ଆତଙ୍କରାଜ ଦେଖିବାକୁ ମିଳିଛି। ଚୋରା ବାଲି ବୋଝେଇ ଗାଡ଼ିକୁ ଅଟକାଇବାରୁ ଅତିରିକ୍ତ ତହସିଲଦାରଙ୍କୁ ହତ୍ୟା ଉଦ୍ୟମ ହୋଇଛି। ଏପରିକି ପୁଲିସ ଉପସ୍ଥିତିରେ ଅତିରିକ୍ତ ତହସିଲଦାରଙ୍କୁ ଗାଳିଗୁଲଜ ସହ ଧମକ ଦିଆଯାଇଛି। ଚୋରା ବାଲି ବୋଝେଇ ହାଇୱା ମୁଖ୍ୟ ରାସ୍ତା ଉପରେ ବାଲି ଢାଳି ଢାଳି ଫେରାର ହୋଇଯାଇଥିବାବେଳେ ହାଇୱା ଗାଡ଼ି ମାଲିକଙ୍କୁ ଗିରଫ କରାଯାଇଛି। ତାଙ୍କ କାର୍‌କୁ ଜବତ କରାଯାଇଥିବା ପୁଲିସ ସୂତ୍ରରୁ ଜଣାପଡ଼ିଛି।

ଆଜି ସକାଳ ପ୍ରାୟ ୫ଟା ସମୟରେ ରାଜନଗର ଅତିରିକ୍ତ ତହସିଲଦାର ଆଶିଷ ଜେନା ଏନଫୋର୍ସମେଣ୍ଟ ଟିମ ସହିତ ଗାଡ଼ି ଚେକିଂ କରୁଥିଲେ। ରାଜନଗର ବାଇପାସ ନିକଟରେ ଓଡି-୨୦ଜି ▶ପୃଷ୍ଠା-୭

**ଚୋରା ବାଲି ଗାଡ଼ି ଅଟକାଇବାରୁ ବଚସା**

**ରାସ୍ତାରେ ବାଲି ଢାଳି ହାଇୱା ଫେରାର୍**

**ଗାଡ଼ି ମାଲିକ ଗିରଫ ଓ କାର୍ ଜବତ**



# ଗଞ୍ଜେଇ କାରବାରରେ ସରକାରୀ ଶିକ୍ଷକ



**ଏସ୍‌ଟିଏଫ୍‌ର ଅପରେସନ 'ଗ୍ରୀନ୍ କ୍ଲିନ୍'**

**ମିଳିଲା ଛିଣ୍ଡା ୧୦ ଟଙ୍କିଆ ନୋଟ୍**

**କିଙ୍ଗପିନ୍ ଦୁର୍ବାସା ସହ ୩ ଗିରଫ**

**୪ ରାଜ୍ୟରେ କରୁଥିଲେ ଚାଲାଣ**

**୭ ଦିନିଆ ରିମାଣ୍ଡ ଆବେଦନ**

■ ଭୁବନେଶ୍ୱର ୨୬।୬ (ସମିସ): ମାସେ ଧରି ଚାଲିଥିବା ଗୁପ୍ତ ଅପରେସନ୍ ପରେ ଆନ୍ତଃରାଜ୍ୟ ଗଞ୍ଜେଇ ସିଣ୍ଡିକେଟର ପର୍ଦ୍ଦାଫାସ୍ କରିଛି ସ୍ୱତନ୍ତ୍ର ଟାସ୍କ ଫୋର୍ସ (ଏସ୍‌ଟିଏଫ୍)। ଗଞ୍ଜେଇ ଚାଲାଣର କିଙ୍ଗପିନ୍ ସମେତ ୪ ଜଣଙ୍କୁ ଗିରଫ କରିଛି। ସେମାନେ ହେଲେ ସରକାରୀ ଶିକ୍ଷକ ତଥା ବୌଦ୍ଧ ଜିଲ୍ଲା କଣ୍ଟାମାଳ ଥାନା ଟିକିରପଡ଼ାର ଦୁର୍ବାସା ସାହୁ, ସୁବୁଦ୍ଧି ସାହୁ, ଅରୁଣ କୁମାର ରଣା ଓ ପ୍ରକାଶ ଖଟୁଆ।

ଏସ୍‌ଟିଏଫ୍ ସୂଚନା ଅନୁସାରେ, ଗତ ବୁଧବାର ଏସ୍‌ଟିଏଫ୍ ଟିମ୍ ଆଠଗଡ଼ ବେଣ୍ଟପଡ଼ା କାଜୁ ଜଙ୍ଗଲରେ ଚଢ଼ଉ କରି ୧୯୦ କିଲୋ ଗଞ୍ଜେଇ ଜବତ କରିବା ସହ ଫିରିଙ୍ଗିଆର ନୀଳାମ୍ବର କହଁରକୁ ଗିରଫ କରିଥିଲା। ତା' ଠାରୁ ଛିଣ୍ଡା ୧୦ ଟଙ୍କିଆ ନୋଟ୍ ମିଳିବା ପରେ ସିନେମା ଶୈଳୀରେ ଗଞ୍ଜେଇ ଚାଲାଣ ହେଉଥିବା ଜଣାପଡ଼ିଥିଲା। ସିଣ୍ଡିକେଟର ମାଷ୍ଟରମାଇଣ୍ଡ ଗୋଟିଏ ୧୦ ଟଙ୍କିଆ ନୋଟକୁ ଦୁଇ ଭାଗ କରି ଖଣ୍ଡେ ଡ୍ରାଇଭରକୁ ଓ ଆଉ ଖଣ୍ଡେ ରିସିଭରକୁ ଦେଉଥିଲା। ଗଞ୍ଜେଇ ବୋଝେଇ ଗାଡ଼ି ଠିକଣା ପହଞ୍ଚିବା ପରେ ୧୦ ଟଙ୍କିଆ ନୋଟ୍ ମ୍ୟାଚ୍ କରି ଡେଲିଭେରୀ ଦେଉଥିଲା ବୋଲି ପ୍ରାଥମିକ ତଦନ୍ତରୁ ଏସ୍‌ଟିଏଫ୍ ଜାଣିବାକୁ ପାଇଥିଲା। ନୀଳାମ୍ବର ଠାରୁ ଛିଣ୍ଡା ୧୦ ଟଙ୍କିଆ ନୋଟ୍ ଜବତ ହେବାପରେ ସିଣ୍ଡିକେଟର ମୁଖିଆ ଓ ରିସିଭରକୁ ଧରିବା ଲାଗି ଏସ୍‌ଟିଏଫ୍ ଜାଲ ବିଛାଇଥିଲା।

ଶୁକ୍ରବାର ସକାଳେ ସିଣ୍ଡିକେଟର କିଙ୍ଗପିନ୍ ଦୁର୍ବାସା, ସୁବୁଦ୍ଧି, ଅରୁଣ ଓ ପ୍ରକାଶ ମିଶି ଗଞ୍ଜେଇ ଡିଲ୍ ପାଇଁ ପଶ୍ଚିମବଙ୍ଗ ଯାଉଥିବା ଖବର ମିଳିଥିଲା। ଏସ୍‌ଟିଏଫର ଗୋଟିଏ ଟିମ୍ ବୌଦ୍ଧ ▶ପୃଷ୍ଠା-୭




## ରଥଖଳାରୁ...

# ଶେଷ ପର୍ଯ୍ୟାୟରେ ସିଂହାସନ ବେଦୀ ନିର୍ମାଣ



**ପୁରୀ,୨୬।୬(ସମିସ):** ରଥଖଳାରେ ତିଆରି ଚାଲିଛି ତିନିରଥ। ଶୁକ୍ରବାର ତିନିରଥର ସିଂହାସନ ବେଦୀ ନିର୍ମାଣ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ବେଦୀରେ ପଟା ପଡ଼ିବା କାର୍ଯ୍ୟ ଜାରି ରହିଛି। ସିଂହାସନ ମାଲ କାଠ ଚଉପଟ ପାଇଁ ରଥ ଅମିନ ଯୋଗାଇ ଦେଇଥିବା ୩୦ ଫୁଟିଆ ଶାଳ କାଠର ଚଉପଟ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ମହାପ୍ରଭୁ ରତ୍ନସିଂହାସନରୁ ଓହ୍ଲାଇବା ପାଇଁ କୋଠ ସୁଆଁସିଆ ସେବକମାନେ ଏହି ଶାଳ ମାଲ କାଠରେ ଚାର ମାଲ ବାନ୍ଧିବା କାର୍ଯ୍ୟ ସମ୍ପନ୍ନ କରିବେ। ତିନିରଥର ମୁଖ୍ୟ ରୂପକାର ସେବକ ଏବଂ ସହଯୋଗୀ ରୂପକାର ସେବକ ମିଶି ପ୍ରଭାରେ ରୂପ ଖୋଦେଇ ଜାରି ରଖିଛନ୍ତି। ଶନିବାର ସନ୍ଧ୍ୟା ସୁଦ୍ଧା ପ୍ରଭାରେ ରୂପ ଖୋଦେଇ କାର୍ଯ୍ୟ ଶେଷ କରିବାକୁ ଲକ୍ଷ୍ୟ ରଖି ଖୋଦେଇ କାର୍ଯ୍ୟକୁ ଗତିଶୀଳ କରିଛନ୍ତି। ମୁଖ୍ୟ ଚିତ୍ରକାର ସେବକ ଦେବରାଜ ମହାପାତ୍ରଙ୍କ ମାର୍ଗ ଦର୍ଶନରେ ସହଯୋଗୀ ଚିତ୍ରକାରମାନେ ତିନିରଥର ପାର୍ଶ୍ୱ ଦେବ ଦେବୀ ମୂର୍ତ୍ତି ପ୍ରତିମାଗୁଡ଼ିକର ରଙ୍ଗ କରୁଛନ୍ତି। ତିନିରଥର ୨୪ଟି ନାଟ ଗୋଡ଼, ୩୩ଟି କନ୍ୟାପଟା, ୬ଟି କଳସ, ୨୮ଟି ଲେଖାଏଁ ୮୪ଟି ହଂସ ପଟା, ୧୫ଟି ଲେଖାଏଁ ୪୫ଟି ଠେକରା ବାଡ଼, ୮ଟି ଲେଖାଏଁ ଋଷି ପଟା, ହାତୀ ପଟା, ମଗର ପଟା ସହ ଦୁଆର ବେଢ଼ ଗୁଡ଼ିକର ଚିତ୍ର ଏବଂ ରଥର ବାହ୍ୟ ଅଂଶରେ ରଙ୍ଗ ଦେଉଛନ୍ତି। ଦୋଳବେଦୀ ଅସ୍ଥାୟୀ କମାର ଶାଳରେ ଓଝା କମାର ସେବକମାନେ ତିନିରଥର ପ୍ରଭା କଣ୍ଟା, ଦୁଆର ବେଢ଼ା କଣ୍ଟା ସହ ଘୋଡା, ସାରଥୀଙ୍କ ପାଇଁ ବାଗିଆ କଣ୍ଟା ନିର୍ମାଣ ଜାରି ରଖିଛନ୍ତି।

## ପୁରୀବାସୀଙ୍କ ସହଜ ଶ୍ରୀମନ୍ଦିର ପ୍ରବେଶ ଓ ଦର୍ଶନ ପ୍ରସଙ୍ଗ

# ପଶ୍ଚିମ ଦ୍ୱାରରେ ଧସେଇ ପଶିଲେ ଆଇନଜୀବୀ

**ପୁରୀ,୨୬।୬(ସମିସ):** ଶ୍ରୀମନ୍ଦିର ପ୍ରବେଶ ଓ ମହାପ୍ରଭୁଙ୍କ ଦର୍ଶନରେ ସ୍ୱତନ୍ତ୍ର ବ୍ୟବସ୍ଥା କରିବାକୁ ଦୀର୍ଘଦିନ ହେବ ଦାବି କରିଆସୁଛନ୍ତି ପୁରୀବାସୀ। କିନ୍ତୁ ପ୍ରଶାସନ କି ସରକାର କେହି ଏହାର ସମାଧାନ କରୁନାହାନ୍ତି। ପୁରୀବାସୀଙ୍କ ଦାବିର ବି ପ୍ରାସଙ୍ଗିକତା ରହିଛି। କାରଣ ଶ୍ରୀମନ୍ଦିର ପୁରୀ ଲୋକଙ୍କ ପାଇଁ ହେଉଛି ଗାଁ ମନ୍ଦିର ଆଉ ଜଗନ୍ନାଥଙ୍କୁ ସେମାନେ ଗାଁ ଦେବତା ଭାବନ୍ତି। ପ୍ରତ୍ୟେକ ଦିନ ପୁରୀ ଲୋକଙ୍କର ମନ୍ଦିରରେ କିଛି ନା କିଛି କାମ ପଡେ। ମାଳ, ମାହାର୍ଦ୍ଦ, ନିର୍ମାଲ୍ୟ, ମୁକ୍ତି ମଣ୍ଡପ, ନିମନ୍ତ୍ରଣ, ଅବଢ଼ା ପାଇଁ ପ୍ରତ୍ୟହ ସମ୍ପର୍କ ଥାଏ। ହେଲେ ପ୍ରଶାସନିକ କଟକଣାରେ ଅନ୍ୟମାନଙ୍କ ଭଳି ପୁରୀବାସୀଙ୍କୁ ବି ଆଇନରେ ଛନ୍ଦି ଦିଆଯାଉଛି। ଫଳରେ ସେମାନଙ୍କୁ ବି ଲମ୍ବା ଧାଡିରେ ଘଣ୍ଟା ଘଣ୍ଟା ଧରି ଅପେକ୍ଷା କରିବାକୁ କୁହାଯାଉଛି। ହେଲେ ଏହାକୁ ବିରୋଧ କରୁଛନ୍ତି ପୁରୀବାସୀ। କାରଣ ସବୁ ପର୍ବପର୍ବାଣିରେ ପ୍ରଶାସନର କଟକଣାକୁ ସହୁଛନ୍ତି ପୁରୀବାସୀ। ଏମିତି ବି ସେମାନଙ୍କ ହକ୍ ରହିଛି ମନ୍ଦିରକୁ ସହଜରେ ପ୍ରବେଶ କରି ମହାପ୍ରଭୁଙ୍କୁ ଦର୍ଶନ କରିବା। ତେଣୁ ଜିଲ୍ଲାପାଳଙ୍କଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀଙ୍କୁ ଫେରାଦ ହେଲେ। ଏବେ ବି ବଡ଼ଦାଣ୍ଡରେ ପଦଯାତ୍ରା ଚାଲିଛି। ପୁରୀବାସୀଙ୍କ ଏହି ନାର୍ଯ୍ୟ ଦାବିର ଲଢେଇରେ ସାମିଲ ହୋଇଛି ପୁରୀ ଓକିଲ ସଂଘ। ଶୁକ୍ରବାର ସଂଘର ଶତାଧିକ ଆଇନଜୀବି ବାର୍ ସମ୍ମୁଖରୁ ଶୋଭାଯାତ୍ରାରେ ଯାଇ ଶ୍ରୀମନ୍ଦିର ପଶ୍ଚିମ ଦ୍ୱାରରେ ପହଞ୍ଚିଥିଲେ। ପୁରୀବାସୀଙ୍କ ଶ୍ରୀମନ୍ଦିର ପ୍ରବେଶ ଏବଂ ଦର୍ଶନରେ ସ୍ୱତନ୍ତ୍ର ବ୍ୟବସ୍ଥା ଦାବି କରି ମନ୍ଦିର ଭିତରକୁ ପ୍ରବେଶ ଉଦ୍ୟମ କରିଥିଲେ। ସେଠାରେ ଥିବା କିଛି ପୋଲିସ କର୍ମଚାରୀ ଆଇନଜୀବିମାନଙ୍କୁ ଅଟକାଇବା ପାଇଁ ଚେଷ୍ଟା କରିଥିଲେ। ହେଲେ ଆଇନଜୀବିମାନେ ଧସେଇ ପଶିଥିଲେ। ପଶ୍ଚିମ ଦ୍ୱାର ଦେଇ ଦୁଇଟି ଲାଇନ୍‌ରେ ଲୋକେ ଯାଉଛନ୍ତି ସେମାନେ କିଏ ଏବଂ କାହାଠାରୁ ଅନୁମତି ପାଇଛନ୍ତି ବୋଲି ପ୍ରଶ୍ନ କରିଥିଲେ ଆଇନଜୀବି। ଏଥିରେ ସଂଘ ସଭାପତି ପ୍ରେମାନନ୍ଦ ମହାନ୍ତି, ସାଧାରଣ ସମ୍ପାଦକ ଶରତ କୁମାର ରାୟଗୁରୁ, ଆଦିତ୍ୟ ମିଶ୍ର, ସୋମନାଥ ଦାସ, ବିଜୟ ମିଶ୍ର, ଉପ ସଭାପତି ପ୍ରଦୀପ ଦାସ, କର୍ଣ୍ଣବୀର ମହାପାତ୍ର, ସୋମନାଥ ରଣା, ରମେଶ ପ୍ରଧାନ, ବିଜୟ ସାହୁ, ବିଶ୍ୱ କେଶନ ହରିଚନ୍ଦନ ମହାପାତ୍ର, ରଞ୍ଜିତା ମହାନ୍ତି, ଜିବେଶ ରଥ, ସୂର୍ଯ୍ୟନାରାୟଣ ସ୍ୱାଇଁ ମହାପାତ୍ର, ଜୟନ୍ତ ମହାପାତ୍ର, ପ୍ରଫୁଲ୍ଲ ମିଶ୍ର, ଶିବଶଙ୍କର ପ୍ରଧାନ, ଟିକିନା ସେନାପତି ପ୍ରମୁଖ କହିଥିଲେ ଯେ, ଶ୍ରୀମନ୍ଦିର ଚାରି ଦ୍ୱାର କେବେ ବନ୍ଦ ନ ଥିଲା। ଚାରିଦ୍ୱାର ଖୋଲିବାର ବାହାନା କଲେ। ହେଲେ ଅନ୍ୟ ତିନି ଦ୍ୱାରରେ ଲୋକଙ୍କୁ ଛାଡ଼ିଲେ ନାହିଁ। ମନ୍ଦିର ପ୍ରବେଶ, ଆସ୍ଥା ପ୍ରକଟ ଓ ଦର୍ଶନ ଲୋକଙ୍କ ସାମ୍ବିଧାନିକ ଅଧିକାର। ଏ ଅଧିକାରକୁ ପ୍ରଶାସନିକ ନିର୍ଦ୍ଦେଶ ଦ୍ୱାରା ଖର୍ବ କରାଯାଇପାରିବ ନାହିଁ। ପୂର୍ବରୁ ପଶ୍ଚିମ ଦ୍ୱାରରେ ଆଧାର କାର୍ଡ ଦେଖାଇ ଲୋକେ ଯାଇପାରୁଥିଲେ। ଏ ସରକାର ସମୟରେ ତାହାକୁ ଉଠାଇ ଦିଆଗଲା। ବିଭିନ୍ନ ଉତ୍ସବରେ ଅବଢା ପାଇଁ ଲୋକେ ହନ୍ତସନ୍ତ ହେଉଛନ୍ତି। କିନ୍ତୁ ଗଳାବାଟରେ ଦର୍ଶନ ଚାଲିଛି। ଏ ଦିଗରେ ଲୋକ ପ୍ରତିନିଧିମାନେ ନିରବ କାହିଁକି ବୋଲି ପ୍ରଶ୍ନ କରିଥିଲେ।

### ପୂର୍ବପରି ପଶ୍ଚିମ ଦ୍ୱାରରେ ପ୍ରବେଶ ସୁଯୋଗ ଦାବି




# ମହାପ୍ରଭୁଙ୍କୁ ଦର୍ଶନ କଲେ ସୁଜାତା ରାଉତ




**ପୁରୀ,୨୬।୬(ସମିସ):** ମହାପ୍ରଭୁଙ୍କୁ ଦର୍ଶନ କରିଛନ୍ତି ପୂର୍ବତନ ଆଇଏଏସ୍ ସୁଜାତା ରାଉତ। ଗୁରୁବାର ବିଧିବଦ୍ଧ ଭାବେ ବିଜୁ ଜନତା ଦଳରେ ସାମିଲ ହେବା ପରେ ଶୁକ୍ରବାର ରାତିରେ ଶ୍ରୀମତୀ ରାଉତ ମହାପ୍ରଭୁଙ୍କ ସାନ୍ନିଧ ଲାଭ ପାଇଁ ପୁରୀରେ ପହଞ୍ଚିଥିଲେ। ସିଂହଦ୍ୱାରଠାରେ ପହଞ୍ଚିବା ପରେ ତାଙ୍କୁ ସ୍ୱାଗତ କରାଯାଇ ଶ୍ରୀମନ୍ଦିର ଭିତରକୁ ପାଛୋଟି ନିଆଯାଇଥିଲା। ଚତୁର୍ଦ୍ଧାବିଗ୍ରହଙ୍କୁ ଦର୍ଶନ ପରେ ବେଢା ବୁଲି ପାର୍ଶ୍ୱ ଦେବଦେବୀଙ୍କୁ ଦର୍ଶନ କରିଥିଲେ। ଶ୍ରୀମତୀ ରାଉତଙ୍କ ସହିତ ରାଜ୍ୟସଭା ସାଂସଦ ଶୁଭାଶିଷ୍ ଖୁଣ୍ଟିଆ, ବିଜେଡିର ରାଜ୍ୟ ଉପସଭାପତି ସଞ୍ଜୟ କୁମାର ଦାସବର୍ମା, ବିଜେଡି ଜିଲ୍ଲା ସଭାପତି ଉମାକାନ୍ତ ସାମନ୍ତରାୟ ପ୍ରମୁଖ ଦଳୀୟ ନେତୃତ୍ୱ ଉପସ୍ଥିତ ଥିଲେ।

# ଗରଡ଼ାପାଣି ଘାଟି ତଳକୁ ବାଇକ୍ ଖସି ୩ ମୃତ

**ବାରିପଦା/ଗୋରୁମହିଷାଣୀ, ୨୬।୬ (ସମିସ):** ମୟୂରଭଞ୍ଜ ଜିଲ୍ଲା ସୀମାନ୍ତ ଗୋରୁମହିଷାଣୀ ଥାନା ଅନ୍ତର୍ଗତ ଗରଡ଼ାପାଣି ଘାଟିରେ ଭାରସାମ୍ୟ ହରାଇ ୧୫୦ ଫୁଟ ଘାଟି ତଳକୁ ଏକ ବାଇକ୍ ଖସି ପଡ଼ିବାରୁ ଘଟଣାସ୍ଥଳରେ ତିନି ବାଇକ୍ ଆରୋହୀଙ୍କ ମୃତ୍ୟୁ ଘଟିଛି। ମୃତକ ଗୋରୁମହିଷାଣୀ ଥାନା ଅଞ୍ଚଳର ସୁଦର୍ଶନପୁର ପଞ୍ଚାୟତର ସାନଝାରି ଗ୍ରାମର ମନୋଜ ମୁଣ୍ଡାରୀ (୪୨), ସାଧୁ ଓରଫ ବୀରସିଂ ମୁଣ୍ଡା (୨୮) ଓ ଦୁଧିଚୁଆଁ ଗ୍ରାମର ୱାର୍ଡ ମେମ୍ବର ମନୋଜ ମୁଣ୍ଡା (୨୬)। ଗୁରୁବାର ରାତିରେ ଏକ ବାହାଘର ଭୋଜି ସାରି ବାଇକ୍‌ରେ ଘରକୁ ଫେରୁଥିବା ସମୟରେ ଭାରସାମ୍ୟ ହରାଇ ଘାଟି ତଳକୁ ବାଇକ୍ ସହିତ ଖସିପଡ଼ିଥିଲେ। ତେବେ ଘଟଣା ସମ୍ପର୍କରେ ରାତିରେ କେହି ଜାଣିପାରି ନ ଥିବାବେଳେ ସେଠାରେ ସେମାନଙ୍କର ମୃତ୍ୟୁ ଘଟିଥିଲା। ଶୁକ୍ରବାର ସ୍ଥାନୀୟ ଲୋକ ଖାଲରେ ବାଇକ୍ ସହ ତିନିଜଣ ପଡ଼ିଥିବା ଦେଖି ପୁଲିସକୁ ଖବର ଦେଇଥିଲେ। ଖବର ପାଇ ଗୋରୁମହିଷାଣୀ ପୁଲିସ ଘଟଣାସ୍ଥଳରେ ପହଞ୍ଚି ୩ ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ରାଇରଙ୍ଗପୁର୍ ହସ୍ପିଟାଲକୁ ପଠାଇବା ସହ ଘଟଣାର ତଦନ୍ତ କରୁଛି। ସେପଟେ ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

# ବଢ଼ିଲା ଫେରାର ବିଜେପି ନେତାଙ୍କ ଅଡୁଆ



ଫେରାର ଥାଇ ପୀଡ଼ିତାଙ୍କ ପରିବାର ସଦସ୍ୟଙ୍କୁ ଧମକ ଅଭିଯୋଗ

ଭବାନୀ ଓ ତାଙ୍କ ଭାଇଙ୍କ ନାମରେ ମାମଲା ରୁଜୁ

ଜାମିନ୍‌ଦାରଙ୍କୁ ଗିରଫ କରିବାକୁ ଦାବି ଜୋର୍

ପୁଲିସର ପଦକ୍ଷେପକୁ ନେଇ ଉଠିଛି ପ୍ରଶ୍ନ

**ବ୍ରହ୍ମପୁର,୨୬।୬(ସମିସ):** ବଢିଲା ଫେରାର ବିଜେପି ନେତା ଭବାନୀ ଶଙ୍କର ଦାଶଙ୍କ ଅଡୁଆ। ମାଗଣାରେ ଉଚ୍ଚଶିକ୍ଷାର ପ୍ରଲୋଭନ ଦେଇ ନାବାଳିକାଙ୍କୁ ଦୁଷ୍କର୍ମ କରିଥିବା ଅଭିଯୋଗରେ ଗିରଫ ହୋଇ ପରବର୍ତ୍ତୀ ସମୟରେ ସର୍ତ୍ତମୂଳକ ଜାମିନରେ ଆସି ଫେରାର ହୋଇଛନ୍ତି ବିଜେପି ନେତା ଭବାନୀ ଶଙ୍କର ଦାଶ। ଫେରାର ରହି ଭବାନୀ ପିଡିତାଙ୍କ ପରିବାର ଏପରିକି ଅଭିଯୋଗକାରିଣୀଙ୍କୁ ମାମଲା ପ୍ରତ୍ୟାହାର କରିବାକୁ ଧମକ ଚମକ ଦେଉଥିବା ଅଭିଯୋଗ ହୋଇଛି। ଗତ ମେ ୧୮ ତାରିଖରୁ ଭବାନୀ ଫେରାର ହୋଇଥିବା ବେଳେ ଚଳିତ ମାସ ୨୩ତାରିଖରେ ଅଭିଯୋଗକାରିଣୀଙ୍କୁ ଭବାନୀଙ୍କ ନାମରେ ଦୁଇଜଣ ମୁଖାଧାରୀ ବ୍ୟକ୍ତି ଧମକ ଦେଇଥିବା ଅଭିଯୋଗ ହୋଇଛି। ଏନେଇ ଅଭିଯୋଗକାରିଣୀ ନିଜେ ନିମଖଣ୍ଡି ଥାନାରେ ଲିଖିତ ଏତଲା ଦେଇ ନ୍ୟାୟ ଭିକ୍ଷା କରିଛନ୍ତି। ଫେରାର ଭବାନୀ ନିଜକୁ ଜଣେ ବିଜେପି ପରିବାରର ସଦସ୍ୟ ବୋଲାଇ ନକଲି ହୋମିଓପାଥିକ ସାର୍ଟିଫିକେଟ ଜରିଆରେ ଜଣେ ଡାକ୍ତର କହି ବାଜପେୟୀ ଆରୋଗ୍ୟମ କ୍ଲିନିକ ମଧ୍ୟ ଚଳାଇଥିଲା। ଗତ ୭ତାରିଖରେ ନିଜର ଏକମାତ୍ର ପୁଅର ପ୍ରଥମ ଶ୍ରାଦ୍ଧବାର୍ଷିକୀରେ ଯୋଗ ଦେବା ପାଇଁ ହାଇକୋର୍ଟରୁ ସର୍ତ୍ତମୂଳକ ତଥା ୧୦ଦିନ ପାଇଁ ଜେଲରୁ ମୁକୁଳିବା ପରେ ଭବାନୀ ଆଉ ଜେଲକୁ ଫେରିନଥିଲା। ଗତ ମେ ୧୮ ତାରିଖରେ କୋର୍ଟରେ ଆତ୍ମ ସମର୍ପଣ କରି ଜେଲକୁ ଫେରିବାକୁ ଥିବାବେଳେ ଭବାନୀ ଆଜି ପର୍ଯ୍ୟନ୍ତ ଫେରାର ଥିବା ଜଣାପଡିଛି। ୧୮ ତାରିଖରେ କୋର୍ଟରେ ହାଜର ନହେବାରୁ ବା ଆତ୍ମ ସମର୍ପଣ ନକରିବାକୁ କୋର୍ଟରୁ ଭବାନୀଙ୍କ ବିରୁଦ୍ଧରେ ଜାମିନ ବିହୀନ ଗିରଫ ପରୱାନା ଜାରି ହୋଇଛି। ଭବାନୀଙ୍କୁ ଜାମିନରେ ନେଇଥିବା ଦୁଇ ଜାମିନଦାର ନିରାକାର ସାହୁ ଓ ସନ୍ୟାସୀ ମହାନ୍ତିଙ୍କ ସମେତ ବୈଦ୍ୟନାଥପୁର ଥାନା ପୁଲିସକୁ ଜୁନ ୨୫ତାରିଖରେ ଫେରାର ଭବନୀଙ୍କୁ କୋର୍ଟରେ ହାଜର ପାଇଁ କୋର୍ଟ ନିର୍ଦ୍ଦେଶ ଦେଇଥିଲେ। ୨୫ତାରିଖରେ ଭବାନୀଙ୍କୁ ଗିରଫ କରିବାରେ ତଥା ହାଜର କରିବାରେ ଜାମିନଦାର ଓ ପୁଲିସ ଫେଲ ମାରିଥିଲେ। ଫଳରେ ଆସନ୍ତା ଜୁଲାଇ ୨୯ତାରିଖରେ ଭବାନୀଙ୍କୁ କୋର୍ଟରେ ହାଜର କରିବାକୁ ଦିନ ଧାର୍ଯ୍ୟ ହୋଇଛି। ସମ୍ପୃକ୍ତ ନେତାଙ୍କୁ ପୁଲିସ ଗିରଫ କରିବାରେ ତତ୍ପରତା ପ୍ରକାଶ କରୁନାହିଁ ଅଥବା ରାଜନୈତିକ ଚାପ ପଡୁଥିବା ନେଇ ସାଧାରଣରେ ଚର୍ଚ୍ଚା ଜୋର ଧରିଛି। କନ୍ଧମାଳ ଜିଲ୍ଲା ରାଇକିଆର ମୂଳ ବାସିନ୍ଦା ତଥା ବର୍ତ୍ତମାନ ଗୋଷାଣିନୂଆଗାଁ ଥାନା ଅନ୍ତର୍ଗତ ନେହରୁ ନଗର ନିବାସୀ ୨୪ତାରିଖରେ ଥାନାରେ ଏତଲା ଦେଇଥିଲେ। ଅଭିଯୋଗ ଥିଲା ଗତ ୨୩ତାରିଖରେ ଦିନ ପ୍ରାୟ ସାଢେ ୯ଟା ସମୟରେ ଯେତେବେଳେ ସେ ନିଜ ସ୍ୱାମୀଙ୍କ ସହିତ ସ୍କୁଲକୁ ଯାଉଥିଲେ ଫୁଲଟା ରାସ୍ତାରେ ଦୁଇଜଣ ଅଜଣା ବ୍ୟକ୍ତି ଅଶ୍ରାବ୍ୟ ଭାଷାରେ ଗାଳିଗୁଲଜ କରିବା ସହ ଧମକ ଦେଇ ଭବାନୀ ଦାଶଙ୍କ ବିରୁଦ୍ଧରେ ବୈଦ୍ୟନାଥପୁର ଥାନାରେ ଦାଏର ହୋଇଥିବା ପକସୋ ମାମଲା ପ୍ରତ୍ୟାହାର କରିବାକୁ କହିଥିଲେ। ଫେରାର ଭବାନୀଙ୍କ ଭାଇ ଜଣେ ବରିଷ୍ଠ ଓକିଲ ଏବଂ ସେମାନଙ୍କ କଥାକୁ ନଶୁଣିଲେ ନିଜର ରାଜନୈତିକ ଓ ସରକାରୀ ଚାପ ପ୍ରୟୋଗ କରି ଅଭିଯୋଗକାରିଣୀଙ୍କୁ ସରକାରୀ ଚାକିରିରୁ ବରଖାସ୍ତ କରିଦେବେ ବୋଲି ଧମକ ଦେଇଛନ୍ତି। ସେପଟେ ଗଜପତି ଜିଲ୍ଲାରେ ମଧ୍ୟ ଭବାନୀଙ୍କର ରାଜନୈତିକ ଦବଦବା ରହିଥିବା ନେଇ ସେମାନେ ସ୍ପଷ୍ଟ କରିଛନ୍ତି। ଏହି ମାମଲାରେ ଭବାନୀ ଓ ତାଙ୍କ ସହଯୋଗୀଙ୍କ ବିରୁଦ୍ଧରେ ମାମଲା ରୁଜୁ ହୋଇଥିବା ଜଣାପଡିଛି।

# ୨୯ରେ ବଡ଼ଚଣା ଯୁବ ଛାତ୍ର ଜନତା ଦଳର ଧାରଣା

**ବଡ଼ଚଣା, ୨୬।୬ (ସମିସ):** ଗତ ହୋଲି ଦିନ ଚଣ୍ଡିଖୋଲ ସ୍ଥିତ ବାବା ଭୈରବାନନ୍ଦ ସ୍ୱୟଂଶାସିତ ମହାବିଦ୍ୟାଳୟରେ ହୋଇଥିବା ମଦ ମାଂସର ଆସର ସାମାଜିକ ଗଣମାଧ୍ୟମରେ ପ୍ରଚାରିତ ହେବା ପରେ କଲେଜ ଗୌରବରେ ଆଞ୍ଚ ଆସିଛି। ଏ ସମ୍ପର୍କରେ ବିଜୁ ଯୁବଛାତ୍ର ଜନତା ଦଳ ପକ୍ଷରୁ ପରିଚାଳନା କମିଟିର ସଭାପତି ତଥା ଯାଜପୁର ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଥିଲା। ଅଭିଯୋଗ ପରେ ଗତମାସ ୨୯/୫ରେ ଅତିରିକ୍ତ ଜିଲ୍ଲାପାଳ କଲେଜର ଅଧ୍ୟକ୍ଷ, କର୍ମଚାରୀ ଓ ଏଥିରେ ସମ୍ପୃକ୍ତ ଥିବା ବ୍ୟକ୍ତି ବିଶେଷଙ୍କୁ ନିଜ କାର୍ଯ୍ୟାଳୟକୁ ଡକାଇ ଘଟଣାର ସତ୍ୟାସତ୍ୟ ପଚାରି ବୁଝିଥିଲେ। କଲେଜର ଅଧ୍ୟକ୍ଷ ଘଟଣା ସତ୍ୟ ବୋଲି ମାନିଥିଲେ, ମାତ୍ର ଏହାଭିତରେ ଏକ ମାସ ବିତିଯାଇଥିଲେ ମଧ୍ୟ ଅଭିଯୁକ୍ତମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଗଲାନାହିଁ। ଏହାର ପ୍ରତିବାଦରେ ବଡ଼ଚଣା ବିଜୁ ଯୁବଛାତ୍ର ଜନତା ଦଳ ପକ୍ଷରୁ ଆସନ୍ତା ୨୯ ତାରିଖ ସୋମବାର କଲେଜର ମୁଖ୍ୟ ଫାଟକ ସମ୍ମୁଖରେ ଧାରଣାରେ ଦିଆଯିବ ବୋଲି ଜଣାଯାଇଛି।

## କ୍ରିକେଟ ଖେଳ ବେଳେ ଅଘଟଣ

# ବଜ୍ରପାତରେ ଦୁଇ ନାବାଳକଙ୍କ ମୃତ୍ୟୁ



**ମନମୁଣ୍ଡା/ଶଗଡ଼ା/ଜହ୍ନାପଙ୍କ, ୨୬।୬ (ସମିସ):** ବୌଦ୍ଧ ଜିଲ୍ଲା ମନମୁଣ୍ଡା ଥାନା ଅଧୀନ ଶଗଡା ପଞ୍ଚାୟତର ଝାଙ୍କରପଡ଼ା ଗ୍ରାମରେ ଶୁକ୍ରବାର କ୍ରିକେଟ ଖେଳ ବେଳେ ଅଘଟଣ ଘଟିଛି। ବଜ୍ରପାତରେ ଦୁଇ ଜଣ ନାବାଳକଙ୍କ ମୃତ୍ୟୁ ଘଟିଛି। ମୃତ ଦୁଇ ନାବାଳକଙ୍କ ମଧ୍ୟରୁ ଜଣେ ଝାଙ୍କରପଡା ଗାଁର ଖଗେଶ୍ୱର ମିର୍ଦ୍ଧାଙ୍କ ପୁଅ ବିଶ୍ୱଜିତ ମିର୍ଦ୍ଧା (୧୧) ଏବଂ ଅନ୍ୟ ଜଣେ ଚଉଁରିଆପଦର ଗାଁର ତ୍ରିପୁର କୁମ୍ଭାରଙ୍କ ପୁଅ ଚରଣ କୁମ୍ଭାର (୧୫)। ଉଭୟେ ଗାଁ ପଡିଆରେ ଅନ୍ୟ ବନ୍ଧୁମାନଙ୍କ ସହ ଆଜି ଅପରାହ୍ନ ପ୍ରାୟ ୪ଟାରେ କ୍ରିକେଟ ଖେଳୁଥିଲେ। ଖେଳବେଳେ ବର୍ଷା ଆସିଯିବାରୁ ଅନ୍ୟମାନେ ସେ ସ୍ଥାନରୁ ପଳାଇ ଯାଇଥିଲେ। ଏହି ଦୁଇ ଜଣ କିନ୍ତୁ ପାଖରେ ଥିବା ଏକ ତେନ୍ତୁଳି ଗଛ ତଳେ ଆଶ୍ରୟ ନେଇଥିଲେ। ହଠାତ ବହୁତ ଜୋରରେ ବଜ୍ରପାତ ହୋଇଥିଲା; ଯେଉଁଥିରେ ଉଭୟ ଟଳି ପଡ଼ିଥିଲେ। ଗାଁ ଲୋକେ ଏହା ଜାଣିବା ପରେ ତୁରନ୍ତ ଉଭୟଙ୍କୁ ମନମୁଣ୍ଡା ଡାକ୍ତରଖାନା ନେଇଥିଲେ। ପରେ ସୋନପୁର ମୁଖ୍ୟ ଡାକ୍ତରଖାନାକୁ ନେଇଥିଲେ। ଡାକ୍ତର କିନ୍ତୁ ସେମାନଙ୍କୁ ମୃତ ଘୋଷଣା କରିଛନ୍ତି। ଏହି ଘଟଣାକୁ ନେଇ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ସୂଚନାଯୋଗ୍ୟ, ଚରଣ ନିଜ ମାମୁଁ ଘର ଗାଁ ଝାଙ୍କରପଡ଼ାକୁ ଆସିଥଲେ। ସମ୍ପର୍କରେ ମଧ୍ୟ ଉଭୟ ମାମୁଁ-ଭଣଜା ବୋଲି ଜଣା ପଡିଛି।

# ଟଙ୍କା ନ ଦେବାରୁ ବୃଦ୍ଧ ଓ ଭିନ୍ନକ୍ଷମଙ୍କୁ ମୁଖ୍ୟମନ୍ତ୍ରୀ ବସ୍‌ରୁ ଓହ୍ଲାଇ ଦେଲେ କଣ୍ଡକ୍ଟର

**କୋଇଡ଼ା, ୨୬।୬(ସମିସ):** ଟଙ୍କା ନଦେବାରୁ କୋଇଡ଼ାରୁ ଚୋରଧରା ଆସୁଥିବା ମୁଖ୍ୟମନ୍ତ୍ରୀ ବସ୍‌ରୁ ଜଣେ ଭିନ୍ନକ୍ଷମ ଓ ଜଣେ ବୃଦ୍ଧଙ୍କୁ ଓହ୍ଲାଇ ଦେଇଛି କଣ୍ଡକ୍ଟର। କଲଟାଠାରୁ ଜାମୁଡିହି ସାପ୍ତାହିକ ବଜାର ଯିବାକୁ ବସ୍‌ରେ ଉଭୟେ ଚଢ଼ିଥିଲେ। ସେମାନେ ମଦ୍ୟପାନ କରିଥିବା ସହ ଟଙ୍କା ନଦେବାରୁ କଣ୍ଡକ୍ଟର୍ ତାଙ୍କୁ ଜାମୁଡିହି ପରିବର୍ତ୍ତେ ତୋଡ଼ା ଠାରେ ଓହ୍ଲାଇ ଦେଇଥିଲେ। ଯାହାର ଭିଡିଓ ଭାଇରାଲ୍ ପରେ ତଦନ୍ତ ପାଇଁ ୫ ଜଣିଆ ଟିମ୍ ଗଠନ ହୋଇଛି। କଣ୍ଡକ୍ଟର ଆଜାଦ୍ ସିଂକୁ ଓଏସଆରଟିସି ସଂସ୍ଥା ନିଲମ୍ବିତ କରିଛି। କୋଇଡା ବିଡିଓ ରଶ୍ମିରେଖା ପାତ୍ର ତଦନ୍ତ ରିପୋର୍ଟ ମାଗିବା ସହ କେ.ବଲାଙ୍ଗ ଥାନା ଅଧିକାରୀ ଘଟଣାର ତଦନ୍ତ ଚଳାଇଛନ୍ତି।

**କଣ୍ଡକ୍ଟର ନିଲମ୍ବିତ, ତଦନ୍ତ ଆରମ୍ଭ**



## ସମସ୍ୟା ଘେରରେ ଭୂତଡ଼ା ପଞ୍ଚାୟତ

# ଚୁଆ ସହ ନାଳର ନାଳିପାଣି ପିଉଛନ୍ତି ଖଣି ଅଞ୍ଚଳବାସୀ





**ରାଉରକେଲା, ୨୬।୬ (ସମିସ):**

ସୁନ୍ଦରଗଡ଼ ଜିଲ୍ଲା ଲହୁଣୀପଡ଼ା ବ୍ଲକ ଅନ୍ତର୍ଗତ ଭୂତଡ଼ା ପଞ୍ଚାୟତର ଅନେକ ଅଞ୍ଚଳରେ ଆଜି ବି ମୌଳିକ ସୁବିଧା ଅପହଞ୍ଚ। ରାସ୍ତା-ଘାଟ ଠାରୁ ଆରମ୍ଭ କରି ଶିକ୍ଷା, ସ୍ୱାସ୍ଥ୍ୟ, ପାନୀୟ ଜଳ ବ୍ୟବସ୍ଥା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି। ବିଶେଷ କରି ପାନୀୟ ଜଳ ପାଇଁ ଲୋକେ ଉହଲବିକଳ ହେବା ସହ ବାଧ୍ୟ ହୋଇ ଚୁଆ କିମ୍ବା ବିଭିନ୍ନ ଖଣିଖାଦାନରୁ ବହି ଆସୁଥିବା ଦୂଷିତ ନାଳି ପାଣି ବ୍ୟବହାର କରୁଥିବା ଦେଖିବାକୁ ମିଳିଛି।

ସୂଚନାଯୋଗ୍ୟ ଯେ, ଆଦିବାସୀମାନଙ୍କୁ ଉନ୍ନତମାନର ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ସରକାର କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। ଖଣି ପ୍ରଭାବିତ ଅଞ୍ଚଳରେ କମ୍ପାନୀ ଡିଏମ୍ଏଫ୍ ପାଣ୍ଠିରୁ ମଧ୍ୟ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। କିନ୍ତୁ ଲହୁଣିପଡ଼ା ବ୍ଲକର ଖଣି ପ୍ରଭାବିତ ଅଞ୍ଚଳର ବିକଳ ଦୃଶ୍ୟ ଯେ କେହି ଦେଖିଲେ ବି ବିଚଳିତ ହୋଇ ପଡ଼ିବ। ଏହି ଅଞ୍ଚଳର ଲୋକେ କେଉଁଠି ପଥର ଫାଟରୁ ବାହାରୁଥିବା ପାଣି ପିଉଛନ୍ତି ତ ଆଉ କେଉଁଠି ଖଣି ଖାଦାନରୁ ବହି ଆସୁଥିବା ନାଳର ଦୂଷିତ ନାଳିପାଣି ସାଜିଛି ଏକମାତ୍ର ସାହାରା। ସୁନ୍ଦରଗଡ଼ ଜିଲ୍ଲାର ଖଣି ବହୁଳ ଶସ୍ୟକେଳା ପଞ୍ଚାୟତ ସହ ଭୂତୁଡ଼ା ପଞ୍ଚାୟତରେ ଦେଖିବାକୁ ମିଳିଛି ଏଭଳି ଅଭାବନୀୟ ଦୃଶ୍ୟ। ଭୂତୁଡା ଗ୍ରାମ ପଞ୍ଚାୟତର ଭୂତୁଡା ଗ୍ରାମବାସୀ ନାଳର ନାଲିଆ ପ୍ରଦୂଷିତ ପାଣି ବ୍ୟବହାର କରୁଥିବା ଘଟଣା ନିଶ୍ଚିତ ଭାବେ ଚିନ୍ତାର ବିଷୟ। ତେବେ ଖରା ଅଧିକ ହେଲେ ପଥରରୁ ପାଣି ବାହାରିବା ବନ୍ଦ ହୋଇଯାଉଛି। ଫଳରେ ଖଣି ଅଞ୍ଚଳରୁ ବୋହି ଆସୁଥିବା ପ୍ରଦୂଷିତ ନିଳିଆ ପାଣିକୁ ଗାଧୁଆପାଧୁଆ ସହ ପିଇବା ଏବଂ ରୋଷେଇରେ ବି ବ୍ୟବହାର କରୁଛନ୍ତି। ଦୈନିକ ହାଣ୍ଡି, ଗରା, ବାଲ୍‌ଟିରେ ଏହି ନାଳ ପାଣି ଭରି ନିଜ ଘରକୁ ନେଉଥିବା ଦେଖିବାକୁ ମିଳିଛି। ସେହିପରି ଲହୁଣୀପଡ଼ା ବ୍ଲକ ଅନ୍ତର୍ଗତ ବରସୁଆ ଅଞ୍ଚଳରେ ବି ସମାନ ଦୃଶ୍ୟ। ନାଲି ପାଣି ଭରା ନାଳରୁ ଗ୍ରାମବାସୀ ପ୍ରଦୂଷିତ ପାଣି ସଂଗ୍ରହ କରୁଛନ୍ତି। କାରୋ ନଦୀ ପଠାରେ ଚୁଆ ତିଆରି କରି ଚୁଆରୁ ପ୍ରଦୂଷିତ ନାଲି ପାଣି ସଂଗ୍ରହ କରୁଛନ୍ତି। ଯେଉଁ ପାଣିକୁ ଦେଖିଲେ ଭୟ ଲାଗୁଛି, ସେହି ପାଣିକୁ ଏମାନେ ଦୈନନ୍ଦିନ ବ୍ୟବହାର କରୁଛନ୍ତି। ଫଳରେ ଉକ୍ତ ଅଞ୍ଚଳର ଅଧିକାଂଶ ଲୋକ ପେଟ ରୋଗରେ ଆକ୍ରାନ୍ତ ହେଉଛନ୍ତି। ଏହି ପାଣିକୁ ଗାଧୁଆପାଧୁଆରେ ବ୍ୟବହାର କରି ଚର୍ମ ରୋଗର ବି ଶୀକାର ହେଉଛନ୍ତି। ପୁରା ବାର ମାସ ଧରି ଅଞ୍ଚଳରେ ଜଳକଷ୍ଟ ଲାଗି ରହିଛି। ବରସୁଆଁ ଅଞ୍ଚଳର ଏଭଳି ସମସ୍ୟା ବର୍ଷ ବର୍ଷର। ଗ୍ରାମବାସୀ ଏହିପରି ଆଇରନ ଏବଂ କାଦୁଅ ମିଶ୍ରିତ ନାଲି ପାଣି ଭରା ନାଳରୁ ପାଣି ନେଉଛନ୍ତି। ସେଇ ଗୋଟିଏ ନାଳରେ ଗାଧୁଆ ଏବଂ ସେଇ ନାଳର ପାଣିକୁ ପିଇବା ପାଇଁ ବ୍ୟବହାର କରିବା ଘଟଣା ସମସ୍ତେ ଜାଣିଥିଲେ ବି କାହାର ନିଘା ନାହିଁ। ଆଦିବାସୀ ଅଧ୍ୟୁଷିତ ଏହି ଅଞ୍ଚଳରେ ଏବେ ବି ବିକାଶ ଅପହଞ୍ଚ।

# ନକଲି ଆଇଏଏସ୍‌ଙ୍କୁ ଧରାଇଲା ସନ୍‌ଗ୍ଲାସ୍ ସଉକ୍



**ଭୁବନେଶ୍ୱର, ୨୬।୬ (ସମିସ):** ନିଜକୁ ଆଇଏଏସ୍ ଅଧିକାରୀର ପରିଚୟ ଦେଉଥିଲେ। ଗାଡ଼ିରେ ସରକାରୀ ଲୋଗୋ ବ୍ୟବହାର କରୁଥିଲେ। ତାଙ୍କ ଅଭିନୟ ଏତେ ପ୍ରତ୍ୟକ୍ଷ ଥିଲା ଯେ ସାଧାରଣ ଲୋକେ ଜାଣି ପାରୁ ନ ଥିଲେ ସେ ଅସଲି କି ନକଲି। ହେଲେ ବାବୁଙ୍କ ସନ୍‌ଗ୍ଲାସ୍ ପିନ୍ଧା ସଉକ୍ ତାଙ୍କୁ ଧରା ପକାଇ ଦେଇଛି। ପୁଲିସ ତାଙ୍କୁ ଗିରଫ କରିଛି। ଅଭିଯୁକ୍ତ ଜଣଙ୍କ ହେଉଛନ୍ତି ବରୋଦା ସୁଦିର୍ ଓ ତାଙ୍କ ଘର ଆନ୍ଧ୍ରପ୍ରଦେଶ ବିଶାଖାପାଟଣା ଅନ୍ତର୍ଗତ ବିଶାଖାଭ୍ୟାଲି ସ୍କୁଲ ନିକଟରେ। ପୁଲିସ ତାଙ୍କଠାରୁ ଗୋଟିଏ ମେଟା ଏଆଇ ଚଷମା ଓ ଏକ ମୋବାଇଲ ଫୋନ୍ ଜବତ କରାଯାଇଛି।

ଜଣେ ଗ୍ରାହକ ଜାଲ ଏନ୍‌ଇଏଫ୍‌ଟି ପେମେଣ୍ଟ କନଫର୍ମେଶନ୍ ଦେଖାଇ ୪୨,୦୦୦ ଟଙ୍କା ମୂଲ୍ୟର ମେଟା ଏଆଇ ଚଷମା ନେଇଥିବା ପୁଲିସ ନିକଟରେ ଅଭିଯୋଗ ହୋଇଥିଲା। ସମ୍ପୃକ୍ତ ବ୍ୟକ୍ତି ନିଜ ମୋବାଇଲ୍‌ରେ ସଫଳ ଏନ୍‌ଇଏଫ୍‌ଟି କାରବାର ହୋଇଥିବା ଦର୍ଶାଇ ଏକ ଘଣ୍ଟା ମଧ୍ୟରେ ବ୍ୟାଙ୍କ ଖାତାରେ ଜମା ହୋଇଯିବ ବୋଲି ଦୋକାନୀଙ୍କୁ କହିଥିଲା। ମାତ୍ର ଏହି ଟଙ୍କା ଦୋକାନୀଙ୍କ ଖାତାକୁ ଆସି ନ ଥିଲା। ଦୋକାନୀ ତାଙ୍କ ସହ ଯୋଗାଯୋଗ କରିବାକୁ ଚେଷ୍ଟା କରିଥିଲେ ହେଁ କୌଣସି ଉତ୍ତର ମିଳି ନ ଥିଲା। ଫଳରେ ଥାନାରେ ଏ ସଂକ୍ରାନ୍ତରେ ଅଭିଯୋଗ ହୋଇଥିଲା। ସନଗ୍ଲାସର ମୂଳ ମୂଲ୍ୟ ୪୨,୦୦୦ ଟଙ୍କା ଥିଲେ ମଧ୍ୟ ରିହାତି ପରେ ୪୧,୮୦୦ ଟଙ୍କାରେ ବିକ୍ରୟ ଇନ୍‌ଭଏସ ଜାରି ହୋଇଥିବା ତଦନ୍ତ ସମୟରେ ଜଣା ପଡ଼ିଥିଲା। ନିଜକୁ ସବକଲେକ୍ଟର ପରିଚୟ ଦେଇ ସମ୍ପୃକ୍ତ ବ୍ୟକ୍ତି ଦୋକାନୀଙ୍କୁ ନିଜର ନିଜର ମୋବାଇଲ୍ ନମ୍ବର ଓ ବ୍ୟବହୃତ ଗାଡ଼ିର ବିବରଣୀ ମଧ୍ୟ ଦେଇଥିଲା। ସେହି ମୋବାଇଲ୍ ନମ୍ବରରେ ପୁଲିସ ବାରମ୍ବାର ଯୋଗାଯୋଗ କରିଥିଲେ ମଧ୍ୟ କୌଣସି ଉତ୍ତର ମିଳି ନ ଥିଲା। ଶେଷରେ ବୈଷୟିକ ଜ୍ଞାନକୌଶଳ ପ୍ରୟୋଗ କରି ପୁଲିସ ଅଭିଯୁକ୍ତକୁ ରାଜମହଲ ଛକରୁ କାବୁ କରିଥିଲେ। ତଦନ୍ତବେଳେ ସମ୍ପୃକ୍ତ ବ୍ୟକ୍ତି ହୋଟେଲ ଶିବାଲିକ୍ ମ୍ୟାନେଜରଙ୍କୁ ମଧ୍ୟ ଅନୁରୂପ ଭାବରେ ଠକିଥିବା ସୂଚନା ମିଳିଛି।

# କଟକ ସିଟି





### ପୁରୁଣା ମାମଲାରେ କମିସନରେଟ୍ ପୁଲିସ ନିରବ

# ରହସ୍ୟ ଘେରରେ ୩ ବୀଭତ୍ସ ହତ୍ୟାକାଣ୍ଡ

**କଟକ,୨୬ ।୬(ସମିସ)**

ଦୀର୍ଘ ବର୍ଷ ହେବ କମିସନରେଟ୍ ପୁଲିସ ପାଇଁ ଚ୍ୟାଲେଞ୍ଜ୍ ହୋଇ ରହିଛି ସହରର ୩ଟି ବୀଭତ୍ସ ହତ୍ୟାକାଣ୍ଡ। ଗତବର୍ଷ କମିସନରେଟ୍ ପୁଲିସ ଢେଙ୍କାନାଳର ରସାଳୋରେ ସର୍ଚ୍ଚ ଅପରେସନ୍ କରି କୁଖ୍ୟାତ ଅପରାଧୀ ତଥା ବହୁଚର୍ଚ୍ଚିତ ହାଡିଆ ହତ୍ୟାକାଣ୍ଡର ମୁଖ୍ୟ ଅଭିଯୁକ୍ତ ଦୀପକ ମଲ୍ଲିକ(୪୦)କୁ ଗିରଫ କରଥିଲା। ୨୦୧୯ ମସିହା ବେଲେଶ୍ୱର ବରିଷ୍ଠ ନାଗରିକ ଦମ୍ପତିଙ୍କୁ ହତ୍ୟା ଘଟଣାରେ ବି ଗତବର୍ଷ ପୁଲିସ ପୂର୍ଣ୍ଣଚ୍ଛେଦ ପକାଇଥିଲା। କିନ୍ତୁ ଏବେ ବି ରହସ୍ୟ ଘେରରେ ୨୦୧୯ ମସିହା ଷ୍ଟୋନ୍‌ମ୍ୟାନ୍ ହତ୍ୟାକାଣ୍ଡ, ୨୦୨୧ ମସିହା ଗଣେଶଘାଟରେ ବୀର ହତ୍ୟାକାଣ୍ଡ ଏବଂ ୨୦୧୬ ମସିହାରେ କାଠଯୋଡି ପଡାରେ ମୁଣ୍ଡବିହୀନ ମହିଳାଙ୍କ ଶବ ମିଳିବ ଘଟଣା। ଏହି ୩ଟି ବୀଭତ୍ସ ହତ୍ୟାକାଣ୍ଡ ଉପରୁ ପରଦା ଉଠି ପାରୁନଥିବା ବେଳେ ତଦନ୍ତରେ ତ୍ରୁଟି ରହିଥିବା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏ ସଂକ୍ରାନ୍ତରେ କମିସନରେଟ୍ ପୁଲିସର ଜଣେ ବରିଷ୍ଠ ପୁଲିସ ଅଧିକାରୀଙ୍କୁ ପ୍ରଶ୍ନ କରିବାରୁ ଜଣାପଡ଼ିଛି, ଗୁରତ୍ୱପୂର୍ଣ୍ଣ ହତ୍ୟାକାଣ୍ଡ ମାମଲାଗୁଡ଼ିକୁ ପୁଲିସ ଗୁରୁତ୍ୱର ସହିତ ତଦନ୍ତ କରିଥାଏ। ହାତଗଣତିରେ କେତୋଟି ମାମଲାରେ ହତ୍ୟାକାରୀ ଚିହ୍ନଟରେ ବିଳମ୍ବ ଘଟିଥାଏ। ମୁଖ୍ୟତଃ ତଦନ୍ତରେ ତ୍ରୁଟି ରହିଲେ ବା ତଦନ୍ତକାରୀ ଅଫିସର କୌଣସି ପ୍ରକାର ଚାପରେ ବଶବର୍ତ୍ତୀ ହେଲେ ଅଭିଯୁକ୍ତ ଗିରଫ ହେବାରେ ବିଳମ୍ବ ଘଟେ।

ପ୍ରାପ୍ତ ସୂଚନା ଅନୁସାରେ, ୨୦୧୬ ମସିହା ନଭେମ୍ବର ୨୩ ତାରିଖରେ ସିଡିଏ ବ୍ରଜବିହାରୀପୁର ନିକଟ କାଠଯୋଡି ନଦୀପଠାରୁ ଜଣେ ମହିଳାଙ୍କ ମୁଣ୍ଡବିହୀନ ଶବ ଫେଜ୍-୨ ଥାନା ପୁଲିସ ଉଦ୍ଧାର କରିଥିଲା। ହତ୍ୟାକାରୀ ମୃତ ମହିଳାଙ୍କ

**ତଦନ୍ତରେ ତ୍ରୁଟି ଓ ବିଭ୍ରାଟକୁ ନେଇ ପ୍ରଶ୍ନବାଚୀ**

ମୁଣ୍ଡ କାଟି ନେଇଥିବା ବେଳେ ପୁଲିସ ଏପର୍ଯ୍ୟନ୍ତ ହତ୍ୟାକାଣ୍ଡର ରହସ୍ୟ ଉନ୍ମୋଚନ କରିପାରିଲା ନାହିଁ। ସେହିପରି ୨୦୨୧ ମସିହା ଡିସେମ୍ବର ୪ ତାରିଖରେ ପୁରୀଘାଟସ୍ଥିତ ଗଣେଶଘାଟ ନିକଟ କାଠଯୋଡି ନଦୀ ପଠାରେ ଦୁର୍ଦ୍ଦାନ୍ତ ବୀର ପାଲ୍‌ର ପୋଡା ଶବକୁ ପୁରୀଘାଟ ଥାନା ପୁଲିସ ଉଦ୍ଧାର କରିଥିଲା। ବୀରର ପୋଡା ଶବକୁ କେହି ବାଲି ଭିତରେ ପୋତି ଦେଇଥିବା ବେଳେ ବୀରକୁ କିଏ ଜୀଅନ୍ତା ଜାଳିଥିଲା, ତାହା ଏବେ ବି ରହସ୍ୟମୟ ହୋଇ ରହିଛି। ୨୦୧୯ରେ ହୋଇଥିବା ବହୁଚର୍ଚ୍ଚିତ ଷ୍ଟୋନ୍‌ମ୍ୟାନ୍ ହତ୍ୟାକାଣ୍ଡର ହତ୍ୟାକାରୀ କିଏ? ପୁଲିସ କହୁଥିବା ଷ୍ଟୋନ୍‌ମ୍ୟାନ୍ ୩ଜଣଙ୍କୁ ସମାନ ତରିକାରେ ହତ୍ୟା କରିଥିଲା। ତନ୍ମଧ୍ୟରୁ ୨ଟି ହତ୍ୟାକାଣ୍ଡର ହତ୍ୟାକାରୀ କହି ପୁଲିସ ଯାହାକୁ ଗିରଫ କରିଥିଲା, ପରବର୍ତ୍ତୀ ସମୟରେ ସେ ହତ୍ୟା ସମୟରେ ତାର ଭୁବନେଶ୍ୱର ସାଲିଆ ସାହିରେ ଥିବା ଭଉଣୀ ଘରେ ଥିବାର ଦୃଶ୍ୟ ସ୍ଥାନୀୟ ସିସିଟିଭିରେ କଏଦ ହୋଇଥିଲା। ପୁଲିସ ତଦନ୍ତରେ ନୟାଗଡର ସନାମୁହିଁର ନାରାୟଣ ସାହୁ ବା ଷ୍ଟୋନମ୍ୟାନ୍‌କୁ ୨ଟି ହତ୍ୟାକାଣ୍ଡର ହତ୍ୟାକାରୀ ସଜାଇ ଗିରଫ କରାଯାଇଥିଲା। ହେଲେ ଆଉ ଜଣେ ମୃତକଙ୍କ ହତ୍ୟାର ରହସ୍ୟ ପଦାକୁ ଆସି ପାରିନାହିଁ। ଏଭଳି ୩ଟି ବହୁଚର୍ଚ୍ଚିତ ହତ୍ୟାକାଣ୍ଡର ସତ୍ୟାସତ୍ୟ ଉନ୍ମୋଚନ କରିବାରେ କମିସନରେଟ୍ ପୁଲିସ ଫେଲ୍ ମାରିଛି। ଗତବର୍ଷ ପୁଲିସ ଦୁଇଟି ବହୁଚର୍ଚ୍ଚିତ ହତ୍ୟାକାଣ୍ଡର ରହସ୍ୟ ଭେଦ କଲା ପରେ ଏବେ ଅନ୍ୟ ୩ଟି ବିଭତ୍ସ ହତ୍ୟାକାଣ୍ଡ ଉପରୁ ପରଦା ହଟିପାରି ନାହିଁ। ସମ୍ପୃକ୍ତ ଥାନା ଅଧିକାରୀ ଓ ତଦନ୍ତକାରୀ ଅଫିସରଙ୍କ ଅବହେଳା ଯୋଗୁଁ ଏହି ହତ୍ୟାକାଣ୍ଡଗୁଡ଼ିକ ରହସ୍ୟ ଭିତରେ ରହିଯିବା ଭଳି ଅଭିଯୋଗ ଉଠିଛି।

## ତିନିଦିନିଆ ଧ୍ୟାନ ଶିବିର



**କଟକ,୨୬ ।୬(ସମିସ):** ଜଗତପୁର ସୁନାଖଳାସ୍ଥିତ ଶୂନ୍ୟସ୍ୱାମୀ ଧ୍ୟାନପୀଠ ଆନୁକୂଲ୍ୟରେ ତିନି ଦିନ ଧରି ଧ୍ୟାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଜୀବନରେ ଧନର ଆବଶ୍ୟକତା ଅଛି ମାତ୍ର ଏ ଧନ ସାମୟିକ ସୁଖ ଦେଇଥାଏ। ମାତ୍ର ଅସଲ ଧନ ହେଉଛି ଧ୍ୟାନ। ବ୍ୟସ୍ତବହୁଳ ଜୀବନରେ ଧ୍ୟାନକୁ ଧନ ରୂପରେ ବାଛିନେଇ ପାର୍ଥୀବ ଧନ ଯୋଗାଡ଼ରେ ଲାଗିଲେ ମଣିଷ ବାଟବଣା ହୋଇପାରିବ ନାହିଁ। ନିଜକୁ ନିଜର ଆୟତ୍ତାଧୀନ ରଖିପାରିବ। ଏକ ସୁସ୍ଥ ମନ ଓ ଜୀବନ ପାଇଁ ଧ୍ୟାନ ଏକ ଶ୍ରେଷ୍ଠ ମାଧ୍ୟମ ବୋଲି ଗୁରୁଜୀ ଡକ୍ଟର ବିବୁଧରଂଜନଶ୍ରଦ୍ଧାଳୁ ଶିବିରାର୍ଥୀମାନଙ୍କୁ କହିବା ସହିତ ଧ୍ୟାନର ପ୍ରକ୍ରିୟା, ବିଧି ଓ ବିଭିନ୍ନ କ୍ରିୟା ସମ୍ପର୍କରେ ଶିକ୍ଷା ଦାନ କରିଥିଲେ। ଶ୍ରଦ୍ଧାଳୁମାନଙ୍କ ଭିତରେ ଥିବା ବିଭିନ୍ନ ବିଷୟକ ଶଙ୍କାକୁ ସମାଧାନ କରିବାସହିତ ଭବିଷ୍ୟ ଜୀବନର ପନ୍ଥା ନିର୍ଦ୍ଧାରଣ ପାଇଁ ମଧ୍ୟ ପରାମର୍ଶ ଦେଇଥିଲେ। ଆଗାମୀ ସମୟରେ ବିଦ୍ୟାଳୟ ସ୍ତରରେ ମଧ୍ୟ ଧ୍ୟାନ ଶିକ୍ଷା ପାଇଁ ସୁଯୋଗ ଦିଆଯିବା ଉଚିତ୍ ବୋଲି ଶ୍ରଦ୍ଧାଳୁମାନେ ନିବେଦନ କରିଥିଲେ।

### ୩ ନିଶା ବେପାରୀ ଗିରଫ

## ସାଢ଼େ ୬ ଲକ୍ଷ ଟଙ୍କାର ନିଶା ସାମଗ୍ରୀ ଜବତ

**କଟକ,୨୬ ।୬(ସମିସ):** ଅବକାରୀ ବିଭାଗର ସ୍କ୍ୱାଡ୍ ସହରର ବିଭିନ୍ନ ସ୍ଥାନରେ ଚଢଉ କରି ୩ ଜଣ ନିଶା ବେପାରୀଙ୍କୁ ଗିରଫ କରିଛି। ସେମାନଙ୍କ ପାଖରୁ ମୋଟ ସାଢେ ୬ ଲକ୍ଷ ଟଙ୍କାର ନିଶାଦ୍ରବ୍ୟ ଜବତ ହୋଇଛି। ସମସ୍ତ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଛି। ଜାତୀୟ ରାଜପଥରେ ନିଶାଦ୍ରବ୍ୟ କାରବାର ସମ୍ପର୍କରେ ସୂଚନା ପାଇ କେନ୍ଦ୍ରାଞ୍ଚଳ ଅବକାରୀ ଗୁଇନ୍ଦା ବିଭାଗ ପର୍ଯ୍ୟାୟକ୍ରମେ ବାଲିକୁଦା ଛକ ଏବଂ ଜଗତପୁର ଗୋଲେଇ ଛକରେ ଚଢ଼ଉ କରିଥିଲା। ଉକ୍ତ ୨ଟି ସ୍ଥାନରୁ ପଶ୍ଚିମବଙ୍ଗର ଦୁଇ ଜଣ ନିଶା ବେପାରୀ ଧରାପଡିଥିଲେ। ଅଭିଯୁକ୍ତଦ୍ୱୟ ହେଲେ ପଶ୍ଚିମବଙ୍ଗର ପ୍ରଦୀପ ମଣ୍ଡଳ(୪୫) ଓ ତନ୍ମୟ ଗାୟେନ(୨୦)। ଏମାନଙ୍କ ପାଖରୁ ମୋଟ ୩୩ କିଲୋ ଓଜନର ଗଞ୍ଜେଇ ଜବତ ହୋଇଛି। ଯାହାର ମୂଲ୍ୟ ପ୍ରାୟ ୩୩ ହଜାର ଟଙ୍କା ହେବ। ଏମାନେ ଓଡିଶାରୁ ପଶ୍ଚିମବଙ୍ଗକୁ ଗଞ୍ଜେଇ ଚାଲାଣ କରୁଥିଲେ। ଅବକାରୀ ଉପଅଧୀକ୍ଷକ ବିକାଶ ନାୟକଙ୍କ ତତ୍ତ୍ୱାବଧାନରେ ଇନ୍ସପେକ୍ଟର ଅବନୀ ମହାପାତ୍ର, ଏସଆଇ ସୌମ୍ୟରଞ୍ଜନ ମାଝୀ, ଏଏସଆଇ କିଶୋରଚନ୍ଦ୍ର ରାଉତ, କନଷ୍ଟେବଳ ସତ୍ୟବ୍ରତ ସାହୁ, ମାନସ ରଞ୍ଜନ ବେହେରା ପ୍ରମୁଖ ଚଢଉରେ ସାମିଲ ଥିଲେ। ସେହିପରି ସଦର ରେଞ୍ଜ ଅବକାରୀ ଥାନା ଟିମ ଶୁକ୍ରବାର ସକାଳ ୯ଟାରେ କଳାବିକାଶ କେନ୍ଦ୍ର ସମ୍ମୁଖରେ ଚଢଉ କରିଥିଲା। ସେଠାରୁ ଅଭିଯୁକ୍ତ ଏମ. ଶିବା(୩୫) ଧରାପଡିଥିଲା। ତା' ପାଖରୁ ୬୨ ଗ୍ରାମ ବ୍ରାଉନସୁଗର ଜବତ ହୋଇଛି। ଯାହାର ମୂଲ୍ୟ ପ୍ରାୟ ୬ ଲକ୍ଷ ୨୦ ହଜାର ଟଙ୍କା ହେବ। ଇନ୍ସପେକ୍ଟର କମଳଲୋଚନ ପାଇକରାୟ, ତରୁଣ ପାତ୍ର, ସୁନିତା ଏଣ୍ଡ, ବିଷ୍ଣୁପ୍ରସାଦ ମାଝୀ, ଦୀପକ ସାହୁ, ପ୍ରେମାଞ୍ଜଳି ତିର୍କି, ରମାକାନ୍ତ ରାଉତ, ସୌରଜିତ ମହାପାତ୍ର, ଆଶିଷ କୁମାର ଦାସ ପ୍ରମୁଖ ଚଢଉରେ ସାମିଲ ଥିଲେ।

## ଅଜଣା ଗାଡ଼ି ଧକ୍କାରେ ସାଇକଲ ଆରୋହୀଙ୍କ ମୃତ୍ୟୁ

**ମଙ୍ଗୁଳି, ୨୬।୬(ସମିସ):** ମଙ୍ଗୁଳି ଛକ ନିକଟସ୍ଥ ୫୫ ନମ୍ବର ଜାତୀୟ ରାଜପଥର ଚାଉଳିଆ ପୋଲ ନିକଟରେ ଶୁକ୍ରବାର ସକାଳେ ଏକ ଦୁର୍ଘଟଣାରେ ଜଣେ ସାଇକଲ ଆରୋହୀଙ୍କ ମୃତ୍ୟୁ ଘଟିଛି। ପଛପଟୁ ଆସୁଥିବା ଏକ ଅଜଣା ଟ୍ରକ ଧକ୍କା ଦେବାରୁ ସେ ଘଟଣାସ୍ଥଳରେ ପ୍ରାଣ ହରାଇଥିଲେ। ମୃତକ ହେଲେ ଚୌଦ୍ୱାର ମଙ୍ଗଳାସାହିର ଗଗନ ସାହୁ (୫୭)। ସେ ପେସାରେ ଟ୍ରକରେ ଗ୍ରୀସ୍ ମାରିବା କାମ କରୁଥିଲେ। ପ୍ରତିଦିନ ପରି ଶୁକ୍ରବାର ସକାଳେ ସାଇକଲରେ ଟିଫିନ୍ ଓ ଗ୍ରୀସ୍ ଡବା ନେଇ ମଙ୍ଗୁଳି ଅଭିମୁଖେ ଯାଉଥିଲେ। ଚାଉଳିଆ ପୋଲ ନିକଟରେ ପହଞ୍ଚିବା ବେଳେ ପଛପଟୁ ଦ୍ରୁତଗତିରେ ଆସୁଥିବା ଏକ ଅଜଣା ଟ୍ରକ ତାଙ୍କୁ ଧକ୍କା ଦେଇ ପ୍ରାୟ ୫ ଫୁଟ ପର୍ଯ୍ୟନ୍ତ ଘୋଷାଡ଼ି ନେଇଯାଇଥିଲା। ଫଳରେ ସେ ଘଟଣାସ୍ଥଳରେ ହିଁ ପ୍ରାଣ ହରାଇଥିଲେ। ଖବର ପାଇ ମୃତକଙ୍କ ସ୍ତ୍ରୀ, ଝିଅ ଓ ପୁଅ ଘଟଣାସ୍ଥଳରେ ପହଞ୍ଚି ପୁଲିସକୁ ସୂଚନା ଦେଇଥିଲେ। ଚୌଦ୍ୱାର ଥାନା ପୁଲିସ ପହଞ୍ଚି ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ କଟକ ବଡ଼ ମେଡିକାଲକୁ ପଠାଇଥିଲା। ଘଟଣାସ୍ଥଳରୁ ମୃତକଙ୍କ ସାଇକଲକୁ ମଧ୍ୟ ଜବତ କରାଯାଇଛି। ଫେରାର ଟ୍ରକକୁ ଚିହ୍ନଟ ପାଇଁ ଘଟଣାର ତଦନ୍ତ ଜାରି ରହିଛି।

## ସତୀଚଉରା ଛକରେ ଦୁର୍ଘଟଣା; ଜଣେ ଆହତ

**କଟକ, ୨୬।୬(ସମିସ):** ସତୀଚଉରା ଛକରେ କାର୍ ଧକ୍କାରେ ଜଣେ ଗୁରୁତର ଆହତ ହୋଇଛନ୍ତି। ଦୁର୍ଘଟଣା ପରେ ସ୍ଥାନୀୟ କିଛି ଲୋକ କାର୍‌କୁ ଘେରିଯାଇଥିଲେ। ଏପରିକି ପରିସ୍ଥିତିକୁ ଆୟତ୍ତ କରିବା ସମୟରେ କାର୍‌ଟି ଘଟଣାସ୍ଥଳରୁ ଚମ୍ପଟ ମାରିଛି। ଆହତଙ୍କୁ ସ୍ଥାନୀୟ ହାସପାତାଳରେ ଭର୍ତ୍ତି କରାଯାଇଥିବାବେଳେ କାର୍‌କୁ ଠାବ କରିବା ଲାଗି ପୁଲିସ ସିସିଟିଭି କ୍ୟାମେରା ଫୁଟେଜ ଯାଞ୍ଚ ଚଳାଇଛି।

ଆଜି ରାତିପ୍ରାୟ ସାଢ଼େ ୯ଟା ସମୟରେ ଏକ କାର ଅତି ଦ୍ରୁତ ଗତିରେ ସତୀଚଉରା ଛକ ବୁଲି ମର୍କତନଗର ଆଡକୁ ଯିବା ସମୟରେ ଜଣେ ବ୍ୟକ୍ତିଙ୍କୁ ଧକ୍କା ଦେଇଥିଲା। ଫଳରେ ବ୍ୟକ୍ତିଜଣକ ଦୂରକୁ ଛିଟିକି ପଡି ଗୁରୁତର ଆହତ ହୋଇଥିଲେ। ଏହି ଘଟଣାକୁ ନେଇ ସ୍ଥାନୀୟ ଲୋକେ ଉତ୍ତ୍ୟକ୍ତ ହୋଇ କାର୍‌କୁ ଘେରିଯାଇଥିଲେ। ଏହାପରେ ଚାଳକକୁ ଆକ୍ରମଣ ଉଦ୍ୟମ କରିବା ସମୟରେ ପୁଲିସ ସେଠାରେ ପହଞ୍ଚି ଯାଇଥିଲା। ପୁଲିସ ଉତ୍ତ୍ୟକ୍ତ ଲୋକଙ୍କୁ ବୁଝାସୁଝା କରୁଥିବାବେଳେ ଏହାର ସୁଯୋଗ ନେଇ ଚାଳକଜଣକ କାର୍‌ନେଇ ଚମ୍ପଟ ମାରିଛନ୍ତି। ପୁଲିସ ଆହତ ବ୍ୟକ୍ତିଙ୍କୁ ଉଦ୍ଧାର କରି ଏସ୍‌ସିବି ପଠାଇଛି। ଆହତ ବ୍ୟକ୍ତିଙ୍କ ପରିଚୟ ମିଳିପାରିନାହିଁ। ଅନ୍ୟପକ୍ଷରେ ଦୁର୍ଘଟଣା ଘଟାଇଥିବା କାର୍‌ରେ ଚାଳକକୁ ମିଶାଇ ୩ରୁ ଅଧିକ ଥିବାବେଳେ ସମସ୍ତେ ନିଶାସକ୍ତ ଅବସ୍ଥାରେ ଥିଲେ ବୋଲି ଲୋକେ ଅଭିଯୋଗ କରିଛନ୍ତି।

## ଦୁର୍ଘଟଣାରେ ଯୁବକ ଗୁରୁତର

**କଟକ,୨୬ ।୬(ସମିସ):** ଫେଜ୍-୨ ଥାନା ଅନ୍ତର୍ଗତ ନରାଜ ରାସ୍ତାରେ ଆଜି ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ଜଣେ ଯୁବକ ଗୁରୁତର ଆହତ ହୋଇ ଏସ୍‌ସିବିରେ ଚିକିତ୍ସିତ ହେଉଛନ୍ତି। ଯୁବକଙ୍କ ନାଁ ଆଲୋକ ରଞ୍ଜନ ଦାସ ହୋଇଥିବା ବେଳେ ସେ ମର୍କତନଗର ସେକ୍ଟର-୬ଅଞ୍ଚଳରେ ରୁହନ୍ତି। ସୂଚନା ଅନୁସାରେ, ଆଲୋକ ବାରିପଦାର ଏକ ଘରୋଇ କମ୍ପାନୀର ଇଞ୍ଜିନିୟର ଭାବେ କାର୍ଯ୍ୟ କରନ୍ତି। ସେ ବ୍ୟକ୍ତିଗତ କାର୍ଯ୍ୟ କାରଣରୁ ଅଫିସ ନଯାଇ ସନ୍ଧ୍ୟା ସମୟରେ ନରାଜ ଆଡକୁ ବୁଲିବା ପାଇଁ ନିଜ ବାଇକ୍‌ରେ ଯାଇଥିଲେ। ଏକ ମାଲବୋଝେଇ ଟ୍ରାକ୍ଟର ତାଙ୍କୁ ଏନ୍‌ଏଲ୍‌ୟୁ ଫାଟକ ନିକେଟରେ ପଛପଟୁ ଧକ୍କା ଦେଇଥିଲା। ତାଙ୍କ ମୁଣ୍ଡରେ ହେଲେମେଟ୍ ନଥିବାରୁ ରାସ୍ତାରେ ତାଙ୍କ ମୁଣ୍ଡ ମାଡ଼ ହୋଇ ପ୍ରବଳ ରକ୍ତସ୍ରାବ ହୋଇଥିଲା। ସେ ଘଟଣାସ୍ଥଳରେ ବେହୋସ୍ ହୋଇଯାଇଥିଲେ। ସ୍ଥାନୀୟ ଲୋକ ଆଲୋକଙ୍କୁ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ ଏସ୍‌ସିବି ପଠାଇଥିଲେ। ଦୁର୍ଘଟଣା ଘଟାଇ ଟ୍ରାକ୍ଟର ଡ୍ରାଇଭର୍ ଫେରାର୍ ହୋଇଯାଇଥିବା ଜଣାପଡ଼ିଛି।

## ସର୍ବସାଧାରଣ ଶୌଚାଳୟ କାର୍ଯ୍ୟ ବନ୍ଦ କାହା ସ୍ୱାର୍ଥରେ?

**ଫୁଲନଖରା, ୨୬।୬ (ସମିସ):** ସିଏମ୍‌ସି ୫୯ନଂ ୱାର୍ଡ ଅନ୍ତର୍ଗତ ଫୁଲନଖରା ବଜାର ଉପରେ ନୂତନ ଭାବରେ ନିର୍ମାଣାଧୀନ ସର୍ବସାଧାରଣ ଶୌଚାଳୟକୁ ଦୀର୍ଘ ଦିନ ହେବ ବନ୍ଦ କରିଦିଆଯାଇଛି। ଜନସାଧାରଣଙ୍କ ସ୍ୱାର୍ଥ ଦୃଷ୍ଟିରୁ ଆଜି ଅପରାହ୍ନରେ ସ୍ଥାନୀୟ କର୍ପୋରେଟର ମମତା ମହାନ୍ତିଙ୍କ ପୌରୋହିତ୍ୟରେ ଫୁଲନଖରା ବଜାର କମିଟିର ସଭାପତି କିଶୋରଚନ୍ଦ୍ର ବରାଳ, ସମାଜସେବୀ ସ୍ୱାଧୀନଚେତା ମହାନ୍ତି, ଯୁବ ସମାଜସେବୀ ପ୍ରଶାନ୍ତ କୁମାର ଦଳାଇ, ବସ୍ତି ମହିଳାଙ୍କ ପ୍ରତିନିଧି ସସ୍ମିତା ଭୋଇ ପ୍ରମୁଖ ଏକ ପ୍ରେସ୍‌ମିଟ୍ ଜରିଆରେ ଉକ୍ତ ଶୌଚାଳୟକୁ କାହା ସ୍ୱାର୍ଥରେ କାର୍ଯ୍ୟକୁ ବନ୍ଦ କରାଯାଇଛି ବୋଲି ପ୍ରକାଶ କରିବା ସହିତ ତୁରନ୍ତ ବିଭାଗୀୟ କର୍ତ୍ତୃପକ୍ଷ ଉକ୍ତ ଜମିକୁ ଚିହ୍ନଟ କରି ନିର୍ମାଣାଧୀନ କାର୍ଯ୍ୟକୁ ସଂପୂର୍ଣ୍ଣ କରିବାରେ ସହାୟତା କରିବା ପାଇଁ ଦାବି ଜଣାଇଛନ୍ତି। ପ୍ରକାଶ ଥାଉ କି, ଉକ୍ତ ବଜାରରେ ପ୍ରତ୍ୟହ ଦୂର ଯାତ୍ରୀମାନେ ଆସି ବିଭିନ୍ନ ସ୍ଥାନକୁ ଯିବାଆସିବା କରିଥାନ୍ତି। କଲିକତା, ବିହାର, ଛତିଶଗଡ, ରାଉରକେଲା, ରାୟପୁର ଆଦି ବିଭିନ୍ନ ସ୍ଥାନରୁ ଭୋର ୫ଟା ସମୟରେ ପରିବାର ସହ ଯାତ୍ରୀମାନେ ବସ୍‌ରୁ ଓହ୍ଲାଇ ଅଡଶପୁର, ନିଆଳି, କାକଟପୁର ଓ ଅସ୍ତରଙ୍ଗ ପର୍ଯ୍ୟନ୍ତ ଯିବାପାଇଁ ଫୁଲନଖରା ଛକରେ ଦୀର୍ଘ ସମୟ ଅପେକ୍ଷା କରିଥାଆନ୍ତି। ଉକ୍ତ ଜନଗହଳିପୂର୍ଣ୍ଣ ସ୍ଥାନରେ କୌଣସି ଶୌଚାଳୟ ନଥିବାରୁ ଯାତ୍ରୀମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହୋଇଥାଆନ୍ତି। ଏହିଭଳି ଅସୁବିଧାକୁ ସୁଧାରିବା ପାଇଁ ବିଭିନ୍ନ ସମୟରେ ଶୌଚାଳୟ ନିର୍ମାଣ ନିମନ୍ତେ ଫଳକ ମରାଯାଇଥିଲେ ସୁଦ୍ଧା ତାହା କାର୍ଯ୍ୟକାରୀ ହୋଇ ପାରିନଥିଲା। ସର୍ବସାଧାରଣଙ୍କ ସୁବିଧା ନିମନ୍ତେ ଏକ ଶୌଚାଳୟ ନର୍ମାଣ ପାଇଁ ବିଭିନ୍ନ ସମୟରେ ଅଞ୍ଚଳବାସୀଙ୍କ ଦ୍ୱାରା ଦାବି ହୋଇଆସୁଥିଲା। ଚଳିତ ବର୍ଷ ଫୁଲନଖରା ଛକ ନିକଟସ୍ଥ ୧୬ନଂ ଜାତୀୟ ରାଜପଥ ପାଶ୍ୱର୍ସ୍ଥ ପୂର୍ତ୍ତ ବିଭାଗ ଅଧୀନସ୍ଥ ଖାତା ନଂ ୩୬୧, ପ୍ଲଟ୍ ନଂ ୬୭୭ଉପରେ ଏକ ସର୍ବସାଧାରଣ ଶୌଚାଳୟ ନିମନ୍ତେ କଟକ ମହାନଗର ନିଗମ ପକ୍ଷରୁ ଟେଣ୍ଡର ବିଜ୍ଞପ୍ତି ପ୍ରକାଶ କରାଯାଇ ଚିଠି ନଂ ୪୧୬ (ପିଡବ୍ଲ୍ୟୁ) ୯.୧.୨୦୨୬ରେ ସତ୍ୟରଞ୍ଜନ ଲେଙ୍କାଙ୍କ ନାମରେ ୨୧ଲକ୍ଷ ୫୪ଲକ୍ଷ ଟଙ୍କାର କାର୍ଯ୍ୟାଦେଶ ଦିଆଯାଇଥିଲା। ଉକ୍ତ ପ୍ଲଟ୍‌ଟି ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ ହୋଇଥିବାରୁ ଜାତୀୟ ରାଜପଥ ପ୍ରାଧିକରଣ, ଭାରତ ପକ୍ଷରୁ ଚିଠି ନଂ୬୬୫/୨୪.୪.୨୬ରେ ଉକ୍ତ ସ୍ଥାନରେ ସର୍ବସାଧାରଣ ଶୌଚାଳୟ ନିର୍ମାଣ ନିମନ୍ତେ ଏନ୍‌ଓସି ପ୍ରଦାନ କରାଯାଇଥିଲା। ଶୌଚାଳୟ କାର୍ଯ୍ୟ ଦ୍ରୁତ ଗତିରେ ଚାଲିଥିବା ବେଳେ ପୂର୍ତ୍ତ ବିଭାଗର ଉକ୍ତ ଜମିକୁ ଲାଗି ବନ୍ଧଛଡା ମୌଜାର ପ୍ଲଟ୍ ନଂ ୬୮୦ରେ ୦.୦୩ ଡିସିମିଲ୍ ଜମିକୁ ମଡାଇ ଉକ୍ତ ଶୌଚାଳୟ ନିର୍ମାଣ କରାଯାଉଛି ବୋଲି ଏକ ମଣ୍ଡପର ମାଲିକ କୋର୍ଟର ଆଶ୍ରୟ ନେଇଥିଲେ। କୋର୍ଟ ଡବ୍ଲୁପି(ସି) ନଂ ୧୪୫୩୫/୧୧.୦୫.୨୬ରେ ଉକ୍ତ ନିର୍ମାଣ କାର୍ଯ୍ୟକୁ ସ୍ଥଗିତ ରଖିଥିଲେ। ଉକ୍ତ ମଣ୍ଡପଟି ଫୁଲନଖରା-ନିଆଳି ୧୬ ନଂ ରାଜ୍ୟ ରାଜପଥକୁ ସଂଯୋଗ କରୁଛି। ତେବେ, ରାଜପଥରୁ ସିଧାସଳଖ ଉକ୍ତ ମଣ୍ଡପକୁ ମୁଖ୍ୟ ବାଟ ରହିଥିବା ବେଳେ କୋର୍ଟକୁ ଭୁଲ୍ ତଥ୍ୟ ଦିଆଯାଇ ଭ୍ରମିତ କରାଯାଇଥିବା ଅଭିଯୋଗ ହୋଇଛି। ଆସନ୍ତା ଶ୍ରାବଣ ମାସ ପୂର୍ବରୁ ଉକ୍ତ ନିର୍ମାଣ କାର୍ଯ୍ୟ ସଂପୂର୍ଣ୍ଣ ହେଲେ ବିଭିନ୍ନ ସ୍ଥାନରୁ ପାଣିଭାର ନେଇ ଭୁବନେଶ୍ୱର, ପୁରୀ ଓ ନୟାଗଡ ଯାଉଥିବା ଭକ୍ତଙ୍କ ଦୁଃଖ ଦୂର ହେବ ବୋଲି ସ୍ଥାନୀୟ ବୁଦ୍ଧିଜୀବୀ ଆଶା ବ୍ୟକ୍ତ କରିଛନ୍ତି।

## ଫଳ ଦୋକାନରୁ ଚୋରି

**କଟକ,୨୬ ।୬(ସମିସ):** ବିଡ଼ାନାସୀ ଥାନା ଅନ୍ତର୍ଗତ କୃଷକ ବଜାର ନିକଟରେ ଥିବା ଏକ ଅସ୍ଥାୟୀ ଫଳ ଦୋକାନରୁ ପୁଣି ଥରେ ଗତକାଲି ଦୁର୍ବୃତ୍ତମାନେ ଚୋରି କରି ନେଇଛନ୍ତି। ଏଥିସହିତ ଦୋକାନ ବାହାରେ ଥିବା କିଛି ମୂଲ୍ୟବାନ କାଠପଟାକୁ ନେଇଯାଇଛନ୍ତି। ଦୋକାନ ମାଲିକ ସୀତାଂଶୁ ଗଡ଼ନାୟକ ଘଟଣା ସମ୍ପର୍କରେ ଜାଣିବା ପରେ ଥାନାରେ ଏତଲା ଦେଇଥିଲେ। ଏହାପରେ ପୁଲିସ ସିସି କ୍ୟାମେରା ଯାଞ୍ଚ କରିବା ସହିତ ତଦନ୍ତ ଚଳାଇଛି। ପୁଲିସ ସୂଚନା ଅନୁସାରେ, ଗତକାଲି ବିଳମ୍ବିତ ରାତିରେ ଦୁର୍ବୃତ୍ତମାନେ କୃଷକ ବଜାର ଭିତରେ ଅନ୍ୟ ଏକ ଦୋକାନ କବାଟ ତାଡ଼ିବାକୁ ଚେଷ୍ଟା କରିଥିଲେ। ସେଠାରୁ ବିଫଳ ହେବା ପରେ ସୀତାଂଶୁଙ୍କ ଫଳ ଦୋକାନ ତାଲକୁ ଖୋଲି ୫୦ହଜାର ଟଙ୍କାର ଫଳ ଓ ଅନ୍ୟାନ୍ୟ ସାମଗ୍ରୀ ଚୋରି କରି ନେଇଛନ୍ତି।

### ଜିଲ୍ଲାସ୍ତରୀୟ ନିଶା ଅପବ୍ୟବହାର ଓ ଅବୈଧ କାରାବାର ନିରୋଧ ଦିବସ

## ଗଡ଼ିଲା ନିଶାମୁକ୍ତି ରଥ



**କଟକ,୨୬ ।୬(ସମିସ):** ଜିଲ୍ଲା ପ୍ରଶାସନ ପକ୍ଷରୁ ଜିଲ୍ଲା ସାମାଜିକ ସୁରକ୍ଷା ଓ ଅବକାରୀ ବିଭାଗର ମିଳିତ ସହଯୋଗରେ ଆଜି ଜିଲ୍ଲାସ୍ତରୀୟ "ଅନ୍ତର୍ଜାତୀୟ ନିଶା ଅପବ୍ୟବହାର ଏବଂ ଅବୈଧ କାରବାର ନିରୋଧ ଦିବସ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଏକ ନିଶା ମୁକ୍ତି ରଥ କଟକ ସଦର ଉପଜିଲ୍ଲାପାଳ ଦିବ୍ୟଜ୍ୟୋତି ସ୍ମୃତିରଞ୍ଜନ ଦେଓ ଓ ଅନ୍ୟାନ୍ୟ ଅତିଥିଙ୍କ ଉପସ୍ଥିତିରେ ଶୁଭାରମ୍ଭ କରାଯାଇଥିଲା। ଜିଲ୍ଲାପାଳଙ୍କ ନୂତନ ସଭାଗୃହରେ ନିଶାରୁ ମୁକ୍ତି ନିମନ୍ତେ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଥିଲା। ଜିଲ୍ଲାରେ କାର୍ଯ୍ୟରତ ଚାରିଟି ନିଶାମୁକ୍ତି କେନ୍ଦ୍ର ପିଇସିୟୁସି ଡାହାଳିଆବାଗ, ଗ୍ରାମ୍ୟ ସହାୟ, ହରିରାଜପୁର, ଓକେଭିଆଇଏ ମଧୁପୁରିଆ, ଏନଆଇସିସିଡି ବାଙ୍କି ଓ ପରିବର୍ତ୍ତନ ଚୌଦ୍ୱାରର ଅନ୍ତେବାସୀ ଏବଂ ଅବକାରୀ ବିଭାଗ ଓ ପ୍ରଜାପିତା ବ୍ରହ୍ମାକୁମାରୀ ସଦସ୍ୟବୃନ୍ଦ ଉକ୍ତ ସଭାରେ ଭାଗ ନେଇଥିଲେ। ଭେଷଜ ବିଶେଷଜ୍ଞ ଡାକ୍ତର ପ୍ରଫେସର ଜୟନ୍ତ ପଣ୍ଡା, ବ୍ରହ୍ମାକୁମାରୀର ଗୀତା ଭଉଣୀ, ଅବକାରୀ ଅଧୀକ୍ଷକ କରୁଣାକର ସିଂହ ତିୱାରୀ, ଜିଲ୍ଲା ସମାଜ ସୁରକ୍ଷା ଅଧିକାରୀ ମନୋଜ ରଥ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ଅବସରରେ ନିଶାରୁ ମୁକ୍ତି ରହିବା ନିମନ୍ତେ ଏକ ଶପଥ ପାଠ ଗ୍ରହଣ କରାଯାଇଥିଲା। ଏହାପରେ "ରକ୍ତ ଚରିତ୍ର' ନାମରେ ଏକ ନୃତ୍ୟ ପରିବର୍ତ୍ତନ ନିଶାମୁକ୍ତି କେନ୍ଦ୍ରର ପିଲାଙ୍କ ଦ୍ୱାରା ପରିବେଷଣ କରାଯାଇଥିଲା। ଅବକାରୀ ବିଭାଗର କମଳ ଲୋଚନ ପାଇକରାୟ ଧନ୍ୟବାଦ ଦେଇଥିଲେ।

## କଟକ-ଚୌଦ୍ୱାର କଂଗ୍ରେସର ସମନ୍ୱୟ କମିଟି ଗଠନ

**କଟକ, ୨୬।୬ (ସମିସ):** କଟକ ଚୌଦ୍ୱାର ନିର୍ବାଚନମଣ୍ଡଳୀ ଅନ୍ତର୍ଗତ କଟକ ନଗର ସଂଗଠନରେ ଯାଉଥିବା ୨୧ଟି ୱାର୍ଡକୁ ନେଇ କଟକ ନଗର କଂଗ୍ରେସ ପକ୍ଷରୁ ସଭାପତି ଶାନ୍ତାୟନ ମିଶ୍ର ଏକ ସମନ୍ୱୟ କମିଟି ଗଠନ କରିଛନ୍ତି। ଏହି କମିଟିରେ ୫ଜଣ ମୁଖ୍ୟ ସଂଯୋଜକ ଥିବାବେଳେ ବାକି ୧୬ ଜଣ ସଦସ୍ୟ ରହିଛନ୍ତି। ଏହି କମିଟିରେ ଅଭିଜ୍ଞତା ଓ ଦକ୍ଷତାକୁ ଆଧାର କରି ୫ଜଣ ମୁଖ୍ୟ ସଂଯୋଜକ ଭାବେ ମାନସ ପରିଡ଼ା, ହରିଶଙ୍କର ରାଉତ୍, ଉତ୍ତମ ବେହେରା, ସୁକାନ୍ତ ସାହାଣୀ ଓ ଅଲେଖଚନ୍ଦ୍ର ବେହେରା ରହିଥିବା ବେଳେ ସଦସ୍ୟ ଭାବରେ ବିଷ୍ଣୁଚରଣ ମଲ୍ଲ, ନିରଞ୍ଜନ ଦାସ, ସ୍ନେହଲତା ଚୌଧୁରୀ, ଦିଲ୍ଲୀପ ଦଳାଇ, ଜ୍ଞାନେଶ୍ୱ ନାୟକ, ସୁନୀଲ ପଣ୍ଡା, ପ୍ରଶାନ୍ତ ଭୋଇ, ଅଶୋକ ନାୟକ, ସଚ୍ଚିଦାନନ୍ଦ ରାଉତ, ପ୍ରଦୀପ ପ୍ରଧାନ, ପ୍ରକାଶ ମୁଦୁଲି, ଜଗନ୍ନାଥ ସିହ୍ନା, ଦୀପକ ସାହୁ, ଶଶିଭୂଷଣ ଦଳାଇ, ଲିପୁଲ୍ ରାଉତ୍ ଓ ସୌମ୍ୟରଞ୍ଜନ ଛାଟୋଇ ପ୍ରମୁଖ ରହିଛନ୍ତି।

## ଷ୍ଟେସନ୍‌ରୁ ନାବାଳକ ଉଦ୍ଧାର

**କଟକ,୨୬ ।୬(ସମିସ):** କଟକ ରେଳଷ୍ଟେସନ୍‌ରୁ ଆଜି ଜଣେ ନାବାଳକକୁ ଆରପିଏଫ୍ ସ୍କ୍ୱାଡ୍ ଉଦ୍ଧାର କରିଛି। ନାବାଳକର ଘର ବିହାର ହୋଇଥିବା ବେଳେ ତା' ବିନୋଦ କୁମାର ବୋଲି ଜଣାପଡ଼ିଛି। ଆଜି ସନ୍ଧ୍ୟାରେ ବିନୋଦ ୧ନମ୍ବର ପ୍ଲାଟଫର୍ମରେ ସନ୍ଦେହଜନକଭାବେ ଘୁରି ବୁଲୁଥିଲା। ଆରପିଏଫ୍ ସ୍କ୍ୱାଡ୍ ତାକୁ ନେଇ ପଚରାଉଚରା କଲା ବେଳେ ସେ ଘରୁ ରାଗି ପଳାଇ ଆସିଥିବା ପ୍ରକାଶ କରିଥିଲା। ତାକୁ ଆରପିଏଫ୍ ପୋଷ୍ଟ୍‌କୁ ନିଆଯାଇଥିଲା। ତା' ପରିବାର ସହିତ ଯୋଗଯୋଗ କରାଯାଇଛି। ଆସନ୍ତାକାଲି ପରିବାର ସଦସ୍ୟ ଏଠାରେ ପହଞ୍ଚିବା ପରେ ଉପଯୁକ୍ତ ପ୍ରମାଣପତ୍ର ଦେଖାଇ ନାବାଳିକକୁ ନେବେ ବୋଲି ଜଣାପଡ଼ିଛି।

### କମି କମି ଯାଉଛି ଜିଲ୍ଲାରେ ଖରିଫ ଧାନ ଚାଷ

# ୬ ବର୍ଷରେ ୬ ହଜାର ହେକ୍ଟର ଜମିରେ ଚାଷ କମିଲାଣି

**କଟକ,୨୬ ।୬(ସମିସ)**

କଟକ ଜିଲ୍ଲାରେ ଖରିଫ ଧାନ ଚାଷ ଯେତିକି ଜମିରେ ହେଉଥିଲା ତାହା କମିଛି। ଜିଲ୍ଲାର ବିଭିନ୍ନ ସ୍ଥାନରେ ଜମିର କିସମ ପରିବର୍ତ୍ତନ ହେଉଥିଲା ବେଳେ ଚାଷ ଜମି ଅଞ୍ଚଳ ସେହି ଅନୁପାତରେ କମିବାରେ ଲାଗିଛି। ଯଦିଓ ଅଧିକ ପରିମାଣରେ ଚାଷ ଜମିକୁ ବାସପଯୋଗୀ ତଥା ଘରବାରି ଜମିରେ ପରିଣତ କରାଗଲାଣି କିନ୍ତୁ କୃଷି ବିଭାଗ ରେକର୍ଡରେ ଏବେ ବି ସେହି ଜମିରେ ଚାଷ କରାଯାଉଛି। ଜିଲ୍ଲା କୃଷି ବିଭାଗ ଖରିଫ ଚାଷ ସଂକ୍ରାନ୍ତରେ ସେହି ସମାନ ତଥ୍ୟ ଦେଇଆସୁଛି।

କଟକ ଜିଲ୍ଲାର ଅର୍ଦ୍ଧସହରାଞ୍ଚଳ କୁହାଯାଉଥିବା ସାଲେପୁର, କନ୍ଦରପୁର, ଗତିରାଉତପାଟଣା, ନୂଆପାଟଣା, ତ୍ରିଶୁଳିଆ, ଜଗତପୁର, ବୟାଳିଶମୌଜା, ନିଆଳି, ଅଡଶପୁର ସମେତ ବହୁ ସ୍ଥାନରେ ଚାଷ ଜମି ଗୃହପଯୋଗୀ ଜମିରେ ପରିଣତ ହୋଇଛି। ଜିଲ୍ଲା କୃଷି ବିଭାଗ ପାଖରେ ଏହାର ସଠିକ ତଥ୍ୟ ନାହିଁ। ତେବେ ବି କୃଷି ବିଭାଗ ୬ ବର୍ଷ ପୂର୍ବରୁ ଯେତିକି ଜମିରେ ଖରିଫ ଧାନ ଫସଲ ପାଇଁ ଲକ୍ଷ୍ୟ ରଖୁଥିଲା ଏବେ ତାହା ୬ ହଜାର ହେକ୍ଟର କମିଗଲାଣି। ଗତ ୨୦୨୦-୨୧ ଖରିଫ ଋତୁରେ ୧ ଲକ୍ଷ ୩୬ ହଜାର ହେକ୍ଟର ଜମିରେ ଧାନ ଚାଷ କରାଯିବା ପାଇଁ ବିଭାଗ ସ୍ଥିର କରିଥିବା ବେଳେ ପ୍ରାୟ ସମାନ ଜମିରେ ଚାଷ ହେଉଥିଲା। ୨୦୨୬ ଖରିଫ ଋତୁରେ ମୋଟ ୧୩୦୮୯୭ ହେକ୍ଟର ଜମିରେ ଧାନ, ୯୩୦ ହେକ୍ଟର ଜମିରେ ମକା ଓ ୧୬୪୫ ହେକ୍ଟର ଜମିରେ ମାଣ୍ଡିଆ, ବାଜରା ଓ ଯଅ ଚାଷ ପାଇଁ ଲକ୍ଷ୍ୟ ରଖାଯାଇଛି। ପ୍ରତି ବର୍ଷ



କିନ୍ତୁ ସମସ୍ତ ୧୪ଟି ଯାକ ବ୍ଲକରେ ରହିଥିବା ୧ ଲକ୍ଷ ୮୮ ହଜାର ୧୫୦ ହେକ୍ଟର ଚାଷ ଜମିରେ ବିଭିନ୍ନ ଖରିଫ ଫସଲ ହେବ ବୋଲି କୁହାଯାଇଆସୁଛି। ଚଳିତ ବର୍ଷ ବି ୮୨୭୧ ହେକ୍ଟର ଜମିରେ ଡାଲି ଜାତୀୟ ଫସଲ, ୧୯୦୦ ହେକ୍ଟର ଜମିରେ ତୈଳବୀଜ, ୬୪୦ ହେକ୍ଟର ଜମିରେ ଝୋଟ, ୨୧୮୮୧ ହେକ୍ଟର ଜମିରେ ପନିପରିବା, ୩୦୬୦ହେକ୍ଟର ଜମିରେ ମସଲା ଜାତୀୟ ଫସଲ, ୧୮୧୬ ହେକ୍ଟର ଜମିରେ ଆଖୁ ଉତ୍ପାଦନ ଲକ୍ଷ୍ୟ ରଖାଯାଇଛି। ଅନେକ ଜମି କିସମ ପରିବର୍ତ୍ତନ ହୋଇ କୋଠାବାଡି ତିଆରି ହୋଇସାରିଥିଲେ ବି ଏ ସମ୍ପର୍କିତ ସଠିକ ତଥ୍ୟ ବିଭାଗରୁ ମିଳିପାରୁନାହିଁ।

ସଦର ଅଞ୍ଚଳର ୯ ହଜାର, ବାରଙ୍ଗର ୬ ହଜାର, କଣ୍ଟାପଡା ବ୍ଲକର ୫ ହଜାର, ନିଆଳିର ୧୦ ହଜାର, ଟାଙ୍ଗି ଚୌଦ୍ୱାରର ୧୪ ହଜାର, ସାଲେପୁରର ୧୩ ହଜାର, ନିଶ୍ଚିନ୍ତକୋଇଲିର ୧୨ ହଜାର, ମାହାଙ୍ଗାର ୧୧ ହଜାର, ଆଠଗଡ଼ର ୧୩ ହଜାର, ତିଗିରିଆର ୪ ହଜାର, ବଡମ୍ବାର ୭ ହଜାର, ନରସିଂହପୁରର ୧୨ ହଜାର ଓ ବାଙ୍କି ବ୍ଲକ ୧ ଓ ୨ର ୧୪ ହଜାର ହେକ୍ଟର ଚାଷ ଜମିରେ ଧାନ ଚାଷ କରାଯିବ ବୋଲି ଜଣାପଡିଛି। ଏହି ସବୁ ଅଞ୍ଚଳରୁ ଚାଷ ଜମି ପରିମାଣ ବହୁ ପରିମାଣରେ କମିବାରେ ଲାଗିଛି। ସହରୀକରଣ ପାଇଁ ଚାଷ ଜମି ଗୁଡିକ ଘରବାଡି ପାଇଁ ବ୍ୟବହାର ହେଉଛି।

ସକାଳ
THE SAKALA

# ସମ୍ପାଦକୀୟ



ଯୁଦ୍ଧ ମାନବ ସଭ୍ୟତାକୁ ସମ୍ପୂର୍ଣ୍ଣ ଧ୍ୱଂସ କରିଦେବା ପୂର୍ବରୁ ମଣିଷ ଯୁଦ୍ଧର ସମସ୍ତ ସମ୍ଭାବନାକୁ ସମାପ୍ତ କରିଦେବା ଠିକ୍ ହେବ।

-ଜେ ଏଫ୍ କେନେଡ଼ି

## ଅଭିଭାବକତ୍ୱର ଦ୍ୱନ୍ଦ୍ୱ

ଆଇନ ପ୍ରଣୟନ କରିବା ପୂର୍ବରୁ ଏହାର ସର୍ବବ୍ୟାପୀ ପ୍ରଭାବ ସମୀକ୍ଷା ନ କରି ତରବରିଆ ଭାବେ କେବଳ ସଂଖ୍ୟାଗରିଷ୍ଠତା ବଳରେ ପାରିତ କରାଇ ନେବାର ପରିଣତି କ'ଣ ହୋଇପାରେ ତାହା ଏଆରଟି ଓ ସରୋଗେସୀ ଆଇନ ପରବର୍ତ୍ତୀ ଉପୁଜିଥିବା ଜଟିଳ ସମସ୍ୟା ଏବଂ ମାନବାଧିକାର, ବୈଧାନିକ ଓ ସାମ୍ବିଧାନିକ ବିବାଦକୁ ତର୍ଜମା କଲେ ବୁଝାପଡ଼ିଯିବ। ଏବେ ପରିସ୍ଥିତି ଏଭଳି ହେଲାଣି ଯେ ଆଇନଗତ ଦ୍ୱନ୍ଦ୍ୱକୁ ଏଡ଼ାଇବା ପାଇଁ ଯେଉଁ ଆଇନ ପ୍ରଣୟନ ହୋଇଥିଲା ତାହା ହିଁ ଏବେ ଖୋଦ୍ ନ୍ୟାୟିକ ଜାଲରେ ଛନ୍ଦି ହୋଇପଡ଼ିଛି। ଦିନକୁ ଦିନ ମାମଲା ବୋଝ ବଢ଼ିବାରେ ଲାଗିଛି। କେତେକ ମାମଲା ଆନ୍ତର୍ଜାତିକ ଆଇନ ସହିତ ଲଢ଼େଇ ପାଇଁ ପ୍ରସ୍ତୁତ ହେଉଥିବା ଜଣାପଡ଼ିଛି।

ପ୍ରାକୃତିକ କାରଣରୁ ଯେଉଁ ମହିଳାମାନେ ନିଜ ଗର୍ଭାଶୟରେ ନିଜ ସନ୍ତାନଙ୍କୁ ଧାରଣ କରିବାକୁ ଅସମର୍ଥ ହୁଅନ୍ତି ସେମାନଙ୍କ ପାଇଁ ବିଜ୍ଞାନ ବରଦାନ ସାବ୍ୟସ୍ତ ହୋଇଛି। ଟେଷ୍ଟଟ୍ୟୁବ୍ ବେବି ପରେ ଏବେ 'ସରୋଗେସି ମଦର'(ଅନ୍ୟର ଭ୍ରୂଣକୁ ନିଜ ଗର୍ଭାଶୟରେ ରଖି ବିକଶିତ କରୁଥିବା ମହିଳା) ଏବଂ ଭ୍ରୂଣକୁ ଭଣ୍ଡାରଣ କରି ପରବର୍ତ୍ତୀ ସମୟରେ ସନ୍ତାନ ଜନ୍ମ କରିବାର ଯୋଜନା ଓ କୌଶଳ ଆଦୃତ ହେବାରେ ଲାଗିଛି। ଏପରିକି ବିଦେଶରେ ଏହା ଏକ ବ୍ୟବସାୟରେ ପରିଣତ ହୋଇଯାଇଛି। ଏହାଛଡ଼ା ଆଜିର ବ୍ୟସ୍ତବହୁଳ ଜୀବନରେ କର୍ମଜୀବୀ ମହିଳାମାନେ ମାତୃତ୍ୱର ଜଞ୍ଜାଳକୁ ଆଦରି ନେବାକୁ ଚାହୁଁ ନ ଥିବା ବେଳେ ସମ୍ପତ୍ତିର ଉତ୍ତରାଧିକାରୀ ଭାବେ ସେମାନେ ସନ୍ତାନସନ୍ତତି ଅପରିହାର୍ଯ୍ୟ ବୋଲି ମନେ କରୁଛନ୍ତି। ଏହି ପରସ୍ପର ବିରୋଧୀ ମାନସିକତା ଓ ବାଧ୍ୟବାଧକତାରୁ ଜନ୍ମ ନେଇଛି ସରୋଗେସି ମଦର ଓ ଭ୍ରୂଣ ଭଣ୍ଡାରଣ ଭଳି ଅଭିନବ ପରିକଳ୍ପନା।

ବିଜ୍ଞାନର ଏହି ବରଦାନ କିନ୍ତୁ ବିଭିନ୍ନ ଦେଶ ସମେତ ଭାରତରେ ମଧ୍ୟ ଆଇନଗତ ଜଟିଳତା ଓ ମାମଲା ବୋଝ ସୃଷ୍ଟି କରୁଥିବାରୁ ତାହାର ନିରାକରଣ ପାଇଁ ଭାରତ ସରକାର ୨୦୨୧ ମସିହାରେ 'ଆସିଷ୍ଟେଡ୍ ରିପ୍ରଡକ୍ଟିଭ୍ ଟେକ୍ନୋଲଜି(ରେଗୁଲେସନ୍) ଆକ୍ଟ'(ଏଆରଟି) ଓ 'ସରୋଗେସି(ରେଗୁଲେସନ୍) ଆକ୍ଟ' ପ୍ରଣୟନ କରିଛନ୍ତି, ଯାହା ୨୦୨୨ ଜାନୁଆରୀ ୨୫ ତାରିଖରୁ କାର୍ଯ୍ୟକାରୀ ହେଉଛି। ଏହାସତ୍ତ୍ୱେ ବ୍ୟକ୍ତିଗତ ଓ ସାମାଜିକ ଜୀବନରେ ମାମଲା ବୋଝମାନ ବଢ଼ିବାରେ ଲାଗିଛି। ମୁଖ୍ୟତଃ ଆଇନରେ ଥିବା ବୟସ ସୀମା ହିଁ ଏବେ ଅଧିକ ବିବାଦ ଓ ଜଟିଳତା ସୃଷ୍ଟି କରିଛି। ଏହାଛଡ଼ା ଆହୁରି କେତେକ ମାନବାଧିକାର ପ୍ରଶ୍ନ ଏଥିସହିତ ସ୍ୱତଃ ଯୋଡ଼ି ହୋଇଯାଉଛି।

ଏଆରଟି ଆଇନ ଅନୁଯାୟୀ ମହିଳାଙ୍କ ବୟସସୀମା ସର୍ବନିମ୍ନ ୨୧ ରୁ ସର୍ବୋଚ୍ଚ ୫୦ ବର୍ଷ ଏବଂ ପୁରୁଷଙ୍କ ବୟସସୀମା ସର୍ବନିମ୍ନ ୨୧ ରୁ ୫୫ ବର୍ଷ ହୋଇଥିବା ଆବଶ୍ୟକ। ସେହିପରି ସରୋଗେସୀ ଆଇନ ଅନୁଯାୟୀ ମହିଳାଙ୍କ ସର୍ବନିମ୍ନ ବୟସସୀମା ୨୩ - ୫୦ ବର୍ଷ ମଧ୍ୟରେ ଏବଂ ପୁରୁଷ କ୍ଷେତ୍ରରେ ୨୬- ୫୫ ବର୍ଷ ହେବା ବାଞ୍ଛନୀୟ। କିନ୍ତୁ ଏଠାରେ ଆଉ ଏକ ଆଇନଗତ ଜଟିଳତା, ଦ୍ୱନ୍ଦ୍ୱ ବା ବିବାଦ ଉଠିଛି। ଯେଉଁ ପୁରୁଷ ଓ ମହିଳାମାନେ ଏଆରଟି ଓ ସରୋଗେସୀ ଆଇନ ପାରିତ ହେବା ପୂର୍ବରୁ ସେମାନଙ୍କ ଡିମ୍ବାଣୁ ଓ ଶୁକ୍ରାଣୁର ଭଣ୍ଡାରଣ କରି ରଖିଛନ୍ତି ତାହାକୁ ଭ୍ରୂଣରେ ପରିବର୍ତ୍ତନ କରିବା ବେଳେ ଆଇନ ଅନୁମୋଦିତ ବୟସ ସୀମା ଲାଗୁ ହେବ କି ନାହିଁ? ଏଭଳି ଏକ ବିବାଦର ଶୁଣାଣି ବେଳେ ସର୍ବୋଚ୍ଚ ନ୍ୟାୟାଳୟର ଡିଭିଜନ୍ ବେଞ୍ଚ ୨୦୨୫ ଅକ୍ଟୋବର ମାସରେ ଏକ ରାୟରେ କହିଥିଲେ ଯେ ଆଇନ ପ୍ରଣୟନ ପୂର୍ବରୁ ପିଛିଲା ଭାବେ ବୟସ କଟକଣା ଲାଗୁ ହୋଇପାରିବ ନାହିଁ। ପ୍ରଶ୍ନ ଓ ସମାଧାନ କେବଳ ଏତିକିରେ ସରିନାହିଁ। ଆଇନର ଗୋଟିଏ ଧାରାର ତର୍ଜମା ସହିତ ଅନ୍ୟ ଏକ ବିବାଦ ଓ ଦ୍ୱନ୍ଦ୍ୱ ଜନ୍ମ ନେଉଥିବାରୁ ଆଇନ କ୍ରମଶଃ ଜଟିଳ ହେଉଛି ଏବଂ ଏହାକୁ ଏବେ ସର୍ବୋଚ୍ଚ ନ୍ୟାୟାଳୟର ସମ୍ବିଧାନ ଖଣ୍ଡପୀଠକୁ ପଠାଇ ଦିଆଯାଇଛି।

ଏବେ ସମ୍ବିଧାନ ଖଣ୍ଡପୀଠରେ ବିଚାରାଧୀନ ଥିବା କେତେକ ପ୍ରଶ୍ନ ଏହିପରି - ଆଇନ ପ୍ରଣୟନ ପୂର୍ବରୁ ବୟସ ସୀମା ନିର୍ବିଶେଷରେ ଡିମ୍ବାଣୁ ଓ ଶୁକ୍ରାଣୁ ଦାନ ଦ୍ୱାରା ପ୍ରୟୋଗଶାଳାରେ ଭ୍ରୂଣ ଗଠିତ ହୋଇସାରିଥିଲେ ଭ୍ରୂଣ ବିକାଶ ବେଳେ ଅଭିଭାବକଙ୍କ ପାଇଁ ଆଇନର ବୟସ ସର୍ତ୍ତ ଲାଗୁ ହେବ କି ନାହିଁ? ଗ୍ୟାମେଟ୍ସ(ପ୍ରଜନନକ୍ଷମ କୋଷ) ଦାତାଙ୍କ ମୃତ୍ୟୁ ପରେ ଭ୍ରୂଣକୁ ବିକଶିତ କରାଯାଇପାରିବ କି ନାହିଁ? ଏବଂ ଏହାର ଉତ୍ତରାଧିକାର କାହା ପାଖରେ ରହିବ? କାରଣ ଏଆରଟି ଆଇନରେ ଗେମେଟ୍ ବା ଭ୍ରୂଣର ଉତ୍ତରାଧିକାର ବା ନୋମିନି ବ୍ୟବସ୍ଥାକୁ ବାରଣ କରାଯାଇଛି। ଭଣ୍ଡାରଣ ହୋଇଥିବା ଶୁକ୍ରାଣୁ ଓ ଡିମ୍ବାଣୁ ବା ଭ୍ରୂଣକୁ ଅନ୍ୟକୁ ଦାନ କରାଯାଇପାରିବ କି ନାହିଁ? ଏକ ଦୀର୍ଘ ଭବିଷ୍ୟତ ପାଇଁ ଭ୍ରୂଣ ଭଣ୍ଡାରଣ ହୋଇସାରିବା ପରେ ଯଦି ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଛାଡ଼ପତ୍ର ହୁଏ, ତେବେ ଭ୍ରୂଣରୁ ଜନ୍ମ ନେବାକୁ ଥିବା ଶିଶୁର ଅଭିଭାବକ କିଏ ହେବ? ପୁଣି ଭଣ୍ଡାରଣ ହୋଇଥିବା ଭ୍ରୂଣର ବିକାଶ ପ୍ରକ୍ରିୟା ଆରମ୍ଭ ହେବା ପୂର୍ବରୁ ଯଦି କୌଣସି ପକ୍ଷ(ସ୍ୱାମୀ କିମ୍ବା ସ୍ତ୍ରୀ) ଚୁକ୍ତିନାମାରୁ ଓହରି ଯାଆନ୍ତି(ଆଇନରେ ଏଭଳି ବ୍ୟବସ୍ଥା ରହିଛି) ତେବେ ତାହାକୁ କୌଣସି ପ୍ରୟୋଗଶାଳାରେ ବିକାଶ କରାଯାଇପାରିବ କି ନାହିଁ? ସେ କ୍ଷେତ୍ରରେ ଭ୍ରୂଣର ଅଭିଭାବକତ୍ୱ କିଏ ନେବ? ଯଦି ଅଭିଭାବକ ସ୍ଥିର ନ ହୁଏ ତେବେ ଭ୍ରୂଣଟିକୁ ନଷ୍ଟ କରି ଦିଆଯିବ କି? ଯଦି ସେଭଳି ହୁଏ ତେବେ ଭ୍ରୂଣ ହତ୍ୟା ଅପରାଧଭୁକ୍ତ ହେବ ନାହିଁ କି? ଏଆରଟି ଆଇନ ଅନୁଯାୟୀ, ଭ୍ରୂଣ ବିକଶିତ ହୋଇ ଶିଶୁ ରୂପରେ ଜନ୍ମ ନ ନେବା ପର୍ଯ୍ୟନ୍ତ ଜଣେ ମହିଳା ମାତୃତ୍ୱର ଦାବି କରିପାରିବ ନାହିଁ। କିନ୍ତୁ ଯଦି ଭ୍ରୂଣ ବିକାଶ ହେବା ପୂର୍ବରୁ ଛାଡ଼ପତ୍ର ପରି ସମସ୍ୟା ଆସେ ତେବେ ବିବାହିତାଙ୍କୁ ମାତୃତ୍ୱ ଅଧିକାରରୁ ବଞ୍ଚିତ କଲା ଭଳି ହେବ ନାହିଁ କି?

ସମସ୍ୟା ଏତିକିରେ ସରି ନାହିଁ। ଯଦି କୌଣସି ମହିଳା ଭାରତରେ ଭ୍ରୂଣ ଭଣ୍ଡାରଣ ପରେ ବିଦେଶ ଚାଲିଯାଇଛନ୍ତି ଏବଂ ଦୀର୍ଘବର୍ଷ ପରେ(ଆଇନ ପାରିତ ହେବା ପରେ) ପୁଣି ଭାରତରେ ସରୋଗେସୀ ଜରିଆରେ ସନ୍ତାନ ଜନ୍ମ କରିବାକୁ ଚାହୁଁଛନ୍ତି ସେଭଳି କ୍ଷେତ୍ରରେ ଏଆରଟି ଆଇନ ସମ୍ପୃକ୍ତ ମହିଳାଙ୍କ ଅନୁମତି ଦେଉ ନାହିଁ। ସେହିଭଳି ଛାଡ଼ପତ୍ର ହୋଇସାରିଥିବା ବା ସ୍ୱାମୀ ପରିତ୍ୟକ୍ତ ଜଣେ ମହିଳାଙ୍କ କ୍ଷେତ୍ରରେ ସରୋଗେସୀ ବା ଏଆରଟି ଜରିଆରେ ସନ୍ତାନ ଲାଭ ପାଇଁ ଅନୁମତି ଥିବା ବେଳେ ଜଣେ ସ୍ତ୍ରୀ ପରିତ୍ୟକ୍ତା ବା ଛାଡ଼ପତ୍ର ହୋଇଥିବା ପୁରୁଷ ବଂଶରକ୍ଷା ପାଇଁ ସେ ଅଧିକାର ପାଇପାରିବେ ନାହିଁ। ଏଆରଟି ଆଇନ ଆଧାରିତ ବୟସ ସୀମା ମଧ୍ୟରେ ଏକାଧିକ ଗେମେଟ୍ ଦାନ ଓ ଗ୍ରହଣ ହୋଇସାରିଥିଲେ ମଧ୍ୟ ଯଦି ଗୋଟିକର ବିଫଳତା ପରେ ଅନ୍ୟଟିର ପ୍ରୟୋଗ ବେଳକୁ ସମ୍ପୃକ୍ତ ଦମ୍ପତିଙ୍କ ମଧ୍ୟରୁ ଜଣଙ୍କର ମଧ୍ୟ ବୟସ ସୀମା ଅତିକ୍ରାନ୍ତ ହୋଇସାରିଥିବ ତେବେ ଭ୍ରୂଣ ବିକାଶ ପାଇଁ ଆଇନ ଅନୁମତି ଦେଉନାହିଁ। ଯଦି ଏକ ଦମ୍ପତି ଏକାଧିକ ଭ୍ରୂଣ ଭଣ୍ଡାରଣ କରି ରଖିଥା'ନ୍ତି ଏବଂ ସେଥିମଧ୍ୟରୁ ଗୋଟିକର ପ୍ରତିରୋପଣରେ ସଫଳତା ମିଳେ ବା ଶିଶୁ ଜନ୍ମ ନିଏ ତେବେ ଅନ୍ୟଗୁଡ଼ିକୁ କ'ଣ କରାଯିବ ସେହି ପ୍ରଶ୍ନର ଉତ୍ତର ମଧ୍ୟ ଆଇନରେ ନାହିଁ। ●

## ପାଞ୍ଚଘଣ୍ଟା ବନାମ୍ ପାଞ୍ଚଶହ ଟଙ୍କା

ଡ. ନିରଞ୍ଜନ ସାହୁ

ଦିଅଁ କହୁଁ କହୁଁ ପ୍ରତି ଓଡ଼ିଆଙ୍କ ଆଖିଆଗରେ ନାଚିଯାଏ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ବିଗ୍ରହର ସାଙ୍କେତିକ ରୂପ ଚକାଆଖି। ଭାବନା ଆରମ୍ଭ ହେଉଁ ହେଉଁ ଚକ୍ଷୁ ଲୋତକାପ୍ଲୁତ ହୁଏ। ଶହଶହ ବର୍ଷ ଧରି ନିରବଚ୍ଛିନ୍ନ ଭାବରେ ଉତ୍କଳୀୟମାନଙ୍କ ହୃଦୟରେ ରହିଆସିଛନ୍ତି ମହାପ୍ରଭୁ। ବଡ଼ଦେଉଳର ରତ୍ନ ସିଂହାସନରେ ବସିଥିବା କାଳିଆଠାକୁରଙ୍କୁ ଦର୍ଶନର ଅଭିଳାଷ କେଉଁ ହିନ୍ଦୁର ବା ନାହିଁ?

ମାତ୍ର କାଳିଆଠାକୁରଙ୍କୁ ରତ୍ନବେଦୀରେ ଦର୍ଶନ କରିବା କିଛି ବର୍ଷ ହେଲା ହୋଇପଡ଼ିଛି ଅତ୍ୟନ୍ତ କଷ୍ଟସାଧ୍ୟ। ବୟସ ବଢ଼ିଲେ ଦିଅଁଙ୍କ ଦର୍ଶନ କରିବାର ଆଗ୍ରହ ବହୁଗୁଣ ବର୍ଦ୍ଧିତ ହୁଏ। ମାତ୍ର ବର୍ଷୀଆନମାନଙ୍କ ପାଇଁ ଶୃଙ୍ଖଳିତ ଦର୍ଶନର ଦୁର୍ମୂଲ୍ୟ ଅନୁଭବ ପାଇବାର ସମ୍ଭାବନା ହୋଇଯାଇଛି ଶୂନ୍ୟର ପାଖାପାଖି। ଦର୍ଶନାର୍ଥୀଙ୍କ ଭିଡ଼କୁ ଶୃଙ୍ଖଳିତ କରିବା ପାଇଁ ଯେ ପ୍ରୟାସ କରାଯାଇନାହିଁ, ତାହା ନୁହେଁ। ମାତ୍ର ଫଳ ହୋଇଛି ନିତାନ୍ତ ନୈରାଶ୍ୟଜନକ। ଶ୍ରୀଜଗନ୍ନାଥ ଧାମରେ ଦର୍ଶନକୁ ଶୃଙ୍ଖଳିତ ଓ ସମନ୍ୱିତ କରିବା ପାଇଁ ହୋଇଥିବା ପ୍ରଚେଷ୍ଟା ଉପରେ ଅତୀତରେ ଆକ୍ରମଣ ହୋଇଛି ବାରମ୍ବାର। ସବୁ ସଂସ୍କାରକୁ ସାଧାରଣତଃ ବିରୋଧ କରାଯାଇଥାଏ। ଏହା ଏକ ସଚରାଚର ଦୃଶ୍ୟ। ପ୍ରାୟ ଶହେ ବର୍ଷ ତଳେ ଯେତେବେଳେ ପୁରୀକୁ ବିଜୁଳି ଆଲୁଅ ଆସିଲା ସେତେବେଳେ ମନ୍ଦିର ବେଢ଼ାକୁ ଆଲୋକିତ କରିବା ପରି ଏକ ପ୍ରସ୍ତାବକୁ ମନ୍ଦିର ସହିତ ସଂପୃକ୍ତ ପାରିଷଦ ଓ ସେବାୟତମାନେ ପ୍ରବଳ ବିରୋଧ କରିଥିଲେ। ବିଗତ ସରକାର ବଡ଼ ଦେଉଳ ସାମ୍ନା ଏବଂ ନିକଟସ୍ଥ ଅଞ୍ଚଳକୁ ପରିଷ୍କାର ଓ ଉନ୍ମୁକ୍ତ ରଖିବାକୁ ଚେଷ୍ଟାକଲା ବେଳେ ମଧ୍ୟ ବହୁ ବିରୋଧର ସାମ୍ନା କରିଥିଲେ। ମାତ୍ର ଦୃଢ଼ ଇଚ୍ଛାଶକ୍ତି ଫଳରେ ତାହା ସମ୍ଭବ ହୋଇଥିଲା। ଧାଡ଼ି ଦର୍ଶନକୁ ମନ୍ଦିରର ସେବାୟତମାନେ ବିରୋଧକରି କହିଥିଲେ ଆମ ବଡ଼ଠାକୁରଙ୍କର ଏକ ଦର୍ଶନ ହେଉଛି ସାହାଣମେଳା। ତାହା ଧାଡ଼ି ଦର୍ଶନର ଠିକ୍ ବିପରୀତ। ସାହାଣମେଳା ଅର୍ଥ ହେଲା ଭିଡ଼ ସଂସ୍କୃତି। ଅର୍ଥାତ୍ ସେଠାରେ ଯେକୌଣସି କାର୍ଯ୍ୟ ବି ସମ୍ଭବ। ଠେଲାପେଲା ହେଲେ ବୃଦ୍ଧ, ମହିଳା, ବାଳକ / ବାଳିକାଙ୍କର ଅବସ୍ଥା କ'ଣ ହୋଇପାରେ ଆପଣ ଚିନ୍ତା କରନ୍ତୁ। ଇଂରାଜୀରେ ଏହାର ସମାନ ଅର୍ଥବୋଧକ ହୋଇପାରେ ଫ୍ରି ଫର ଅଲ୍। ମାତ୍ର ଏକ ସଭ୍ୟ ଜଗତ ସବୁବେଳେ ଆଶା କରେ ଭକ୍ତମାନଙ୍କ ପାଇଁ ଏକ ଶୃଙ୍ଖଳିତ ଓ ନିରୁପଦ୍ରୁତ ଦର୍ଶନ। ବର୍ତ୍ତମାନ ଅବସ୍ଥାରେ ସେ ପରିଦର୍ଶନ କହିଲେ ବୋଧହୁଏ ଆପଣ ଓ ମୁଁ ସମସ୍ତେ ଭାବିବା ତାହା କେବଳ ଭି.ଆଇ.ପି. ଦର୍ଶନ।

ଏବେ ଯଦି ଆପଣ ଧାଡ଼ିରେ ଯାଇ ମହାପ୍ରଭୁଙ୍କୁ ଦର୍ଶନ କରିବେ ତା'ହେଲେ ହାରାହାରି ପାଞ୍ଚଘଣ୍ଟା ଲାଗିବ। ଗୁଗୁଲ ପଢ଼ି ଘଣ୍ଟେରୁ ଦୁଇଘଣ୍ଟାର ଅବଧି ଭିତରେ ହୋଇ ପାରୁଥିବା ଦର୍ଶନ କଥା ଭାବି ଧାଡ଼ିରେ ଠିଆ ହୋଇ ଆପଣ ଦୀର୍ଘଶ୍ୱାସ ଛାଡୁଥିବେ। ଧାଡ଼ିରେ ବି ଠେଲାପେଲାରୁ ନିସ୍ତାର ନାହିଁ। ମଝିରେ ମଝିରେ କୌଣସି ଅଜ୍ଞାତ କାରଣରୁ ଧାଡ଼ି ସ୍ଥିର ହୋଇ ରହିଯିବ। ଅନ୍ୟ ବିଶିଷ୍ଟ ମନ୍ଦିରରେ ଯେପରି ମଝିରେ ମଝିରେ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ସମ୍ବାଦ ପରିବେଷଣର ବ୍ୟବସ୍ଥା ଅଛି, ଏଠାରେ ତା'ର ଅବସ୍ଥିତି ନଗଣ୍ୟ। ଧାଡ଼ି ମଧ୍ୟ ଠାକୁରଙ୍କ ନିକଟପର୍ଯ୍ୟନ୍ତ ପରିବ୍ୟାପ୍ତ ନୁହେଁ। ଧାଡ଼ି ଯେଉଁଠି ଶେଷ ହୋଇଛି ସେଠାରୁ ମାତ୍ର କେଇ ପାହୁଣ୍ଡର ଦୂରତା ସାତପାହାଚକୁ। ମାତ୍ର ସେତିକି ଧୈର୍ଯ୍ୟ କାହାରି ନାହିଁ ଯେମିତି! କିଛିଲୋକ ସେଇ ଦୌଡ଼ ଓ ଠେଲାପେଲାରେ ନିତିଦିନ ଆହତ ହୁଅନ୍ତି। ଭି.ଆଇ.ପିଙ୍କ ଆଗରେ ବିନମ୍ର ଆଜ୍ଞାଧୀନ ପରି ଆଚରଣ କରୁଥିବା ସେବାୟତମାନେ ଆମମାନଙ୍କ ପରି ସାଧାରଣ ଦର୍ଶନାର୍ଥୀଙ୍କ ଉପରେ କିପରି ବ୍ୟବହାର କରନ୍ତି ଆମ ଭିତରୁ ପ୍ରାୟ ସମସ୍ତେ ଅନୁଭବୀ।

ଆପଣଙ୍କୁ ଲାଗୁଥିବ ପୁରୀ ଶ୍ରୀଜଗନ୍ନାଥ ମନ୍ଦିରକୁ ଆସୁଥିବା ଭକ୍ତଙ୍କର ସଂଖ୍ୟା ଅତ୍ୟଧିକ ହେଉଥିବାରୁ ଯାହା ପ୍ରସ୍ତୁତି କଲେ ବି ତାହା ପର୍ଯ୍ୟାପ୍ତ ହେଉନାହିଁ। ପ୍ରାପ୍ତ ତଥ୍ୟ ଅନୁସାରେ ପର୍ବପର୍ବାଣୀକୁ ଛାଡ଼ିଦେଲେ ଶ୍ରୀଗଜନ୍ନାଥ ଦର୍ଶନ ପାଇଁ ପ୍ରତିଦିନ ଅନ୍ତତଃ ପଚାଶହଜାର ଲୋକ ଯାଆନ୍ତି। ମାତ୍ର ଆପଣ ଜାଣି ଆଶ୍ଚର୍ଯ୍ୟ ହେବେ ତିରୁପତି ବାଲାଜୀଙ୍କ ମନ୍ଦିରରେ ସେମିତି ସାଧାରଣ ଦିନରେ ଭକ୍ତଙ୍କ ସଂଖ୍ୟା ସତୁରୀହଜାରରୁ ଲକ୍ଷେ ଭିତରେ ଏବଂ ଗତବର୍ଷରୁ ଭକ୍ତଙ୍କ ପାଇଁ ଖୋଲିଥିବା ଶ୍ରୀରାମଜନ୍ମଭୂମି ଅଯୋଧ୍ୟାରେ ଦୈନିକ ଦର୍ଶନାର୍ଥୀ ସଂଖ୍ୟା ଲକ୍ଷେରୁ ଦେଢ଼ଲକ୍ଷ ଭିତରେ। ଯଦି ସେଠାରେ ଶୃଙ୍ଖଳିତ ଦର୍ଶନ ସମ୍ଭବ ହେଉଛି ପୁରୀ ମନ୍ଦିରରେ ତାହା ଅସମ୍ଭବ କାହିଁକି?

ପୁରୀ ମନ୍ଦିରରେ ସାଧାରଣ ଯାତ୍ରୀଟିଏ ଧାଡ଼ି ଦର୍ଶନରେ ଯାଇ ଫେରିବା ପରେ ତାଙ୍କର ଅନୁଭୂତି ବର୍ଣ୍ଣନା କଲେ ଆପଣ ତାଙ୍କ ପ୍ରତି ସହାନୁଭୂତି ପ୍ରଦର୍ଶନ କରିବେ। ଆଉ ଏତିକି ବେଳେ ଆଉ ଜଣେ ନିଜର ବିରଳ ଦର୍ଶନର ଅନୁଭୂତି ବର୍ଣ୍ଣନା କରି ଆପଣଙ୍କୁ ପ୍ରଲୁବ୍ଧ କରିଦେବେ। ଅବିଶ୍ୱାସ ଲାଗୁଥିଲେ ବି ସତ ଯେ ଅନେକ ସେବାୟତ ବୋଲି ନିଜକୁ ପରିଚୟ ଦେଇ ପାଞ୍ଚଶହ ଟଙ୍କା ନେଇ ଯାତ୍ରୀଙ୍କୁ ସିଧା ନାଟମଣ୍ଡପରେ ଗରୁଡ଼ସ୍ତମ୍ଭ ପାଖରେ ପହଞ୍ଚାଇ ଦେଉଛନ୍ତି। ଏହା ଧାଡ଼ିଦର୍ଶନ କରି ଆପଣଙ୍କ ପରି ଆଜ୍ଞାବହଙ୍କ ପ୍ରତି କେଡ଼େ ବେଦନାଦାୟକ ତାହା ମନେ ପକାନ୍ତୁ। ଶ୍ରୀଜଗନ୍ନାଥ ମନ୍ଦିର କାହାରି ବ୍ୟକ୍ତିଗତ ସଂପତ୍ତି ନୁହେଁ, ଏହାର ପରିଚାଳନା ଦାୟିତ୍ୱ ଶ୍ରୀଜଗନ୍ନାଥ ମନ୍ଦିର ଆଇନ ୧୯୫୫ ଅନୁସାରେ ଓଡ଼ିଶା ସରକାର ଏବଂ ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା ସମିତି ଉପରେ ନିର୍ଦ୍ଧାରିତ। ଯଦି ଦୈନିକ ଅନ୍ତତଃ ଚାଳିଶ ହଜାରରୁ ଅଧିକ ଲୋକ ଅଶାନ୍ତି ହୋଇ ଦର୍ଶନ ସାରି ଫେରୁଥିବେ ତା'ହେଲେ ତାହା ସରକାରଙ୍କୁ କେତେ ଅସୁବିଧାରେ ପକାଇପାରେ ସେ ବିଷୟରେ ସରକାର କ'ଣ ସଚେତନ ନୁହନ୍ତି? ନା ତାଙ୍କଠାରେ ଦୃଢ଼ତାର ଘୋର ଅଭାବ!

ଦକ୍ଷିଣ ଭାରତରେ ଥିବା ବିଭିନ୍ନ ହିନ୍ଦୁ ମନ୍ଦିରରେ ସେବାୟତମାନେ ପୁରୁଷାନୁକ୍ରମିକ ଭାବରେ ସେବା ଦିଅନ୍ତି ନାହିଁ। ସେମାନେ ମାସିକ ଦରମାରେ ଚାକିରି କରୁଥିବାରୁ ଚାକିରି ଚାଲିଯିବାର ଭୟରେ ବାଧ୍ୟବାଧକତା ସେମାନଙ୍କୁ ଅଧିକ ଦାୟିତ୍ୱବାନ ଓ ଶୃଙ୍ଖଳାସମ୍ପନ୍ନ କରାଏ। ପୁରୀ ମନ୍ଦିରରେ ସେବାୟତମାନେ ପୁରୁଷାନୁକ୍ରମିକ ଭାବେ ନିୟୋଜିତ। କିନ୍ତୁ ଆପଣ ଜାଣିଲେ ଆଶ୍ଚର୍ଯ୍ୟ ହେବେ ଯେ ଜଗନ୍ନାଥ ମନ୍ଦିରର ସତ୍ତ୍ୱଲିପି ଅନୁସାରେ ମନ୍ଦିରରେ କାର୍ଯ୍ୟରତ ସେବାୟତଙ୍କ ସଂଖ୍ୟା ୨୧୩୦ ପ୍ରାୟ ଆଠଶହ ବର୍ଷତଳେ ଥିବା ଏହି ସଂଖ୍ୟା ଗତ ଶହଶହ ବର୍ଷ ଭିତରେ ବଢ଼ିବଢ଼ି ପଚାଶ ହଜାର ପାଖାପାଖି ପହଞ୍ଚିଲାଣି। ଦିନକୁ ମାତ୍ର ସତୁରୀ/ଅଶୀ ଜଣ ସେବାୟତଙ୍କୁ ସେବା କରିବାର ସୁଯୋଗ ମିଳେ। ତେଣୁ ମୂଳ ସେବାୟତ ବଂଶର ବହୁମୁଖୀ ବିଭାଜନ ଫଳରେ ସେମାନେ କାଁ ଭାଁ ସେବା କରିବାର ସୁଯୋଗ ପାଆନ୍ତି। ତେଣୁ ସେମାନଙ୍କ ଭିତରେ ଉଗ୍ରତା ପ୍ରକାଶ ପାଇବା ଏକ ମନସ୍ତାତ୍ତ୍ୱିକ ବାସ୍ତବତା। ଅନେକ ସାଧାରଣ ଲୋକଙ୍କ ବିଚାର ହେଲା ସେବାୟତମାନଙ୍କର ଏକାଧିକାର ବନ୍ଦ ନ ହେଲେ ମନ୍ଦିର ବ୍ୟାପାରକୁ ନିୟନ୍ତ୍ରଣ କରାଯାଇପାରିବ ନାହିଁ। ମାତ୍ର ଏକଥା ନିରାଟ ସତ ଯେ କୌଣସି ନିର୍ଦ୍ଦିଷ୍ଟ ସେବାୟତଙ୍କ ମନମୁଖି କାରବାର ପାଇଁ ରାଜ୍ୟସରକାର ନିନ୍ଦିତ ହୁଅନ୍ତି ଓ ଲଜ୍ଜିତ ହୁଅନ୍ତି। ମାତ୍ର କୌଣସି ମନସ୍ତାତ୍ତ୍ୱିକ କାରଣ ପାଇଁ ରାଜ୍ୟ ସରକାରମାନେ ସବୁବେଳେ ସେମାନଙ୍କ ପ୍ରତି କୋହଳ ମନୋଭାବ ଗ୍ରହଣ କରିଥା'ନ୍ତି। ଯାତ୍ରୀଙ୍କ ଅପମାନ ଓ ଉପେକ୍ଷା ତୁଳନାରେ ସେବାୟତଙ୍କ ଦୁର୍ଦ୍ଦଶା ତାଙ୍କୁ ବେଶୀ ଘାରେ।

ପାଞ୍ଚଶହ ଟଙ୍କା ନେଇ ବେଆଇନ ଭାବରେ ଦର୍ଶନ କରାଇଦେବା କଥା ଆଉ ଲୁଚାଛପା ଘଟଣା ହୋଇ ରହିନାହିଁ। ଏହା ଏକ ଅବିସମ୍ବାଦିତ ସତ୍ୟ। ତା'ଛଡ଼ା ବିଭିନ୍ନ ଗଣମାଧ୍ୟମରେ ଏବଂ ସାମାଜିକ ଗଣମାଧ୍ୟମରେ ଏହା ବାରମ୍ବାର ପ୍ରକାଶିତ ହୋଇଆସୁଛି। ମାତ୍ର ସରକାରଙ୍କଠାରୁ ଏପର୍ଯ୍ୟନ୍ତ କୌଣସି ସଶକ୍ତ ପଦକ୍ଷେପ ନିଆଯାଇ ପାରିନାହିଁ। ଯେଉଁମାନଙ୍କର ବୟସ ଅଧିକ ସେମାନଙ୍କ ପାଇଁ ଧାଡ଼ିରେ ଏତେ ସମୟ କଷ୍ଟ। ପୁଣି ଅନେକ ଅଛନ୍ତି ଯେଉଁମାନେ ପାଞ୍ଚଶହ ଟଙ୍କା ଦେବାକୁ ସକ୍ଷମ ନୁହନ୍ତି; ସେମାନେ ବହୁ ଦୂର ତାରଜାଲିରୁ ପତିତପାବନଙ୍କୁ ଦର୍ଶନ କରି ଆଖିର ଲୁହକୁ ସମର୍ପଣ କରି ମନସ୍ତାପରେ ଫେରନ୍ତି।

୨୦୧୮ ମସିହାରେ ମୃଣାଳିନୀ ପାଢ଼ୀ ବନାମ ଭାରତ ସରକାର ନାମକ ଏକ ପି.ଆଇ.ଏଲ୍ ଶୁଣାଣି କରି ପୁରୀ ମନ୍ଦିରର ଅବ୍ୟବସ୍ଥା, ଅନିୟମିତତା ଓ ତୀର୍ଥଯାତ୍ରୀଙ୍କୁ ଉତ୍ପୀଡ଼ନ ଉପରେ ମାନନୀୟ ସୁପ୍ରିମକୋର୍ଟ ଏକ ରିପୋର୍ଟ ତଲବ କରିଥିଲେ। ତତ୍କାଳୀନ ପୁରୀ ଜିଲ୍ଲାଜଜ୍ ପର୍ଯ୍ୟାୟକ୍ରମେ ପୁରୁଷାନୁକ୍ରମିକ ସେବାପୂଜାକୁ ଲୋପ କରିବାକୁ ସୁପାରିସ କରିଥିଲେ। ମାତ୍ର ମାନ୍ୟବର ସୁପ୍ରିମକୋର୍ଟ କିଛି ଦୂରଦର୍ଶୀ ସଂସ୍କାରମୂଳକ କାର୍ଯ୍ୟକ୍ରମ ନେବା ପାଇଁ ଓଡ଼ିଶା ସରକାରଙ୍କୁ ଦାୟିତ୍ୱ ଦେଇ ନିଜ ଦାୟିତ୍ୱ ସମାପ୍ତ କରି ଦେଇଛନ୍ତି। କେବେ ଓଡ଼ିଶା ସରକାର ତାଙ୍କ ଦାୟିତ୍ୱ ତୁଲେଇବେ, ତା'ଉପରେ ସମସ୍ତଙ୍କ ନଜର। କେବଳ ଆଶ୍ୱାସନା ଦେଇ ସରକାର କେତେଦିନ ପର୍ଯ୍ୟନ୍ତ ଲୋକଙ୍କୁ ଅଟକାଇ ପାରିବେ? ●

(ଲେଖକ ଭାରତୀୟ ପ୍ରଶାସନିକ ସେବାର ପୂର୍ବତନ ଅଧିକାରୀ)
ଭୁବନେଶ୍ୱର, ମୋ: ୯୪୩୮୪୮୨୯୧୧

## ଖଣ୍ଡିତ ବିଦ୍ୟାଳୟ ବ୍ୟବସ୍ଥା ଓ ଶିକ୍ଷାଗତ ସଙ୍କଟ

ତପନ ସାହୁ

ଜାତୀୟ ଶିକ୍ଷା ନୀତି ୨୦୨୦ କାର୍ଯ୍ୟକାରୀ ହେବା ପରେ ଦେଶରେ ଶିକ୍ଷାର ପରିସର ଅନେକ ବିସ୍ତାରିତ ହୋଇଛି। ତଥାପି ଖଣ୍ଡିତ ବିଦ୍ୟାଳୟ ବ୍ୟବସ୍ଥା ଓ ଶିକ୍ଷାଗତ ନିରନ୍ତରତାର ଅଭାବ ଶିକ୍ଷାର ମୌଳିକ ଢାଞ୍ଚାକୁ ଦୁର୍ବଳ କରିଚାଲିଛି। ଏହି ସମସ୍ୟା ନୀତି ନିର୍ଦ୍ଧାରକ ଓ ଶିକ୍ଷା ସହିତ ଜଡ଼ିତ ସମସ୍ତ ଅଂଶୀଦାରଙ୍କ ତରଫରୁ ଦୀର୍ଘମିଆଦୀ ଓ ତତ୍କାଳ ଧ୍ୟାନ ଦାବି କରୁଛି। ଭାରତର ବିଦ୍ୟାଳୟ ଶିକ୍ଷା ବ୍ୟବସ୍ଥା ବିଭିନ୍ନ ସ୍ତରରେ ଖଣ୍ଡିତ ଥିବାରୁ ଶିକ୍ଷା ପ୍ରଦାନର ଗୁଣବତ୍ତା ଓ କାର୍ଯ୍ୟକ୍ଷମତା ପ୍ରଭାବିତ ହେଉଛି।

ନିତି ଆୟୋଗଙ୍କ 'ଭାରତରେ ବିଦ୍ୟାଳୟ ଶିକ୍ଷା ବ୍ୟବସ୍ଥା: ଗୁଣବତ୍ତା ବୃଦ୍ଧି ପାଇଁ ସାମୟିକ ବିଶ୍ଳେଷଣ ଏବଂ ନୀତି ମାର୍ଗଦର୍ଶିକା' ରିପୋର୍ଟ ଅନୁସାରେ, ଖଣ୍ଡିତ ବିଦ୍ୟାଳୟ ବ୍ୟବସ୍ଥା ଓ ଶିକ୍ଷାଗତ ଅସଙ୍ଗତିକୁ ବୁଝିବା ପାଇଁ ପାଞ୍ଚଟି ପ୍ରମୁଖ ଦିଗ ଗୁରୁତ୍ୱପୂର୍ଣ୍ଣ। ପ୍ରଥମତଃ, ଶିକ୍ଷା ପାଇଁ ଏକୀକୃତ ଜିଲ୍ଲା ସୂଚନା ପ୍ରଣାଳୀ(ୟୁଡାଇଜ୍ ପ୍ଲସ୍) ୨୦୨୪୨୫ ତଥ୍ୟ ଅନୁଯାୟୀ, ଭାରତରେ ପ୍ରାୟ ୭.୩ ଲକ୍ଷ ପ୍ରାଥମିକ ବିଦ୍ୟାଳୟ ଥିବା ବେଳେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ସଂଖ୍ୟା ମାତ୍ର ୧.୪ ଲକ୍ଷ। ଏହି ବିଶାଳ ଅସମାନତା ଶିକ୍ଷାର ପ୍ରାରମ୍ଭିକ ଓ ଉଚ୍ଚ ସ୍ତର ମଧ୍ୟରେ ଥିବା ବ୍ୟବଧାନକୁ ପ୍ରକାଶ କରେ। ପ୍ରାଥମିକ, ଉଚ୍ଚ ପ୍ରାଥମିକ, ମାଧ୍ୟମିକ ଓ ଉଚ୍ଚ ମାଧ୍ୟମିକ ସ୍ତରର ପୃଥକ ପୃଥକ ବିଦ୍ୟାଳୟ ବ୍ୟବସ୍ଥା ଛାତ୍ରଛାତ୍ରୀଙ୍କୁ ଶ୍ରେଣୀ ୫, ୮ ଓ ୧୦ ପରେ ବିଦ୍ୟାଳୟ ପରିବର୍ତ୍ତନ ପାଇଁ ବାଧ୍ୟ କରେ, ଯାହା ଅନେକ ସମୟରେ ଶିକ୍ଷା ଛାଡ଼ିବାର କାରଣ ହୋଇଥାଏ। ଚିନ୍ତାର ବିଷୟ ହେଉଛି, ଦେଶର କେବଳ ପ୍ରାୟ ୫ ପ୍ରତିଶତ ବିଦ୍ୟାଳୟ ଶ୍ରେଣୀ ୧ରୁ ୧୨ ପର୍ଯ୍ୟନ୍ତ ନିରନ୍ତର ଶିକ୍ଷାର ସୁବିଧା ପ୍ରଦାନ କରେ।

ଦ୍ୱିତୀୟତଃ, ଭାରତର ବହୁସଂଖ୍ୟକ ବିଦ୍ୟାଳୟରେ ଛାତ୍ର ସଂଖ୍ୟା ଅତ୍ୟନ୍ତ କମ୍। ଏକ-ତୃତୀୟାଂଶରୁ ଅଧିକ ବିଦ୍ୟାଳୟରେ ୫୦ରୁ କମ୍ ଛାତ୍ରଛାତ୍ରୀ ଅଛନ୍ତି। ପ୍ରାୟ ୫.୧ ପ୍ରତିଶତ ବିଦ୍ୟାଳୟରେ ୧୦ରୁ କମ୍ ଏବଂ ୮ ପ୍ରତିଶତ ବିଦ୍ୟାଳୟରେ ୧୧ରୁ ୨୦ ଜଣ ଛାତ୍ରଛାତ୍ରୀ ଅଛନ୍ତି। ଏପରି କ୍ଷୁଦ୍ର ବିଦ୍ୟାଳୟଗୁଡ଼ିକୁ ପରିଚାଳନା କରିବା ଅର୍ଥନୈତିକ ଭାବେ ଅକାର୍ଯ୍ୟକ୍ଷମ ଏବଂ ପ୍ରଶାସନିକ ଭାବେ କଠିନ ହୋଇପଡ଼େ। ତୃତୀୟତଃ, ଶିକ୍ଷକ ଅଭାବ ଆଜି ମଧ୍ୟ ଏକ ଗମ୍ଭୀର ସମସ୍ୟା। ୟୁଡାଇଜ୍ ପ୍ଲସ୍ର ୨୦୨୪-୨୫ ତଥ୍ୟ ଅନୁସାରେ, ଦେଶର ୧ଲକ୍ଷରୁ ଅଧିକ ବିଦ୍ୟାଳୟ କେବଳ ଜଣେ ଶିକ୍ଷକଙ୍କ ଦ୍ୱାରା ପରିଚାଳିତ ହେଉଛି, ଯାହା ସମୁଦାୟ ବିଦ୍ୟାଳୟର ୭ ପ୍ରତିଶତରୁ ଅଧିକ। ଏପରି ପରିସ୍ଥିତିରେ ଜଣେ ଶିକ୍ଷକଙ୍କୁ ଏକାଧିକ ଶ୍ରେଣୀକୁ ପଢ଼ାଇବା, ପ୍ରଶାସନିକ କାର୍ଯ୍ୟ ସମ୍ଭାଳିବା, ଅଭିଭାବକଙ୍କ ସହ ଯୋଗାଯୋଗ କରିବା ଓ ମଧ୍ୟାହ୍ନ ଭୋଜନ ଯୋଜନାର ତଦାରଖ କରିବାକୁ ପଡ଼େ। ଫଳରେ ଗୁଣାତ୍ମକ ଶିକ୍ଷାଦାନ ପ୍ରାୟ ଅସମ୍ଭବ ହୋଇପଡ଼େ।

ଚତୁର୍ଥତଃ, ଶୂନ୍ୟ-ନାମଲେଖା ବିଦ୍ୟାଳୟର ସଂଖ୍ୟା ମଧ୍ୟ ସଂସ୍ଥାଗତ କାର୍ଯ୍ୟକ୍ଷମତାକୁ ପ୍ରଭାବିତ କରୁଛି। ଦେଶରେ ପ୍ରାୟ ୭, ୯୯୩ଟି ବିଦ୍ୟାଳୟରେ କୌଣସି ଛାତ୍ରଛାତ୍ରୀ ନାହାନ୍ତି। ଏହାର ସଂଖ୍ୟା ପଶ୍ଚିମବଙ୍ଗ ଓ ତେଲଙ୍ଗାନା ପରି ରାଜ୍ୟରେ ଅଧିକ। ଓଡ଼ିଶାର ସ୍ଥିତି ତୁଳନାତ୍ମକ ଭାବେ ଭଲ ଥିଲେ ମଧ୍ୟ ରାଜ୍ୟରେ ଏବେ ମଧ୍ୟ ୩ଟି ଶୂନ୍ୟ-ନାମଲେଖା ବିଦ୍ୟାଳୟ, ୧, ୦୮୯ଟି ଏକକ-ଶିକ୍ଷକ ବିଦ୍ୟାଳୟ ଏବଂ ପ୍ରାୟ ୪୭, ୯୪୦ ଛାତ୍ରଛାତ୍ରୀ ଏପରି ବିଦ୍ୟାଳୟରେ ଅଧ୍ୟୟନ କରୁଛନ୍ତି। ପଞ୍ଚମତଃ, ଅସମାନ ନାମଲେଖା ଓ ସମ୍ବଳ ବଣ୍ଟନର ବିଷମତା ଶିକ୍ଷାର ଗୁଣବତ୍ତାକୁ କ୍ଷତିଗ୍ରସ୍ତ କରୁଛି। ଅନେକ ବିଦ୍ୟାଳୟରେ ଆବଶ୍ୟକୀୟ ଭିତ୍ତିଭୂମି ଓ ମାନବ ସମ୍ବଳର ଅଭାବ ମଧ୍ୟ ରହିଛି। ଫଳରେ ଶିକ୍ଷକମାନେ ଏକକ କକ୍ଷରେ ବହୁ-ଶ୍ରେଣୀ ଶିକ୍ଷାଦାନ କରିବାକୁ ବାଧ୍ୟ ହେଉଛନ୍ତି। କିନ୍ତୁ ଅଧିକାଂଶ ଶିକ୍ଷକ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ବହୁ-ଶ୍ରେଣୀ ଶିକ୍ଷାଦାନ ପ୍ରଣାଳୀ ଉପରେ ପର୍ଯ୍ୟାପ୍ତ ଗୁରୁତ୍ୱ ଦିଆଯାଏ ନାହିଁ। ଏହାର ପରିଣାମ ସ୍ୱରୂପ ଶିକ୍ଷାର ଫଳାଫଳ ଅସମାନ ରହିଯାଏ।

ଏହି ସମସ୍ୟାଗୁଡ଼ିକର ସମାଧାନ ଓ ଛାତ୍ରଛାତ୍ରୀଙ୍କ ଶିକ୍ଷା ଛାଡ଼ିବା ହାର କମାଇବା ପାଇଁ ଗଠନମୂଳକ ସଂସ୍କାର ଅତ୍ୟାବଶ୍ୟକ। ସମନ୍ୱିତ ବିଦ୍ୟାଳୟ(କମ୍ପୋଜିଟ୍ ସ୍କୁଲ୍) ଏବଂ ପ୍ରମାଣ-ଆଧାରିତ ବିଦ୍ୟାଳୟ ପୁନର୍ଗଠନ ଏହାର ମୁଖ୍ୟ ଉପାୟ ହୋଇପାରେ। ପିରାମିଡ୍ ଆକୃତିର ଶିକ୍ଷା ବ୍ୟବସ୍ଥା ପରିବର୍ତ୍ତେ ଏକ ସିଲିଣ୍ଡର ଆକୃତିର ବ୍ୟବସ୍ଥା ଗଢ଼ି ଉଠିଲେ ଛାତ୍ରଛାତ୍ରୀମାନେ ପ୍ରାଥମିକରୁ ଉଚ୍ଚ ମାଧ୍ୟମିକ ସ୍ତର ପର୍ଯ୍ୟନ୍ତ ଏକ ସମନ୍ୱିତ ପରିବେଶରେ ଶିକ୍ଷା ଗ୍ରହଣ କରିପାରିବେ ଏହି ପୁନର୍ଗଠନ ଜାତୀୟ ଶିକ୍ଷାନୀତି ୨୦୨୦ର ୫+୩+୩+୪ ପାଠ୍ୟକ୍ରମ ଢାଞ୍ଚାକୁ ସଫଳ ଭାବରେ କାର୍ଯ୍ୟକାରୀ କରିବା ସହିତ ଭିତ୍ତିଭୂମି, ଶିକ୍ଷକ ଓ ଶିକ୍ଷା ସମ୍ବଳର ସନ୍ତୁଳିତ ବଣ୍ଟନକୁ ସୁନିଶ୍ଚିତ କରିପାରିବ। ସେହିପରି, ଶିକ୍ଷାନୀତି୨୦୨୦ର ଧାରା ୭.୬ରେ ପ୍ରସ୍ତାବିତ ସ୍କୁଲ କମ୍ପ୍ଲେକ୍ସ ବ୍ୟବସ୍ଥାକୁ ମଧ୍ୟ କାର୍ଯ୍ୟକାରୀ କରିବା ଆବଶ୍ୟକ। ଏହି ମଡେଲରେ ଏକ ମାଧ୍ୟମିକ କିମ୍ବା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ହବ୍ ଭାବେ କାର୍ଯ୍ୟ କରିବ ଏବଂ ଏହାର ଚାରିପାଖରେ ୫ରୁ ୧୦ କିଲୋମିଟର ବ୍ୟାସାର୍ଦ୍ଧ ମଧ୍ୟରେ ଥିବା ଅନ୍ୟ ବିଦ୍ୟାଳୟ ଓ ଅଙ୍ଗନବାଡ଼ି କେନ୍ଦ୍ରଗୁଡ଼ିକ ଏହା ସହ ଯୋଡ଼ିତ ହେବେ।

ସ୍କୁଲ କମ୍ପ୍ଲେକ୍ସ ବ୍ୟବସ୍ଥା ଶିକ୍ଷାଗତ ନିରନ୍ତରତା, ସମାନ ସମ୍ବଳ ବଣ୍ଟନ ଓ ପ୍ରଶାସନିକ କାର୍ଯ୍ୟକ୍ଷମତାକୁ ବୃଦ୍ଧି କରିପାରିବ। ଏହାଦ୍ୱାରା ବିଷୟଭିତ୍ତିକ ଶିକ୍ଷକ, ବିଜ୍ଞାନ ଓ ଆଇସିଟି ପରୀକ୍ଷାଗାର, ପୁସ୍ତକାଳୟ, କ୍ରୀଡ଼ା ସୁବିଧା ଓ ଧନ୍ଦାମୂଳକ ଶିକ୍ଷାର ଉତ୍ତମ ବ୍ୟବହାର ସମ୍ଭବ ହେବ। ଏହା ସହିତ ଶିକ୍ଷକମାନଙ୍କ ମଧ୍ୟରେ ପରସ୍ପର ଶିକ୍ଷା, ସହଯୋଗମୂଳକ ବୃତ୍ତିଗତ ବିକାଶ ଏବଂ ଅଧିକ ପ୍ରଭାବଶାଳୀ ନିରୀକ୍ଷଣ ବ୍ୟବସ୍ଥା ଗଢ଼ିଉଠିବ। ବିଶେଷକରି ଗ୍ରାମାଞ୍ଚଳ, ଦୁର୍ଗମ ଓ ଆଦିବାସୀ ଅଞ୍ଚଳରେ ଏହି ମଡେଲ ଅଧିକ ଉପଯୋଗୀ ସାବ୍ୟସ୍ତ ହୋଇପାରିବ। ଏହି ଆଲୋଚନା ଭାରତର ଶିକ୍ଷା ବ୍ୟବସ୍ଥାର ଅନେକ ସମସ୍ୟା ମଧ୍ୟରୁ କେବଳ ଗୋଟିଏ ଦିଗକୁ ଉପସ୍ଥାପନ କରିଛି। ଗଠନମୂଳକ ଖଣ୍ଡୀକରଣ ବ୍ୟତୀତ ଅନେକ ଶିକ୍ଷାଗତ, ପ୍ରଶାସନିକ ଓ ସାମାଜିକ-ଆର୍ଥିକ ବାଧା ମଧ୍ୟ ଶିକ୍ଷାର ସାମଗ୍ରିକ ଉନ୍ନତିକୁ ପ୍ରଭାବିତ କରୁଛି। ତେଣୁ ଶିକ୍ଷା ନୀତିର କାର୍ଯ୍ୟାନ୍ୱୟନ ସମୟରେ ଏହି ସମସ୍ତ ଦିଗକୁ ବିଚାର କରିବା ଅତ୍ୟାବଶ୍ୟକ, ଯାହା ଦ୍ୱାରା ଶିକ୍ଷାନୁଷ୍ଠାନଗୁଡ଼ିକର ସାମଗ୍ରିକ ବିକାଶ ଏବଂ ଦେଶବ୍ୟାପୀ ଶିକ୍ଷାର ଫଳାଫଳର ଉନ୍ନତି ସୁନିଶ୍ଚିତ ହୋଇପାରିବ। ●

(ଅଧ୍ୟାପକ, ଲକ୍ଷ୍ମୀନାରାୟଣ କଲେଜ୍)
ଝାରସୁଗୁଡ଼ା, ମୋ: ୮୨୪୯୪୦୩୩୧

## ଅଶୋକଙ୍କ ଅଭିଲେଖ ଓ ସ୍ୱତନ୍ତ୍ର କଳିଙ୍ଗ ଅଭିଲେଖ

ପ୍ରବୀର କୁମାର ପଟ୍ଟନାୟକ

### ଓଡ଼ିଶାର ବୌଦ୍ଧ ପରମ୍ପରା

ପୂର୍ବପ୍ରକାଶିତ ଉତ୍ତାରୁ...

ଭାରତୀୟ ପରମ୍ପରାର କ୍ଷେତ୍ର ବିସ୍ତାର ନୀତିକୁ ଅଶୋକ ସ୍ପଷ୍ଟ ଭାବରେ ପରିତ୍ୟାଗ କରିଥିବାରୁ ଏହା ଆଶ୍ଚର୍ଯ୍ୟ ଲାଗିପାରେ ଯେ ସେ କାହିଁକି କଳିଙ୍ଗକୁ ତା'ର ପୂର୍ବ ସ୍ୱାଧୀନତା ଫେରାଇ ଦେଇ ନ ଥିଲେ, ଅର୍ଥାତ୍ କଳିଙ୍ଗକୁ ସ୍ୱତନ୍ତ୍ର କରି ନ ଥିଲେ। ଏଠାରେ ଦର୍ଶାଇବାକୁ ହେବ ଯେହେତୁ ଅଶୋକ ଯୁଦ୍ଧ ନୀତି ପରିତ୍ୟାଗ କରିଥିଲେ, ତେଣୁ କଳିଙ୍ଗକୁ ପୁଣି ସ୍ୱାଧୀନ କରିଦେବା ଉଚିତ ଥିଲା, କିନ୍ତୁ ସେ ତାହା କଲେନାହିଁ। କିନ୍ତୁ ଏଭଳି ଅନେକ ସଙ୍କେତ ତଥା ପ୍ରମାଣ ରହିଛି ଯେ ନିଜର ନୂତନନୀତି (ଧର୍ମନୀତି/ଅହିଂସା) ସତ୍ତ୍ୱେ ଅଶୋକ ନିଜର ସାମ୍ରାଜ୍ୟବାଦୀ ଅଭିଳାଷ ଛାଡ଼ି ନଥିଲେ ଏବଂ ନୂତନ ନୀତି ଗ୍ରହଣ କରିବା ପୂର୍ବରୁ ହିଁ କଳିଙ୍ଗ ଯୁଦ୍ଧ ଜୟ କରାଯାଇ ସାରିଥିଲା। କଳିଙ୍ଗ ଯୁଦ୍ଧ ପରେ ଅଶୋକ ସେଠାରେ ସାଧାରଣ ଶିଳାଲେଖ (ଯେଉଁଥିରେ ସେ କଳିଙ୍ଗବାସୀଙ୍କୁ ନିଜର ପ୍ରଜା ବୋଲି କହିଥିଲେ) ଖୋଦେଇ କରିଥିଲେ। ଏହାର ମୁଖ୍ୟ କାରଣ ଥିଲା ଯୁଦ୍ଧରେ ପରାଜିତ ଓ ବିଦ୍ରୋହୀ କଳିଙ୍ଗବାସୀଙ୍କୁ ନିଜ ନିୟନ୍ତ୍ରଣରେ ରଖିବା ତଥା ସେମାନଙ୍କ ବିଶ୍ୱାସ ଜିତିବା ଏବଂ ମୌର୍ଯ୍ୟ ସାମ୍ରାଜ୍ୟ ସହ ସେମାନଙ୍କୁ ସାମିଲ କରି ସୁଦୃଢ଼ ଶାସନ ପ୍ରତିଷ୍ଠା କରିବା।

ଏହି ଆଲୋଚନା ଉଦ୍ଦେଶ୍ୟରେ ଆମକୁ ଅଶୋକଙ୍କର ସମସ୍ତ ଶିଳାଲେଖକୁ ତିନିଗୋଟି ଭାଗରେ ବିଚାର କରିବାକୁ ହେବ। (୧) ଯେଉଁ ଶିଳାଲେଖସବୁ ସମଗ୍ର ସାମ୍ରାଜ୍ୟରେ ପ୍ରକାଶିତ ହୋଇଥିଲା, ଏପରିକି କଳିଙ୍ଗରେ ମଧ୍ୟ ଏବଂ ସେଗୁଡ଼ିକ ହେଲା ପ୍ରଥମରୁ ଦଶମ ଓ ଚତୁର୍ଦ୍ଦଶ; (୨) ଯେଉଁଗୁଡ଼ିକ କଳିଙ୍ଗରେ ପ୍ରକାଶିତ ହୋଇ ନ ଥିଲା ଲବଯ ତାହା ହେଲା ଏକାଦଶରୁ ତ୍ରୟୋଦଶ। (୩) ଯେଉଁଗୁଡ଼ିକ କଳିଙ୍ଗରେ ମିଳିଥିଲା, ସେଗୁଡ଼ିକ ହେଉଛି ଦୁଇଟିଯାକ ସ୍ୱତନ୍ତ୍ର କଳିଙ୍ଗ ଶିଳାଲେଖ। କ୍ଷୁଦ୍ର ଶିଳଲେଖ ପର୍ଯ୍ୟାୟ ଅଥବା ସ୍ତମ୍ଭ ଶିଳାଲେଖ ପର୍ଯ୍ୟାୟର କୌଣସି ସଂସ୍କରଣ ଓଡ଼ିଶା ଅଞ୍ଚଳରେ ମିଳିନାହିଁ। କିନ୍ତୁ ଏଗୁଡ଼ିକର ବଣ୍ଟନ ଅତ୍ୟନ୍ତ ଅନିୟମିତ ହୋଇଥିବାରୁ ଓଡ଼ିଶାରେ ଏହାର ଅନୁପସ୍ଥିତି ଐତିହାସିକ ଦୃଷ୍ଟିକୋଣରୁ ସମ୍ଭବତଃ ବିଶେଷ ଗୁରୁତ୍ୱପୂର୍ଣ୍ଣ ନୁହେଁ। ମାତ୍ର ଭୁବନେଶ୍ୱରରେ ଏକଦା ଅଶୋକସ୍ତମ୍ଭ ଥିବାର ଜଣାଯାଇଛି।

ସାମ୍ରାଜ୍ୟ ବ୍ୟାପୀ ପ୍ରକାଶିତ ଶିଳାଲେଖ: ନଂ ୧ - ପଶୁବଳି ଏବଂ ଅଶୋକଙ୍କ ଦ୍ୱାରା ଅନୁମୋଦିତ ନଥିବା ସାମାଜିକ ସମାବେଶକୁ ନିଷେଧ। ଏହି ରାଜ ନିୟମର ବ୍ୟବସ୍ଥାଗୁଡ଼ିକ ସମ୍ଭବତଃ କେବଳ ରାଜଧାନୀରେ ଲାଗୁ ହୋଇଥିଲା। ଏହି ଅନୁଶାସନରେ ମଧ୍ୟ ରାଜପ୍ରାସାଦରେ ମାଂସଭୋଜନ ପ୍ରାୟତଃ ଉଚ୍ଛେଦ କରାଯାଇଥିଲା। ନଂ ୨ - ସାମ୍ରାଜ୍ୟ ଭିତରେ ତଥା ସାମ୍ରାଜ୍ୟର ସୀମା ବାହାରେ ଉଭୟ ମଣିଷ ଓ ଜୀବଜନ୍ତୁଙ୍କୁ ଚିକିତ୍ସା ସୁବିଧା ପ୍ରଦାନ। ନଂ ୩ - ଅଧିକାରୀମାନଙ୍କୁ ସେମାନଙ୍କ ଅଞ୍ଚଳ ମଧ୍ୟରେ ଚାରିଆଡ଼େ ଅନ୍ୟୁନ ପ୍ରତି ପାଞ୍ଚବର୍ଷରେ ଥରେ ଗସ୍ତ କରିବା ନିମନ୍ତେ ନିର୍ଦ୍ଦେଶ। ନଂ ୪ - ଧର୍ମର ପ୍ରସାର ତଥା ଅଗ୍ରଗତିର ବିବରଣୀ। ନଂ ୫ - ସମସ୍ତ ସାମ୍ରାଜ୍ୟରେ ଧର୍ମ ଅଧିକାରୀ (ଧର୍ମ ମହାମାତ୍ର)ମାନଙ୍କ ନିଯୁକ୍ତି। ନଂ ୬ - ଜନସାଧାରଣଙ୍କ କାର୍ଯ୍ୟ ଅଥବା ରାଜକାର୍ଯ୍ୟ ସଠିକ୍ ଭାବେ ତୁଲାଇବା ନିମନ୍ତେ ସେ ଯେଉଁଠି ଥାଆନ୍ତୁ ନା କାହିଁକି ଯେଉଁ ସମୟରେ ମଧ୍ୟ ତାଙ୍କୁ ସୂଚନା ଦିଆଯିବ। ଶିଳାଲେଖଟି ଏକ ଭାବପୂର୍ଣ୍ଣ ଅନୁଚ୍ଛେଦ ସହିତ ଶେଷ ହୋଇଛି, ଯେଉଁଥିରେ ଅଶୋକ ସମଗ୍ର ବିଶ୍ୱର କଲ୍ୟାଣ ନିମନ୍ତେ ତାଙ୍କର ଚିନ୍ତା ବ୍ୟକ୍ତ କରିଛନ୍ତି। ନଂ ୭ - ସାଂପ୍ରଦାୟିକ ଗୋଷ୍ଠୀମାନଙ୍କ ମଧ୍ୟରେ ସୌହାର୍ଦ୍ଦ ପାଇଁ ଏକ ସଂକ୍ଷିପ୍ତ ଆହ୍ୱାନ। ନଂ ୮ - ଅଶୋକ ଶିକାର ଓ ଆମୋଦପ୍ରମୋଦ ଜନିତ ଭ୍ରମଣ ତ୍ୟାଗ କରିବା ଏବଂ ସେଗୁଡ଼ିକ ସ୍ଥାନରେ ଧର୍ମ ଯାତ୍ରା (ଧର୍ମ ପ୍ରଚାର ଓ ଲୋକ କଲ୍ୟାଣକାରୀ ଭ୍ରମଣ) ପ୍ରଚଳନ। ନଂ ୯ - ଅଶୋକ ନିରର୍ଥକ ଧର୍ମାନୁଷ୍ଠାନ ତଥା ରୀତିନୀତି ପାଳନକୁ ବନ୍ଦ କରିବା ନିମନ୍ତେ ତାଙ୍କ ପ୍ରଜାମାନଙ୍କୁ ପରାମର୍ଶ ଦେବା ସହ ସେଗୁଡ଼ିକୁ ପରିତ୍ୟାଗ କରି ତା' ବଦଳରେ 'ଧମ୍ମ'ର (ଧର୍ମ) ରୀତିନୀତି ଅର୍ଥାତ୍ ସଦାଚାର ଓ ଭଦ୍ର ଆଚରଣ ପାଳନ କରିବା ନିମନ୍ତେ ଆହ୍ୱାନ କରିଥିଲେ।(କ୍ରମଶଃ...) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭ ୯୦

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୁନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ବଜ୍ରପାତରେ ଶ୍ରମିକ ମୃତ, ଯୁବତୀ ଆହତ

ଅମ୍ବାଭୋନା,୨୬।୬(ସମିସ): ବରଗଡ଼ ଜିଲ୍ଲାର ଅମ୍ବାଭୋନା ବ୍ଲକରେ ଶୁକ୍ରବାର ବଜ୍ରପାତରେ ଜଣେ ଶ୍ରମିକଙ୍କ ମୃତ୍ୟୁ ଘଟିଥିବାବେଳେ ଅନ୍ୟଜଣେ ମହିଳା ଆହତ ହୋଇଛନ୍ତି। ମୃତକ ହେଲେ ମୁର୍ଶିଦାବାଦ ଜିଲ୍ଲାର ବାସିନ୍ଦା ମହମ୍ମଦ ଅନସାର (୩୫)। ଅମ୍ବାଭୋନା ବ୍ଲକ ଲଖନପୁର ଗ୍ରାମରେ ରହି ମହମ୍ମଦ ରାଜମିସ୍ତ୍ରୀ ଓ ଟାଇଲ୍ କାମ କରୁଥିଲେ। ଶୁକ୍ରବାର ମଧ୍ୟାହ୍ନ ପ୍ରାୟ ୧୨ଟାରେ ଗାଁ ପୋଖରୀରେ ଗାଧୋଉଥିବା ବେଳେ ବଜ୍ରପାତରେ ଗୁରୁତର ହୋଇଥିଲେ। ସ୍ଥାନୀୟ ଲୋକ ତାଙ୍କୁ ପ୍ରଥମେ ଲଖନପୁର ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ଆମ୍ବୁଲାନ୍ସ ଯୋଗେ ବରଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସେହିପରି କର୍ଲା ପଞ୍ଚାୟତ କର୍ଲା ଗାଁର ସୌଦାମିନୀ ଭୁଏ(୨୪) ମଧ୍ୟ ବଜ୍ରପାତରେ ଗୁରୁତର ହୋଇ ବରଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି ହୋଇଛନ୍ତି।

### ରେମୁଣା ବ୍ୟବସାୟୀଙ୍କ ହତ୍ୟା ଘଟଣା

## ବାଲେଶ୍ୱର ଗସ୍ତ ପାଇଁ ଟିମ୍ ଗଢ଼ିଲା ବିଜେଡି

**ତଥ୍ୟ ଅନୁଧ୍ୟାନ କରି ନବୀନଙ୍କୁ ଦିଆଯିବ ରିପୋର୍ଟ**

ଭୁବନେଶ୍ୱର,୨୬।୬(ସମିସ): ରେମୁଣାର ବ୍ୟବସାୟୀ ଏସକେ ହମିଦଙ୍କ ହତ୍ୟାକାଣ୍ଡକୁ ବିଜେଡି ଗଭୀର ଉଦବେଗ ପ୍ରକାଶ କରିଛି। ଗତ ୨୫ ଜୁନ୍‌ରେ ବାଲେଶ୍ୱର ସହରରେ କିଛି ଅଜଣା ଦୁର୍ବୃତଙ୍କ ଦ୍ୱାରା ଏହି ହତ୍ୟା ଘଟିଥିଲା। ଏହି ଘଟଣା ଜିଲ୍ଲାର ଆଇନ ଶୃଙ୍ଖଳା ପରିସ୍ଥିତି ନେଇ ଗମ୍ଭୀର ପ୍ରଶ୍ନ ଉଠାଇଥିବା ବେଳେ ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶ କ୍ରମେ ଏହି ଘଟଣାର ଅନୁଧ୍ୟାନ ପାଇଁ ଏକ ଟିମ୍ ଗଠନ ହୋଇଛି। ବାଲେଶ୍ୱର ଜିଲ୍ଲା ବିଜେଡି ସଭାପତି ଜ୍ୟୋତି ପ୍ରକାଶ ପାଣିଗ୍ରାହୀଙ୍କ ସଂଯୋଜନାରେ ଏହି ଟିମ୍ ଉକ୍ତ ସ୍ଥାନକୁ ଗସ୍ତ କରିବ। ଟିମ୍ ଘଟଣାସ୍ଥଳ ପରିଦର୍ଶନ ସହ ବାଲେଶ୍ୱର ବଜାର କମିଟି, ସ୍ଥାନୀୟ ବ୍ୟବସାୟୀ, ମୃତକଙ୍କ ପରିବାର ଓ ଅନ୍ୟାନ୍ୟ ଲୋକମାନଙ୍କ ସହ ଆଲୋଚନା କରିବ। ପରେ ପୁଲିସ୍ ପ୍ରଶାସନକୁ ଭେଟି ନିରପେକ୍ଷ, ନ୍ୟାୟସଂଗତ ଓ ସମୟସୀମା ଭିତରେ ତଦନ୍ତ କରିବାକୁ ଅନୁରୋଧ କରିବ ବୋଲି ଦଳ ପକ୍ଷରୁ ସୂଚନା ଦିଆଯାଇଛି। ଟିମ୍ ତଦନ୍ତ ପରେ ଏକ ବିସ୍ତୃତ ରିପୋର୍ଟ ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କୁ ପ୍ରଦାନ କରିବ ବୋଲି ସୂଚନା ମିଳିଛି। ଏହି ଟିମ୍‌ରେ ବିଧାୟକ ତଥା ବାଲେଶ୍ୱର ଜିଲ୍ଲା ବିଜେଡି କାର୍ଯ୍ୟକାରୀ ସଭାପତି ଗୌତମବୁଦ୍ଧ ଦାସ, ବିଜେଡି ବରିଷ୍ଠ ସାଧାରଣ ସମ୍ପାଦକ ଡଃ ଲେଖାଶ୍ରୀ ସାମନ୍ତସିଂହାର, ବିଧାୟକ ମାଧବ ଧଡ଼ା, ପୂର୍ବତନ ବିଧାୟକ ସ୍ୱରୂପ କୁମାର ଦାସ, ପୂର୍ବତନ ବିଧାୟକ ସୁକାନ୍ତ କୁମାର ନାୟକ, ପୂର୍ବତନ ବିଧାୟକ ଜୀବନ ପ୍ରଦୀପ ଦାଶ ପ୍ରମୁଖ ରହିଛନ୍ତି।

### ଏସ୍ଆଇଆର୍ କାମ ଅଟକାଇ ପାରିଲାନି ବଜ୍ରପାତ

## ଆହତ ହେବା ପରେ ବି ୧୦୦% କାମ ଶେଷ କଲେ ପ୍ରମିଳା ଓଝା

ଭୁବନେଶ୍ୱର,୨୬।୬(ସମିସ): କର୍ତ୍ତବ୍ୟ ପ୍ରତି ଅନନ୍ୟ ନିଷ୍ଠା ଓ ଦାୟିତ୍ୱବୋଧର ଏକ ଅସାଧାରଣ ଉଦାହରଣ ସୃଷ୍ଟି କରିଛନ୍ତି କେନ୍ଦ୍ରାପଡ଼ା ନିର୍ବାଚନ ମଣ୍ଡଳୀର ବୁଥ୍ ନମ୍ବର ୧୮୭ର ବୁଥ ସ୍ତରୀୟ ଅଧିକାରୀ (ବିଏଲ୍‌ଓ) ପ୍ରମିଳା ଓଝା। ରାଜ୍ୟରେ ଚାଲିଥିବା ସ୍ୱତନ୍ତ୍ର ସଘନ ସଂଶୋଧନ (ଏସ୍ଆଇଆର୍) କାର୍ଯ୍ୟ ସମୟରେ ସେ ନିଜର ଦେଶଭକ୍ତି ଓ ସେବା ମନୋଭାବର ପରିଚୟ ଦେଇଛନ୍ତି। ମିଳିଥିବା ସୂଚନା ଅନୁଯାୟୀ, ସ୍ୱତନ୍ତ୍ର ସଘନ ସଂଶୋଧନ ସମ୍ବନ୍ଧୀୟ କ୍ଷେତ୍ର ପରିଦର୍ଶନ (ଫିଲ୍ଡ ଭିଜିଟ୍) ସମୟରେ ହଠାତ ତାଙ୍କ ଉପରେ ଏକ ଭୟଙ୍କର ବଜ୍ରପାତ ହୋଇଥିଲା। ଏହି ବଜ୍ରପାତରେ ପ୍ରମିଳା ଓଝା ଏବଂ ତାଙ୍କ ଝିଅ ଗୁରୁତର ଭାବେ ଆହତ ହୋଇଥିଲେ। ଏଥିସହିତ ତାଙ୍କର ମୋବାଇଲ୍ ଫୋନ୍‌ଟି ମଧ୍ୟ ସମ୍ପୂର୍ଣ୍ଣ ଭାବେ ନଷ୍ଟ ହୋଇଯାଇଥିଲା। ଏଭଳି ଏକ ଭୟଙ୍କର ଦୁର୍ଘଟଣାର ଶିକାର ହେବା ପରେ ତାଙ୍କୁ ଡାକ୍ତରଖାନାରେ ଚିକିତ୍ସିତ ହେବାକୁ ପଡ଼ିଥିଲା। ଆଶ୍ଚର୍ଯ୍ୟର କଥା ଏହା ଯେ, ସେ ମେଡିକାଲ୍‌ରୁ ସୁସ୍ଥ ହୋଇ ଫେରିବା ମାତ୍ରେ ନିଜ ଶରୀରର କଷ୍ଟକୁ ଭୁଲି ପୁଣି କାମରେ ଲାଗିପଡ଼ିଥିଲେ। ସେ ନିଜ ଦାୟିତ୍ୱରେ ଥିବା ସମସ୍ତ ପରିଗଣନା ଫର୍ମର ୧୦୦ ପ୍ରତିଶତ ଡିଜିଟାଇଜେସନ କାର୍ଯ୍ୟକୁ ସଫଳତାର ସହ ସମୟ ଅବଧି ପୂର୍ବରୁ ଶେଷ କରିଛନ୍ତି। ତାଙ୍କର ଏହି ଅତୁଳନୀୟ ତ୍ୟାଗ ଓ ଦାୟିତ୍ୱବୋଧକୁ ସମ୍ମାନ ଜଣାଇ ମୁଖ୍ୟ ନିର୍ବାଚନ ଅଧିକାରୀ ଆର ଏସ ଗୋପଲନ ତାଙ୍କୁ ଉଚ୍ଚ ପ୍ରଶଂସା କରିଛନ୍ତି। କେନ୍ଦ୍ରାପଡ଼ା ଉପ-ଜିଲ୍ଲାପାଳ ତଥା ନିର୍ବାଚକ ପଞ୍ଜିକରଣ ଅଧିକାରୀ ଅରୁଣ କୁମାର ନାଏକ ପ୍ରଶାସନ ତରଫରୁ ତାଙ୍କୁ ପ୍ରଶଂସା କରିବା ସହିତ ସହାୟତା ଓ ପ୍ରୋତ୍ସାହନ ସ୍ୱରୂପ ଏକ ନୂଆ ମୋବାଇଲ୍ ଫୋନ୍ ଉପହାର ଦେଇ ସମ୍ବର୍ଦ୍ଧିତ କରିଛନ୍ତି। ପ୍ରମିଳା ଓଝାଙ୍କର ଏହି ନିଷ୍ଠା ଆଜିର ସମାଜରେ ଜନସେବାର ପ୍ରକୃତ ମନୋଭାବ ବା ଆଦର୍ଶକୁ ପ୍ରତିଫଳିତ କରୁଛି, ଯାହା ଅନ୍ୟ ସମସ୍ତ ସରକାରୀ କର୍ମଚାରୀଙ୍କ ପାଇଁ ପ୍ରେରଣାର ଉତ୍ସ ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି।


**AFFIDAVIT**

I Rama Chandra sahoo,S/o-late Bhika Sahoo Resident at satya nagar semiliguda,ps - Semiliguda, Dist-Koraput,Pin-764036,Odisha declare by this affidavit no-358on date-22/06/2026 that onwards I shall be known as **Rama Chandra Sahu** for all future purposes.

**AFFIDAVIT**

By virtue of an affidavit sworn before Executive Magistrate Rourkela , dated 24-06-2026 I, **Binual Lamga,** resident of House, Road, Dongabandh VTC: Dalki, PO: Dalki Sub District: Raiboga District Sundergarh, Odisha Pin Code: 770033 declare that I have changed my name from **Binu Lomga** to **Binual Lamga.** Henceforth, I shall be known as **Binual Lamga** for all purposes.

**Binual Lamga**

**AFFIDAVIT**

By virtue of an affidavit (Sl No. 226, dtd- 19/06/2026) sworn before the Executive Magistrate, Khariar, Nuapada. I, **Debarchan Mallik** (new name), S/o Gouranga Mallik, resident of Village: Badamula, PO: Bhuliasikuan, PS: Khariar, Dist: Nuapada, Odisha declare that I have changed my name from **Babulu Jhakar** (old name) to **Debarchan Mallik** (new name). Henceforth, I shall be known as **Debarchan Mallik** (new name) for all purpose.

**Debarchan Mallik**

**AFFIDAVIT**

By virtue of an affidavit sworn before Executive Magistrate, Bargarh vide no. 438 dated 23.06.2026, I Govinda Seth, S/o-Radhacharan Seth resident of At/Po.- T. Gandapali, Ps.- Bijepur, Dist.- Bargarh, PIN- 768032, Odisha state that, I have changed the name of my minor daughter from **Pragnyashree Seth** to **Smruti Swarupa Seth**. Henceforth she will be known as **Smruti Swarupa Seth** for all future purposes.

Sd/- Govinda Seth


## ତୃତୀୟ ପୃଷ୍ଠାର ଅବଶିଷ୍ଟାଂଶ

### ଏସ୍‌ସିଇଆର୍‌ଟିର ୪...

କାର୍ଯ୍ୟ ଖସଡ଼ା ପ୍ରସ୍ତୁତ କରିଛି। ସୁପାରିସ ମଧ୍ୟରେ ଏସସିଇଆରଟି ପକ୍ଷରୁ ମାଷ୍ଟର ତ୍ରୁଟି ରେଜିଷ୍ଟର ପ୍ରସ୍ତୁତ କରିବାକୁ କୁହାଯାଇଛି। ଅର୍ଥାତ୍ କଣ ତ୍ରୁଟି ରହିଛି ଏବଂ ତାହା ପ୍ରକୃତରେ କଣ ହେବ, ତାହାର ଏକ ବିସ୍ତୃତ ତାଲିକା ପ୍ରସ୍ତୁତ ହେବ। ସେହିପରି ଗୁରୁତର ତ୍ରୁଟି ଥିବା ପୃଷ୍ଠାଗୁଡ଼ିକ ପାଇଁ ପୁନଃମୁଦ୍ରିତ ପୃଷ୍ଠା କିମ୍ବା ପରିବର୍ତ୍ତିତ ଇନସର୍ଟ ଯୋଗାଇ ଦେବା, ସମସ୍ତ ଛାତ୍ରଛାତ୍ରୀଙ୍କୁ ମୁଦ୍ରିତ ସଂଶୋଧନ ପତ୍ର ବଣ୍ଟନ କରିବା, ସଂଶୋଧିତ ପିଡିଏଫ୍ ସଂସ୍କରଣକୁ ସରକାରୀ ଶିକ୍ଷାଦାନ ପାଇଁ ଅଧିକୃତ ସଂସ୍କରଣ ଭାବେ ଘୋଷଣା କରିବା, ଶିକ୍ଷକମାନଙ୍କ ପାଇଁ ସଂଶୋଧନ ସମ୍ବନ୍ଧୀୟ ତୁରନ୍ତ ଅଭିମୁଖୀକରଣ ବା ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଆୟୋଜନ କରିବାକୁ କୁହାଯାଇଛି। ସେହିପରି ପୁସ୍ତକର ପ୍ରତ୍ୟେକ ତ୍ରୁଟି ପାଇଁ ଉତ୍ତରଦାୟିତ୍ୱ ନିର୍ଦ୍ଧାରଣ କରିବା, ଡିଟିପି ଏଜେନ୍ସି, ମୁଦ୍ରକ ଏବଂ ଅନୁମୋଦନକାରୀ କର୍ତ୍ତୃପକ୍ଷଙ୍କୁ କାରଣ ଦର୍ଶାଅ ନୋଟିସ କରି ଆବଶ୍ୟକ ଓ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ମଧ୍ୟ କୁହାଯାଇଛି। ଅର୍ଥାତ୍ ଆଗକୁ କାର୍ଯ୍ୟାନୁଷ୍ଠାନ ତାଲିକା ଆହୁରି ଲମ୍ବିବା ଏକପ୍ରକାର ନିଶ୍ଚିତ ହୋଇଛି।

ଏସସିଇଆରଟି ପାଠ୍ୟପୁସ୍ତକ ପାଇଁ ଗୁଣବତ୍ତା ନିଶ୍ଚିତକରଣ ସେଲ୍ ଗଠନ କରିବା, ଏନ୍‌ସିଇଆରଟି ଢାଞ୍ଚାରେ ବିଷୟଭିତ୍ତିକ ପାଠ୍ୟକ୍ରମକୁ ବିକାଶ କରିବା ପାଇଁ କମିଟି ଗଠନ କରିବା, ପୁସ୍ତକ ମୁଦ୍ରଣ ପୂର୍ବରୁ ତ୍ରୁଟିଶୂନ୍ୟ ବୋଲି ନିଶ୍ଚିତ କରିବାକୁ ଚାରି-ସ୍ତରୀୟ ପ୍ରୁଫ୍ ଯାଞ୍ଚ ବ୍ୟବସ୍ଥା ଏବଂ ପିଡିଏଫ୍ ପ୍ରଣାଳୀ ପ୍ରଚଳନ କରିବା, ସାର୍ବଜନୀନ ଏରାଟା ପୋର୍ଟାଲ୍ କରିବା, ପ୍ରିଣ୍ଟର ଓ ଡିଟିପି କରୁଥିବା ବ୍ୟକ୍ତି ବା ସଂସ୍ଥାଙ୍କ ପାଇଁ ଜରିମାନା, କାର୍ଯ୍ୟଦକ୍ଷତା ମୂଲ୍ୟାଙ୍କନ ଏବଂ କାର୍ଯ୍ୟରେ ଅବହେଳା କଲେ ବ୍ଲାକଲିଷ୍ଟିଂ ବ୍ୟବସ୍ଥା କରିବା, ପ୍ରତ୍ୟେକ ନୂତନ ପାଠ୍ୟପୁସ୍ତକ ପାଇଁ ପାଇଲଟ୍ ପରୀକ୍ଷଣ କରିବାକୁ ସୁପାରିସ କରାଯାଇଛି। ଭବିଷ୍ୟତରେ ପୁସ୍ତକକୁ ତ୍ରୁଟିଶୂନ୍ୟ କରିବାକୁ ବିନା ଅନୁମୋଦନରେ ମୁଦ୍ରଣ ପାଇଁ ପଠାଯିବ ନାହିଁ ବୋଲି କୁହାଯାଇଛି। ତଦନ୍ତ କମିଟିର ସମସ୍ତ ୧୪ ଟି ସୁପାରିସକୁ କାର୍ଯ୍ୟକାରୀ କରାଯିବ ବୋଲି ମଧ୍ୟ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି।

### ଷଷ୍ଠ ଶ୍ରେଣୀ...

କଟାକ୍ଷ କରିଛନ୍ତି । ସେହିପରି ୮ମ ଶ୍ରେଣୀ ବହିରେ ହିନ୍ଦୀ ଫିଲ୍ମ ଗୀତ 'ନିମ୍ବୁଡ଼ା...ନିମ୍ବୁଡ଼ା...' ଛପାଯିବାକୁ ନେଇ ମଧ୍ୟ ପ୍ରଶ୍ନ ଉଠିଛି । ଏହି ପ୍ରସଙ୍ଗକୁ ନେଇ ଛାତ୍ରଛାତ୍ରୀଙ୍କୁ ସହଜ ଖାଦ୍ୟ ପ୍ରସ୍ତୁତି, ପରିଷ୍କାର-ପରିଚ୍ଛନ୍ନତା, ପୌଷ୍ଟିକତା ଏବଂ ଦୈନନ୍ଦିନ ଜୀବନ କୌଶଳ ସହ ପରିଚିତ କରାଯାଉଥିବା କୁହାଯାଉଥିବା ସମୟରେଏହାର ଶିକ୍ଷାଗତ ଗୁରୁତ୍ୱକୁ ନେଇ ମତଭେଦ ସୃଷ୍ଟି ହୋଇଛି।

କିଛି ଅଭିଭାବକ କହିଛନ୍ତି ଯେ ବର୍ତ୍ତମାନର ପ୍ରତିଯୋଗିତାମୂଳକ ଯୁଗରେ ବିଜ୍ଞାନ, ଗଣିତ ଏବଂ ଭାଷା ଦକ୍ଷତା ଉପରେ ଅଧିକ ଗୁରୁତ୍ୱ ଦିଆଯିବା ଆବଶ୍ୟକ। ପାଠ୍ୟପୁସ୍ତକରେ ଖାଦ୍ୟ ପ୍ରସ୍ତୁତି ଭଳି ବିଷୟ ରହିବା ଠାରୁ ବୈଜ୍ଞାନିକ ଚିନ୍ତାଧାରା, ଡିଜିଟାଲ ଶିକ୍ଷା ଓ ସମସ୍ୟା ସମାଧାନ କୌଶଳ ଉପରେ ଅଧିକ ଅଧ୍ୟାୟ ରହିବା ଉଚିତ। ମାତ୍ର ପାଠ୍ୟପୁସ୍ତକରେ ଶସ୍ତା ଓ ଚାଲୁ ପ୍ରସଙ୍ଗକୁ ସ୍ଥାନ ଦେଇ ଏହାର ଗୁରୁତ୍ୱ ହ୍ରାସ ପାଇଁ ସରକାର ଉଦ୍ୟମ କରିଥିବା ଅଭିଯୋଗ ହୋଇଛି । କିଛି ଶିକ୍ଷକ ଓ ଶିକ୍ଷାବିତ୍ ଏହା ଛାତ୍ରଛାତ୍ରୀଙ୍କ ମଧ୍ୟରେ ସୃଜନଶୀଳତା, ଦୈନନ୍ଦିନ ଜୀବନରେ ଉପଯୋଗୀ କୌଶଳ ବିକଶିତ କରିବାରେ ସହାୟକ ହେବ ବୋଲି କହୁଛନ୍ତି, ମାତ୍ର ଅନ୍ୟପକ୍ଷରେ ଏହା ସରକାରଙ୍କର ଏକ ଚାତୁରୀ ଓ ଶିକ୍ଷାକୁ ରୁଗ୍ଣ କରିବାକୁ ଏହା ଏକ ପ୍ରୟାସ ବୋଲି ଅନେକ ଅଭିଯୋଗ କରିଛନ୍ତି। ତେଣୁ ଷଷ୍ଠ ଶ୍ରେଣୀ ବହିରେ 'ଝାଲ ମୁଢ଼ି' ପ୍ରସ୍ତୁତି ପାଠ୍ୟକ୍ରମର ପ୍ରାସଙ୍ଗିକତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ପୁନଶ୍ଚ ୮ମ ଶ୍ରେଣୀ ବହିରେ ହିନ୍ଦୀ ଫିଲ୍ମ ଦିଲ୍ ଦେ ଚୁକେ ସନମ୍‌ର 'ନିମ୍ବୁଡ଼ା ନିମ୍ବୁଡ଼ା... ଛୋଟା ଛୋଟା କାଚା କାଚା ନିମ୍ବୁଡ଼ା..' ଗୀତକୁ ସ୍ଥାନୀତ କରାଯିବା ମଧ୍ୟ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ପିଲାମାନଙ୍କୁ ଏହି ଗୀତ ପଢ଼ାଇ ସରକାର କ'ଣ ପ୍ରମାଣିତ କରିବାକୁ ଚାହୁଁଛନ୍ତି ବୋଲି ଅନେକ ଅଭିଭାବକ ପ୍ରଶ୍ନ କରିଛନ୍ତି ।

### ବହିରେ ତ୍ରୁଟି...

ଘଟଣାକୁ ଗ୍ରହଣ କରିଛନ୍ତି । ଏପରି ବିଭ୍ରାଟର ତଦନ୍ତ ନିର୍ଦ୍ଦେଶ ଦେବା ସହ ରିପୋର୍ଟ ଆଧାରରେ ୪ ଜଣଙ୍କୁ ନିଲମ୍ବନ କରାଯାଇଛି ଓ ୬ ଜଣଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ ହୋଇଛି। ମାତ୍ର ପଢ଼ା ବହିରେ ରହିଥିବା ତ୍ରୁଟିକୁ ନେଇ ମୁଖ୍ୟମନ୍ତ୍ରୀଙ୍କ ଟିପ୍ପଣୀ ଏବେ ସାଧାରଣରେ ଅନେକ ସନ୍ଦେହ ସୃଷ୍ଟି କରିଛି । ଗତକାଲି ଏକ ବେସରକାରୀ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ ମୁଖ୍ୟମନ୍ତ୍ରୀ ପଢ଼ା ବହିରେ ତ୍ରୁଟି ଏକ 'ଷଡ଼ଯନ୍ତ୍ର' ବୋଲି ଅଭିହିତ କରିଛନ୍ତି ।

ସେ କହିଛନ୍ତି ଯେ ପୂର୍ବରୁ ବହି ଛାପାରେ ତ୍ରୁଟି ରହୁଥିଲା । ମାତ୍ର ଏଥର ପରିମାଣ ଅସାଧାରଣ ଭାବରେ ଅଧିକ । ଏହା ପଛରେ ଷଡ଼ଯନ୍ତ୍ର ରହିଛି। ସ୍କ୍ରିପ୍ଟ ପ୍ରସ୍ତୁତି ଓ ମୁଦ୍ରଣ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ପ୍ରକ୍ରିୟାର ଯାଞ୍ଚ ଆବଶ୍ୟକ। ଆମ ସରକାରଙ୍କୁ ବଦନାମ କରିବା ପାଇଁ ଏକ ବଡ଼ ଷଡ଼ଯନ୍ତ୍ର ସନ୍ଦେହ ହୋଇଥିବା ସନ୍ଦେହ ହେଉଛି। ଯେଉଁମାନେ ଏଥିରେ ଜଡିତ ବୋଲି ଜଣାପଡିବେ ସେମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ। ଦୋଷୀମାନଙ୍କୁ ଚିହ୍ନଟ କରାଯିବ ଓ ଏପରି ତ୍ରୁଟି ପୁନରାବୃତ୍ତି ନହେବା ପାଇଁ ପଦକ୍ଷେପ ନିଆଯିବ। ଛାତ୍ରଛାତ୍ରୀମାନଙ୍କୁ ବଣ୍ଟନ କରାଯାଇଥିବା ସମସ୍ତ ତ୍ରୁଟିପୂର୍ଣ୍ଣ ପାଠ୍ୟପୁସ୍ତକ ପ୍ରତ୍ୟାହାର କରାଯିବ, ନୂତନ କପି ମୁଦ୍ରିତ ଓ ପୁନଃବଣ୍ଟନ କରାଯିବ। ଯଦି ଷଡ଼ଯନ୍ତ୍ରର ପ୍ରମାଣ ମିଳେ, ତେବେ ମୁଦ୍ରଣ ବାବଦ ସମସ୍ତ ବ୍ୟୟ ସମ୍ପୃକ୍ତ ଅଧିକାରୀଙ୍କଠାରୁ ଆଦାୟ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀଙ୍କ ଷଡ଼ଯନ୍ତ୍ର ସନ୍ଦେହକୁ ନେଇ ପ୍ରଶ୍ନ ଉଠାଇଛନ୍ତି ବିରୋଧୀ। ରାଜ୍ୟ କଂଗ୍ରେସ ସଭାପତି ଭକ୍ତଚରଣ ଦାସ କହିଛନ୍ତି ଯେ ମୁଖ୍ୟମନ୍ତ୍ରୀ ଷଡ଼ଯନ୍ତ୍ର କଥା ମାନିଥିବା ସ୍ୱାଗତଯୋଗ୍ୟ। ମାତ୍ର କିଏ ଷଡ଼ଯନ୍ତ୍ରକାରୀ, କିଏ ଏହାକୁ ଭୁଲ ଛପାଇଲା ସେ ସମ୍ପର୍କରେ ମୁଖ୍ୟମନ୍ତ୍ରୀ ନିରବ କାହିଁକି । କେଉଁ ଅଫିସର ଭୁଲ କରିଛନ୍ତି, ତାହା ସରକାର ସ୍ପଷ୍ଟ କରନ୍ତୁ । ଯିଏ ଭୁଲ ବହି ଛପାଇଛି, ତାହା ଉପରେ କାର୍ଯ୍ୟାନୁଷ୍ଠାନ ନିଅନ୍ତୁ ବୋଲି ଭକ୍ତ କହିଛନ୍ତି । ସେହିପରି ପୂର୍ବତନ ମନ୍ତ୍ରୀ ତଥା ବିଜେଡି ନେତା ଅଶୋକ ପଣ୍ଡା କହିଛନ୍ତି ଯେ ମୁଖ୍ୟମନ୍ତ୍ରୀ ଷଡ଼ଯନ୍ତ୍ର ସନ୍ଦେହ ସମ୍ପର୍କରେ ସ୍ପଷ୍ଟ କରନ୍ତୁ । ସମ୍ପାଦନା ମଣ୍ଡଳୀରେ କିଛି ଜଣାଶୁଣା ଲୋକ ଅଛନ୍ତି। ସେମାନଙ୍କ ମଧ୍ୟରୁ କେହି ଷଡ଼ଯନ୍ତ୍ର କରିଥାଇପାରେ । ଓଡ଼ିଆ ଅସ୍ମିତା କହି ସରକାରକୁ ଆସିଲେ କିନ୍ତୁ ଅସ୍ମିତା ହାତରୁ ଖସିଗଲା। ଚାଲି ନଜାଣି ବାଟର ଦୋଷ ଦେଉଛନ୍ତି। ମୁଖ୍ୟମନ୍ତ୍ରୀଙ୍କ ଦସ୍ତଖତରେ କମିଟି ଗଠନ ହୋଇଥିବ; ଯଦି ଷଡ଼ଯନ୍ତ୍ରର ଗନ୍ଧ ବାରୁଛନ୍ତି ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ନିଅନ୍ତୁ। ଭାଷାକୁ ଅପମାନ ଅକ୍ଷମଣୀୟ ଅପରାଧ ବୋଲି ଶ୍ରୀ ପଣ୍ଡା କହିଛନ୍ତି ।

### ଚମ୍ପତ ରାୟଙ୍କ...

ସଙ୍ଗିନ ଦଫା ଲଗାଇ ମାମଲା ରୁଜୁ କରାଯାଇଛି। ସିସିଟିଭି ଚିତ୍ର ଆଧାରରେ ମାମଲାରେ ସମ୍ପୃକ୍ତ ଥିବା ଆଠ ଜଣ ବ୍ୟକ୍ତିଙ୍କୁ ଚିହ୍ନଟ କରାଯାଇ ଗିରଫ କରାଯାଇଛି। ଗିରଫ ହୋଇଥିବା ବ୍ୟକ୍ତିମାନଙ୍କ ମଧ୍ୟରେ ଟଙ୍କା ଗଣତି ଦାୟିତ୍ୱରେ ଥିବା ଛଅ ଜଣ ମନ୍ଦିର କର୍ମଚାରୀ ଓ ବ୍ୟାଙ୍କର ପୂର୍ବତନ କର୍ମଚାରୀ ସାମିଲ ଅଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ତଦନ୍ତ ରିପୋର୍ଟ ଆସିବା ମାତ୍ରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି ଏବଂ ସତ୍ୟକୁ ସାମ୍ନାକୁ ଅଣାଯିବ। ଅନ୍ୟପଟେ ଏହି ଘଟଣାକୁ ନେଇ ରାଜନୀତି ଜୋର ଧରିଛି। ବିରୋଧୀ ଦଳଗୁଡ଼ିକ ଅଭିଯୋଗ କରିଛନ୍ତି ଯେ ମୁଖ୍ୟ ଅଭିଯୁକ୍ତଙ୍କୁ ବଞ୍ଚାଇବା ପାଇଁ ଏହି ଇସ୍ତଫାର ନାଟକ କରାଯାଉଛି ଏବଂ ବରିଷ୍ଠ ଅଧିକାରୀଙ୍କ ବିରୋଧରେ କଠୋର ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ। ରାମ ମନ୍ଦିର ପ୍ରତିଷ୍ଠା ପରଠାରୁ ଦୈନିକ ହଜାର ହଜାର ଶ୍ରଦ୍ଧାଳୁ ସେଠାକୁ ଆସୁଥିବା ବେଳେ ବାର୍ଷିକ ଶହ ଶହ କୋଟି ଟଙ୍କାର ଦାନ ଆସୁଛି। ଏଭଳି ପରିସ୍ଥିତିରେ ଏତେ ବଡ଼ ପରିମାଣର ଅର୍ଥ ହେରଫେର ଏବଂ ଦୁଇ ଜଣ ଶୀର୍ଷ ପଦାଧିକାରୀଙ୍କ ଇସ୍ତଫା ମନ୍ଦିରର ଆଭ୍ୟନ୍ତରୀଣ ପରିଚାଳନା ଓ ସ୍ୱଚ୍ଛତା ଉପରେ ଏକ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ବର୍ତ୍ତମାନ ସରକାରୀ ସ୍ତରରେ ତଦନ୍ତ ପ୍ରକ୍ରିୟା ଜାରି ରହିଛି।

### ଚାବି ରଖୁଥିବା...

ଗାଡ଼ି ଚାଳକ ରାମଶଙ୍କର ଯାଦବ ଓରଫ ଟିନ୍ନୁ ଯାଦବଙ୍କୁ ମୁଖ୍ୟ ଅଭିଯୁକ୍ତ କୁହାଯାଉଛି, ଯାହାଙ୍କ ପାଖରେ ଦାନ ବାକ୍ସର ଚାବି ରହୁଥିଲା। ଏହା ବ୍ୟତୀତ ଟଙ୍କା ଗଣତି ଦାୟିତ୍ୱରେ ଥିବା ବ୍ୟାଙ୍କର ପୂର୍ବତନ କର୍ମଚାରୀ ସୁଭାଷ ଶ୍ରୀବାସ୍ତବ, ମନ୍ଦିର ସେବକ ଅବିନାଶ ଶୁକ୍ଳା, ରାମଶଙ୍କର ମିଶ୍ର, ଅନୁକଳ୍ପ ମିଶ୍ର, ଲବକୁଶ ମିଶ୍ର, ମନୀଷ ଯାଦବ ଏବଂ କରୁଣେଶ ପାଣ୍ଡେଙ୍କୁ ଗିରଫ କରାଯାଇଛି। କେତେକ ଅଭିଯୁକ୍ତଙ୍କ ଘର ଏବଂ ବ୍ୟାଙ୍କ ଆକାଉଣ୍ଟରୁ ଚୋରି ହୋଇଥିବା ଲକ୍ଷାଧିକ ଟଙ୍କା ମଧ୍ୟ ଜବତ କରାଯାଇଛି। ମନ୍ଦିର ପ୍ରଶାସନ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ରସିଦ ମାଧ୍ୟମରେ ମିଳୁଥିବା ଦାନର ହିସାବ ସଠିକ ରହିଛି, କିନ୍ତୁ ଦାନ ବାକ୍ସରେ ପଡୁଥିବା ନଗଦ ଟଙ୍କା ଗଣତି ସମୟରେ ହିଁ ଏହି ବଡ଼ ଧରଣର ଚୋରି କରାଯାଇଛି। ଗିରଫ ହୋଇଥିବା ସମସ୍ତ ଅଭିଯୁକ୍ତଙ୍କ ବିରୋଧରେ ବିଶ୍ୱାସଘାତକତା, ଚୋରି ଏବଂ ଅପରାଧିକ ଷଡ଼ଯନ୍ତ୍ର ମାମଲା ରୁଜୁ କରାଯାଇ କୋର୍ଟ ଚାଲାଣ କରାଯିବା ସହ ଅଧିକ ପଚରାଉଚରା ଜାରି ରହିଛି।

### ଶିଳ୍ପାୟନରେ ସବୁ...

ଅଗ୍ରାଧିକାର ଶ୍ରେଣୀରେ ସାମିଲ କରାଯିବ। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ପୂର୍ବରୁ ଶିଳ୍ପ ପ୍ରତିଷ୍ଠା ପାଇଁ ଲାଗୁଥିବା ୪୦୦ ଦିନର ସମୟ ଏବେ ୧୬୦ ଦିନରୁ କମ୍ ହୋଇଯାଇଛି ଏବଂ ଆଗକୁ ଏହାକୁ ୧୦୦ ଦିନରୁ କମ୍ କରିବାକୁ ଲକ୍ଷ୍ୟ ରଖାଯାଇଛି। ଏହି ଅବସରରେ ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ କହିଛନ୍ତି ଯେ ଓଡ଼ିଶାରେ ଶିଳ୍ପ ଅନୁକୂଳ ନୀତି ସହିତ ଏକ ବଡ଼ ଏବଂ ଆଶାବାଦୀ ଯୁବ କାର୍ଯ୍ୟବଳ ରହିଛନ୍ତି। ସରକାର ଶିଳ୍ପ ଜଗତର ଆବଶ୍ୟକତା ଅନୁଯାୟୀ ଯୁବକଯୁବତୀମାନଙ୍କୁ ଆଧୁନିକ ଜ୍ଞାନକୌଶଳରେ ଦକ୍ଷତା ସମ୍ପନ୍ନ କରୁଛନ୍ତି, ଯାହାଫଳରେ ନିବେଶକାରୀମାନଙ୍କୁ ସହଜରେ କୁଶଳୀ ଶ୍ରମିକ ମିଳିପାରିବେ । କାର୍ଯ୍ୟକ୍ରମ ପ୍ରାରମ୍ଭରେ ଶିଳ୍ପ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା ପାୱାର ପଏଣ୍ଟ ଉପସ୍ଥାପନା ମାଧ୍ୟମରେ ଓଡ଼ିଶାର ଶିଳ୍ପ ଅଭିବୃଦ୍ଧି ଓ ନିବେଶର ସଫଳ ଚିତ୍ର ସିଆଇଆଇ ସଦସ୍ୟମାନଙ୍କ ସାମ୍ନାରେ ରଖିଥିଲେ। ଓଡ଼ିଶା କିପରି ବିଗତ ଦିନମାନଙ୍କରେ ସିଙ୍ଗଲ୍ ୱିଣ୍ଡୋ ସିଷ୍ଟମକୁ ସୁଦୃଢ଼ କରି ନିବେଶ ପ୍ରକଳ୍ପଗୁଡ଼ିକୁ ତୃଣମୂଳ ସ୍ତରରେ କାର୍ଯ୍ୟକାରୀ କରିବାରେ ଦେଶରେ ରେକର୍ଡ ସୃଷ୍ଟି କରିଛି ତାହା ଶ୍ରୀ ଶର୍ମା ଦର୍ଶାଇଥିଲେ।

### ଲାଲ୍‌ଜୀ ଦେଶାଇ...

ନିର୍ବାଚନରେ କଂଗ୍ରେସର ଖରାପ ପ୍ରଦର୍ଶନ ପରେ ତତ୍କାଳୀନ ପ୍ରଭାରୀ ଅଜୟ କୁମାରଙ୍କୁ ଅପସାରଣ କରାଯାଇଥିଲା ଓ ଉତ୍ତର ପ୍ରଦେଶ କଂଗ୍ରେସର ପୂର୍ବତନ ସଭାପତି ଅଜୟ କୁମାର ଲଲ୍ଲୁଙ୍କୁ ୨୦୨୫ ଫେବୃଆରୀରେ ଓଡ଼ିଶାର ପ୍ରଭାରୀ ଭାବେ ନିଯୁକ୍ତି ମିଳିଥିଲା। ମାତ୍ର ପରବର୍ତ୍ତୀ ସମୟରେ ପିସିସି ସଭାପତି ଓ ଶ୍ରୀ ଲଲ୍ଲୁଙ୍କ ମଧ୍ୟରେ ସବୁ କିଛି ଠିକ୍ ଚାଲୁ ନ ଥିବା ଚର୍ଚ୍ଚା ହୋଇଥିଲା। ରାଜ୍ୟରେ ଆଉ କିଛିମାସ ପରେ ପଞ୍ଚାୟତ ନିର୍ବାଚନ ଅନୁଷ୍ଠିତ ହେବ । ତେଣୁ ଏହା ପୂର୍ବରୁ ଦଳକୁ ସଂଗଠିତ କରିବା ଓ ଦଳୀୟ କର୍ମୀଙ୍କୁ ଏକାଠି କରି ପଞ୍ଚାୟତ ନିର୍ବାଚନ ପାଇଁ ପ୍ରସ୍ତୁତି କରିବା ପାଇଁ ନୂଆ ପ୍ରଭାରୀଙ୍କୁ ନିଯୁକ୍ତି ଦିଆଯାଇଥିବା କୁହାଯାଉଛି ।

### ମହେଶ ଦୀକ୍ଷିତ...

ଗୁପ୍ତଚର ବ୍ୟୁରୋର ମୁଖ୍ୟ ଭାବେ ସେ ଜମ୍ମୁ, କାଶ୍ମୀର ଏବଂ ଲେହ ଅଞ୍ଚଳରେ ଦକ୍ଷତାର ସହ କାର୍ଯ୍ୟ କରିଛନ୍ତି। ସମ୍ବିଧାନର ଧାରା ୩୭୦ ଉଚ୍ଛେଦ ପରବର୍ତ୍ତୀ ସମୟରେ ଜମ୍ମୁ-କାଶ୍ମୀରରେ ଆଭ୍ୟନ୍ତରୀଣ ସ୍ଥିରତା ବଜାୟ ରଖିବା ଏବଂ ସୁରକ୍ଷା ପ୍ରତିବନ୍ଧକଗୁଡ଼ିକର ମୁକାବିଲା କରିବାରେ ତାଙ୍କର ପ୍ରମୁଖ ଭୂମିକା ଥିଲା। ତୃଣମୂଳ ସ୍ତରରେ ଏକ ସୁଦୃଢ଼ ଗୁପ୍ତଚର ନେଟୱର୍କ ଗଠନ ପାଇଁ ଜଣାଶୁଣା ଦୀକ୍ଷିତ ପୂର୍ବରୁ ଆଇବି ଅଧୀନରେ ମାଓବାଦୀ ସମସ୍ୟା ଏବଂ ସୀମାପାର ଅନୁପ୍ରବେଶ ଭଳି ଅନେକ ସମ୍ବେଦନଶୀଳ ମାମଲାର ସଫଳ ପରିଚାଳନା କରିଛନ୍ତି। ବର୍ତ୍ତମାନ ବଦଳୁଥିବା ସୁରକ୍ଷା ପରିବେଶ ମଧ୍ୟରେ ଦେଶର ଏହି ଶୀର୍ଷ ଗୁପ୍ତଚର ପଦବୀ ଗ୍ରହଣ କରିବା ପରେ, ସୀମାପାର ଆତଙ୍କବାଦ, ଉଗ୍ରବାଦ ଏବଂ ନାର୍କୋ -ଆତଙ୍କବାଦୀ (ମାଦକ ଦ୍ରବ୍ୟ କାରବାର ଜନିତ ଆତଙ୍କବାଦ) ନେଟୱର୍କକୁ ମୂଳପୋଛ କରିବା ଦିଗରେ ତାଙ୍କର କ୍ଷେତ୍ରୀୟ ଅଭିଜ୍ଞତା ଦେଶ ପାଇଁ ବେଶ୍ ସହାୟକ ହେବ ବୋଲି ଆଶା କରାଯାଉଛି।

### ଗଞ୍ଜେଇ କାରବାରରେ...

ପଟରୁ ସେମାନଙ୍କୁ ପିଛା କରି ଆସୁଥିବା ବେଳେ ଆଉ ଏକ ଟିମ୍ ଭୁବନେଶ୍ୱରରୁ ନୟାଗଡ଼ ଆଡ଼କୁ ଯାଇଥିଲା। ଦୁଇଟି ଯାକ ଟିମ୍ ସମନ୍ୱୟ ରକ୍ଷାକରି ନୟାଗଡ଼- ଖୋର୍ଦ୍ଧା ରାସ୍ତାର ପିଚୁକୁଳି ବଜାରରେ କିଙ୍ଗପିନ୍ ଦୁର୍ବାସା ଓ ୩ ସହଯୋଗୀଙ୍କୁ ମାଡ଼ି ବସିଥିଲେ। ନୀଳାମ୍ବର ଠାରୁ ଜବତ ହୋଇଥିବା ଛିଣ୍ଡା ୧୦ ଟଙ୍କିଆ ନୋଟର ଆଉ ଫାଳେ ନୋଟ୍ ଦୁର୍ବାସା ପାଖରୁ ଜବତ ହୋଇଥିଲା। ଏଥିସହିତ ଆଉ ଏକ ଛିଣ୍ଡା ୧୦ ଟଙ୍କିଆ ନୋଟ୍ ମଧ୍ୟ ତା'ଠାରୁ ମିଳିଥିଲା। ୪ ଜଣଙ୍କଠାରୁ ଗୋଟିଏ କାର୍, ୭ଟି ମୋବାଇଲ ଫୋନ, ୩୮ ହଜାର ଟଙ୍କା ଓ ଗୋଟିଏ ସୁନା ଚେନ ମଧ୍ୟ ଜବତ କରିଥିଲା ଏସଟିଏଫ୍। ନୀଳାମ୍ବରଠାରୁ ମିଳିଥିବା ଛିଣ୍ଡା ନୋଟ୍ ସହ ଦୁର୍ବାସାର ନୋଟ୍ ମେଳ ଖାଉଥିବାରୁ ଦୁର୍ବାସା ହିଁ ଗଞ୍ଜେଇ ସିଣ୍ଡିକେଟର ମାଷ୍ଟରମାଇଣ୍ଡ ବୋଲି ଏସଟିଏଫ୍ ଜାଣିବାକୁ ପାଇଥିଲା। ଦୁର୍ବାସା ଓଡ଼ିଶାରୁ ଗଞ୍ଜେଇ ସଂଗ୍ରହ କରି ପଶ୍ଚିମବଙ୍ଗ, ଛତିଶଗଡ଼ ଓ ରାଜସ୍ଥାନକୁ ଚୋରା ଚାଲାଣ କରୁଥିବା ତଦନ୍ତ ବେଳେ ଜଣାପଡ଼ିଛି। ପୂର୍ବରୁ ଦୁର୍ବାସା, ସୁବୁଦ୍ଧି, ଅରୁଣ ଓ ପ୍ରକାଶ ନାମରେ ଏନ୍‌ଡିପିଏସ୍ ମାମଲା ରହିଥିବା ଜାଣିବାକୁ ପାଇଛି ଏସ୍‌ଟିଏଫ୍। ଗଞ୍ଜେଇ କାରବାରରେ ଆଉ କେଉଁମାନେ ସଂପୃକ୍ତ ଅଛନ୍ତି, ତାହା ଜାଣିବା ଲାଗି ୪ ଅଭିଯୁକ୍ତଙ୍କୁ ୭ ଦିନିଆ ରିମାଣ୍ଡରେ ନେବାକୁ ସୋମବାର ଦିନ ଅଦାଲତରେ ଆବେଦନ କରିବ ଏସଟିଏଫ୍।

### ଅତିରିକ୍ତ ତହସିଲଦାରଙ୍କୁ...

୪୫୬୭ ନମ୍ବର ବିଶିଷ୍ଟ ବାଲି ବୋଝେଇ ହାଇୱାକୁ ଅଟକାଇବାକୁ ଚେଷ୍ଟା କରିଥିଲେ। ମାତ୍ର ବାଲି ବୋଝେଇ ହାଇୱା ନ ଅଟକି ଦ୍ରୁତ ଗତିରେ ପଳାଇଥିଲା। ଏନଫୋର୍ସମେଣ୍ଟ ଟିମକୁ ସାଇଟ ମାରି ଦ୍ରୁତ ଗତିରେ ପଳାଇଯିବା ସହିତ ଫୋନ ଯୋଗେ ମାଲିକଙ୍କୁ ଖବର ଦେଇଥିଲା। ବାଲି ବୋଝେଇ ହାଇୱାକୁ ଧରିବା ପାଇଁ ଅତିରିକ୍ତ ତହସିଲଦାରଙ୍କ ଗାଡ଼ି ଗୋଡାଇଥିଲେ ମଧ୍ୟ ହାଇୱା ଅଟକି ନ ଥିଲା କି ସାଇଟ ଦେଇ ନ ଥିଲା। କିଛି ବାଟ ଗୋଡ଼ାଇ ଯିବା ପରେ ଏକ କାର୍ ଓଡ଼ି-୦୫ଜିଜେ୧୦୬୭ ମାତ୍ରାଧିକ ହର୍ଣ୍ଣ ମାରି ହାଇୱା ଓ ଅତିରିକ୍ତ ତହସିଲଦାରଙ୍କ ଗାଡ଼ି ମଝିରେ ପଶିଥିଲା। କାର୍ ମଧ୍ୟ ସରକାରୀ ଗାଡ଼ିକୁ ସାଇଟ ଦେଇ ନ ଥିଲା। ରାଜନଗର ଗୁପ୍ତି ରାସ୍ତାରେ ପ୍ରାୟ ୧୫ କିଲୋମିଟର ଯିବା ପରେ ହାଇୱା କାଠପଙ୍ଗରା ଗାଁ ଭିତରକୁ ପଶିଥିଲା। ଗାଁ ଛକ ନିକଟରେ ହାଇୱା ପଛପଟରୁ ପ୍ରଚଣ୍ଡ ଶବ୍ଦ ଶୁଭିଥିଲା । ଏହାପରେ ଗାଁ ରାସ୍ତାରେ ବାଲି ଢାଳି ଦ୍ରୁତ ଗତିରେ ପଳାଇଥିଲା। ରାସ୍ତା ଉପରେ ବାଲି ଯୋଗୁଁ ହାଇୱା ମାଲିକଙ୍କ କାର୍ ସରକାରୀ ଗାଡ଼ି ଆଗରେ ରହିଯାଇଥିଲା। ସ୍ଥାନୀୟ ଲୋକ ପହଞ୍ଚି ଗାଡ଼ି ଓ ଗାଡ଼ି ମାଲିକଙ୍କୁ ଅଟକ ରଖିଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ପୁଲିସ ପହଞ୍ଚିବା ପରେ ପୁଲିସ ଉପସ୍ଥିତରେ ଗାଡ଼ି ମାଲିକ ଅତିରିକ୍ତ ତହସିଲଦାରଙ୍କୁ ଗାଳିଗୁଲଜ ସହିତ ସହିତ ଧମକ ଦେଇଥିବା ନେଇ ରାଜନଗର ଥାନାରେ ଅତିରିକ୍ତ ତହସିଲଦାର ଅଭିଯୋଗ କରିଛନ୍ତି। ପୁଲିସ କାର ଜବତ କରିବା ସହିତ ମାଲିକଙ୍କୁ ଗିରଫ କରିଥିବା ଜଣାପଡିଛି। ଫେରାର ହାଇୱାକୁ ଧରିବା ପାଇଁ ବିଭିନ୍ନ ସ୍ଥାନରେ ପୁଲିସ ଚଢ଼ଉ ଜାରି ରଖିଛି। ଏ ନେଇ ଆବଶ୍ୟକ କାର୍ଯ୍ୟାନୁଷ୍ଠାନ ନିମନ୍ତେ କେନ୍ଦ୍ରପଡ଼ା ଖଣି ଅଧିକାରୀଙ୍କୁ ତହସିଲଦାର ଜଣାଇଛନ୍ତି।


**ANGEL ONE LIMITED**

**Regd. Off:** 601, 6th Floor, Ackruti Star, Central Road, MIDC, Andheri East, Mumbai - 400093 **SEBI Registration No (Stock Broker): INZ000161534**

**PUBLIC NOTICE**

It has come to our attention that certain unauthorized individuals, agencies and third parties operating through mobile numbers "7077513180", "6370065695", "6372757747", "7978443499", "6370065695", "63639797440" are issuing fake employment offer letters, appointment letters, interview calls and recruitment-related communications using the brand name and logo of Angel One Limited to deceive the general public.

Investors and General Public are hereby informed that Angel One Limited does not have any association and/or relation, directly or indirectly with above individuals, agencies, third parties in any capacity.

Angel One Limited will not be liable in any manner of financial loss and /or consequence of dealing with such individuals, agencies, third parties. Please note that any person dealing with them will be dealing at his/her own risk and responsibility.

**For ANGEL ONE LTD**
**Sd/-,**
**Authorized Signatory**

**Date : 27.06.2026**

OFFICE OF THE SUPERINTENDING ENGINEER
JAGATSINGHPUR (R&B) DIVISION, JAGATSINGHPUR
GOVERNMENT OF ODISHA
("e" PROCUREMENT NOTICE)
E-Mail I.D.: eerbjspr@gmail.com
Bid Identification No. S.E. JSPR (R&B)-5 of 2026-27

34001/395/2627

**TENDER CALL NOTICE**

1. The Superintending Engineer, Jagatsinghpur (R&B) Division, Jagatsinghpur on behalf of the Governor of Odisha invites on **Percentage Rate Basis** bid in **Double Cover System** in **ONLINE MODE** from eligible contractors for Building works as mentioned below.
2. **No. of Work:** 01 No.
3. **Nature of Work:** Civil
4. **Class of Contractor:** "B" Class
5. **Tender Paper Cost:** Rs. 10,000.00/- (Online)
6. **Availability of Bid Documents in the Website:** From **30.06.2026, 05.00 PM** to **14.07.2026**
7. **Date of Opening of Bid: 11.00 AM on 15.07.2026**

The bidders have to participate in **ONLINE** bidding only. Further details can be seen on the website: **https://tendersodisha.gov.in.** Any addendum, corrigendum or cancellation of the tender can also be seen on the said website.

**(Er. Sarbendu Sutar)**
**Additional Chief Engineer**
Jagatsinghpur (R&B) Division

OIPR-34001/34093/1/26-27/0006

ଓଡିଶା ଆଦର୍ଶ ବିଦ୍ୟାଳୟ, ଗୁଡ଼ାରୀ
ODISHA ADARSHA VIDYALAYA, GUDARI
AT/PO – Gudari, Block – Gudari, Dist – Rayagada, Pin – 765026
Email Id – gudari@oav.edu.in
**CBSE Affiliation No.:** 1520137, **School Code:** 17223, **UDISE Code:** 21271201004
**Letter No.:** 218/OAVGUD/2026, **Date:** 25/06/2026

**ADVERTISEMENT**

Applications are invited from deserving candidates on **Contractual basis** for **KGBV Type-IV Girls' Hostel, Odisha Adarsha Vidyalaya, At.- Gudari, Po.- Gudari, Dist.- Rayagada** as per the vacancies mentioned below in the table.
The detailed qualification and the eligibility criteria is given in the box.

| Sl. No. | Name of the Post | Qualification | Age | Remuneration per month | Vacancy Position | Remarks |
|---|---|---|---|---|---|---|
| 1 | WARDEN | B.A./B.Sc | 30–60 Years | **Rs. 25,621.75/- per month** (Including EPF share of Employee & Employer share) | 01 | — |

Application and other details can be downloaded from the District website: https://rayagada.odisha.gov.in/en/notice/recruitment. Interested candidates fulfilling the eligibility criteria may apply **by Speed Post only (DON'T SUBMIT THE APPLICATION FORMS ON HAND IN THE VIDYALAYA OFFICE OR BY E-MAIL)** to: **Odisha Adarsha Vidyalaya** At.- Gudari, Po.- Gudari, Dist.- Rayagada, Pin – 765026, **Application Period: 27/06/2026 to 15/07/2026** (Latest by **5:00 P.M.**).
The incomplete application forms and forms received after the due date shall be summarily rejected. The authorities will not be responsible for any postal delay. Further, the authorities reserve the right to cancel any or all of the applications without any reason thereof.

**Sd/- PRINCIPAL**
Odisha Adarsha Vidyalaya
Gudari, Dist.- Rayagada

OFFICE OF THE MUNICIPAL COUNCIL, JATNI
Phone: **0674-2490826,** Email: municipalityjatni@gmail.com
No.: **3612,** Date: **24.06.2026**
**"E" PROCUREMENT NOTICE**

13001/1002/2627

Bid Documents consisting of Work, Estimated Cost, Cost of Tender Paper, EMD, Time of Completion, Class of Contractors and the set of Terms & Conditions of Contract and other necessary documents can be seen in the Government website: www.tendersorissa.gov.in

| | | |
|---|---|---|
| 1 | Tender Reference No. | EO/JMC/091/2026-27 |
| 2 | Tender I.D. No. | 2026_ORULB_131888_pack1 |
| 3 | Name of the Work | Civil Construction works as mentioned in website |
| 4 | No. of Works | 1 No. |
| 5 | Estimated Cost | Rs. 61,44,555.00 |
| 6 | Period of Completion | 120 Days |
| 7 | Date & Time of Bidding | From **25.06.2026, 11:00 A.M.** to **10.07.2026, 05:30 P.M.** |
| 8 | Last Date & Time for Receipt of Bids in the portal | **Dt. 10.07.2026 up to 05:30 P.M.** |
| 9 | Bid received Online shall be opened on | **13.07.2026 at 11:00 A.M.** |
| 10 | Name and address of the Officer Inviting Bid | Executive Officer, Jatni Municipality |

Further details can be seen from the procurement portal: www.tendersorissa.gov.in

**Executive Officer**
**Jatni Municipality**

OIPR-13001/13041/1/26-27/0011

यूनियन बैंक ऑफ इंडिया Union Bank of India
भारत सरकार का उपक्रम A Government of India Undertaking

**କ୍ଷେତ୍ରୀୟ କାର୍ଯ୍ୟାଳୟ : ଭୁବନେଶ୍ୱର**
୩/୧ଏ ସିଭିକ୍ ସେଣ୍ଟର, ଆଇଆର୍‌ସି ଭିଲେଜ୍, ନୟାପଲ୍ଲୀ
ଭୁବନେଶ୍ୱର-୭୫୧୦୧୫

**ଦଖଲ ନୋଟିସ୍ (ସ୍ଥାବର ସମ୍ପତ୍ତି ନିମନ୍ତେ)**

ସିକ୍ୟୁରିଟୀ ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ-୨୦୦୨ ଅନ୍ତର୍ଗତ ରୁଲ୍ ୮(୧)

ନିମ୍ନ ସ୍ୱାକ୍ଷରକାରୀ ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ୍ ଆସେଟସ୍ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟୀ ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ (୨୦୦୨ର ଆକ୍ଟ ୫୪) ଏବଂ କଥିତ ଆକ୍ଟର ଧାରା ୧୩(୧୨) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ନିୟମ, ୨୦୦୨ର ରୁଲ୍ ୩ ଅନୁସାରେ ପ୍ରଦତ୍ତ କ୍ଷମତା ବଳରେ ନିମ୍ନବର୍ଣ୍ଣିତ ଋଣ ଆକାଉଣ୍ଟର ଋଣଗ୍ରହୀତା/ସହ-ଆବେଦନକାରୀ/ଜାମିନ୍‌ଦାର/ବନ୍ଧକଦାତାମାନଙ୍କୁ ଡିମାଣ୍ଡ ନୋଟିସ୍ ଜାରି କରାଯାଇ ନୋଟିସ୍ ମାଧ୍ୟମରେ ନିମ୍ନମତେ ଦର୍ଶାଯାଇଥିବା ଅର୍ଥ ସହିତ ସେବାବଦ ସୁଧ ନୋଟିସ୍ ପାଇବାର ୬୦ଦିନ ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା/ସହ-ଆବେଦନକାରୀ/ଜାମିନ୍‌ଦାର/ବନ୍ଧକଦାତା ତାଙ୍କର ଋଣ ପଇଠ କରିପାରିଲେ ନାହିଁ, ତେଣୁ ଋଣଗ୍ରହୀତା/ସହ-ଆବେଦନକାରୀ/ଜାମିନ୍‌ଦାର/ବନ୍ଧକଦାତାମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ଜଣାଇଦିଆଯାଉଅଛି ଯେ କଥିତ ନିୟମ ର ଧାରା ୧୩(୪) ଏବଂ କଥିତ ନିୟମର ରୁଲ୍ ୮ ଅନୁଯାୟୀ ନ୍ୟସ୍ତ ହୋଇଥିବା କ୍ଷମତା ଅନୁସାରେ କ୍ଷମତାପ୍ରାପ୍ତ ଅଧିକାରୀ ନିମ୍ନରେ ବର୍ଣ୍ଣିତ ହୋଇଥିବା ସମ୍ପତ୍ତିଗୁଡିକୁ ଦଖଲକୁ ନେଇଛନ୍ତି । **ଏତଦ୍ୱାରା ଋଣଗ୍ରହୀତା/ସହ-ଆବେଦନକାରୀ/ଜାମିନ୍‌ଦାର/ବନ୍ଧକଦାତାମାନଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ଆକ୍ଟର ଧାରା ୧୩ର ଉପଧାରା (୮)ର ବ୍ୟବସ୍ଥା ଅନୁଯାୟୀ ସେମାନଙ୍କର ସୁରକ୍ଷିତ ବନ୍ଧକ ସମ୍ପତ୍ତିକୁ ସମୟ ଥିବା ପୂର୍ବରୁ ବନ୍ଧକ ମୁକ୍ତ କରନ୍ତୁ।** ଏତଦ୍ୱାରା ବିଶେଷ କରି ଋଣଗ୍ରହୀତା/ସହ-ଆବେଦନକାରୀ/ଜାମିନ୍‌ଦାର/ବନ୍ଧକଦାତାମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ସତର୍କ କରିଦିଆଯାଉଅଛି ଯେ ନିମ୍ନରେ ବର୍ଣ୍ଣିତ ହୋଇଥିବା ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଏବଂ ସମ୍ପତ୍ତି ଉପରେ କୌଣସି ପ୍ରକାର କାରବାର ପାଇଁ ନିମ୍ନରେ ଦର୍ଶାଯାଇଥିବା ରାଶି ଏବଂ ସେବାବଦ ତତ୍‌ପରବର୍ତ୍ତୀ ସୁଧ ପାଇଁ **ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ** ନିକଟରେ ଉତ୍ତରଦାୟୀ ରହିବେ।

| **ଶାଖା** / ଋଣଗ୍ରହୀତା/ଆବେଦନକାରୀ/ସହ-ଋଣଗ୍ରହୀତା/ଜାମିନ୍‌ଦାର/କୋ-ଓବ୍ଲିଗାଣ୍ଟ/ବନ୍ଧକଦାତାମାନଙ୍କ ନାମ ଏବଂ ଠିକଣା | ଡିମାଣ୍ଡ ନୋଟିସ୍ ଅନୁଯାୟୀ ବକେୟା ଦେୟ | ଡିମାଣ୍ଡ ନୋଟିସ୍ ତାରିଖ/ଦଖଲ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| **କଚେରୀ ରୋଡ୍ ଶାଖା, ପୁରୀ /** **ଋଣଗ୍ରହୀତା, ଆବେଦନକାରୀ ଏବଂ ବନ୍ଧକଦାତା: ଶ୍ରୀମତୀ ଜୟଶ୍ରୀ ମହାପାତ୍ର,** ସ୍ୱାମୀ: ଶ୍ରୀ ଅଜିତ କିଶୋର ମହାପାତ୍ର / **ସହ-ଋଣଗ୍ରହୀତା: ଶ୍ରୀ ଅଜିତ କିଶୋର ମହାପାତ୍ର / ଜାମିନ୍‌ଦାର ଏବଂ କୋ-ଓବ୍ଲିଗାଣ୍ଟ: ଶ୍ରୀ ବିଶ୍ୱଜିତ ମହାପାତ୍ର,** ପିତା: ଶ୍ରୀ ଅଜିତ କିଶୋର ମହାପାତ୍ର, ସମସ୍ତଙ୍କ ଠିକଣା- ସା: ସୁରଙ୍ଗୀ ମଠ ଲେନ୍, ମଣିକର୍ଣ୍ଣିକା ସାହି, ସାମିଲ ହରଚଣ୍ଡୀ ସାହି, ପୋ/ଜିଲ୍ଲା: ପୁରୀ, ପିନ୍-୭୫୨୦୦୧ | ୧୦.୦୪.୨୦୨୬ ସୁଦ୍ଧା ଟ.୫,୭୭,୦୯୨.୦୮ + ସେବାବଦ ସୁଧ ଏବଂ ଅନ୍ୟାନ୍ୟ ଦେୟ | ୧୦.୦୪.୨୦୨୬ / ୨୩.୦୬.୨୦୨୬ | ଶ୍ରୀମତୀ ଜୟଶ୍ରୀ ମହାପାତ୍ରଙ୍କ ନାମରେ ଥିବା ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୫୧, ଖାତା ନଂ.: ୧୪୯, କ୍ଷେତ୍ର: ଏକର୦.୦୧୮ ଡିସିମିଲି, କିସମ: ଘରବାରି, ମୌଜା: ମଣିକର୍ଣ୍ଣିକା ସାହି, ହୋଲ୍ଡିଂ ନଂ.: ୪୦୦, ସର୍କଲ ନଂ.: ୪, ଏସ୍‌ଆରଓ: ପୁରୀ, ଜିଲ୍ଲା: ପୁରୀ, ଏହାର ଚାରିପାର୍ଶ୍ୱରେ- ପୂର୍ବ: ରାସ୍ତା, ପଶ୍ଚିମ: ଜଗନ୍ନାଥ ରଣା, ଉତ୍ତର: ରାସ୍ତା, ଦକ୍ଷିଣ: ବନ ଖୁଣ୍ଟିଆ |
| **ଶ୍ରୀକ୍ଷେତ୍ର ଶାଖା, ପୁରୀ /** **ଋଣଗ୍ରହୀତା, ଆବେଦନକାରୀ ଏବଂ ବନ୍ଧକଦାତା: ଶ୍ରୀମତୀ ନିବେଦିତା ମିଶ୍ର,** ସ୍ୱାମୀ: ✓ ନାରାୟଣ ପ୍ରସାଦ ମିଶ୍ର, ମାତୃନିଳୟ ଗ୍ରେସ୍ ସିଟୀ, ହରିହର ବିହାର, ଗୁଣ୍ଡିଚା ମନ୍ଦିର ପଛପାର୍ଶ୍ୱ, ପୋ: ପୁରୀ-୨, ଜିଲ୍ଲା: ପୁରୀ, ପିନ୍-୭୫୨୦୦୨ / **କୋ-ଓବ୍ଲିଗାଣ୍ଟ ଏବଂ ଜାମିନ୍‌ଦାର: ଶ୍ରୀମତୀ ସ୍ମିତା ମହାନ୍ତି,** ସ୍ୱାମୀ: ଅଶେଷ କୁମାର ମହାନ୍ତି, **ଠିକଣା-୧:** ସା: ସାଇ ନାରାୟଣ ବିଦ୍ୟା ମନ୍ଦିର, ନବକଳେବର ରୋଡ୍, ପୁରୀ-୨, ଜିଲ୍ଲା: ପୁରୀ, ପିନ୍-୭୫୨୦୦୨, **ଠିକଣା-୨:** ସା: ସନ୍ତୋଷୀ ନଗର, ମଧୁପାଟଣା, କଟକ, ପିନ୍-୭୫୩୦୧୦ | ୦୯.୦୪.୨୦୨୬ ସୁଦ୍ଧା ଟ.୧୮,୮୧,୭୭୨.୩୨ + ସେବାବଦ ସୁଧ ଏବଂ ଅନ୍ୟାନ୍ୟ ଦେୟ | ୦୯.୦୪.୨୦୨୬ / ୨୩.୦୬.୨୦୨୬ | ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୬୯୩/୪୦୭୭, ଖାତା ନଂ.: ୫୨୧/୨୦୫୫, କ୍ଷେତ୍ର: ଏକର୦.୦୨୯ ଡିସିମିଲି, କିସମ: ଘରବାରି, ମୌଜା: ବାଲୁଖଣ୍ଡ, ଜିଲ୍ଲା: ପୁରୀ, ଓଡ଼ିଶା |

**ସ୍ଥାନ: ଭୁବନେଶ୍ୱର, ତାରିଖ: ୨୬.୦୬.୨୦୨୬** | ସ୍ୱା/-କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

# ଶୁଖିଲା ପଡ଼ିଛି ରେଙ୍ଗାଲି ଦକ୍ଷିଣ ପାର୍ଶ୍ୱ କେନାଲ

ତିଗିରିଆ, ୨୬।୬ (ସମିସ)



ଢେଙ୍କାନାଳ ଜିଲ୍ଲାର ଭାପୁରସ୍ଥିତ ରେଙ୍ଗାଲି କେନାଲରୁ କଟକ ଜିଲ୍ଲାର କୃଷିପ୍ରଧାନ ବ୍ଲକ ରୂପେ ପରିଚିତ ଆଠଗଡ଼, ତିଗିରିଆ, ବଡ଼ମ୍ବା ଓ ନରସିଂହପୁର ବ୍ଲକ ଦେଇ ଯାଇଥିବା ରେଙ୍ଗାଲି ଦକ୍ଷିଣ ପାର୍ଶ୍ୱ କେନାଲରେ ଦୀର୍ଘ ଦିନ ଧରି ପାଣି ଆସିନାହିଁ। କ୍ଷେତକୁ ଜଳସେଚନ ତ ଦୂରର କଥା ସାମାନ୍ୟ ସ୍ନାନଶୌଚ ପାଇଁ କେନାଲରେ ପାଣି ନାହିଁ। ଫଳରେ କୃଷିପ୍ରଧାନ ୪ଟି ବ୍ଲକର ହଜାର ହଜାର ଚାଷୀ ହତାଶ ହୋଇଛନ୍ତି। ରେଙ୍ଗାଲି ପାଣିରେ ଜଳସେଚନ କରି କୃଷି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାର କୃଷକମାନେ ଯେଉଁ ସ୍ୱପ୍ନ ଦେଖୁଥିଲେ ତାହାର ବାସ୍ତବତା ନେଇ ଆଶଙ୍କା ସୃଷ୍ଟି ହୋଇଛି। ତିଗିରିଆ ବ୍ଲକରେ ଏହି କେନାଲର ଉଦ୍‌ଘାଟନକୁ ୭ ବର୍ଷ ବିତି ଯାଇଥିଲାବେଳେ ବ୍ଲକର ଚାଷୀକୁଳ ଏହାର ସୁଫଳ ପାଇନାହାନ୍ତି। ଉଦଘାଟନର ୨ ବର୍ଷ ମଧ୍ୟରେ କେନାଲରୁ ଅତି ସହଜରେ ଚାଷ ବିଲକୁ ପାଣି ମଡ଼ାଇ କୃଷି କାର୍ଯ୍ୟ ସମ୍ପାଦିତ କରିପାରିବେ ବୋଲି ମିଳିଥିବା ପ୍ରତିଶ୍ରୁତି ଏବେ କେବଳ ପ୍ରତିଶ୍ରୁତିରେ ରହିଛି। ରେଙ୍ଗାଲି କେନାଲରେ ପାଣି କେବେ ଆସିବ ତାକୁ ନେଇ ମଧ୍ୟ ଚାଷୀକୁଳ ସ୍ପଷ୍ଟ ଉତ୍ତର ପାଇପାରୁନାହାନ୍ତି। ପାଣି ଗଚ୍ଛିତ ରହୁ ନଥିବାରୁ କେନାଲ ଭିତରେ କେବଳ କୁଢ଼କୁଢ଼ ଅଳିଆ ଆବର୍ଜନା ପଡ଼ିରହିଛି। କେଉଁଠି ହାତେ ପାପୁଲିଏ ପାଣି ରହୁଛି ତ ବାକି ସବୁଠି ଶୁଖୁଲା। ରେଙ୍ଗାଲି ଦକ୍ଷିଣ ପାର୍ଶ୍ୱ କେନାଲର ୧୪.୬୨୪ କିମିଠାରୁ ୧୭.୯୭୫ ପର୍ଯ୍ୟନ୍ତ କେନାଲ ଖନନ କାର୍ଯ୍ୟର ଭିତ୍ତିପ୍ରସ୍ତର ଡିସେମ୍ବର ୭ ତାରିଖ ୨୦୧୯ରେ ହୋଇଥିଲା। ସେତେବେଳେ କେନାଲରୁ ପାଣି ୨ ବର୍ଷ ଭିତରେ ଚାଷୀମାନେ ପାଇପାରିବେ ବୋଲି କୁହାଯାଇଥିଲା। ୩୩୫୧ ମିଟର ଲମ୍ବ ଏହି କେନାଲ ଖନନ ପାଇଁ ଜଳସେଚନ ବିଭାଗ ପକ୍ଷରୁ ପ୍ରାୟ ୫୦ କୋଟିର ବ୍ୟୟବରାଦ କରାଯାଇଥିଲା। ମାତ୍ର

**ଜଳସେଚନ ନେଇ ଆଶଙ୍କାରେ ଚାଷୀ**

ଏହି ଯୋଜନା ଏବେ ରେଙ୍ଗାଲି କର୍ତ୍ତୃପକ୍ଷ ନିଜ ପକେଟ ରେ ଧରି ବୁଲୁଛନ୍ତି ବୋଲି ଚାଷୀମାନେ ଅଭିଯୋଗ କରିଛନ୍ତି। ଗତ ୨୦୨୫ ଅଗଷ୍ଟରେ ଶେଷ ଥର ପାଇଁ ଏହି କେନାଲରେ ପାଣି ଛଡାଯାଇଥିଲା। ସ୍ଥାନୀୟ ଚାଷୀ ଏହାର ଭରପୁର ଫାଇଦା ନେଇଥିଲେ। ଖରିଫ ଫସଲ ଅମଳ ପରେ ରବି ଫସଲ ଚାଷ କରୁନଥିବା ଚାଷିମାନେ ମଧ୍ୟ ନିଜ ନିଜର ଜମିରେ କିଛିକିଛି ରବି ଫସଲ ଚାଷ କରି ଆନନ୍ଦିତ ହୋଇଥିଲେ। ମାତ୍ର ଗତବର୍ଷ ପରେ କେନାଲରେ ପାଣି ଛଡାଯାଇ ନଥିବାରୁ ଖରାଦିନିଆ ରବି ଫସଲ କରୁଥିବା ଚାଷୀମାନେ କିରାସିନି ଓ ପେଟ୍ରୋଲ ଚାଳିତ ପାଣିପମ୍ପ ଚଳାଇ କେନାଲର ହାତେ ଚାପୁଡେ ପାଣି ରୁ ପାଣି ଉଠାଇ ଫସଲ କରିଛନ୍ତି। ମାତ୍ର ଗତ ଏକ ବର୍ଷ ଧରି କେନାଲରେ ପାଣି ଆସିନଥିବାରୁ ସ୍ଥାନୀୟ ରବି ଫସଲ ଚାଷୀ ଚାଷ ପ୍ରତି ବିମୁଖ ହୋଇଛନ୍ତି। ସେହିପରି ଚଳିତ ବର୍ଷ କେନାଲରେ ପାଣି ନଆସିବା ତଥା ତିଗିରିଆ ଅଞ୍ଚଳରେ ସ୍ୱଳ୍ପ ବୃଷ୍ଟିପାତ ଯୋଗୁଁ ଚଳିତ ବର୍ଷ ତିଗିରିଆ ବ୍ଲକର ୯୦ ଶତକଡା କ୍ଷେତରେ ବୁଣାବୁଣି କିମ୍ବା ତଳି ପଡ଼ିପାରି ନଥିବାର ସୂଚନା ହସ୍ତଗତ ହୋଇଛି। ବିଭାଗୀୟ ଉଚ କର୍ତ୍ତୃପକ୍ଷ ଏନେଇ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ କୃଷକମାନେ ଦାବି କରିଛନ୍ତି।

## ଚାରି ମାସ ହେବ ଜଳୁନି ଷ୍ଟ୍ରିଟ୍ ଲାଇଟ୍

**● ନିଶ୍ଚିନ୍ତକୋଇଲି ବଜାର ଅନ୍ଧାର**

ନିଶ୍ଚିନ୍ତକୋଇଲି, ୨୬।୬(ସମିସ): ନିଶ୍ଚିନ୍ତକୋଇଲି ବଜାରରେ ଗତ ମାର୍ଚ୍ଚରୁ କୌଣସି ଷ୍ଟ୍ରିଟ୍ ଲାଇଟ୍ ଜଳୁନାହିଁ। ଫଳରେ ବଜାର ଅନ୍ଧକାରମୟ ରହୁଥିବାରୁ ଲୋକମାନେ କାରବାରରେ ହଇରାଣ ହରକତ ହେଉଛନ୍ତି। ଷ୍ଟ୍ରିଟ୍ ଲାଇଟ୍ ବନ୍ଦ୍ ହୋଇଯିବାରୁ ବଜାରରେ ରାତିରେ ଛୋଟବଡ଼ ଦୁର୍ଘଟଣା ଘଟୁଛି। ବହୁ ଅସାମାଜିକ ଲୋକମାନଙ୍କର ଆଡ୍ଡା ଜମୁଥିବା ଅଭିଯୋଗ ହେଉଛି। ବଜାର ଅନ୍ଧକାର ହେବା ଫଳରେ ବ୍ୟବସାୟୀମାନେ ସେମାନଙ୍କର ବେପାର କରିବାରେ ମଧ୍ୟ ସମସ୍ୟା ଭୋଗୁଛନ୍ତି। ବିଗତ ସରକାରଙ୍କ ଅମଳରେ ଏହି ବଜାରରେ ୪୦ଟି ଷ୍ଟ୍ରିଟ୍ ଲାଇଟ୍ ଲଗାଯାଇ ଆଲୋକୀକରଣ କରାଯାଇଥିଲା। ବିଦ୍ୟୁତ ବିଭାଗ ଟାଟା ପାୱାର କଂପାନୀ ହାତକୁ ଯିବା ପରେ ବିଦ୍ୟୁତ ବିଲ୍ ନ ପାଇବାରୁ ସେମାନେ ସଂଯୋଗ ବିଚ୍ଛିନ୍ନ କରିଦେଇଥିବାରୁ ଲାଇଟ୍ ଜଳୁ ନଥିବା ଜଣାଯାଇଛି। ବର୍ତ୍ତମାନର ସରକାର ବଜାରରେ ଲାଗିଥିବା ଏହି ୪୦ଟି ଷ୍ଟ୍ରିଟ୍ ଲାଇଟ୍‌ର ବିଦ୍ୟୁତ ବିଲ୍ ଦେବା ସହିତ ଏହାର ରକ୍ଷଣାବେକ୍ଷଣ ଦାୟିତ୍ୱ ପାଇଁ ବ୍ୟବସ୍ଥା କରାଇଲେ ଲାଇଟ୍‌ଗୁଡିକ ଠିକ୍ ଜଳିପାରନ୍ତା ବୋଲି ବ୍ୟବସାୟିକ ମହଲରେ ଆଲୋଚନା ହେଉଛି। ଅପରପକ୍ଷରେ ତୁରନ୍ତ ଏହି ଲାଇଟ୍‌ଗୁଡିକୁ ଜଳିବାର ବ୍ୟବସ୍ଥା କରିବା ପାଇଁ ସାଧାରଣରେ ଦାବି ହେଉଛି। ସେହିପରି ନିଶ୍ଚିନ୍ତକୋଇଲି କଲେଜ ଛକ ତାରିଣୀ ମନ୍ଦିର ନିକଟ ବଜାରରେ ମଧ୍ୟ ଦୀର୍ଘ ଦିନ ହେବ ଷ୍ଟ୍ରିଟ୍ ଲାଇଟ୍ ଜଳୁ ନଥିବା ନେଇ ବ୍ୟବସାୟୀମାନେ ଅଭିଯୋଗ କରିଛନ୍ତି।

## ଢଳେଇ ରାସ୍ତା ପାଇଁ ବିଧାୟକଙ୍କୁ ଗୁହାରିଲେ ଗ୍ରାମବାସୀ

ନିଶ୍ଚିନ୍ତକୋଇଲି, ୨୬।୬(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ଅନ୍ତର୍ଗତ କଟକସଦର ନିର୍ବାଚନମଣ୍ଡଳୀ ତିଳକଣା ପଞ୍ଚାୟତ ୨ ନଂ ୱାର୍ଡରେ ଢଳେଇ ରାସ୍ତା ନଥିବାରୁ ଲୋକମାନେ ଯାତାୟାତ ପାଇଁ ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି। ପୂର୍ବ ପୁରୁଷ ଅମଳରୁ ରହିଥିବା କଚ୍ଚା ରାସ୍ତାରେ ଲୋକମାନେ ଯାତାୟାତ କରୁଛନ୍ତି। ବର୍ଷା ଦିନ ଆସିଲେ ଏହି କଚ୍ଚା ରାସ୍ତାଟି ପାଣି କାଦୁଅରେ ସର ସର ହୋଇ ଯାଉଥିବାରୁ ଗ୍ରାମବାସୀ ଯାତାୟାତ କରିବା ପାଇଁ ହନ୍ତସନ୍ତ ହେଉଛନ୍ତି। ସରପଞ୍ଚଙ୍କଠାରୁ ଆରମ୍ଭ କରି ବିଡିଓଙ୍କ ପର୍ଯ୍ୟନ୍ତ ଉକ୍ତ ରାସ୍ତାକୁ ଢଳେଇ କରିବା ପାଇଁ ବହୁବାର ଆବେଦନ କରାଯାଇଥିଲେ ମଧ୍ୟ ଏଥିପ୍ରତି କେହି ଦୃଷ୍ଟି ଦେଉନାହାଁନ୍ତି। ଗତ ୨୪ ତାରିଖ ସଦର ବିଧାୟକ ଇଂଜିନିୟର ପ୍ରକାଶଚନ୍ଦ୍ର ସେଠୀ ତିଳକଣା ପଞ୍ଚାୟତକୁ ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ କାର୍ଯ୍ୟରେ ଆସିଥିବା ବେଳେ ଗ୍ରାମବାସୀ ତାଙ୍କୁ ଅଟକାଇ ରାସ୍ତାର ସମସ୍ୟା ସଂକ୍ରାନ୍ତରେ କହିବା ସହିତ ସେମାନଙ୍କର ଦୁଃଖ ଦୁର୍ଦ୍ଦଶା ସମ୍ପର୍କରେ ଅବଗତ କରିଥିଲେ। ଖୁବ୍ ଶୀଘ୍ର ଉକ୍ତ ରାସ୍ତାକୁ ଢଳେଇ ରାସ୍ତାରେ ପରିଣତ କରାଯିବା ପାଇଁ ବିଧାୟକ ଶ୍ରୀ ସେଠୀ ଗ୍ରାମବାସୀଙ୍କୁ ପ୍ରତିଶ୍ରୁତି ଦେଇଥିବା ଜଣାପଡ଼ିଛି।

## ଗୁରୁତର ଅଜଣା ଯୁବକ ଉଦ୍ଧାର

ତ୍ରିଶୂଳିଆ, ୨୬।୬(ସମିସ): ବାରଙ୍ଗ ଥାନା ଅନ୍ତର୍ଗତ ଫକିରପଡ଼ା ଛକ ନିକଟରେ ଗୁରୁତର ଆହତ ଅବସ୍ଥାରେ ପଡ଼ିଥିବା ଜଣେ ଅଜଣା ଯୁବକଙ୍କୁ ଶୁକ୍ରବାର ସନ୍ଧ୍ୟାରେ ପୁଲିସ ଉଦ୍ଧାର କରି କଟକ ବଡ଼ ଡାକ୍ତରଖାନାରେ ଭର୍ତ୍ତି କରିଛି। ତାଙ୍କ ପରିଚୟ ଏପର୍ଯ୍ୟନ୍ତ ମିଳି ନଥିବା ବେଳେ ପୁଲିସ ବିଭିନ୍ନ ଦିଗକୁ ନେଇ ତଦନ୍ତ ଆରମ୍ଭ କରିଛି। ସୂଚନା ଅନୁଯାୟୀ, ଫକିରପଡ଼ା ଛକ ନିକଟରେ ଥିବା ଏକ ବାଲି ଗଦା ପାର୍ଶ୍ୱରେ ଯୁବକ ଜଣକ ପ୍ରାୟ ଦୁଇ ଦିନ ଧରି ପଡ଼ି ରହିଥିବା ସ୍ଥାନୀୟ ଲୋକେ ଦେଖିଥିଲେ। ପ୍ରଥମେ ସେ ମଦ୍ୟପ ଅବସ୍ଥାରେ ଥିବେ ବୋଲି କେହି ଗୁରୁତ୍ୱ ଦେଇ ନଥିଲେ। ଦୁଇ ଦିନ ବିତିଯିବା ପରେ ମଧ୍ୟ ତାଙ୍କ ଅବସ୍ଥାରେ କୌଣସି ସୁଧାର ନ ଆସିବା ସହ ସେ ଗୁରୁତର ଆହତ ଥିବା ଦେଖି ସ୍ଥାନୀୟ ଲୋକଙ୍କ ସନ୍ଦେହ ବଢ଼ିଥିଲା। ଏହାପରେ ସ୍ଥାନୀୟ ଲୋକେ ତୁରନ୍ତ ଜରୁରିକାଳୀନ ସେବା ୧୧୨କୁ ସୂଚନା ଦେଇଥିଲେ। ଖବର ପାଇ ବାରଙ୍ଗ ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଗୁରୁତର ଅବସ୍ଥାରେ ପଡ଼ିଥିବା ଯୁବକଙ୍କୁ ଉଦ୍ଧାର କରିବା ସହ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଛି। ଘଟଣାସ୍ଥଳରୁ ଯୁବକଙ୍କ ନିକଟରେ ଏକ ବ୍ୟାଗ ଓ ଚପଲ ପଡ଼ିଥିଲା। ପୁଲିସ ତାଙ୍କ ପରିଚୟ ଜାଣିବା ପାଇଁ ପ୍ରୟାସ ଜାରି ରଖିଥିବା ବେଳେ ଏହା ଦୁର୍ଘଟଣା, ଆକ୍ରମଣ ନା ଅନ୍ୟ କୌଣସି କାରଣରୁ ଘଟିଛି, ସେନେଇ ମଧ୍ୟ ତଦନ୍ତ କରୁଛି। ଡାକ୍ତରଖାନାରେ ଯୁବକଙ୍କ ଚିକିତ୍ସା ଚାଲିଥିବା ବେଳେ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ସମ୍ପର୍କରେ ପୁଲିସ ନଜର ରଖିଛି।

## ବ୍ଲକ୍‌ସ୍ତରୀୟ ଯୁବ ସ୍ୱାବଲମ୍ବୀ କାର୍ଯ୍ୟକ୍ରମ

କନ୍ଦରପୁର, ୨୬।୬ (ସମିସ): କଟକ ସଦର ଅନ୍ତର୍ଗତ କନ୍ଦରପୁର ଫୁଲମା ମାର୍କେଟଠାରେ ଆଜି ଜିଲ୍ଲା ବିକାଶ ତଥା ନିୟୋଜନ କାର୍ଯ୍ୟାଳୟ ପକ୍ଷରୁ ବ୍ଲକସ୍ତରୀୟ ଯୁବ ସ୍ୱାବଲମ୍ବୀ-ସମୃଦ୍ଧ, ଓଡ଼ିଶା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶିଳ୍ପ କେନ୍ଦ୍ରର ସାଧାରଣ ପରିଚାଳକ ମନୋଜ କୁମାର ମହାପାତ୍ରଙ୍କ ପୌରୋହିତ୍ୟରେ ସଦର ବିଧାୟକ ଇଂ ପ୍ରକାଶଚନ୍ଦ୍ର ସେଠୀ, ଜିଲ୍ଲା ବିକାଶ ଓ ନିୟୋଜନ ଅଧିକାରୀ ଘନଶ୍ୟାମ ସା, ଉଦ୍ୟାନ କୃଷି ଅଧିକାରୀ ନୀଳାଞ୍ଚଳ ପଣ୍ଡା ଅତିଥି ଭାବେ ଯୋଗ ଦେଇଥିଲେ। ଓଡ଼ିଶା ଦକ୍ଷତା ବିକାଶ କର୍ତ୍ତୃପକ୍ଷ ଓ ଜିଲ୍ଲା ଦକ୍ଷତା ବିକାଶ ମିଶନ ଦ୍ୱାରା ଅନୁବନ୍ଧିତ ବିଭିନ୍ନ ସରକାରୀ ତଥା ବେସରକାରୀ ତାଲିମ ପ୍ରଦାନକାରୀ ସଂସ୍ଥାଙ୍କ ଦ୍ୱାରା ଦେଢ଼ ମାସରୁ ୬ ମାସ ଅବଧିର ଏକ ମାଗଣା ଦକ୍ଷତା ତାଲିମ ପ୍ରଦାନ କରାଯିବା ସହ ତାଲିମ ପ୍ରାପ୍ତ ପରେ ତୃତୀୟ ପକ୍ଷ ମାଧ୍ୟମରେ ଏକ ମୂଲ୍ୟାଙ୍କନ ପରୀକ୍ଷା ମାଧ୍ୟମରେ କୃତୀ ପ୍ରାର୍ଥୀଙ୍କୁ ମାନପତ୍ର ପ୍ରଦାନ କରାଯିବା ଏବଂ ଯୋଗ୍ୟତା ଅନୁଯାୟୀ ନିଯୁକ୍ତି ଦେବାର ବ୍ୟବସ୍ଥା ମଧ୍ୟ କରାଯାଇଛି ବୋଲି ଅତିଥିମାନେ କହିଥିଲେ। ସଦର ବ୍ଲକ ଆମ୍ବ ସଭାପତି ରମାପଦ ବିଶ୍ୱାଳ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ହୃଷୀକେଶ ଜେନା, ଜିଲ୍ଲା ପରିଷଦ ସଭ୍ୟ ପ୍ରଦୀପ୍ତ ମହାଳି ପ୍ରମୁଖ ଉପସ୍ଥିତ ଥିଲେ। ମଣ୍ଡଳ ସଭାପତି ନିରଞ୍ଜନ ରାଉଳ, ନମିତା ମିଶ୍ର, ସଞ୍ଜୟ ଜେନା ପ୍ରମୁଖ ପରିଚାଳନା କରିଥିବା ବେଳେ ନିଆଳି ବ୍ଲକ ପ୍ରକଳ୍ପ ପରିଚାଳକ ସରୋଜିନୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

## ସ୍ୱତନ୍ତ୍ର ସଘନ ସଂଶୋଧନ କାର୍ଯ୍ୟର ସମୀକ୍ଷା

ତିଗିରିଆ, ୨୬।୬ (ସମିସ): ୮୯-ଆଠଗଡ଼ ବିଧାନସଭା କ୍ଷେତ୍ର ଅଧୀନ ତିଗିରିଆ ବ୍ଲକର ସ୍ୱତନ୍ତ୍ର ସଘନ ସଂଶୋଧନ କାର୍ଯ୍ୟ ଅନୁଯାୟୀ ସମସ୍ତ ୭୨ଟି ବୁଥରେ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଆଠଗଡ଼-ତିଗିରିଆ ପଞ୍ଜୀକରଣ ଅଧିକାରୀ ତଥା ଉପଜିଲ୍ଲାପାଳ ପ୍ରହଲାଦ ନାରାୟଣ ଶର୍ମାଙ୍କ ତତ୍ତ୍ୱାବଧାନରେ ଚାଲିଥିବା ଏହି ସଂଶୋଧନ କାର୍ଯ୍ୟରେ ତହସିଲଦାର ତିଗିରିଆ ଧର୍ମରଞ୍ଜନ ପଣ୍ଡା, ବିଡିଓ ସଂଗ୍ରାମ କେଶରୀ ଭୋଳ ଓ ବୁଥ ଅଧିକାରୀ ତଥା ରାଜନୈତିକ ଦଳର ନିଯୁକ୍ତ ବୁଥ ଲେବୁଲ ଏଜେଣ୍ଟ ଏବଂ ବିଭିନ୍ନ ବ୍ୟକ୍ତି ବିଶେଷ ଯୋଗ ଦେଇଥିଲେ। ସଂଶୋଧନ କାର୍ଯ୍ୟର ସମ୍ପୂର୍ଣ୍ଣ ବିବରଣୀ ଉପସ୍ଥାପନ କରାଯାଇଥିଲା। ବୁଥ ସୁପରଭାଇଜର ଚନ୍ଦ୍ରକାନ୍ତ ମିଶ୍ର, ପ୍ରମୋଦ କୁମାର ଗୋଛୀ, ବିଶ୍ୱରଞ୍ଜନ ଜେନା, ପ୍ରଭାତ କୁମାର ପଣ୍ଡା, ମହେଶ୍ୱର ସେଠୀ, ସଚ୍ଚିଦାନନ୍ଦ ରାଉଳ, ଗଙ୍ଗାଧର ସାମଲ ପ୍ରମୁଖ ତଦାରଖ କରିଥିଲେ। ତହସିଲଦାର ଶ୍ରୀ ପଣ୍ଡା ଏବଂ ବିଡିଓ ଶ୍ରୀ ଭୋଳ ସମସ୍ତ ୮୬ ଜଣ ବୁଥ ଅଧିକାରୀ, ଗ୍ରାମପଞ୍ଚାୟତ ଅଧିକାରୀଙ୍କୁ ଧନ୍ୟବାଦ ଦେଇ ଏସଆଇଆର ସମାପ୍ତ ହେବା ପର୍ଯ୍ୟନ୍ତ ସମସ୍ତ ଅଧିକାରୀ ମିଳିତ ଭାବେ କାର୍ଯ୍ୟ କରିବାକୁ ଆହ୍ୱାନ କରିଛନ୍ତି।

## କାର୍ ଧକ୍କାରେ ଛାତ୍ର ମୃତ୍ୟୁ ଘଟଣା: ମାଲିକ ଗିରଫ

ଟାଙ୍ଗୀ, ୨୬।୬(ସମିସ): କାର ଧକ୍କାରେ ଛାତ୍ର ମୃତ୍ୟୁ ଘଟଣାର ୪ ମାସ ପରେ ଖୋର୍ଦ୍ଧା ଜିଲ୍ଲା ରସୁଲଗଡ଼ ସମେଇଗାଡିଆ ଅଞ୍ଚଳର କାର ଚାଳକ ଓ ମାଲିକ ସଞ୍ଜୟ କୁମାର ସାହୁଙ୍କୁ ଟାଙ୍ଗୀ ପୁଲିସ ଗିରଫ କରି ଶୁକ୍ରବାର ଅଦାଲତ ଚାଲାଣ କରିଛି। ଫେବୃଆରୀ



୨୫ ତାରିଖରେ ତ୍ରିମ୍ବ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଛାତ୍ର ସୌମ୍ୟରଞ୍ଜନ ସେନାପତି ରାତି ୨.୪୦ ମିନିଟରେ ୧୬ ନମ୍ବର ଜାତୀୟ ରାଜପଥ ପାରି ହେଉଥିବା ସମୟରେ ଏକ ଧଳା ରଙ୍ଗର କାର ଧକ୍କା ଦେଇ ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲା। ମାର୍ଚ୍ଚ ୧ ତାରିଖ ମୃତ ଛାତ୍ରଙ୍କ ପିତା ଯାଜପୁର ଜିଲ୍ଲା ସାହାସପୁର ଗ୍ରାମର ଚିତ୍ତରଞ୍ଜନ ସେନାପତିଙ୍କ ଅଭିଯୋଗ ଆଧାରରେ ଟାଙ୍ଗୀ ପୁଲିସ ସିସିଟିଭି ଫୁଟେଜ ଓ ଟୋଲ ପ୍ଲାଜା ରେକର୍ଡ ଯାଞ୍ଚ କରି ଦୁର୍ଘଟଣା ଘଟାଇଥିବା କାର ଚାଳକ ଓ ମାଲିକଙ୍କୁ ଠାବ କରିଥିଲା। ଦୁର୍ଘଟଣା ସଂକ୍ରାନ୍ତରେ ସ୍ୱୀକାର କରିବା ପରେ ଅଭିଯୁକ୍ତଙ୍କୁ ଗିରଫ କରି ଅଦାଲତ ଚାଲାଣ କରିଥିବା ଥାନା ଆଇଆଇସି ବିକାଶଚନ୍ଦ୍ର ସେଠୀ ସୂଚନା ଦେଇଛନ୍ତି।

## ସରପଞ୍ଚଙ୍କ ସ୍ୱାମୀଙ୍କୁ ଗୁଳିମାଡ଼



ବଡମ୍ବା, ୨୬।୬(ସମିସ): ମାଣିଆବନ୍ଧ ଥାନା ଅନ୍ତର୍ଗତ କୁଆଁରପାଳ ଛକରେ ଦିନ ଦ୍ୱିପ୍ରହରରେ ଘଟିଛି ଏକ ଚାଞ୍ଚଲ୍ୟକର ଗୁଳିକାଣ୍ଡ। ବଡମ୍ବା ସନ୍ତରାବଳୀ ପଞ୍ଚାୟତର ସରପଞ୍ଚ ମିତା ଜେନାଙ୍କ ସ୍ୱାମୀ ଶ୍ରୀକାନ୍ତ ଜେନା ଓରଫ କାଳିଆ ଜେନା ନିଜ ପୁଅର ରୁଟି କାଟିବା ପାଇଁ ଏକ ସେଲୁନକୁ ଯାଇଥିବା ବେଳେ ତାଙ୍କ ଉପରେ ଅତର୍କିତ ଭାବେ ଗୁଳିମାଡ଼ ହୋଇଛି। ଦୁଇଟି ବାଇକରେ ଆସିଥିବା ଦୁର୍ବୃତ୍ତମାନେ ପ୍ରାୟ ଚାରି ରାଉଣ୍ଡ ଗୁଳି ଚଳାଇ ଘଟଣାସ୍ଥଳରୁ ଫେରାର ହୋଇଯାଇଛନ୍ତି। ଗୁଳିକାଣ୍ଡ ଦ୍ୱାରା ଶ୍ରୀ ଜେନାଙ୍କ ଜଙ୍ଘ, ଡେଣା ଓ ପେଟରେ ୩ଟି ଗୁଳି ବାଜିଥିବା ବେଳେ ଗୋଟିଏ ତଳେ ପଡ଼ିଛି। ଗୁରୁତର ଆହତ ଅବସ୍ଥାରେ କାଳିଆଙ୍କୁ ପ୍ରଥମେ ମଣିଆବନ୍ଧ ଡାକ୍ତରଖାନା ଓ ସେଠାରୁ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଛି। ଘଟଣାର କାରଣ ଅସ୍ପଷ୍ଟ ଥିବାବେଳେ ପୁଲିସ ତଦନ୍ତ ଆରମ୍ଭ କରିଛି। ପୁଲିସ ଗୁଳିମାଡ ହୋଇଥିବା ସ୍ଥାନକୁ ସିଲ୍ କରି ବିଭିନ୍ନ ପ୍ରମାଣ ସଂଗ୍ରହ କରିଛି। ଘଟଣାସ୍ଥଳରେ କଟକ ଗ୍ରାମାଞ୍ଚଳ ଏସପି ବିନିତ ଅଗ୍ରୱାଲ, ଆଠଗଡ଼ ଏସଡିପିଓ ବିଶ୍ୱଜିତ୍ ମହାନ୍ତିଙ୍କ ସମେତ ବଡମ୍ବା, ମାଣିଆବନ୍ଧ ଓ ନରସିଂହପୁର ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ପ୍ରାଥମିକ ସୂଚନା ଅନୁସାରେ, କାଳିଆ ଜେନାଙ୍କ ନାମରେ ବିଭିନ୍ନ ଥାନାରେ ଏକାଧିକ ମାମଲା ରହିଛି। ତେବେ ଏହି ଗୁଳିମାଡର ପ୍ରକୃତ କାରଣ କ'ଣ, କିଏ ଏବଂ କେଉଁ ଉଦ୍ଦେଶ୍ୟରେ ଏହି ଆକ୍ରମଣ କରିଛି, ତାହା ପୁଲିସ ତଦନ୍ତ ପରେ ହିଁ ସ୍ପଷ୍ଟ ହେବ। ଦିନ ଦ୍ୱିପ୍ରହରରେ ଜନଗହଳିପୂର୍ଣ୍ଣ ଅଞ୍ଚଳରେ ଏଭଳି ଗୁଳିକାଣ୍ଡ ଘଟଣା ସ୍ଥାନୀୟ ଅଞ୍ଚଳରେ ଭୟର ବାତାବରଣ ସୃଷ୍ଟି କରିଛି। ଫେରାର ଦୁର୍ବୃତ୍ତମାନଙ୍କୁ ଧରିବା ପାଇଁ ପୁଲିସ ଚଢ଼ଉ ଜାରି ରଖିଥିବା ବେଳେ ଘଟଣାର ସମସ୍ତ ଦିଗକୁ ନେଇ ତଦନ୍ତ ଚାଲିଛି।

## ନିଶାମୁକ୍ତ ବିକଶିତ ଭାରତ ସଚେତନତା

ଟାଙ୍ଗୀ, ୨୬।୬(ସମିସ): ଟାଙ୍ଗୀ ଚୌଦ୍ୱାର ବ୍ଲକ ଗରୁଡ଼ଗାଁ ପଞ୍ଚାୟତ ହଳଦୀବସନ୍ତ ଗ୍ରାମରେ ମେରା ଯୁବା ଭାରତ କଟକ ଓ ଦିଗବଳୟ ଅନୁଷ୍ଠାନର ମିଳିତ ଆନୁକୂଲ୍ୟରେ ଅନ୍ତର୍ଜାତୀୟ ନିଶା ଅପବ୍ୟବହାର ଓ ଅବୈଧ କାରବାର ନିରୋଧ ଦିବସ ଶୁକ୍ରବାର ପାଳିତ ହୋଇଯାଇଛି।



ଯୁବ ସମାଜସେବୀ ଗଙ୍ଗାଧର ବେହେରାଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଗରୁଡ଼ଗାଁ ପଞ୍ଚାୟତ ପ୍ରାକ୍ତନ ସରପଞ୍ଚ ସୁବୋଧ କୁମାର ସାମଲ, ସମ୍ମାନିତ ଅତିଥି ଭାବେ ଶିକ୍ଷକ ଲଳିତ କୁମାର ପରିଡ଼ା, ଉମେଶଚନ୍ଦ୍ର ପରିଡ଼ା ଓ ଭାଗ୍ୟଧର ବାଗ ପ୍ରମୁଖ ଯୋଗ ଦେଇଥିଲେ। ନିଶାପାନଠାରୁ ଦୂରେଇବା ନିମନ୍ତେ ସାମୂହିକ ଶପଥ ପାଠ କରାଯାଇଥିଲା। ଛାତ୍ରଛାତ୍ରୀ ଯୋଗଦେଇଥିବା ବେଳେ ଯୁବ ସଙ୍ଗଠକ ବିବେକାନନ୍ଦ ବେହେରା ଧନ୍ୟବାଦ ଦେଇଥିଲେ।

## ତିଗିରିଆ ପ୍ରସିଦ୍ଧ ହରି-ହର ଭେଟ ଆଜି



ତିଗିରିଆ, ୨୬।୬ (ସମିସ): ତିଗିରିଆ ବ୍ଲକ ପୁରୁଣା ତିଗିରିଆ ଗ୍ରାମ ପକ୍ଷରୁ ପ୍ରସିଦ୍ଧ ଚମ୍ପକ ଏକାଦଶୀ ଯାତ୍ରା (ହରିହର ଭେଟ) ଶନିବାର ଅନୁଷ୍ଠିତ ହେବ। ପ୍ରତିବର୍ଷ ଜ୍ୟୋଷ୍ଠ ମାସ ଶୁକ୍ଳପକ୍ଷରେ ଅନୁଷ୍ଠିତ ଏହି ଯାତ୍ରା ବହୁ ପୁରାତନ କାଳରୁ ପାରମ୍ପରିକ ରୀତିନୀତି ଅନୁଯାୟୀ ଅନୁଷ୍ଠିତ ହୋଇଆସୁଛି। ଯାତ୍ରା ପାଇଁ ପୁରୁଣା ତିଗିରିଆ ଓ ତିଗିରିଆ ଗ୍ରାମ ଚଳଚଞ୍ଚଳ ହୋଇପଡ଼ିଛି। ଆଜି ବିଳମ୍ବିତ ରାତ୍ରରେ ପୁରୁଣା ତିଗିରିଆର ଆରାଧ୍ୟ ଠାକୁର ରାଧାକୃଷ୍ଣଙ୍କ ଚଳନ୍ତି ପ୍ରତିମା ଓ ତିଗିରିଆ ଗୁପ୍ତ ଶ୍ରୀକ୍ଷେତ୍ରର ମଉଡମଣୀ ପ୍ରଭୁ ଶ୍ରୀ ପ୍ରସନ୍ନମଣିଙ୍କ ଚଳନ୍ତି ବିଗ୍ରହ ସୁସଜ୍ଜିତ ବିମାନରେ ବାଜା ବାଣ ରୋଶଣିରେ ଶୋଭାଯାତ୍ରା କରି ଶଙ୍କରେଶ୍ୱର ମହାଦେବଙ୍କ ପୀଠରେ ପହଞ୍ଚିଛନ୍ତି। ସେଠାରେ ହରିହରଙ୍କ ଭେଟ ହୋଇଥାଏ। ବିମାନ ପହଞ୍ଚିବା ପରେ ଯାତ୍ରାର ମୁଖ୍ୟ ଆକର୍ଷଣ ବିଭିନ୍ନ ରଙ୍ଗ ବେରଙ୍ଗର ଆତସବାଜି ପୁରୁଣା ତିଗିରିଆ ତଥା ନିଜିଗଡ଼ ଗ୍ରାମବାସୀଙ୍କ ତରଫରୁ ଶଙ୍କରେଶ୍ୱର ମନ୍ଦିର ନିକଟରେ କରାଯାଇଥାଏ। ଏହି ଆତସବାଜିକୁ ଦେଖିବା ପାଇଁ ଆଖପାଖରୁ ଅନେକ ଜନସମାଗମ ହୋଇଥାଏ। ସକାଳେ ମନ୍ଦିର ପରିସରରେ ପ୍ରସିଦ୍ଧ ଚମ୍ପକ ଦ୍ୱାଦଶୀ ଅନୁଷ୍ଠିତ ହୋଇଥାଏ।

## କେନାଲ ସେତୁରେ ସଂଯୋଗୀକରଣ ରାସ୍ତା ନାହିଁ

ନିଶ୍ଚିନ୍ତକୋଇଲି, ୨୬।୬(ସମିସ): କେନ୍ଦୁପାଟଣା ଜଳସମ୍ପଦ ବିଭାଗ ଅଧୀନରେ ଥିବା ୮ ନଂ କେନାଲ ଉପରେ ବୁହାଳ ପଞ୍ଚାୟତ ଭୁବନଠାରେ ଗତ ୬ ବର୍ଷ ହେବ ଏକ ନୂତନ ପୋଲ ନିର୍ମାଣ କାର୍ଯ୍ୟ କରାଯାଇଛି। ଏହାର ସଂଯୋଗୀକରଣ ରାସ୍ତା ନଥିବାରୁ ଯାତାୟାତରେ ପଥଚାରୀ ସମସ୍ୟାରେ ପଡୁଛନ୍ତି। ଜଳସମ୍ପଦ ବିଭାଗର ଦାୟିତ୍ୱହୀନତା ପାଇଁ ଠିକାଦାର ପୋଲ କରି ବିଲ୍ ଉଠାଇ ନେଇଯାଇଥିବା ବେଳେ ସଂଯୋଗୀକରଣ ରାସ୍ତା କରି ନଥିବା ଜଣାଯାଇଛି। ଏଥିପାଇଁ ଏକାଧିକ ଥର ଜଳସେଚନ ବିଭାଗର ଦୃଷ୍ଟି ଆକର୍ଷଣ କରାଯାଇଥିଲେ ମଧ୍ୟ କୌଣସି ପଦକ୍ଷେପ ନିଆଯାଉ ନଥିବାରୁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଦୀର୍ଘ ବର୍ଷ ହେବ ନୂତନ ପୋଲଟି ବ୍ୟବହାର ହେଉନଥିବାରୁ ଏହାର ଚର୍ତୁପାର୍ଶ୍ୱରେ ଅନାବନା ଘାସ ଓ ଗଛ ଉଠି ଜଙ୍ଗଲ ସଦୃଶ ହୋଇଗଲାଣି। ୮ ନଂ କେନାଲ ବନ୍ଧ ମୁଖ୍ୟ ରାସ୍ତା ଦେଇ ଏହି ପୋଲକୁ ଅତିକ୍ରମ କରି ଏହା କେନ୍ଦ୍ରାପଡ଼ା ମୁଖ୍ୟ କେନାଲର ବାମପାର୍ଶ୍ୱ ବନ୍ଧକୁ ସଂଯୋଗୀକରଣ କରୁଥିବାରୁ ଏହି ପୋଲର ଗୁରୁତ୍ୱ ରହିଛି। ପ୍ରତେକ ଦିନ ଏହି ରାସ୍ତା ଦେଇ ବୁହାଳ, କେନ୍ଦୁପାଟଣା, ବାଲିଆପଦା, ସରପଡ଼ା ଆଦି ପଞ୍ଚାୟତ ସମେତ ବହୁ ଜନସାଧାରଣ ବିଭିନ୍ନ କାର୍ଯ୍ୟରେ ଯାତାୟାତ କରିଥାଆନ୍ତି। ଏହାଛଡା ସ୍ଥାନୀୟ ବାସିନ୍ଦା ସେମାନଙ୍କର ଗୃହପାଳିତ ପଶୁ, ଗାଈଗୋରୁ ଛେଳିମେଣ୍ଢା ଆଦିକୁ ଚରାବୁଲା କରାଇବା ପାଇଁ ଏହି ପୋଲ ଦେଇ ଅନ୍ୟପଟକୁ ଯାଇଥାଆନ୍ତି। ବର୍ତ୍ତମାନର ସରକାର ଦୁଇ ବର୍ଷ ଶାସନ କରିସାରିଥିଲେ ମଧ୍ୟ ଏହି ପୋଲର ସଂଯୋଗୀକରଣ ରାସ୍ତା ହୋଇ ପାରୁନଥିବା ଅତ୍ୟନ୍ତ ଦୁର୍ଭାଗ୍ୟ ଜନକ ବୋଲି ସାଧାରଣରେ ଆଲୋଚନା ହେଉଛି। ଏହି ପୋଲରେ ସଂଯୋଗୀକରଣ ରାସ୍ତା ନଥିବାରୁ ବହୁ ବର୍ଷର ଏକ ପୁରୁଣା କଲଭର୍ଟ ଦେଇ ଲୋକମାନେ ଯାତାୟାତ କରୁଥିବାରୁ ଅଘଟଣ ଘଟିବାର ଆଶଙ୍କା ପ୍ରକାଶ ପାଇଛି। ତୁରନ୍ତ ଉକ୍ତ ପୋଲର ସଂଯୋଗୀକରଣ ରାସ୍ତା କରିବା ପାଇଁ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହୋଇଛି।

**ଯାତାୟାତରେ ସମସ୍ୟା**

## ପଲ୍‌ସ ପୋଲିଓ ଅଭିଯାନ ପାଇଁ ତାଲିମ୍




ତିଗିରିଆ, ୨୬।୬ (ସମିସ): ତିଗିରିଆ ବ୍ଲକର ସମସ୍ତ ଗ୍ରାମରେ ଜନ୍ମରୁ ୫ ବର୍ଷ ପର୍ଯ୍ୟନ୍ତ ଶିଶୁଙ୍କୁ ପଲସ ପୋଲିଓ ଟୀକାକରଣ ଆସନ୍ତା ୨୮ ତାରିଖରୁ ୩୦ ତାରିଖ ପର୍ଯ୍ୟନ୍ତ ତିନିଦିନ ଧରି କରାଯିବ। କାର୍ଯ୍ୟକ୍ରମର ସଫଳ ରୂପାୟନ କରିବା ତଥା ଗୋଟିଏ ବି ଶିଶୁ ଏ ଟୀକାକରଣ କାର୍ଯ୍ୟକ୍ରମରୁ ଯେଉଁଭଳି ଭାବେ ବାଦ୍ ନପଡ଼ନ୍ତି; ତାହା ନିଶ୍ଚିତ କରିବା ପାଇଁ ବ୍ଲକର ବିଭିନ୍ନ ପଞ୍ଚାୟତର ଆଶା, ଅଙ୍ଗନବାଡି କର୍ମୀଙ୍କୁ ନେଇ ବିନ୍ଧାଣିମା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଏକ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ବ୍ଲକ ମେଡିକାଲ ଅଫିସର ଡାକ୍ତର ମନୋରଞ୍ଜନ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ବ୍ଲକର ସମସ୍ତ ୪୮ଟି ଗ୍ରାମରେ ୪୮ଟି ବୁଥ ମାଧ୍ୟମରେ ପୋଲିଓ ଟୀକାକରଣ କାର୍ଯ୍ୟକ୍ରମ କରିବା ପାଇଁ ସୂଚନା ଦେଇଥିଲେ। ୨୯ ଓ ୩୦ ତାରିଖ ଦୁଇଦିନ ପ୍ରଥମ ଦିବସରେ ଟୀକାକରଣରୁ ବଞ୍ଚିତ ଶିଶୁଙ୍କୁ ଆଶା, ଅଙ୍ଗନବାଡି କର୍ମୀମାନେ ପ୍ରତ୍ୟେକ ଘରକୁ ଯାଇ ସେମାନଙ୍କୁ ଟୀକାକରଣ କରାଯିବ ବୋଲି ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ବ୍ଲକର ପ୍ରାୟ ୬୫୦୦ ଶିଶୁଙ୍କୁ ୩ ଦିନରେ ଏହି ଟୀକା ପ୍ରଦାନ ପାଇଁ ଲକ୍ଷ୍ୟ ରଖାଯାଇଛି। ଡାକ୍ତର ପ୍ରିୟଦର୍ଶିନୀ ଷଡଙ୍ଗୀ, ପରିସଂଖ୍ୟାନ ସହାୟକ ମନମୋହନ ଦାଶ, ସ୍ୱାସ୍ଥ୍ୟ କର୍ମଚାରୀ ଶାଶ୍ୱତ ସେଠ, ଦିଲ୍ଲୀପ କୁମାର ପଣ୍ଡା, କାମିନୀ ରାଉତ, ମୃତ୍ୟୁଞ୍ଜୟ ମହାପାତ୍ର, କବିରାଜ ସେଠୀ, ପ୍ରଦୀପ କୁମାର ସାମଲଙ୍କ ସହ ଆଶା ଓ ଅଙ୍ଗନବାଡି କର୍ମୀ ଉପସ୍ଥିତ ଥିଲେ।

## କବାଡ଼ିଆ ସାମଗ୍ରୀ ଓ ବିଦ୍ୟୁତ ତାର ବୋଝେଇ ଟ୍ରକ୍ ଜବତ; ଡ୍ରାଇଭର ଅଟକ

ତିଗିରିଆ, ୨୬।୬ (ସମିସ): ଆଠଗଡ଼ ସହରରେ ଥିବା ବହୁ କବାଡିଆ ଦୋକାନରେ ବହୁ ବେଆଇନ ଯନ୍ତ୍ରାଂଶ, ବିଦ୍ୟୁତ ତାର ସହିତ ବହୁ ଘରୋଇ ଉପକରଣ, ଚୋରା ଗାଡିକୁ କାରବାର ହେଉଥିବା ବାରମ୍ବାର ଅଭିଯୋଗ ହୋଇଆସୁଛି। ମାତ୍ର ଆଠଗଡ଼ରେ ଥିବା କବାଡିଆ ଦୋକାନୀ ଉପରେ କିଛି ବି ଫରକ ପଡୁନାହିଁ। ବାରମ୍ବାର ଏଭଳି ଘଟଣା ଘଟି ଚାଲିଥିବା ବେଳେ ଆଜି ଏକ ଆଇଚର ଟ୍ରକରେ କବାଡିଆ ସାମଗ୍ରୀ ବୋଝେଇ ହୋଇ ଯାଉଥିବା ବେଳେ ଆଠଗଡ଼ ପୁଲିସ ଯାଞ୍ଚ ବେଳେ ଏହି ଗାଡିରୁ ପୁରୁଣା ବିଦ୍ୟୁତ ତାର ଲୋଡ଼ ହୋଇ ଯାଉଥିବା ଜଣାପଡ଼ିଥିଲା। ପୁଲିସ ଗାଡିକୁ ଜବତ କରି ଆଠଗଡ଼ ଉପଖଣ୍ଡ ଆରକ୍ଷୀ ଅଧୀକ୍ଷକ କାର୍ଯ୍ୟାଳୟରେ ରଖିଛି। ପରେ ଆଠଗଡ଼ ଥାନାଧିକାରୀ ସୁମତି କୁମାରୀ ମହାନ୍ତି ବିଦ୍ୟୁତ ସାମଗ୍ରୀ ଯାଞ୍ଚ ଓ ଚିହ୍ନଟ ପାଇଁ ଆଠଗଡ଼ ବିଦ୍ୟୁତ ବିଭାଗର ଯନ୍ତ୍ରୀ-୧ ଗୌରମୋହନ ସାହୁ ଓ ବିଦ୍ୟୁତ ସିକ୍ୟୁରିଟି ଅଫିସର ଏନକେ ବଡ଼ଜେନାଙ୍କୁ ଡାକିଥିଲେ। କିଛି ନୂଆ ପୁରୁଣା ବିଦ୍ୟୁତ ତାର ସହ ଗାଡି ଭିତରେ ଅନ୍ୟ କେତେକ ବିଦ୍ୟୁତ ସାମଗ୍ରୀ ଓ ଯନ୍ତ୍ରାଂଶ ମିଳିଛି। ଗାଡି ଚାଳକ ନୟାଗଡ଼ ଜିଲ୍ଲା ଶରଣକୁଳର ବୋଲି ଜଣାପଡ଼ିଛି। ଜବତ ଗାଡିର ନମ୍ବର ଓଡ଼ି ୦୨ ବିବି ୯୨୪୧ ଓ ଏହି ଗାଡିଟି ଭୁବନେଶ୍ୱରରୁ କବାଡିଆ ସାମଗ୍ରୀ ଲୋଡ଼ କରି ଅନୁଗୁଳ ଯାଉଥିବା ଡ୍ରାଇଭର ଓ ଥାନା ଅଧିକାରିଣୀ ମହାନ୍ତିଙ୍କ ସୂତରୁ ଜଣାପଡ଼ିଛି। ଆଠଗଡ଼ ସହର ଥିବା ବହୁ କବାଡିଆ ଦୋକାନୀ ବେଆଇନ କାର୍ଯ୍ୟ କରି ବହୁବାର ଜେଲ ଯିବା ପରେ ପୁଣି ଆସି ତାଙ୍କର ସେହି ବେଆଇନ କବାଡିଆ କାର୍ଯ୍ୟକଳାପ ଜାରି ରଖିଛନ୍ତି। ମେଗା ପ୍ରୋଜେକ୍ଟ ପାଇପଠାରୁ ଘରୋଇ ମେସିନ, ବିଦ୍ୟୁତ ତାର, ବିଦ୍ୟୁତ ଝୁଣ୍ଟି ସହିତ ବଡ଼ ଛୋଟ ଚୋରା ଗାଡିକୁ ମଧ୍ୟ କାଟିବା ଘଟଣା ସାର ଆଠଗଡ଼ ଅଞ୍ଚଳରେ ଚର୍ଚ୍ଚା ବିଷୟ ପାଲଟି ଥିଲା। ଆଠଗଡ଼ରେ ଚାଲିଥିବା ଏହି ବେଆଇନ କାର୍ଯ୍ୟକଳାପ ଉପରେ କେବେ ଲଗାମ ଲାଗିପାରିବ ବୋଲି ସାଧାରଣରେ ଆଲୋଚିତ ହୋଇଛି।

## ରାସ୍ତାରେ ବୁଲୁଛନ୍ତି ମେଣ୍ଢାପଲ; ଚଳାଚଳ ବାଧାପ୍ରାପ୍ତ

ନିଶ୍ଚିନ୍ତକୋଇଲି, ୨୬।୬(ସମିସ)



କଟକ-ଚାନ୍ଦବାଲି ମୁଖ୍ୟରାସ୍ତାର ନିଶ୍ଚିନ୍ତକୋଇଲି ବଜାରରେ ପ୍ରତ୍ୟେକ ଦିନ ଶହ ଶହ ସଂଖ୍ୟାରେ ମେଣ୍ଢା ପଲ ରାସ୍ତା ଉପରେ ବୁଲୁଥିବାର ଦେଖାଯାଇଛି। ଏମାନେ ରାସ୍ତାକୁ ସମ୍ପୂର୍ଣ୍ଣ ଅବରୋଧ କରିଦେଉଥିବାରୁ ଯାନବାହନ ଯାତାୟାତରେ ସମସ୍ୟା ଉପୁଜୁଛି। ସ୍ଥାନୀୟ ମେଣ୍ଢା ପାଳକମାନେ ବଜାରରେ ପଡ଼ିରହିଥିବା ବିଭିନ୍ନ ପଚାସଢା ନଷ୍ଟ ଖାଦ୍ୟ ଓ ଅଳିଆ ଆଦିକୁ ଖାଇବା ନିମନ୍ତେ ମେଣ୍ଢାଗୁଡିକୁ ଅବାଧରେ ରାସ୍ତାକୁ ଛାଡୁଛନ୍ତି। ଅନେକ ସମୟରେ ରାସ୍ତା ଉପରେ ଠିଆ ହୋଇ ରହୁଥିବାରୁ ଯାତାୟାତ କରୁଥିବା ଗାଡି ମଟର ସେମାନଙ୍କୁ ଅତିକ୍ରମ କରିବା ପାଇଁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏପରିକି ବେଳେ ବେଳେ ବସ୍ କିମ୍ବା ଟ୍ରକ୍ ଗଲାବେଳେ ମେଣ୍ଢାପଲ ଠିଆ ହୋଇଥିବା ସ୍ଥାନରେ ଗାଡି ରଖି ଏହାକୁ ଘଉଡାଇବା ପରେ ଗାଡି ମଟର ଅତିକ୍ରମ କରୁଥିବା ଦେଖାଯାଇଛି। ମେଣ୍ଢାଗୁଡିକ ବିଭିନ୍ନ ଦୋକାନରୁ ଜିନିଷପତ୍ର ନେଇ ଖାଇଦେଉଥିବା ସହ ଅବାଧରେ ରାସ୍ତାରେ ବୁଲୁଥିବା ବେଳେ ପୁଲିସ ଓ ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଉନାହିଁ। ଏଭଳି ଦାୟିତ୍ୱହୀନତା ପାଇଁ ବିଟ୍ ରାସ୍ତା ଉପରେ ବିଶୃଙ୍ଖଳା ସୃଷ୍ଟି ହେଉଛି। ମେଣ୍ଢା ପାଳକଙ୍କୁ ସତର୍କ କରାଇବାରେ ପ୍ରଶାସନ ପଦକ୍ଷେପ ନେବାକୁ ଦାବି ହେଉଛି।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୯୪.୪୧ ● ପାଉଣ୍ଡ ୧୨୪.୫୪
- ୟୁରୋ ୧୦୭.୪୬ ● ୟେନ୍ ୦.୫୮

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୧,୩୦,୮୫୦ (ଭୁବନେଶ୍ୱର)
- ରୁପା : ୨,୪୫,୦୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୭୭,୧୦୦.୦୦
- ନିଫ୍ଟି ୨୪,୦୫୬.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୯.୧୫ (ଭୁବନେଶ୍ୱର)
- ଡିଜେଲ୍ - ୧୦୦.୮୦



### ଟଳିଲା ତେଲ ସଙ୍କଟ, ଏବେ ମୌସୁମୀକୁ ନେଇ ଚିନ୍ତା

# ବାଜିରେ ୨୫ ହଜାର କୋଟିର କୃଷି ଅର୍ଥନୀତି

ନୂଆଦିଲ୍ଲୀ,୨୬।୬(ଏଜେନ୍ସି): ଅଶୋଧିତ ତେଲ ସଙ୍କଟ କିଛି ମାତ୍ରାରେ ହ୍ରାସ ପାଇଛି। ଏବେ ଭାରତର ଅର୍ଥନୀତି ପାଇଁ ଏକ ନୂତନ ଆହ୍ୱାନ ହେଉଛି, ଦୁର୍ବଳ ମୌସୁମୀ ପ୍ରବାହ। ଏକ ଦୁର୍ବଳ ମୌସୁମୀ ଭାରତ ପାଇଁ ପରବର୍ତ୍ତୀ ମୁଦ୍ରାସ୍ଫୀତି ଜନିତ ବିପଦ ଭାବରେ ଉଭା ହେଉଛି। ଏଥିରେ ଆଶଙ୍କା ରହିଛି ଯେ ଏଲ୍-ନିନୋ ଯୋଗୁ ବର୍ଷା ହ୍ରାସ ପାଇବା ସହ ଖାଦ୍ୟ ମୂଲ୍ୟ ବୃଦ୍ଧି କରିବ। ଅପରପକ୍ଷେ ତେଲ ମୂଲ୍ୟ କମ୍ ହେବା ମୁଦ୍ରାସ୍ଫୀତି ଚାପକୁ କିଛିଟା ହ୍ରାସ କରିଛି। ଦକ୍ଷିଣ-ପଶ୍ଚିମ ମୌସୁମୀ ଯାହା ଭାରତର ବାର୍ଷିକ ବର୍ଷାର ପ୍ରାୟ ୭୦ ପ୍ରତିଶତ ଆଣିଥାଏ। ଏହା ଦେଶର ୨୫ ହଜାର କୋଟି ଟଙ୍କା ମୂଲ୍ୟର କୃଷି ଅର୍ଥନୀତି ପାଇଁ ବେଶ ଗୁରୁତ୍ୱପୂର୍ଣ୍ଣ। ଏହା ଖାଦ୍ୟ ମୂଲ୍ୟ, ଗ୍ରାମାଞ୍ଚଳ ଚାହିଦା ଏବଂ ସାମଗ୍ରିକ ଆର୍ଥିକ ଉତ୍ପାଦନ ଉପରେ ଗୁରୁତ୍ୱପୂର୍ଣ୍ଣ ପ୍ରଭାବ ପକାଇଥାଏ।

ମଧ୍ୟପ୍ରାଚ୍ୟ ଶାନ୍ତି ଚୁକ୍ତିନାମା ପରେ ଅଶୋଧିତ ତେଲ ମୂଲ୍ୟରେ ସମ୍ପ୍ରତି ହ୍ରାସ ପାଇବାରୁ ଭାରତକୁ ଯଥେଷ୍ଟ ଆଶ୍ୱସ୍ତି ମିଳିଛି, କିନ୍ତୁ ଏବେ ଦେଶର ଅନେକ ସ୍ଥାନରେ ଦୁର୍ବଳ ମୌସୁମୀର ପୂର୍ବାନୁମାନ ନୂତନ ଚିନ୍ତା ସୃଷ୍ଟି କରିଛି। ଭାରତର ଅଧାରୁ ଅଧିକ କୃଷି ବର୍ଷା ଉପରେ ନିର୍ଭର କରେ। ଏକ ଦୁର୍ବଳ ମୌସୁମୀ



ଫସଲ ଉତ୍ପାଦନକୁ ପ୍ରଭାବିତ କରିବ, ଯାହା ଫଳରେ ଖାଦ୍ୟ ମୂଲ୍ୟ ବୃଦ୍ଧି ପାଇବ। ଭାରତ ତେଲ ସଙ୍କଟ ଏଡାଇଯାଇଛି, କିନ୍ତୁ ମରୁଡ଼ିର ଆଶଙ୍କାକୁ ଏଡାଇପ ।ରିବ ତ! ଏକ ଦୁର୍ବଳ ମୌସୁମୀ ଭାରତ ପାଇଁ ଏକ ନୂତନ ଆର୍ଥିକ ବିପଦ ସୃଷ୍ଟି କରିଛି। ଏ ସମ୍ପର୍କରେ ଏଲ ଆଣ୍ଡ ଟି ଫାଇନାନ୍ସ ଲିମିଟେଡର ଜଣେ ଅର୍ଥନୀତିଜ୍ଞ କହିଛନ୍ତି ଯେ କମ୍ ବର୍ଷା ଇକ୍ୱିଟି ବଜାର ଏବଂ ଗ୍ରାମୀଣ ଖର୍ଚ୍ଚ ଉଭୟକୁ ନକାରାତ୍ମକ ଭାବରେ ପ୍ରଭାବିତ କରେ। ଏଲ୍ଆଣ୍ଟି ଫାଇନାନ୍ସ ୪୫୦ ବିଲିୟନ ଟଙ୍କାରୁ ଅଧିକ ମୂଲ୍ୟର ଗ୍ରାମୀଣ ଋଣ ବ୍ୟବସାୟ

### ଦୁର୍ବଳ ମୌସୁମୀରେ ପ୍ରଭାବିତ ହେବ ଫସଲ ଉତ୍ପାଦନ

### ବଢ଼ିବ ଦରଦାମ୍

ପରିଚାଳନା କରିଥାଏ। ସେ କହିଛନ୍ତି ଯେ ପ୍ରଥମେ ମୁଦ୍ରାସ୍ଫୀତି ବୃଦ୍ଧି ପାଏ, ତା'ପରେ ଲୋକଙ୍କ ମନୋଭାବ ଖରାପ ହୁଏ, ଯାହା ଫଳରେ ପାର୍ବଣ ଋତୁରେ ଖର୍ଚ୍ଚ ହ୍ରାସ ପାଏ।

ଭାରତୀୟ ରିଜର୍ଭ ବ୍ୟାଙ୍କ (ଆରବିଆଇ) ଅଧିକାରୀମାନେ କହିଛନ୍ତି ଯେ ସେମାନେ ମୁଦ୍ରାସ୍ଫୀତି ପରିସ୍ଥିତିର ମୂଲ୍ୟାଙ୍କନ କରିବା ପାଇଁ ପାଣିପାଗ ଉପରେ କଡ଼ା ନଜର ରଖିଛନ୍ତି। ଚଳିତ ମାସରେ ଆରବିଆଇ ଏହାର ପ୍ରମୁଖ ସୁଧ ହାରକୁ ୫.୨୫%ରେ ବଜାୟ ରଖିଛି। ମୁଦ୍ରାସ୍ଫୀତି ଏହାର ୨-୬% ଲକ୍ଷ୍ୟ ସୀମା ମଧ୍ୟରେ ରହିବ।

କ୍ୱାଣ୍ଟଇକୋ ରିସର୍ଚ୍ଚର ଅର୍ଥନୀତିଜ୍ଞ ଯୁବିକା ସିଂହଲଙ୍କ ଅନୁଯାୟୀ, ବର୍ଷାରେ ୧୦% ହ୍ରାସ ଖାଦ୍ୟ ମୂଲ୍ୟ ଦ୍ୱାରା ପରିଚାଳିତ ମୁଖ୍ୟ ଉପଭୋକ୍ତା ମୁଦ୍ରାସ୍ଫୀତିରେ ୧ ପ୍ରତିଶତ ପର୍ଯ୍ୟନ୍ତ ବୃଦ୍ଧି କରିପାରେ। ଜୁନ୍ ୨୨ ସୁଦ୍ଧା ଭାରତର ସାମଗ୍ରିକ ବର୍ଷା ସ୍ୱାଭାବିକଠାରୁ ୪୩% କମ୍ ଥିଲା। ଗ୍ରାମାଞ୍ଚଳ ଭାରତରେ ବିଳମ୍ବ ହୋଇଥିବା ମୌସୁମୀର ପ୍ରଭାବ, ଯାହା ସାଧାରଣତଃ ଜୁନ୍ ୧ ରୁ ସେପ୍ଟେମ୍ବର ୩୦ ପର୍ଯ୍ୟନ୍ତ ଚାଲିଥାଏ। ପ୍ରାରମ୍ଭିକ ଭାବରେ ସରକାରୀ ତଥ୍ୟରେ ଏହା ପ୍ରତିଫଳିତ ହୁଏ ନାହିଁ। ବରଂ, ଏହା କମ୍ ସାର କ୍ରୟ, ବିଳମ୍ବିତ ଟ୍ରାକ୍ଟର ବୁକିଂ, ମୋଟରସାଇକେଲ ବ୍ୟବସାୟରେ ଅନୁସନ୍ଧାନ କମିବା ଏବଂ ସେପ୍ଟେମ୍ବରରେ ଆରମ୍ଭ ହେଉଥିବା ପାର୍ବଣ ଋତୁ ପୂର୍ବରୁ ଦୋକାନୀଙ୍କ ଦ୍ୱାରା ଷ୍ଟକ୍ କମ୍ ରଖିବା ଆଦିକୁ ଦର୍ଶାଇଥାଏ। ବଜାରରେ ଏହି ମାନ୍ଦାବସ୍ଥା ପରେ ଗ୍ରାମାଞ୍ଚଳ ବାହାକୁ ବ୍ୟାପିଯାଏ, ଯାହା ସାମଗ୍ରିକ ବ୍ୟବହାର ଏବଂ ତେଜରାତି କାରବାର ଉପରେ ପ୍ରଭାବ ପକାଇଥାଏ। ଆର୍‌ବିଆଇ ଗଭର୍ଣ୍ଣର ସଞ୍ଜୟ ମାଲହୋତ୍ରା ମଧ୍ୟ ଭାରତର ଷ୍ଟକ୍‌କୁ ଏକ ସମ୍ଭାବ୍ୟ ସୁରକ୍ଷା ଜାଲ ଭାବରେ ଉଲ୍ଲେଖ କରିଥିଲେ। ତଥାପି, ଅର୍ଥନୀତିଜ୍ଞମାନେ ସତର୍କ କରାଇ ଦେଇଛନ୍ତି ଯେ ଷ୍ଟକଗୁଡ଼ିକ ପାଗ-ସମ୍ବନ୍ଧୀୟ ଉତ୍ପାଦନର ଦୀର୍ଘକାଳୀନ ପ୍ରଭାବକୁ କେବଳ ଆଂଶିକ ଭାବରେ ପୂରଣ କରିପାରିବ। ବ୍ୟାଙ୍କ ଅଫ୍ ବରୋଦାର ମୁଖ୍ୟ ଅର୍ଥନୀତିଜ୍ଞ ମଦନ ସବନାଭିସ୍ କହିଛନ୍ତି ଯେ ବଫର ଷ୍ଟକ୍ କେବଳ ଭାରତ ପାଇଁ ନୁହେଁ ବରଂ ସମଗ୍ର ବିଶ୍ୱ ପାଇଁ ଏକ ପ୍ରମୁଖ ଚିନ୍ତାର ବିଷୟ। ଆମେ ସତ୍ୟରୁ ଦୂରେଇ ଯିବା ଉଚିତ୍ ନୁହେଁ। ଆମେ ଦକ୍ଷିଣପୂର୍ବ ଏସିଆରୁ ଖାଦ୍ୟ ତେଲ ଆମଦାନୀ କରୁ ଏବଂ ବର୍ଷାର ଅଭାବ ସେମାନଙ୍କୁ ମଧ୍ୟ ପ୍ରଭାବିତ କରିବ। ବିଳମ୍ବ ମୌସୁମୀ ମଧ୍ୟ ସେପ୍ଟେମ୍ବର ଶେଷ ଏବଂ ଅକ୍ଟୋବର ପର୍ଯ୍ୟନ୍ତ ବ୍ୟାପିବାର ଆଶଙ୍କା ରହିଛି, ଯାହା ଅମଳରେ ବାଧା ସୃଷ୍ଟି କରିପାରେ ଏବଂ ଫସଲକୁ କ୍ଷତି ପହଞ୍ଚାଇପାରେ।

# ବଢ଼ିଲା ଆପଲ୍ ମ୍ୟାକବୁକ୍, ଆଇପ୍ୟାଡ୍ ମୂଲ୍ୟ

### ଭାରତରେ ୧ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ମୂଲ୍ୟ ବୃଦ୍ଧି କଲା କମ୍ପାନୀ

ନୂଆଦିଲ୍ଲୀ,୨୬।୬(ଏଜେନ୍ସି): ଆପଲ୍ ଭାରତରେ ଏହାର ମ୍ୟାକବୁକ୍ ଏବଂ ଆଇପ୍ୟାଡ୍ ସିରିଜର ମୂଲ୍ୟ ବୃଦ୍ଧି କରିଛି। କମ୍ପାନୀ କିଛି ମଡେଲରେ ୧ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ମୂଲ୍ୟ ବୃଦ୍ଧି କରାଯାଇଛି। ଏହା ପୂର୍ବରୁ ଆପଲ୍ ସିଇଓ ଟିମ୍ କୁକ୍ ଦର ବୃଦ୍ଧି ନେଇ ସୂଚନା ଦେଇଥିଲେ। ମେମୋରି ଚିପର ଅଭାବ ଓ ଅହେତୁକ ମୂଲ୍ୟ ବୃଦ୍ଧି ଯୋଗୁ ସାମ୍ପ୍ରତିକ ପରିସ୍ଥିତିରେ ମୂଲ୍ୟ ବୃଦ୍ଧି ଅପରିହାର୍ଯ୍ୟ ହୋଇପଡିଛି ବୋଲି କୁକ କହିଥିଲେ। ଗୁରୁବାର ମୂଲ୍ୟ ବୃଦ୍ଧି ପରେ ସଂଶୋଧନ ମୂଲ୍ୟ ଆପଲ୍ ଇଣ୍ଡିଆ ୱେବସାଇଟରେ ଦେଖିବାକୁ ମିଳିଛି। ଅନେକ ମ୍ୟାକବୁକ୍ ମଡେଲର ମୂଲ୍ୟ ପୂର୍ବ ଅପେକ୍ଷା ବହୁତ ଅଧିକ ବଢ଼ି ଯାଇଛି। ଏହି ପରିବର୍ତ୍ତନ ମ୍ୟାକବୁକ୍ ଏୟାର, ମ୍ୟାକବୁକ୍ ପ୍ରୋ ଏବଂ କମ୍ପାନୀର ନୂଆ ଭାବେ ଆସିଥିବା ବଜେଟ୍ ଲାପଟପ୍ ସେଗମେଣ୍ଟକୁ ପ୍ରଭାବିତ କରିଛି। ମ୍ୟାକବୁକ୍ ଏୟାର (ଏମ୍୫ ଚିପ୍), ଯାହା ଭାରତରେ ୧,୧୯,୯୦୦ ଟଙ୍କାରେ ଲଞ୍ଚ୍ ହୋଇଥିଲା, ତାହା ଏବେ ୧,୪୯,୯୦୦ ଟଙ୍କାରେ ମିଳିବ। ଏଥିରେ ୩୦,୦୦୦ ଟଙ୍କା ବୃଦ୍ଧି ହୋଇଛି। ସେହିପରି, ୧୫-ଇଞ୍ଚ ମ୍ୟାକବୁକ୍ ଏୟାର ମଡେଲ୍, ଯାହାର ପୂର୍ବ ମୂଲ୍ୟ ୧,୪୪,୯୦୦ ଟଙ୍କା ଥିଲା, ଏବେ ଏହା ବଢ଼ି ୧,୭୯,୯୦୦ ଟଙ୍କା ହୋଇଛି ହୋଇଯାଇଛି। ଏଥିରେ ୩୫,୦୦୦ ଟଙ୍କା ବୃଦ୍ଧି ଦେଖିବାକୁ ମିଳିଛି। ମ୍ୟାକବୁକ୍ ପ୍ରୋ ଲାଇନଅପରେ ମୂଲ୍ୟ ବୃଦ୍ଧି ଆହୁରି



ଅଧିକ। ଏମ୍୫ ଚିପ୍ ଏବଂ ୧୬ଜିବି ରାମ୍ ବିଶିଷ୍ଟ ବେସ୍ ୧୪- ଇଞ୍ଚ ମ୍ୟାକବୁକ୍ ପ୍ରୋ ୧,୬୯,୯୦୦ ଟଙ୍କାରେ ଲଞ୍ଚ୍ ହୋଇଥିଲା। ମୂଲ୍ୟ ବୃଦ୍ଧି ପରେ ଏହା ୨,୩୯,୯୦୦ ଟଙ୍କା ହୋଇଯାଇଛି। ଏଥିରେ ୭୦,୦୦୦ ଟଙ୍କାର ଏକ ବଡ଼ ବୃଦ୍ଧି ଦେଖିବାକୁ ମିଳିଛି। ଏହାଛଡ଼ା ମ୍ୟାକବୁକ୍ ପ୍ରୋ (୧୪-ଇଞ୍ଚ)ର ଏମ୍୫ ମ୍ୟାକ୍ସ ଭାରିଏଣ୍ଟର ମୂଲ୍ୟ ୧ ଲକ୍ଷ ଟଙ୍କା ବୃଦ୍ଧି କରାଯାଇଛି।

# ସାଉଦି ଆରବରେ ଘର କିଣିପାରିବେ ଭାରତୀୟ

ନୂଆଦିଲ୍ଲୀ,୨୬।୬(ଏଜେନ୍ସି): ସାଉଦି ଆରବ ବିଦେଶୀମାନଙ୍କ ପାଇଁ ଏହାର ରିଅଲ୍ ଇଷ୍ଟେଟ୍ କ୍ଷେତ୍ରକୁ ଖୋଲିଦେଇଛି। 'ସାଉଦି ପ୍ରପର୍ଟିଜ୍ ନାମକ ଏକ ନୂତନ ଡିଜିଟାଲ୍ ପୋର୍ଟାଲ୍ ମାଧ୍ୟମରେ ବିଦେଶୀ ନାଗରିକ, କମ୍ପାନୀ ଏବଂ ନିବେଶକମାନେ ଏବେ ସେଠାରେ ସମ୍ପତ୍ତି କ୍ରୟ କରିବା ପାଇଁ ଅନ୍‌ଲାଇନରେ ଆବେଦନ କରିପାରିବେ। ଏହି ପଦକ୍ଷେପ ଜାନୁଆରୀରେ କାର୍ଯ୍ୟକାରୀ ହୋଇଥିବା ବିଦେଶୀ ରିଅଲ୍ ଇଷ୍ଟେଟ୍ ମାଲିକାନା ଆଇନ ଅଧୀନରେ ନିଆଯାଇଥିଲା। ଏହା ସାଉଦି ଆରବରେ ରହୁଥିବା ଏବଂ କାମ କରୁଥିବା ପ୍ରାୟ ୨.୪ ନିୟୁତ ଭାରତୀୟଙ୍କୁ ସର୍ବାଧିକ ଲାଭ ଦେଇପାରେ। ଏ ପର୍ଯ୍ୟନ୍ତ ରହିଥିବା ନିୟମରେ ଭାରତୀୟମାନେ କେବଳ ସେଠାରେ ଘର ଭଡା ନେଇପାରିବେ। ତଥାପି, ନୂତନ ବ୍ୟବସ୍ଥା ଅନୁଯାୟୀ ସେମାନେ ସେଠାରେ ସମ୍ପତ୍ତି ମାଲିକ ମଧ୍ୟ ହୋଇପାରିବେ। ରିଅଲ୍ ଇଷ୍ଟେଟ୍ ଜେନେରାଲ୍ ଅଥରିଟି କହିଛି ଯେ "ସାଉଦି ପ୍ରପର୍ଟିଜ୍" ପୋର୍ଟାଲ୍ ସମ୍ପୂର୍ଣ୍ଣ ଡିଜିଟାଲ୍। ଏହା ମାଧ୍ୟମରେ, ଆପଣ ଆପଣଙ୍କର ଯୋଗ୍ୟତା ଯାଞ୍ଚ କରିପାରିବେ, ଆବେଦନ କରିପାରିବେ ଏବଂ



### ୨.୪ ନିୟୁତ ପ୍ରବାସୀ ସିଧାସଳଖ ଉପକୃତ ହେବେ

ଆପଣଙ୍କ ଆବେଦନର ସ୍ଥିତି ଟ୍ରାକ୍ କରିପାରିବେ। ତଥାପି, ମକ୍କା ଏବଂ ମଦିନା ଦୁଇଟି ପବିତ୍ର ସହର ପାଇଁ ନିୟମ କଠୋର ରହିଛି। ଏହି ଦୁଇଟି ସହରରେ ସମ୍ପତ୍ତି ମାଲିକାନା କେବଳ ସାଉଦି କମ୍ପାନୀ ଏବଂ ମୁସଲିମ୍ ପ୍ରବାସୀ/ନାଗରିକଙ୍କୁ ପ୍ରଦାନ କରାଯିବ।

'ସାଉଦି ପ୍ରପର୍ଟିଜ୍' ପୋର୍ଟାଲ୍ ବିଦେଶୀ କ୍ରେତାମାନଙ୍କ ପାଇଁ ଏକ ୱାନ୍-ଷ୍ଟପ୍ ସପ୍, ଯାହା ସେମାନଙ୍କୁ ଉପଲବ୍ଧ ସମ୍ପତ୍ତି ଏବଂ ନିବେଶ ସୁଯୋଗ ବ୍ରାଉଜ୍ କରିବାକୁ, ସେମାନଙ୍କର ଯୋଗ୍ୟତା ଯାଞ୍ଚ କରିବାକୁ ଏବଂ ମାଲିକାନା ପାଇଁ ଆଇନଗତ ପଥ ବିଷୟରେ ସୂଚନା ପାଇବାକୁ ଅନୁମତି ଦିଏ। ସେମାନେ ଆବେଦନ କରିପାରିବେ ଏବଂ ସେମାନଙ୍କର ଆବେଦନର ସ୍ଥିତିକୁ ଲାଇଭ୍ ଟ୍ରାକ୍ କରିପାରିବେ। ବିଦେଶୀ ନିବେଶକମାନେ ମକ୍କା ଏବଂ ମଦିନା ବ୍ୟତୀତ ସାଉଦି ଆରବର ବିକଶିତ ଅଞ୍ଚଳରେ ଏବଂ ନିଓମ୍, ଲାଲ ସାଗର ପ୍ରକଳ୍ପ, ଦିରିଆ ଏବଂ ଅଲ୍-ଉଲା ଭଳି ଗିଗା-ପ୍ରୋଜେକ୍ଟରେ ସମ୍ପତ୍ତି କ୍ରୟ କରିପାରିବେ। ସାଉଦି ଆରବରେ ରହୁଥିବା ଭାରତୀୟ ଏବଂ ବିଦେଶରେ ରହୁଥିବା ପ୍ରବାସୀ ଭାରତୀୟ ଉଭୟ ଆବେଦନ କରିପାରିବେ। ସାଉଦି ଆରବରେ ରହୁଥିବା ଲୋକମାନେ ସେମାନଙ୍କର ବାସସ୍ଥାନ ନମ୍ବର ବ୍ୟବହାର କରି ସିଧାସଳଖ ଆବେଦନ କରିପାରିବେ; ବିଦେଶରେ ରହୁଥିବା ପ୍ରବାସୀ ଭାରତୀୟମାନଙ୍କୁ ପ୍ରଥମେ ସାଉଦି ଦୂତାବାସରୁ ଏକ ଡିଜିଟାଲ୍ ଆଇଡି ପାଇବାକୁ ପଡିବ। ଭାରତୀୟ କମ୍ପାନୀଗୁଡ଼ିକ 'ଇନ୍ଭେଷ୍ଟ ସାଉଦି' ପ୍ଲାଟଫର୍ମରେ ପଞ୍ଜିକରଣ କରିବା ଏବଂ ଏକ ଜାତୀୟ ଏକୀକୃତ ନମ୍ବର ପାଇବା ପରେ ଆବେଦନ କରିପାରିବେ।

# ଡେଲିଭରୀ ପକ୍ଷରୁ 'ଅଭ୍ୟମ୍'ର ଶୁଭାରମ୍ଭ

ଭୁବନେଶ୍ୱର,୨୬।୬(ସିମସ): ଅଭ୍ୟମ ହେଉଛି ଦେଶବ୍ୟାପୀ ଇନ୍-ଫ୍ୟାସିଲିଟି ଆସୋସିଏଟ ଓ ଲାଷ୍ଟ-ମାଇଲ ରାଇଡରଙ୍କ ସମେତ ଏହାର ପ୍ରାୟ୯ ଲକ୍ଷ ମଜବୁତ ଫ୍ରଣ୍ଟଲାଇନ ୱର୍କଫୋର୍ସର ପ୍ରତ୍ୟେକ ସଦସ୍ୟଙ୍କ ପାଇଁ ଡେଲିଭେରୀର ବିସ୍ତୃତ ଜନକଲ୍ୟାଣ କାର୍ଯ୍ୟକ୍ରମ। କମ୍ପାନୀର ୧୫ତମ ବାର୍ଷିକୀକୁ ପାଳନ କରିବା ପାଇଁ ଲଞ୍ଚ୍ ହୋଇଥିବା ଅଭ୍ୟମ କାର୍ଯ୍ୟକ୍ରମ ୧୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଦୁର୍ଘଟଣା ବୀମା, ପରିବାର ସ୍ୱାସ୍ଥ୍ୟ କଭର, ପିଲାମାନଙ୍କ ପାଇଁ ବୃତ୍ତି ଓ ସଂଗଠିତ କ୍ୟାରିୟର ମାର୍ଗ ପ୍ରଦାନ କରୁଛି। ଏହି କାର୍ଯ୍ୟକ୍ରମ ଅଭ୍ୟମ ଅନ୍ତର୍ଗତ ନିଆଯାଉଥିବା ପଦକ୍ଷେପ ମଧ୍ୟରେ ରହିଛି, ୧୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟ ବୀମା, ୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟ କଭର, ହସ୍ପିଟାଲ ରହଣୀ ସମୟରେ ଆୟ ସୁବିଧା ଓ ରିଆତିରେ ଔଷଧ । ସ୍ୱାମୀ / ସ୍ତ୍ରୀ ଏବଂ ୨ ଜଣ ପର୍ଯ୍ୟନ୍ତ ପିଲାଙ୍କୁ ସ୍ୱାସ୍ଥ୍ୟ କଭର ଦିଆଯାଉଛି, ସ୍ୱାମୀ/ସ୍ତ୍ରୀ ଓ ଝିଅମାନଙ୍କ ପାଇଁ ପର୍ସନାଲ ଲୋନ ପାଇଁ ବାଧାହୀନ ପ୍ରବେଶ, ଛାତ୍ରବୃତି ଓ ଧନ୍ଦାମୂଳକ ତାଲିମ ମଧ୍ୟ ଦିଆଯାଉଛି।

### କର୍ପୋରେଟ୍ ନେତୃତ୍ୱ ଉପରେ ଦୁଇ ଦିନିଆ ସେମିନାର


# ଯୁବପିଢ଼ିଙ୍କୁ ଉଦ୍ୟୋଗୀ ଭାବେ ଗଢ଼ି ତୋଳନ୍ତୁ: ଡଃ ତପନ ଚାନ୍ଦ



ଭୁବନେଶ୍ୱର,୨୬।୬(ସମିସ): ଇନଷ୍ଟିଚ୍ୟୁଟ ଅଫ୍ କଷ୍ଟ ଆକାଉଣ୍ଟାଣ୍ଟସ ଅଫ୍ ଇଣ୍ଡିଆ ଅନୁଗୋଳ ଚାପ୍ଟର ପକ୍ଷରୁ 'ଆର୍ଥିକ ନେତୃତ୍ୱ କର୍ପୋରେଟ ନେତୃତ୍ୱ' ବିଷୟବସ୍ତୁ ଉପରେ ଦୁଇ ଦିନିଆ ସେମିନାର ଆୟୋଜିତ ହୋଇଛି। ବର୍ତ୍ତମାନର ବ୍ୟବସାୟିକ ପରିବେଶରେ ଆର୍ଥିକ କାର୍ଯ୍ୟନିର୍ବାହୀମାନଙ୍କର ପରିବର୍ତ୍ତିତ ଭୂମିକାକୁ ଦୃଷ୍ଟିରେ ରଖି ଏହି ସେମିନାରର ଆୟୋଜନ କରାଯାଇଛି। ଉଦ୍‌ଘାଟନୀ ଅଧିବେଶନରେ ମୁଖ୍ୟ ଅତିଥି ଭାବେ ନାଲ୍‌କୋର ପୂର୍ବତନ ସିଏମ୍‌ଡି ଡଃ ତପନ ଚାନ୍ଦ ଯୋଗଦେଇ ଦେଶ 'ବିକଶିତ ଭାରତ–୨୦୪୭' ଏବଂ ରାଜ୍ୟ 'ବିକଶିତ ଓଡ଼ିଶା–୨୦୩୬' ଲକ୍ଷ୍ୟ ଦିଗରେ ଅଗ୍ରସର ହେଉଥିବା ସମୟରେ ମନୋଭାବରେ ପରିବର୍ତ୍ତନ ଆଣିବା ଅତ୍ୟନ୍ତ ଆବଶ୍ୟକ ବୋଲି କହିଥିଲେ। ସେ କହିଥିଲେ ଯେ, ଓଡ଼ିଶା ୫୦୦ ବିଲିୟନ୍ ଆମେରିକୀୟ ଡଲାରର ରାଜ୍ୟ ଜିଡିପି ହାସଲ କରିବାର ଲକ୍ଷ୍ୟ ଧାର୍ଯ୍ୟ କରିଛି ଏବଂ ୨୦୪୭ ସୁଦ୍ଧା ଏହାକୁ ୧୫୦୦ ବିଲିୟନ୍ ଆମେରିକୀୟ ଡଲାରରେ ପହଞ୍ଚାଇବାର ଲକ୍ଷ୍ୟ ରଖୁଛି। ଏହା ଓଡ଼ିଶାବାସୀଙ୍କର ଏକ ବୃହତ୍ ସ୍ୱପ୍ନ। ଉପଯୁକ୍ତ ମନୋଭାବ ଓ ସଠିକ୍ ପ୍ରୟାସ ଦ୍ୱାରା ଏହି ଲକ୍ଷ୍ୟ ନିଶ୍ଚିତ ଭାବେ ହାସଲ କରାଯାଇପାରିବ। ଡଃ ଚାନ୍ଦ କହିଥିଲେ ଯେ, ଆର୍ଥିକ କ୍ଷେତ୍ରର କର୍ପୋରେଟ୍ ନେତୃତ୍ୱ କେବଳ ବୋର୍ଡରୁମରେ ସୀମିତ ନ ରହି ସମାଜରେ ମୂଲ୍ୟ ସଂଯୋଜନ ଓ ସାଧାରଣ ଲୋକଙ୍କ କଲ୍ୟାଣ ଦିଗରେ ମଧ୍ୟ କାର୍ଯ୍ୟ କରିବା ଉଚିତ। ଯୁବପିଢିଙ୍କୁ ଉଦ୍ୟୋଗୀ ଭାବେ ଗଢ଼ି ତୋଳି «ସ୍ୱାବଲମ୍ବୀ ଯୁବା, ସମୃଦ୍ଧ ଓଡ଼ିଶା» ଗଠନରେ ଆର୍ଥିକ କାର୍ଯ୍ୟନିର୍ବାହୀମାନେ ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିପାରିବେ ବୋଲି ସେ କହିଥିଲେ। କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ଯୋଗଦେଇ ନାଲ୍‌କୋର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାନବ ସମ୍ବଳ) ଆଶୁତୋଷ ରଥ ନାଲ୍‌କୋ ସଂଗଠନଗୁଡ଼ିକର ସାମଗ୍ରିକ ଅଭିବୃଦ୍ଧିରେ ଆର୍ଥିକ ବୃତ୍ତିଧାରୀଙ୍କ ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ଅନୁଗୋଳ ଚାପ୍ଟରର ଅଧ୍ୟକ୍ଷ ସିଏମ୍ଏ ଆଲୋକ ତ୍ରିପାଠୀଙ୍କ ନେତୃତ୍ୱରେ ଏହି କାର୍ଯ୍ୟକ୍ରମକୁ ନାଲକୋର ପୂର୍ବତନ ସିଜିଏମ୍ (ଫାଇନାନ୍ସ) ଅନ୍ତର୍ଯ୍ୟାମୀ ଆଚାର୍ଯ୍ୟଙ୍କ ସମେତ ଅନ୍ୟ ସଦସ୍ୟମାନେ ସଫଳତାର ସହ ସମନ୍ୱୟ କରିଥିଲେ।

# ୧୦ ବର୍ଷରେ ଜାତୀୟ ରାଜକୋଷକୁ ୫ ଲକ୍ଷ କୋଟି ଦେଇଛି ବେଦାନ୍ତ

ଭୁବନେଶ୍ୱର, ୨୬।୬ (ସମିସ): ବେଦାନ୍ତ ଲିମିଟେଡ୍ (ବିଏସଇ: ୫୦୦୨୯୫ଏବଂ ଏନ୍‌ଏସଇ: ଭିଇଡିଏଲ)ର ୧୧ତମ ଟିକସ ସ୍ୱଚ୍ଛତା ରିପୋର୍ଟ ଅନୁଯାୟୀ, ଆର୍ଥିକ ବର୍ଷ ୨୬ ରେ ରାଜକୋଷକୁ ୬୨,୭୨୨ କୋଟି ଟଙ୍କା ପ୍ରଦାନ କରିଛି। ଏହି ରିପୋର୍ଟ ରାଷ୍ଟ୍ର ନିର୍ମାଣ ଏବଂ ସ୍ୱଚ୍ଛ ଶାସନ ପ୍ରତି ବେଦାନ୍ତର ଦୃଢ଼ ପ୍ରତିବଦ୍ଧତାକୁ ଦର୍ଶାଇଛି । ଏହି ଯୋଗଦାନ ଭାରତର ଅର୍ଥନୈତିକ ବିକାଶରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରି କମ୍ପାନୀର କାର୍ଯ୍ୟରୁ ସମନ୍ୱିତ ରାଜସ୍ୱର ୩୬% ପ୍ରତିନିଧିତ୍ୱ କରେ। ଏହା



ପୂର୍ବ ବର୍ଷ ତୁଳନାରେ ୧୩.୩% ବୃଦ୍ଧି ଦର୍ଶାଇଛି, ଯାହା ଫଳରେ ଗତ ଦଶ ବର୍ଷ ମଧ୍ୟରେ ବେଦାନ୍ତର ରାଜକୋଷରେ ସଂଗୃହୀତ ଅବଦାନ ୪,୮୩,୦୩୪ କୋଟି ଟଙ୍କାକୁ ବୃଦ୍ଧି ପାଇଛି। କମ୍ପାନୀ ଆର୍ଥିକ ଶୃଙ୍ଖଳା, ରାଷ୍ଟ୍ର ନିର୍ମାଣ ଏବଂ ବୀକଶିତ ଭାରତ ମିଶନକୁ ସମର୍ଥନ ଉପରେ ଅଟଳ ଧ୍ୟାନ ପ୍ରଦର୍ଶନ କରିଛି। ଗୋଷ୍ଠୀ ଜାତୀୟ ରାଜକୋଷରେ ଭାରତର ଶୀର୍ଷ ୩ ଘରୋଇ କ୍ଷେତ୍ରର ଅବଦାନକାରୀଙ୍କ ମଧ୍ୟରେ ସ୍ଥାନ ପାଇଛି। ଆର୍ଥିକବର୍ଷ ୨୬ରେ ବେଦାନ୍ତର ଐତିହାସିକ ସର୍ବୋତମ ଆର୍ଥିକ ପ୍ରଦର୍ଶନ ପଛରେ ରାଜକୋଷରେ ଏହି ଯୋଗଦାନ ଥିଲା। ରାଜସ୍ୱ ୧୫% ବୃଦ୍ଧି ପାଇ ୧,୭୪,୦୭୫ କୋଟି ଟଙ୍କା ହୋଇଛି - ଯାହା କମ୍ପାନୀର ଇତିହାସରେ ସର୍ବାଧିକ - ଯେତେବେଳେ ଇବିଆଇଟିଡିଏ ୨୯% ବୃଦ୍ଧି ପାଇ ୫୫,୯୭୬ କୋଟି ଟଙ୍କା ଏବଂ ଟିକସ ପରବର୍ତୀ ଲାଭ (ପାଟ) ୨୨% ବୃଦ୍ଧି ପାଇ ୨୫,୦୧୬ କୋଟି ଟଙ୍କା ହୋଇଛି। ବାଲାନ୍ସ ସିଟ୍ ଉଲ୍ଲେଖନୀୟ ଭାବରେ ମଜବୁତ ହୋଇଛି, ଇବିଆଇଟିଡିଏ ପ୍ରତି ନେଟ୍ ଋଣ ୧.୨୨ ଗୁଣରୁ ୦.୯୫ ଗୁଣକୁ ଉନ୍ନତ ହୋଇଛି - ଯାହା ୧୪ ତ୍ରୈମାସିକରେ ଏହାର ସର୍ବୋତମ ସ୍ତର।

# ରାଜ୍ୟ ମୋବାଇଲ ନେଟ୍‌ୱର୍କରେ ଯୋଡ଼ିହେଲେ ୪୯ ହଜାର ଗ୍ରାହକ

ଭୁବନେଶ୍ୱର,୨୬।୬(ସମିସ): ମେ' ମାସରେ ଓଡ଼ିଶାର ମୋବାଇଲ୍ ନେଟ୍‌ୱର୍କରେ ସହ ଅନେକ ନୂଆ ଗ୍ରାହକ ଯୋଡି ହୋଇଛନ୍ତି। କଥିତ ମାସରେ ୪୯,୦୦୦ ରୁ ଅଧିକ ଉପଭୋକ୍ତା ରାଜ୍ୟ ମୋବାଇଲ ନେଟ୍‌ୱର୍କରେ ସାମିଲ ହୋଇଛନ୍ତି। ଏହାଫଳରେ ରାଜ୍ୟରେ ମୋଟ ମୋବାଇଲ୍ ଉପଭୋକ୍ତାଙ୍କ ସଂଖ୍ୟା ୩.୮୪ କୋଟିକୁ ବୃଦ୍ଧି ପାଇଛି। ହେଲେ ରିଲାଏନ୍ସ ଜିଓ ମେ' ମାସରେ ରାଜ୍ୟରେ ୧ ଲକ୍ଷରୁ ଅଧିକ ନୂତନ ମୋବାଇଲ୍ ଏବଂ ହୋମ୍ ବ୍ରଡବ୍ୟାଣ୍ଡ ଉପଭୋକ୍ତା ଯୋଡ଼ିଛି। ଭାରତୀୟ ଟେଲିକମ୍ ନିୟାମକ ପ୍ରାଧିକରଣ (ଟ୍ରାଇ) ଦ୍ୱାରା ପ୍ରକାଶିତ ସଦ୍ୟତମ ଟେଲିକମ୍ ଉପଭୋକ୍ତା ତଥ୍ୟ ଅନୁଯାୟୀ, ଜିଓ ମେ' ମାସରେ ୯୪୦୦୦ରୁ ଅଧିକ ନୂତନ ମୋବାଇଲ୍ ଉପଭୋକ୍ତା ଏବଂ ୧୩୫୦୦ରୁ ଅଧିକ ନୂତନ ହୋମ୍ ବ୍ରଡବ୍ୟାଣ୍ଡ ଉପଭୋକ୍ତାଙ୍କୁ ଏହାର ନେଟ୍‌ୱର୍କରେ ସାମିଲ କରିଛି। ଅପରପକ୍ଷେ ମେ' ମାସରେ ଅନ୍ୟ ଟେଲିକମ୍ କମ୍ପାନୀଗୁଡିକ ହଜାର ହଜାର ଗ୍ରାହକ ହରାଇଥିବା ଟ୍ରାଇ ତଥ୍ୟରୁ ଜଣାପଡିଛି। ଟ୍ରାଇ ତଥ୍ୟ ଅନୁଯାୟୀ, ଜାତୀୟ ସ୍ତରରେ ଜିଓ ମଇ ମାସରେ ୨୧.୫ ଲକ୍ଷ ନୂତନ ମୋବାଇଲ୍ ଉପଭୋକ୍ତା ଏବଂ ୪ ଲକ୍ଷରୁ ଅଧିକ ନୂତନ ଜିଓଏୟାରଫାଇବର ଉପଭୋକ୍ତା ଯୋଡ଼ିଛି।



### ମୋଟ ମୋବାଇଲ୍ ଉପଭୋକ୍ତା ସଂଖ୍ୟା ୩.୮୪ କୋଟି ଛୁଇଁଲା

### ବଜାରକୁ ଫେରିଲା ଇରାନ୍ ତେଲ

# ପ୍ରତିବନ୍ଧକରେ ଆମେରିକା ଦେଲା ୬୦ ଦିନର ରିଆତି

ନୂଆଦିଲ୍ଲୀ,୨୬।୬(ଏଜେନ୍ସି): ତେଲ କାରବାରରେ ଆମେରିକୀୟ ଇରାନ୍‌କୁ ପ୍ରତିବନ୍ଧକରେ ଅସ୍ଥାୟୀ ରିଆତି ସତ୍ତ୍ୱେ, ଭାରତୀୟ ତୈଳ କମ୍ପାନୀଗୁଡ଼ିକ ଇରାନରୁ ସେମାନଙ୍କର ଅଶୋଧିତ ତୈଳ କ୍ରୟକୁ ଉଲ୍ଲେଖନୀୟ ଭାବରେ ବୃଦ୍ଧି କରିବାର ସମ୍ଭାବନା ନାହିଁ। ରିଆତିର ଅବଧି, ଦେୟ ପ୍ରତିବନ୍ଧକ ଏବଂ ପୂର୍ବ-ବ୍ୟବସ୍ଥିତ ଯୋଗାଣ ଚୁକ୍ତିନାମା ସମ୍ପର୍କରେ ଅନିଶ୍ଚିତତା ହେଉଛି ମୁଖ୍ୟ କାରଣ, ଯାହା ନୂତନ କ୍ରୟ ପାଇଁ ପରିସରକୁ ସୀମିତ କରୁଛି।

ରିଫାଇନାରୀ ଏବଂ ତୈଳ ବଜାର ବିଶ୍ଳେଷଣ କରୁଥିବା କମ୍ପାନୀ କେପ୍ଲର କହିଛି ଯେ ଆମେରିକା ୬୦ ଦିନ ପାଇଁ ପ୍ରତିବନ୍ଧକକୁ ଛାଡ଼ କରିଛି, ଅସ୍ଥାୟୀ ଭାବରେ ଇରାନ ଅଶୋଧିତ ତୈଳ ରପ୍ତାନିକୁ ଅନୁମତି ଦେଇଛି। ତଥାପି, ଏତେ କମ୍ ସମୟ ଯୋଗୁ ଚୀନ୍ ବ୍ୟତୀତ ଅନ୍ୟ ବଡ଼ କ୍ରେତା ଏବେ ଇରାନ୍ ସହ କାରବାରକୁ ଫେରିବାର ସମ୍ଭାବନା କମ୍।



ଭାରତୀୟ ରିଫାଇନାରୀଗୁଡିକ ଆଗାମୀ ମାସ ପାଇଁ ସେମାନଙ୍କର ଅଧିକାଂଶ ଅଶୋଧିତ ତୈଳ ଆବଶ୍ୟକତାକୁ ଚୂଡ଼ାନ୍ତ କରିସାରିଛନ୍ତି, କାରଣ କ୍ରୟ ଯୋଜନା ସାଧାରଣତଃ ଦୁଇରୁ ତିନି ମାସ ପୂର୍ବରୁ ଚୂଡ଼ାନ୍ତ କରାଯାଇଥାଏ। ଭାରତ ଐତିହାସିକ ଭାବରେ ଇରାନୀ ଅଶୋଧିତ ତୈଳର ଏକ ପ୍ରମୁଖ କ୍ରେତା ରହିଆସିଛି, କିନ୍ତୁ ୨୦୧୮ ରେ ଆମେରିକାର କଟକଣା ଲାଗୁ କରାଯିବା ପରେ, ୨୦୧୯ ମେ' ରେ ଏହି ଆମଦାନୀ ବନ୍ଦ ହୋଇଗଲା ଏବଂ ପଶ୍ଚିମ ଏସିଆ, ଯୁକ୍ତରାଷ୍ଟ୍ର ଏବଂ ଅନ୍ୟାନ୍ୟ ଦେଶରୁ ଅଶୋଧିତ ତୈଳ ଦ୍ୱାରା ବଦଳାଗଲା। ଭାରତର ମୋଟ ଅଶୋଧିତ ତୈଳ ଆମଦାନୀର ୧୧.୫ ପ୍ରତିଶତ ଇରାନୀ ତେଲ ଥିଲା। ଏଜେନ୍ସି ଅନୁଯାୟୀ, ସରକାରୀ ଏବଂ ଘରୋଇ ରିଫାଇନାରୀଗୁଡ଼ିକ ବର୍ତ୍ତମାନ ଅଗଷ୍ଟ ଶେଷ ଏବଂ ସେପ୍ଟେମ୍ବରରେ ଆସୁଥିବା କନ୍‌ସାଇନ୍‌ମେଣ୍ଟ କ୍ରୟ କରୁଛନ୍ତି, ରୁଷ ଏବଂ ପଶ୍ଚିମ ଏସିଆରୁ ଅଶୋଧିତ ତୈଳ ବଜାରରେ ପ୍ରାଧାନ୍ୟ ବିସ୍ତାର କରୁଛି। ଭେନେଜୁଏଲାର ଅଶୋଧିତ ତୈଳର ଅଂଶ ମଧ୍ୟ ବୃଦ୍ଧି ପାଉଛି।

### ଛାଡ଼ ସତ୍ତ୍ୱେ ଇରାନଠାରୁ ତୈଳ କିଣିବନି ଭାରତ

# ସୁଜାତାଙ୍କ ନାଁରେ ଫେକ୍ ସୋସିଆଲ ମିଡିଆ ଆକାଉଣ୍ଟ

**ବିଶ୍ୱାସ ନ କରିବାକୁ ବିଜେଡି ମିଡିଆ ସଂଯୋଜକଙ୍କ ଅନୁରୋଧ**

ଭୁବନେଶ୍ୱର,୨୬।୬(ସମିସ): ପୂର୍ବତନ ପ୍ରଶାସନିକ ଅଧିକାରୀ ସୁଜାତା ରାଉତ ବିଜେଡିରେ ଯୋଗ ଦେବା ପରେ ତାଙ୍କ ନାମରେ ମାଳ ମାଳ ସୋସିଆଲ ମିଡିଆ ଆକାଉଣ୍ଟ ଖୋଲାଯାଇଛି। ଏହି ଆକାଉଣ୍ଟ ଗୁଡ଼ିକରୁ ତାଙ୍କର ଗତିବିଧିଠାରୁ ଆରମ୍ଭ କରି ବିଭିନ୍ନ ପ୍ରସଙ୍ଗରେ ପୋଷ୍ଟ କରାଯାଉଛି। ହେଲେ ବାସ୍ତବରେ ଶ୍ରୀମତୀ ରାଉତଙ୍କର ସୋସିଆଲ ମିଡିଆରେ କୌଣସି ଆକାଉଣ୍ଟ ନାହିଁ ବୋଲି ଶୁକ୍ରବାର ବିଜେଡି ପକ୍ଷରୁ କୁହାଯାଇଛି। ଦଳର ମିଡିଆ ସଂଯୋଜକ ଡଃ ଲେନିନ ମହାନ୍ତି ସାମାଜିକ ଗଣମାଧ୍ୟମ ଜରିଆରେ କହିଛନ୍ତି, ବିଜୁ ଜନତା ଦଳରେ ସାମିଲ ହୋଇଥିବା ପୂର୍ବତନ ପ୍ରଶାସନିକ ଅଧିକାରୀ ସୁଜାତା ରାଉତଙ୍କ ନାଁରେ କେହି ବ୍ୟକ୍ତି ସୋସିଆଲ ମିଡିଆରେ ଆକାଉଣ୍ଟ ଖୋଲି ପୋଷ୍ଟ କରୁଥିବା ନଜରକୁ ଆସିଛି। ମାତ୍ର ଶ୍ରୀମତୀ ରାଉତଙ୍କର ସୋସିଆଲ ମିଡିଆରେ କୌଣସି ଆକାଉଣ୍ଟ ନାହିଁ। ଫେକ୍ ଆକାଉଣ୍ଟ ଜରିଆରେ ହେଉଥିବା ପୋଷ୍ଟଗୁଡ଼ିକୁ ବିଶ୍ୱାସ ନକରିବାକୁ ସେ ଅନୁରୋଧ କରିଛନ୍ତି।

# ୩୫ ଓ ୩୬ତମ 'ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର' ପ୍ରଦାନ

**ଶ୍ୟାମଳେନ୍ଦୁ ଭଟ୍ଟାଚାର୍ଯ୍ୟ ଓ ନମ୍ରତା ଦାସଙ୍କୁ 'ମୋହନ ସୁନ୍ଦର ଦେବ ଗୋସ୍ୱାମୀ ପୁରସ୍କାର'**

**'ପୁଷ୍କରା' ଓ 'ଆଶ୍ରମ' ଓ 'ମାଇଁ ସ୍ୱିଟ୍ ହାଉସ୍ ୱାଇଫ୍' ଶ୍ରେଷ୍ଠ ଚଳଚ୍ଚିତ୍ର ଭାବେ ପୁରସ୍କୃତ**

**ବିଭିନ୍ନ ବର୍ଗରେ ମୋଟ୍ ୬୪ଟି ପୁରସ୍କାର ପ୍ରଦାନ କଲେ ମୁଖ୍ୟମନ୍ତ୍ରୀ**





ଭୁବନେଶ୍ୱର, ୨୬।୬ (ସମିସ): ୨୦୨୩ ଓ ୨୦୨୪ ବର୍ଷ ପାଇଁ ୩୫ ଓ ୩୬ ତମ 'ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର' ଶୁକ୍ରବାର ଲୋକସେବା ଭବନ କନେଭେସନ ହଲ୍‌ରେ ପ୍ରଦାନ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ବିଭିନ୍ନ ବର୍ଗରେ ମୋଟ୍ ୬୪ଟି ପୁରସ୍କାର ପ୍ରଦାନ କରାଯିବା ସହ ଚଳଚ୍ଚିତ୍ର ଜଗତରେ ଜୀବନବ୍ୟାପୀ ସାଧନା ନିମନ୍ତେ ୨୦୨୩ ମସିହା ପାଇଁ ବିଶିଷ୍ଟ ଅଭିନେତା ଶ୍ୟାମଳେନ୍ଦୁ ଭଟ୍ଟାଚାର୍ଯ୍ୟ ଏବଂ ୨୦୨୪ ମସିହା ପାଇଁ ବିଶିଷ୍ଟ ଅଭିନେତ୍ରୀ ନମ୍ରତା ଦାସଙ୍କୁ 'ମୋହନ ସୁନ୍ଦର ଦେବଗୋସ୍ୱାମୀ' ପୁରସ୍କାର ପ୍ରଦାନ କରାଯାଇଛି। ପୁରସ୍କାର ବାବଦକୁ ଉଭୟଙ୍କୁ ୫ଲକ୍ଷ ଟଙ୍କାର ଅର୍ଥରାଶି ସମେତ ଉପଢ଼ୌକନ ଓ ମାନପତ୍ର ପ୍ରଦାନ ସହ ମୁଖ୍ୟମନ୍ତ୍ରୀ ଶୁଭେଚ୍ଛା ଜଣାଇଛନ୍ତି।

୨୦୨୩ ମସିହା ନିମନ୍ତେ ଶ୍ରେଷ୍ଠ ଚଳଚ୍ଚିତ୍ର ଭାବେ 'ପୁଷ୍କରା' ଏବଂ 'ମାଇଁ ସ୍ୱିଟ୍ ହାଉସ୍ ୱାଇଫ୍' ପୁରସ୍କୃତ କରାଯାଇଥିବା ବେଳେ ଶ୍ରେଷ୍ଠ ଅଭିନେତା ଭାବେ ହରିହର ମହାପାତ୍ର, ଶ୍ରେଷ୍ଠ ଅଭିନେତ୍ରୀ ସୁପ୍ରିୟା ନାୟକ ଓ ନୈନା ଦାସଙ୍କୁ ପୁରସ୍କୃତ କରାଯାଇଛି। ଏହାସହ ଶ୍ରେଷ୍ଠ ନିର୍ଦ୍ଦେଶକ ପିନାକୀ ସିଂ, ଶ୍ରେଷ୍ଠ ପାର୍ଶ୍ୱ ଅଭିନେତା ଚୌଧୁରୀ ଜୟପ୍ରକାଶ ଦାସ, ଶ୍ରେଷ୍ଠ ପାର୍ଶ୍ୱ ଅଭିନେତ୍ରୀ ସୂର୍ଯ୍ୟମୟୀ ମହାପାତ୍ର, ଶ୍ରେଷ୍ଠ ଖଳ ଅଭିନେତା ଚୌଧୁରୀ ବିକାଶ ଦାସ, ଶ୍ରେଷ୍ଠ ଖଳ ଅଭିନେତ୍ରୀ ପିଙ୍କି ପ୍ରଧାନ, ଶ୍ରେଷ୍ଠ ହାସ୍ୟ ଅଭିନେତା ସନ୍ତୋଷ କୁମାର କାଣ୍ଡି, ଶ୍ରେଷ୍ଠ ଶିଶୁ ଅଭିନେତ୍ରୀ ଆଲିଆ ନନ୍ଦ, ଶ୍ରେଷ୍ଠ କାହାଣୀକାର ପିନାକୀ ଶ୍ରୀଚନ୍ଦନ, ଶ୍ରେଷ୍ଠ ସଂଳାପ ଲେଖକ ଭରଦ୍ୱାଜ ପଣ୍ଡା, ଶ୍ରେଷ୍ଠ ସଙ୍ଗୀତ ନିର୍ଦ୍ଦେଶକ ଶରତ ନାୟକ, ଶ୍ରେଷ୍ଠ ଗୀତିକାର ଡ. ନିର୍ମଳ ନାୟକ, ଶ୍ରେଷ୍ଠ ପ୍ରଚ୍ଛଦପଟ୍ଟ ଗାୟକ ବିଷ୍ଣୁ ମୋହନ କବି, ଶ୍ରେଷ୍ଠ ପ୍ରଚ୍ଛଦପଟ୍ଟ ଗାୟିକା ଅନ୍ତରା ଚକ୍ରବର୍ତ୍ତୀଙ୍କ ସମେତ ବିଭିନ୍ନ ବିଭାଗରେ ବିଶିଷ୍ଟ ବ୍ୟକ୍ତିଙ୍କୁ ପୁରସ୍କୃତ କରାଯାଇଛି। ସେହିପରି ୨୦୨୪ ବର୍ଷ ପାଇଁ ଶ୍ରେଷ୍ଠ ଚଳଚ୍ଚିତ୍ର ଭାବେ ତପନ କୁମାର ଦାସଙ୍କ 'ଆଶ୍ରମ' ସିନେମା ପୁରସ୍କାର ଗ୍ରହଣ କରିଥିବା ବେଳେ ଶ୍ରେଷ୍ଠ ନିର୍ଦ୍ଦେଶକ ଭାବେ ଅଶୋକ ପତି, ଶ୍ରେଷ୍ଠ ଅଭିନେତା ଭାବେ ବାବୁଶାନ୍ ଏବଂ ଅଭିନେତ୍ରୀ ଭାବେ ଦେବଯାନୀ ଦେଘୁରିଆଙ୍କୁ ପୁରସ୍କୃତ କରାଯାଇଛି। ଶ୍ରେଷ୍ଠ ପାର୍ଶ୍ୱ ଅଭିନେତା ଭାବେ ସୁକାନ୍ତ ରଥ, ପାର୍ଶ୍ୱ ଅଭିନେତ୍ରୀ ଲିପ୍ସା ମିଶ୍ର, ଶ୍ରେଷ୍ଠ ଖଳ ଅଭିନେତା ହର ରଥ, ଖଳ ଅଭିନେତ୍ରୀ ଉଷଶ୍ରୀ ମିଶ୍ର, ଶ୍ରେଷ୍ଠ ହାସ୍ୟ ଅଭିନେତା ଜୀବନ ପଣ୍ଡା, ଶିଶୁ ଅଭିନେତା ଲତାସା ଖୁରାନା, ଶ୍ରେଷ୍ଠ କାହାଣୀକାର ଭାବେ ଅଜୟ ମହାପାତ୍ର, ଶ୍ରେଷ୍ଠ ସଙ୍ଗୀତ ନିର୍ଦ୍ଦେଶକ ଦିବ୍ୟଜିତ ସାହୁ, ଶ୍ରେଷ୍ଠ ଗୀତିକାର ଦୁର୍ଗା ମାଧବ ପଣ୍ଡା, ଶ୍ରେଷ୍ଠ ପ୍ରଚ୍ଛଦପଟ୍ଟ ଗାୟକ ରୂପକ କୁମାର ପରିଡ଼ା, ଗାୟିକା ଅର୍ପିତା ଚୌଧୁରୀ, ଶ୍ରେଷ୍ଠ ଶିଶୁ ଚଳଚ୍ଚିତ୍ର 'ଅନୁଭବ', ଶ୍ରେଷ୍ଠ ପ୍ରାମାଣିକ ଚଳଚ୍ଚିତ୍ର 'ଦଣ୍ଡେ ରହେ-କାହାଣୀ କହେ-ବାହୁନା କନ୍ଦା', ଶ୍ରେଷ୍ଠ ଶିକ୍ଷାଭିତ୍ତିକ ଚଳଚ୍ଚିତ୍ର 'ସିନ୍ଦୁରା', ଶ୍ରେଷ୍ଠ ସିନେମା ପୁସ୍ତକ ଡ. ରଞ୍ଜନ କୁମାର ରଥଙ୍କ 'ଇଭୋଲ୍ୟୁସନ୍ ଅଫ୍ ଓଡ଼ିଆ ସିନେମା'କୁ ପୁରସ୍କାର ପ୍ରଦାନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ଅନ୍ୟତମ ଅତିଥି ଭାବେ ଶିଳ୍ପ ମନ୍ତ୍ରୀ ସମ୍ପଦ ସ୍ୱାଇଁ, ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ, ସଂସ୍କୃତି ବିଭାଗ ସଚିବ ବିଜୟ କେତନ ଉପାଧ୍ୟାୟଙ୍କ ସମେତ ସିନେମା ଜଗତର ବହୁ ବିଶିଷ୍ଟ ବ୍ୟକ୍ତି ଯୋଗଦେଇ ପୁରସ୍କାରପ୍ରାପ୍ତ ସମସ୍ତ କଳାକାରଙ୍କୁ ଶୁଭେଚ୍ଛା ଜଣାଇଥିଲେ। କାର୍ଯ୍ୟକ୍ରମକୁ ଡ. ମୃତ୍ୟୁଞ୍ଜୟ ରଥ ସଂଯୋଜନା କରିଥିଲେ।

# ମିସ୍ ୟୁନିଭର୍ସ ଫାଇନାଲ୍‌ରେ ବ୍ରହ୍ମପୁର ଝିଅ ପୁନମ୍ ମନୋନୀତ




ବ୍ରହ୍ମପୁର, ୨୬।୬ (ସମିସ): ଦେଶର ସବୁଠୁ ବୃହତ୍ତମ ଓ ସଂଭ୍ରାନ୍ତ ସୌନ୍ଦର୍ଯ୍ୟ ପ୍ରତିଯୋଗିତା ମିସ୍ ୟୁନିଭର୍ସ ଇଣ୍ଡିଆ ୨୦୨୬ରେ ଓଡ଼ିଶାର ପ୍ରତିନିଧିତ୍ୱ କରିବେ ବ୍ରହ୍ମପୁରର ଝିଅ ପୁନମ ମହାରଣା। ୨୨ ବର୍ଷୀୟା ପୁନମ ମିସ୍ ୟୁନିଭର୍ସ ଓଡ଼ିଶା ୨୦୨୬ ମୁକୁଟ ଜିତିବା ପରେ ଅଗଷ୍ଟରେ ନୂଆଦିଲ୍ଲୀରେ ହେବାକୁ ଥିବା ଜାତୀୟ ପ୍ରତିଯୋଗିତା ପାଇଁ ପ୍ରସ୍ତୁତି ଚଳାଇଛନ୍ତି। ସେ କମ୍ପ୍ୟୁଟର ସାଇନ୍ସରେ ବି.ଟେକ୍ ସହ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ ବିଶେଷଜ୍ଞତା ହାସଲ କରିଛନ୍ତି। ରାଜ୍ୟସ୍ତରୀୟ ଚୟନ ପର୍ଯ୍ୟାୟରେ ପ୍ରାୟ ୧୦୦ ଜଣ ପ୍ରତିଯୋଗୀଙ୍କୁ ପଛରେ ପକାଇ ସେ ବିଜୟୀ ହୋଇଛନ୍ତି ଏବଂ ଏହି ସଫଳତା ପଛରେ ବାପା ବିଭୁଦେନ୍ଦ୍ର ମହାରଣା, ମା' ସଙ୍ଗୀତା ମହାରଣାଙ୍କ ପ୍ରେରଣା ଥିବା ସେ କହିଛନ୍ତି। ଜାତୀୟ ପ୍ରତିଯୋଗିତା ପାଇଁ ପୁନମ ବର୍ତ୍ତମାନ ବ୍ୟକ୍ତିତ୍ୱ ବିକାଶ, ମଞ୍ଚ ଉପସ୍ଥାପନା ଓ ଯୋଗାଯୋଗ କୌଶଳ ଉପରେ ବିଶେଷ ପ୍ରଶିକ୍ଷଣ ନେଉଛନ୍ତି। ପରିବେଶ ସୁରକ୍ଷା, ସମାଜସେବା ଓ ଉଦ୍ୟୋଗ କ୍ଷେତ୍ରରେ କାମ କରିବାକୁ ମଧ୍ୟ ସେ ନିଜର ପ୍ରମୁଖ ଲକ୍ଷ୍ୟ ବୋଲି ଉଲ୍ଲେଖ କରି ଓଡ଼ିଶା ପାଇଁ ଜାତୀୟ ମଞ୍ଚରେ ପ୍ରତିନିଧିତ୍ୱ କରିବା ଗର୍ବର ବିଷୟ ବୋଲି ପୁନମ୍ କହିଛନ୍ତି।

**ରାଜ୍ୟ କମିଟି ଘୋଷଣା କଲା ଓଜେସି**

# କମିଟିରେ ୬ ଉପସଭାପତି, ୧୦ ସାଧାରଣ ସମ୍ପାଦକ

ଭୁବନେଶ୍ୱର,୨୬।୬(ସମିସ): ଓଡ଼ିଶା ଜନତା କଂଗ୍ରେସ ପକ୍ଷରୁ ପ୍ରଥମ ରାଜ୍ୟ କମିଟି ଘୋଷଣା କରାଯାଇଛି। ଓଜେସି ସଭାପତି ଇଂ ମହମ୍ମଦ ମୋକିମଙ୍କ ଅନୁମୋଦନ କ୍ରମେ ଓଜେସିର ଏକ ୨୬ ଜଣିଆ ରାଜ୍ୟ କମିଟି ଘୋଷଣା ହୋଇଛି। ଉକ୍ତ କମିଟିରେ ୬ ଜଣ ରାଜ୍ୟ ଉପସଭାପତି, ୧୦ଜଣ ସାଧାରଣ ସମ୍ପାଦକ ଏବଂ ୧୦ ଜଣ ସମ୍ପାଦକ ଭାବେ ସ୍ଥାନି ପାଇଛନ୍ତି। ଉପସଭାପତିମାନଙ୍କ ମଧ୍ୟରେ ବଦ୍ରି ନାରାୟଣ ମହାନ୍ତି, ଗିରିବାଳା ବେହେରା, ନିକୁଞ୍ଜ ପଶାୟତ, ନଜିବୁର ରେହମାନ ଖାନ୍, ପ୍ରଦୀପ ପ୍ରଧାନ, ରଞ୍ଜିତା ରାଉତ ପ୍ରମୁଖ ସ୍ଥାନ ପାଇଛନ୍ତି। ସେହିପରି ସାଧାରଣ ସମ୍ପାଦକ ଭାବେ ସୂର୍ଯ୍ୟକାନ୍ତ ରାଉତ, ସୁଜିତ୍ ସ୍ୱାଇଁ, ଶୁଭେନ୍ଦୁ ମଲ୍ଲିକ, ସୋମନାଥ ରାଉତ, ନରେଶ ମହାନ୍ତି, ଅନିତା ନାୟକ, ସଞ୍ଜୟ ରାୟ, ଲଳିତ ମୋହନ ପ୍ରଧାନ, ପ୍ରସନ୍ନ ବିଷୋୟୀ, ଦୀପକ କୁମାର ପରିଡା ପ୍ରମୁଖଙ୍କୁ ଦାୟିତ୍ୱ ଦିଆଯାଇଛି। ଭିନ୍ନ ଭିନ୍ନ ଜିଲ୍ଲା ଓ ବର୍ଗର ନେତୃତ୍ୱ ମାନଙ୍କୁ ରାଜ୍ୟ ସମ୍ପାଦକ ଭାବେ ଦାୟିତ୍ୱ ଦିଆଯାଇଛି। ବୀରେନ୍ଦ୍ର ପ୍ରଧାନ, ତପନ ରାଉତରାୟ, ଦିଲ୍ଲୀପ ରାଉତ, ଅଖିଳ ମୋହନ ଦାସ, କୃଷ୍ଣାନନ୍ଦ ସାହୁ, ଆଦିତ୍ୟ ଗିରି, କାଳିପ୍ରସାଦ ମଲ୍ଲିକ, ଅଂଶୁମାନ ଦାସ, ସୋନାଲି ମହାପାତ୍ର ଏବଂ ବିକାଶ କୁମାର ବେହେରା ପ୍ରମୁଖ ନେତୃତ୍ୱମାନଙ୍କୁ ଓଜେସି ରାଜ୍ୟ ସମ୍ପାଦକ ଭାବେ ନିଯୁକ୍ତି ମିଳିଛି।

# ବରିଷ୍ଠ ସାମ୍ବାଦିକ ଶରତ ଚନ୍ଦ୍ର ଦାଶଙ୍କ ପରଲୋକ

ଭୁବନେଶ୍ୱର,୨୬।୬(ସମିସ): ବରିଷ୍ଠ ସାମ୍ବାଦିକ ତଥା ପ୍ରେସ ଟ୍ରଷ୍ଟ ଅଫ୍ ଇଣ୍ଡିଆ (ପିଟିଆଇ)ର ପୂର୍ବତନ ଓଡ଼ିଶା ବ୍ୟୁରୋ ମୁଖ୍ୟ ଶରତ ଚନ୍ଦ୍ର ଦାଶଙ୍କର ଶୁକ୍ରବାର ଭୁବନେଶ୍ୱରସ୍ଥିତ ଏକ ଘରୋଇ ହସ୍ପିଟାଲରେ ପରଲୋକ ଘଟିଛି। ଦୀର୍ଘଦିନ ଧରି ଅସୁସ୍ଥ ଥିବା ଶ୍ରୀ ଦାଶଙ୍କର ମୃତ୍ୟୁ ବେଳକୁ ବୟସ ୮୩ ବର୍ଷ ହୋଇଥିଲା। ସାମ୍ବାଦିକତା କ୍ଷେତ୍ରରେ ଶରତ ଚନ୍ଦ୍ର ଦାଶଙ୍କ ଅବଦାନ ଅତୁଳନୀୟ। ସେ

**ମୁଖ୍ୟମନ୍ତ୍ରୀ ଓ ବିରୋଧୀ ଦଳ ନେତାଙ୍କ ଶୋକ**

ପ୍ରାୟ ୪୨ ବର୍ଷ ଧରି ପିଟିଆଇରେ କାର୍ଯ୍ୟ କରିଥିଲେ ଏବଂ ୨୦୦୩ ମସିହାରେ ଓଡ଼ିଶା ବ୍ୟୁରୋ ମୁଖ୍ୟ ପଦରୁ ଅବସର ଗ୍ରହଣ କରିଥିଲେ। ସେ ପ୍ରଥମେ ପିଟିଆଇର ମୁମ୍ବାଇ ଓ ନୂଆଦିଲ୍ଲୀ ବ୍ୟୁରୋରେ କାର୍ଯ୍ୟ କରିବା ପରେ କଟକରେ ବ୍ୟୁରୋ ମୁଖ୍ୟ ଭାବେ ଦାୟିତ୍ୱ ନେଇଥିଲେ। ପରେ ୧୯୯୩ ମସିହାରେ ଭୁବନେଶ୍ୱରରେ ପିଟିଆଇର ଓଡ଼ିଶା ବ୍ୟୁରୋ ମୁଖ୍ୟ ଭାବେ ଯୋଗଦେଇ ଅବସର ପର୍ଯ୍ୟନ୍ତ ସଫଳତାର ସହ କାର୍ଯ୍ୟ କରିଥିଲେ। ନମ୍ର ବ୍ୟବହାର, ଉଚ୍ଚ ବୃତ୍ତିଗତ ମୂଲ୍ୟବୋଧ ଏବଂ ସାମ୍ବାଦିକତାର ନୈତିକତା ପ୍ରତି ଅତୁଟ ନିଷ୍ଠା ପାଇଁ ସେ ସମସ୍ତଙ୍କ ପାଖରେ ଜଣେ ଆଦର୍ଶ ସାମ୍ବାଦିକ ଭାବେ ପରିଚିତ ଥିଲେ। ଅନେକ ଯୁବ ସାମ୍ବାଦିକଙ୍କୁ ସେ ମାର୍ଗଦର୍ଶନ କରି ସାମ୍ବାଦିକତା କ୍ଷେତ୍ରକୁ ଦକ୍ଷ ମାନବ ସମ୍ବଳ ଯୋଗାଇଥିଲେ। ଗତବର୍ଷ ତାଙ୍କର ପତ୍ନୀ ପ୍ରିୟମ୍ବଦା ଦାଶଙ୍କର ପରଲୋକ ଘଟିଥିଲା। ତାଙ୍କର ଦୁଇ ପୁଅ ଓ ଦୁଇ ଝିଅ ଅଛନ୍ତି। ତାଙ୍କର ପୁଅ ଅଜିତ୍ ଦାଶ ମଧ୍ୟ ଜଣେ ଜଣାଶୁଣା ସାମ୍ବାଦିକ ଓ ସେ ଦୀର୍ଘଦିନ ଧରି ନନ୍ଦିଘୋଷ ଟିଭିରେ ଇନ୍‌ପୁଟ ଏଡ଼ିଟର ଭାବରେ କାର୍ଯ୍ୟ କରୁଥିଲେ।



ତାଙ୍କ ପରଲୋକରେ ବିଭିନ୍ନ ରାଜନୈତିକ ନେତା, ସାମ୍ବାଦିକ, ବୁଦ୍ଧିଜୀବୀ ଓ ବିଶିଷ୍ଟ ବ୍ୟକ୍ତିମାନେ ଗଭୀର ଶୋକ ପ୍ରକାଶ କରିଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ତାଙ୍କ ବିୟୋଗରେ ଗଭୀର ଶୋକ ବ୍ୟକ୍ତ କରିବା ସହ ପରିବାର ବର୍ଗଙ୍କୁ ସମବେଦନା ଜଣାଇଛନ୍ତି। ବିରୋଧୀଦଳ ନେତା ନବୀନ ପଟ୍ଟନାୟକ ତାଙ୍କର ପରଲୋକରେ ଗଭୀର ଶୋକ ପ୍ରକାଶ କରିଛନ୍ତି। ଓଡ଼ିଶାର ଗଣମାଧ୍ୟମ ଜଗତରେ ସେ ଜଣେ ସଫଳ ସାମ୍ବାଦିକ ଭାବରେ ପରିଚିତ ଥିଲେ ବୋଲି ଉଲ୍ଲେଖ କରି ତାଙ୍କର ଶୋକସନ୍ତପ୍ତ ପରିବାର ପ୍ରତି ନବୀନ ଗଭୀର ସମବେଦନା ଜ୍ଞାପନ କରିଛନ୍ତି। ସେହିପରି ରାଜ୍ୟସଭାରେ ବିଜେଡି ସଂସଦୀୟ ଦଳ ନେତା ମାନସ ମଙ୍ଗରାଜ ମଧ୍ୟ ଶୋକ ପ୍ରକାଶ କରିବା ସହ ଏପରି ସମୟରେ ତାଙ୍କ ପରିବାରକୁ ଭଗବାନ ଅସୀମ ଧୈର୍ଯ୍ୟ ଓ ସାହସ ଦିଅନ୍ତୁ ବୋଲି କାମନା କରିଛନ୍ତି।

**ସୁରକ୍ଷା ବାହିନୀର ବଡ଼ ସଫଳତା**

# ନକ୍ସଲ ଅସ୍ତ୍ର ଡମ୍ପିଂୟାର୍ଡ ଠାବ, ୨୪ ଲକ୍ଷ ଟଙ୍କା ଜବତ




ମାଲକାନଗିରି, ୨୬।୬ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ନାରାୟଣପୁର ଜିଲ୍ଲାରେ ଚାଲିଥିବା ନକ୍ସଲ ଦମନ ଅଭିଯାନ ବେଳେ ଓର୍ଛା ଥାନା ଅଞ୍ଚଳର ଟେକଲା ଜଙ୍ଗଲ ଓ ପାହାଡ଼ରେ ନକ୍ସଲମାନେ ଲୁଚାଇ ରଖିଥିବା ଏକ ବଡ଼ ଅସ୍ତ୍ର ଡମ୍ପ୍ ଠାବ କରାଯାଇଛି। ସୁରକ୍ଷା ବାହିନୀ ଇନ୍‌ସାସ ଓ ଏସ୍‌ଏଲ୍‌ଆର ରାଇଫଲ, ୩୦୩ ରାଇଫଲ, ୩୦-ଓସି ବନ୍ଧୁକ, ବିଜିଏଲ ଲଞ୍ଚର, ସିଙ୍ଗଲ ସଟ୍ ବନ୍ଧୁକ, ବହୁ ସଂଖ୍ୟକ ମ୍ୟାଗାଜିନ, ଶତାଧିକ ଜୀବନ୍ତ ଗୁଳି, ଡେଟୋନେଟର ଏବଂ ଯୋଗାଯୋଗ ଉପକରଣ ଜବତ କରାଯାଇଛି। ଏହି କାର୍ଯ୍ୟାନୁଷ୍ଠାନରେ ନକ୍ସଲମାନଙ୍କ ଅସ୍ତ୍ରଶସ୍ତ୍ର ଭଣ୍ଡାରକୁ ବଡ଼ ଧକ୍କା ଲାଗିଥିବା କୁହାଯାଉଛି। ସେହିପର ଛୋଟେଡୋଙ୍ଗର ଥାନା ଅନ୍ତର୍ଗତ ତୋୟାମେଟା ଜଙ୍ଗଲ-ପାହାଡ଼ରେ ଚାଲିଥିବା ଅନ୍ୟ ଏକ ସର୍ଚ୍ଚ ଅଭିଯାନ ବେଳେ ନକ୍ସଲମାନଙ୍କ ଦ୍ୱାରା ଲୁଚାଇ ରଖାଯାଇଥିବା ୨୪ ଲକ୍ଷ ଟଙ୍କା ନଗଦ ରାଶି ଜବତ କରାଯାଇଛି। ପୁଲିସର ପ୍ରାଥମିକ ଅନୁମାନ ଅନୁଯାୟୀ, ଏହି ଟଙ୍କା ନକ୍ସଲ ସଂଗଠନର ବିଭିନ୍ନ କାର୍ଯ୍ୟକଳାପ ପାଇଁ ରଖାଯାଇଥିଲା। ନକ୍ସଲ ପ୍ରଭାବିତ ଅଞ୍ଚଳରେ ଶାନ୍ତି, ସୁରକ୍ଷା ଓ ବିକାଶକୁ ସୁଦୃଢ଼ କରିବା ପାଇଁ ଏଭଳି ଅଭିଯାନ ଆଗାମୀ ଦିନରେ ମଧ୍ୟ ଜାରି ରହିବ ବୋଲି ନାରାୟଣପୁର ପୁଲିସ ପକ୍ଷରୁ କୁହାଯାଇଛି।

# ପିଏସି ଅଧ୍ୟକ୍ଷ ହେଲେ ପ୍ରମିଳା ମଲ୍ଲିକ

ଭୁବନେଶ୍ୱର,୨୬।୬(ସମିସ): ଓଡ଼ିଶା ବିଧାନସଭାର ୨୦୨୬-୨୭ ଆର୍ଥିକ ବର୍ଷ ପାଇଁ ବିଭିନ୍ନ କମିଟି ଗଠନ ହୋଇଛି। ବିଧାନସଭା ସ୍ଥାୟୀ, ବିଭାଗୀୟ ଓ ଗୃହ କମିଟି ଗଠନ ସହ ପ୍ରାୟ ୩୫ରୁ ଅଧିକ କମିଟି ଗଠନ କରାଯାଇଛି। ବାଚସ୍ପତି ସୁରମା ପାଢ଼ୀ ଏହି କମିଟି ଗଠନ କରିଥିବା ନେଇ ବିଧାନସଭା ସଚିବାଳୟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

ପବ୍ଲିକ୍ ଆକାଉଣ୍ଟ କମିଟି ବା ପିଏସିର ଅଧ୍ୟକ୍ଷା ଭାବେ ବିରୋଧୀ ଦଳ ମୁଖ୍ୟ ସଚେତକ ପ୍ରମିଳା ମଲ୍ଲିକଙ୍କୁ ଦାୟିତ୍ୱ ମିଳିଛି। କମିଟିରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ, ବିଧାୟକ ଅରୁଣ ସାହୁ, ଗଣେଶ୍ୱର ବେହେରା, ସନାତନ ବିଜୁଳି, ଆକାଶ ଦାସନାୟକ, କଳିକେଶ ନାରାୟଣ ସିଂହଦେଓ, ଅଶୋକ ମହାନ୍ତି, ବାବୁ ସିଂହ, ସନ୍ତୋଷ ଖଟୁଆ, ଅମର ନାୟକ ଓ ଅରବିନ୍ଦ ମହାପାତ୍ର ପ୍ରମୁଖ ଏହି କମିଟିରେ ରହିଛନ୍ତି। ସେହିପରି ରୁଲ୍ସ କମିଟିରେ ବାଚସ୍ପତି ସୁରମା ପାଢ଼ୀ ଅଧ୍ୟକ୍ଷ ରହିଥିବା ବେଳେ ମନ୍ତ୍ରୀ ମୁକେଶ ମହାଲିଙ୍ଗ, ପୃଥ୍ୱୀରାଜ ହରିଚନ୍ଦନ, ସରକାରୀ ଦଳ ମୁଖ୍ୟ ସଚେତକ ସରୋଜ କୁମାର ପ୍ରଧାନ, ବିଧାୟକ ପ୍ରତାପ କେଶରୀ ଦେବ, ତୁଷାରକାନ୍ତି ବେହେରା ଓ ସାଗର ଚରଣ ଦାସ ସଦସ୍ୟ ଅଛନ୍ତି। ସ୍ୱାଧିକାର କମିଟି ଅଧ୍ୟକ୍ଷ ଭାବରେ ବରିଷ୍ଠ ବିଧାୟକ ଜୟନାରାୟଣ ମିଶ୍ରଙ୍କୁ ଦାୟିତ୍ୱ ମିଳିଛି ଓ ଏହି କମିଟିରେ ଅନ୍ୟ ୬ ଜଣ ସଦସ୍ୟ ରହିଛନ୍ତି। ପବ୍ଲିକ୍ ଅଣ୍ଡରଟେକିଂ କମିଟି ଅଧ୍ୟକ୍ଷ ଭାବେ ପଦ୍ମଲୋଚନ ପଣ୍ଡା, ଏସ୍‌ସିଏସ୍‌ଟି କଲ୍ୟାଣ କମିଟି ଅଧ୍ୟକ୍ଷ ଭାବେ ଭାସ୍କର ମଢ଼େଇ, ସବ୍‌ଅର୍ଡିନେଟ୍ ଲେଜିସଲେସନ୍ କମିଟି ଅଧ୍ୟକ୍ଷ ଭାବେ ଇରାଶିଷ ଆଚାର୍ଯ୍ୟ, ପିଟିସନ କମିଟି ଅଧ୍ୟକ୍ଷ ଭାବେ ପ୍ରଶାନ୍ତ କୁମାର ଜଗଦ୍ଦେବ, ପେପର୍ ଲେଡ୍ କମିଟି ଅଧ୍ୟକ୍ଷ ଭାବେ ଦୁଷ୍ମନ୍ତ କୁମାର ସ୍ୱାଇଁ, ସରକାରୀ ପ୍ରତିଶ୍ରୁତି କମିଟି ଅଧ୍ୟକ୍ଷ ଭାବେ ଅଶୋକ ମହାନ୍ତିଙ୍କୁ ଦାୟିତ୍ୱ ଦିଆଯାଇଛି। ଲାଇବ୍ରେରୀ କମିଟି ଅଧ୍ୟକ୍ଷ ଭାବେ ଆକାଶ ଦାସନାୟକ ରହିଛନ୍ତି।

ମହିଳା ଓ ଶିଶୁ କଲ୍ୟାଣ ଅଧ୍ୟକ୍ଷ ଭାବେ ସୀମାରାଣୀ ନାୟକଙ୍କୁ ନିଯୁକ୍ତ କରାଯାଇଛି। ସେହିପରି ସରକାରୀ ବିଭାଗଗୁଡ଼ିକର କାର୍ଯ୍ୟର ସମୀକ୍ଷା ପାଇଁ ଗଠିତ ବିଭାଗଗତ ସମ୍ପର୍କିତ ସ୍ଥାୟୀ କମିଟିଗୁଡ଼ିକ ପ୍ରଥମରୁ ଦଶମ ଯାଏ ଅଧ୍ୟକ୍ଷ ଭାବେ ଯଥାକ୍ରମେ ସିଦ୍ଧାନ୍ତ ମହାପାତ୍ର, ସନ୍ତୋଷ ଖଟୁଆ, ବାବୁ ସିଂହ, ପୂର୍ଣ୍ଣଚନ୍ଦ୍ର ସେଠୀ, ବିଭୂତି ଭୂଷଣ ପ୍ରଧାନ, ସୁଧୀର ରଞ୍ଜନ ପାଟ୍ଟଯୋଶୀ, ମନୋହର ରନ୍ଧାରୀ ଏବଂ ସନାତନ ବିଜୁଳି ରହିଛନ୍ତି। ଏହାବ୍ୟତୀତ ମହାନଦୀ ଜଳ ବିବାଦ, ଜଗନ୍ନାଥ ମନ୍ଦିର ବିକାଶ, ପରିବେଶ ପ୍ରଦୂଷଣ, ବିସ୍ଥାପନ, ରେଳ ବିକାଶ, ସୀମା ବିବାଦ, ବିଦ୍ୟୁତ ବିତରଣ ଓ ଭାଷାଗତ ସଂଖ୍ୟାଲଘୁଙ୍କ ସମସ୍ୟା ଭଳି ପ୍ରସଙ୍ଗ ଉପରେ ମଧ୍ୟ ବିଭିନ୍ନ ଗୃହ ଓ ସ୍ୱତନ୍ତ୍ର କମିଟି ଗଠନ କରାଯାଇଛି। ଏହି କମିଟିଗୁଡ଼ିକ ସରକାରୀ କାର୍ଯ୍ୟର ସମୀକ୍ଷା କରି ବିଧାନସଭାରେ ସୁପାରିସ ଓ ରିପୋର୍ଟ ଦାଖଲ କରିବେ। ସୂଚନା ଥାଉ କି ଗତ ମାର୍ଚ୍ଚ ୩୧ ତାରିଖରେ ପୂର୍ବ କମିଟିଗୁଡ଼ିକର ଅବଧି ସମାପ୍ତ ହୋଇଥିଲା। ଏହା ପରେ ଦୁଇ ମାସରୁ ଅଧିକ ସମୟ ଧରି ନୂଆ କମିଟି ଗଠନ ହୋଇନଥିବାରୁ ବିରୋଧୀ ଦଳ ବିଜେଡି ଓ କଂଗ୍ରେସ ପକ୍ଷରୁ କଡ଼ା ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ଏମିତି କି ଏ ସମ୍ପର୍କରେ ଏକାଧିକ ବିଧାୟକ ରାଜ୍ୟପାଳଙ୍କୁ ପତ୍ର ଲେଖି ଏ ସମ୍ପର୍କରେ ଅବଗତ କରାଇବା ସହ ହସ୍ତକ୍ଷେପ ଲୋଡ଼ିଥିଲେ।

# ଆଇନଜୀବୀ କଲ୍ୟାଣ ପାଣ୍ଠି ଅନୁସାରେ ବଢ଼ିଲାନି ସହାୟତା ରାଶି

**ବାର କାଉନସିଲ ପରିସରରୁ ଉଠାଇ ନିଆଗଲା କଲ୍ୟାଣ ପାଣ୍ଠି କାର୍ଯ୍ୟାଳୟ**

**ସରକାରଙ୍କ ନିଷ୍ପତ୍ତି ବିରୋଧରେ ରାଜ୍ୟବ୍ୟାପି ପ୍ରତିବାଦ ଚେତାବନୀ**



କଟକ,୨୬।୬ (ସମିସ): ଆଇନଜୀବୀ କଲ୍ୟାଣ ପାଣ୍ଠି ୧୦ କୋଟିକୁ ବୃଦ୍ଧି ପାଇଥିଲେ ସୁଦ୍ଧା ସେହି ଅନୁପାତରେ ଆଇନଜୀବୀଙ୍କ ପାଇଁ ସହାୟତା ରାଶି ସ୍ଥିର କରାଯାଇନଥିବା ନେଇ ରାଜ୍ୟର ଓକିଲଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଏପରିକି ଆଇନଜୀବୀ କଲ୍ୟାଣ ପାଣ୍ଠି କାର୍ଯ୍ୟାଳୟକୁ ଆଡଭୋକେଟ ଜେନେରାଲଙ୍କ କାର୍ଯ୍ୟାଳୟ ପରିସରକୁ ଉଠାଇ ନିଆଯାଇଥିବା ବେଳେ ରାଜ୍ୟ ଆଇନଜୀବୀ ପରିଷଦ (ବାର କାଉନସିଲ)ର ସଚିବଙ୍କୁ ରାଜ୍ୟ ଆଇନଜୀବୀ କଲ୍ୟାଣ ପାଣ୍ଠି ସଚିବ ପଦରୁ ବେଆଇନ ଭାବେ ନିଲମ୍ବନ କରାଯାଇଥିବା ନେଇ ଉଦବେଗ ପ୍ରକାଶ କରିଛି ରାଜ୍ୟ ଆଇନଜୀବୀ ପରିଷଦ। ଆଜି ପରିଷଦର କାର୍ଯ୍ୟାଳୟଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ସଭାପତି ଆଇନଜୀବୀ ସୀତାଂଶୁ ମୋହନ ଦ୍ୱିବେଦୀ ଓ ଅନ୍ୟ ସଦସ୍ୟମାନେ ଏଭଳି ପଦକ୍ଷେପକୁ ନିନ୍ଦା କରିଛନ୍ତି। ଆଇନଜୀବୀଙ୍କର ସମସ୍ୟାର ସମାଧାନ ନ ହେଲେ ରାଜ୍ୟ ବ୍ୟାପୀ ଆଇନଜୀବୀମାନେ ପ୍ରତିବାଦ କରିବେ ବୋଲି ଚେତାବନୀ ଦିଆଯାଇଛି।

ଶ୍ରୀ ଦ୍ୱିବେଦୀ କହିଥିଲେ ଯେ ଆଇନଜୀବୀ କଲ୍ୟାଣ ପାଣ୍ଠି ୧୯୮୭ରେ ଗଠନ କରାଯାଇ ରାଜ୍ୟ ସରକାର ପ୍ରଥମେ ୨୦୧୪ -୨୦୧୫ ଆର୍ଥିକ ବର୍ଷରେ ୧କୋଟି ମ୍ୟାଚିଙ୍ଗ ଗ୍ରାଣ୍ଟ ପ୍ରଦାନ କରିଥିଲେ। ୨୦୧୬-୨୦୧୭ ଆର୍ଥିକ ବର୍ଷରେ ଏହା ୩କୋଟିକୁ ବୃଦ୍ଧି ପାଇଥିଲା, ୨୦୨୦-୨୧ ଆର୍ଥିକ ବର୍ଷରେ ଏହି କଲ୍ୟାଣ ପାଣ୍ଠି ୫ କୋଟି ଟଙ୍କା ହୋଇଥିଲା। ପରବର୍ତ୍ତୀ ଅବସ୍ଥାରେ ଗତ ୨୦୨୪ ମସିହାରେ ସରକାର ଏହାକୁ ୧୦ କୋଟି ଟଙ୍କାକୁ ବୃଦ୍ଧି କରିଥିଲେ। ଯେତେବେଳେ ମ୍ୟାଚିଙ୍ଗ ଗ୍ରାଣ୍ଟ ୧ କୋଟି ଥିଲା ସେତେବେଳେ ୩୦ ବର୍ଷର ସଦସ୍ୟତା ଥିବାର ଆଇନଜୀବୀମାନେ ତାଙ୍କ ଅବସର ସମୟରେ ୨ ଲକ୍ଷ ୭୦ ହଜାର ରାଶି ପାଉଥିଲେ। ସେହିଭଳି ୫ କୋଟି ଥିବା ବେଳେ ତଦନୁପାତରେ ତତ୍କାଳୀନ ସରକାର ସହାୟତା ରାଶି ୪ଲକ୍ଷ ୫୦ ହଜାର ଟଙ୍କା କରିଥିଲେ।

ରାଜ୍ୟ ଆଇନଜୀବୀ କଲ୍ୟାଣ ପାଣ୍ଠି ତରଫରୁ ହୋଇଥିବା ଏକ ବୈଠକ ଗତ ୨୦୨୪ ଡିସେମ୍ବର ୨୪ତାରିଖରେ ଅନୁଷ୍ଠିତ ହୋଇ ରାଜ୍ୟ ସରକାରଙ୍କୁ କଲ୍ୟାଣ ପାଣ୍ଠିର ସହାୟତା ରାଶିକୁ ୯ ଲକ୍ଷ ଟଙ୍କା କରିବା ପାଇଁ ଚିଠା ପ୍ରସ୍ତାବ ଦିଆଯାଇଥିଲା କିନ୍ତୁ ରାଜ୍ୟ ସରକାର ଏହାକୁ ଉପେକ୍ଷା କରି ୪୦ ପ୍ରତିଶତ ବୃଦ୍ଧି କରିଛନ୍ତି। ଇତିମଧ୍ୟରେ ଓଡ଼ିଶା ରାଜ୍ୟ ଆଇନଜୀବୀ କଲ୍ୟାଣ ପାଣ୍ଠି କାର୍ଯ୍ୟାଳୟକୁ ବେଆଇନ୍ ଭାବରେ ଓଡ଼ିଶା ରାଜ୍ୟ ଆଇନଜୀବୀ ପରିଷଦ ପରିସର ମଧ୍ୟରୁ ଏଜି କାର୍ଯ୍ୟାଳୟକୁ ଉଠାଇ ନିଆଯାଇଛି। ଏଥିପାଇଁ ରାଜ୍ୟ ସରକାର ଓଡ଼ିଶା ରାଜ୍ୟ ଆଇନଜୀବି ପରିଷଦ ସହ କୌଣସି ବିଚାର ବିମର୍ଶ କିମ୍ବା ଆଲୋଚନା କରାଯାଇନି। ରାଜ୍ୟ ଆଇନଜୀବୀ ପରିଷଦର ସଚିବଙ୍କୁ ଆଇନଜୀବୀ କଲ୍ୟାଣ ପାଣ୍ଠି ସଚିବରୁ ନିଲମ୍ବନ କରାଯାଇଛି। ଏଣୁ ରାଜ୍ୟ ସରକାର ୧୫ ଦିନ ମଧ୍ୟରେ ଆଇନଜୀବୀ କଲ୍ୟାଣ ପାଣ୍ଠି ସହାୟତା ରାଶିକୁ ୪୦ ୧୦୦ ପ୍ରତିଶତ ବୃଦ୍ଧି କରି ଅବସରକାଳୀନ କିମ୍ବା ମୃତ ଆଇନଜୀବୀଙ୍କୁ ସର୍ବନିମ୍ନ ୯ ଲକ୍ଷ ଟଙ୍କା ସହାୟତା ପ୍ରଦାନ କରିବା, ଆଇନଜୀବୀ କଲ୍ୟାଣ ପାଣ୍ଠି କାର୍ଯ୍ୟାଳୟକୁ ତୁରନ୍ତ ପରିଷଦର ପରିସରକୁ ଫେରାଇ ଆଣିବା, ପରିଷଦର ସଚିବଙ୍କୁ ରାଜ୍ୟ ଆଇନଜୀବୀ କଲ୍ୟାଣ ପାଣ୍ଠି ସଚିବ ପଦରୁ ନିଲମ୍ବନ ଆଦେଶକୁ ପ୍ରତ୍ୟାହାର କରିବା, ଆଇନଜୀବୀ କଲ୍ୟାଣ ପାଣ୍ଠିକୁ ୧୦ କୋଟି ରୁ ୨୦ କୋଟି ଟଙ୍କାକୁ ବୃଦ୍ଧି କରିବା, ଆଇନଜୀବୀମାନଙ୍କ ପାଇଁ ୧୦ ଲକ୍ଷ ଟଙ୍କାର ମଧୁବାବୁ ସ୍ୱାସ୍ଥ୍ୟବୀମା ପ୍ରଚଳନ ଓ ଆଇନଜୀବୀ ସୁରକ୍ଷା ଆଇନ ପ୍ରଣୟନ କରିବା ପାଇଁ ଦାବି କରିଛି ଆଇନଜୀବୀ ପରିଷଦ। ଏହି ସାମ୍ବାଦିକ ସମ୍ମିଳନୀରେ ଆଇନଜୀବୀ ପରିଷଦର ଉପାଧ୍ୟକ୍ଷ ରାଜୀବ ମହାନ୍ତି, ସଦସ୍ୟ ବିଭୁପ୍ରସାଦ ତ୍ରିପାଠୀ, ଅରୁପାନନ୍ଦ ଦାଶ, ଦିନେଶଚନ୍ଦ୍ର ରାୟ, ଗିରିଜା ଶଙ୍କର ମିଶ୍ର, ଗିରିଧାରୀ ମହାପାତ୍ର ଓ ତପନ ବିଶ୍ୱାଳଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

# ଭଲ ବର୍ଷା ପାଇଁ ଆହୁରି ୧୦ ଦିନ ଅପେକ୍ଷା

ଭୁବନେଶ୍ୱର,୨୬।୬(ସମିସ): ରାଜ୍ୟରେ ମୌସୁମୀ ଜନିତ ବର୍ଷା ସ୍ଥିତିରେ ଧୀରେ ଧୀରେ ସୁଧାର ଆସିବ। ମାସ ଶେଷ ଆଡ଼କୁ ମୌସୁମୀ ସକ୍ରିୟ ହେବାର ସମ୍ଭାବନା ଥିବା ବେଳେ ଜୁଲାଇ ଆରମ୍ଭରୁ ବଙ୍ଗୋପସାଗରରେ ଏକ ଲଘୁଚାପ ମଧ୍ୟ ସୃଷ୍ଟି ହେବାର ସମ୍ଭାବନା ରହିଛି ଓ ୫ ତାରିଖ ବେଳକୁ ଭଲ ଭର୍ଷା ହେବ ବୋଲି ଆକଳନ କରାଯାଉଛି। ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ମୌସୁମୀ ବାୟୁ ସକ୍ରିୟ ହୋଇପାରୁ ନ ଥିବାରୁ ଗରମ ଗୁଳୁଗୁଳି ଜାରି ରହିଛି। ବଙ୍ଗୋପସାଗରୀୟ ପବନ ରାଜ୍ୟକୁ ପ୍ରବାହ ହେଉଥିବାରୁ ପ୍ରବଳ ବିଜୁଳି ଘଡ଼ଘଡ଼ି ସହ କାଁ ଭାଁ ବର୍ଷା ହେଉଛି। ଏହି କ୍ରମରେ ଶୁକ୍ରବାର ମଧ୍ୟ ରାଜ୍ୟର ବିଭିନ୍ନ ସ୍ଥାନରେ ଭୀଷଣ ବିଜୁଳି ଘଡ଼ଘଡ଼ି ସହ କିଛି କିଛି ବର୍ଷା ହୋଇଛି। ପ୍ରବଳ ଘଡ଼ଘଡ଼ି ଯୋଗୁଁ ରାଜ୍ୟର ଏକାଧିକ ଲୋକଙ୍କର ବଜ୍ରପାତରେ ମୃତ୍ୟୁ ନେଇ ମଧ୍ୟ ଖବର ଆସିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି, ଓଡ଼ିଶାରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ବର୍ତ୍ତମାନ ସୁଦ୍ଧା ଦୁର୍ବଳ ଏବଂ ଅସମାନ ରହିଛି। ଜୁନ୍ ମାସର ବାକି ଦିନଗୁଡ଼ିକରେ ବ୍ୟାପକ ତଥା ଲଗାତାର ମୌସୁମୀ ବର୍ଷା ହେବାର ସମ୍ଭାବନା କମ୍ ରହିଛି। ଏହି ସମୟରେ ମୁଖ୍ୟତଃ ବିକ୍ଷିପ୍ତ ଘଡ଼ଘଡ଼ି ସହ ସ୍ୱଳ୍ପ ବର୍ଷା ଦେଖାଯାଇପାରେ। ବିଶ୍ୱର ବିଭିନ୍ନ ପାଣିପାଗ ମଡେଲ୍‌ର ଆକଳନ ଅନୁଯାୟୀ, ମାସ ଶେଷ ଆଡ଼କୁ ମୌସୁମୀ ଧୀରେ ଧୀରେ ଶକ୍ତିଶାଳୀ ହେବାର ସଙ୍କେତ ମିଳୁଛି। ଆସନ୍ତା ୧-୨ ଜୁଲାଇ ବେଳକୁ ଉତ୍ତର ବଙ୍ଗୋପସାଗରରେ ଏକ ବାୟୁମଣ୍ଡଳୀୟ ଘୂର୍ଣ୍ଣିବଳୟ ସୃଷ୍ଟି ହେଉଛି, ଏହା ପ୍ରଭାବରେ ପରବର୍ତ୍ତୀ ସମୟରେ ଏକ ଦୁର୍ବଳ ଲଘୁଚାପ ସୃଷ୍ଟି ହୋଇପାରେ। ଏହାସହ ଜୁଲାଇ ଆରମ୍ଭରେ ମୌସୁମୀ ଟ୍ରଫ୍ ମଧ୍ୟ ସୁଦୃଢ଼ ହେବା ଆଶା କରାଯାଉଛି। ଏହି ସମସ୍ତ ପରିବର୍ତ୍ତନ ଯୋଗୁଁ ବର୍ଷାର ପରିମାଣ ହଠାତ୍ ନବଢ଼ି, ପର୍ଯ୍ୟାୟକ୍ରମେ ଧୀରେ ଧୀରେ ବୃଦ୍ଧି ପାଇବ।

ଉପକୂଳ ଓଡ଼ିଶାରେ ମଝିରେ ମଝିରେ ସ୍ୱଳ୍ପ ବର୍ଷା ସହ କେତେକ ସ୍ଥାନରେ ମଧ୍ୟମ ଧରଣର ବର୍ଷା ହେବା ସହ ଦକ୍ଷିଣ ଓଡ଼ିଶାରେ ଜୁନ୍ ଶେଷ ଆଡ଼କୁ ବର୍ଷା ବୃଦ୍ଧି ପାଇବାର ସବୁଠାରୁ ଭଲ ସମ୍ଭାବନା ରହିଛି। ଯଦି ବଙ୍ଗୋପସାଗରରେ ଘୂର୍ଣ୍ଣିବଳୟ ସଠିକ୍ ଭାବେ ସକ୍ରିୟ ହୁଏ, ତେବେ ଜୁଲାଇ ପ୍ରଥମ ସପ୍ତାହ ସୁଦ୍ଧା ଏହି ଅଞ୍ଚଳ ସର୍ବପ୍ରଥମେ ଚାଷ ଉପଯୋଗୀ ବର୍ଷା ପାଇବାର ସମ୍ଭାବନା ରହିଛି। କେନ୍ଦ୍ରୀୟ ଏବଂ ଉତ୍ତର ଓଡ଼ିଶାରେ ଜୁନ୍ ଶେଷ ପର୍ଯ୍ୟନ୍ତ ବର୍ଷାର ପରିମାଣ ଅନିୟମିତ ରହିବ। କେତେକ ସ୍ଥାନରେ ଭଲ ବର୍ଷା ହେଲେ ମଧ୍ୟ ମଝିରେ ମଝିରେ ପାଗ ଶୁଖିଲା ରହିବ। ଜୁଲାଇ ପ୍ରଥମ ସପ୍ତାହରେ ହିଁ ଅଧିକ ନିର୍ଭରଯୋଗ୍ୟ ବର୍ଷାର ସମ୍ଭାବନା ଦେଖାଯାଉଛି। ପଶ୍ଚିମ ଓଡ଼ିଶାରେ ଏହି ଅଞ୍ଚଳରେ ଚାଷ ଉପଯୋଗୀ ବର୍ଷା ସବୁଠାରୁ ଅଧିକ ବିଳମ୍ବ ହେବାର ଆଶଙ୍କା ରହିଛି ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

## ଆଜିର ରାଶିଫଳ

**ମେଷ:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ବୃଷ:** ଭାଇ ଭଉଣୀଙ୍କ ସହଯୋଗ ମିଳିବ। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ସନ୍ଧ୍ୟାରେ ବନ୍ଧୁଙ୍କ ସହ ବୁଲିବାକୁ ଯିବେ। ନୂଆ ବ୍ୟବସାୟ ଆରମ୍ଭ କରିବେ।

**ମିଥୁନ:** ପରିବାର ପାଇଁ ସମୟ ବାହାର କରିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ। ନିବେଶରୁ ଲାଭ ପାଇବେ। ନିବେଶ କରିବା ପାଇଁ ଉପଯୁକ୍ତ ସମୟ।

**କର୍କଟ:** ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ। ଅର୍ଥ ନିବେଶରୁ ଦୂରେଇ ରହିବେ। ନୂଆ କାମ ପାଇଁ ଉପଯୁକ୍ତ ସମୟ। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ।

**କନ୍ୟା:** ଆର୍ଥିକ ସମସ୍ୟା ଦେଖା ଦେବ। ଚିନ୍ତାରେ ରହିବେ ଏବଂ ପେଟଜନିତ ସମସ୍ୟା ଦେଖା ଦେବ। ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ।

**ତୁଳା:** ମନ ପ୍ରସନ୍ନ ରହିବ। ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ।

**ବିଛା:** ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ଦାମ୍ପତ୍ୟ ଜୀବନରେ ତିକ୍ତତା ଆସିବ।

**ଧନୁ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ସମସ୍ତ ଇଚ୍ଛା ପୂରଣ ହେବ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଭଗବାନ ଶିବଙ୍କୁ ପୂଜା କରିବେ। ପରିବାର ସଦସ୍ୟଙ୍କ ସହ ହସଖୁସିରେ ସମୟ ଅତିବାହିତ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ ସହକର୍ମୀଙ୍କ ସାହାଯ୍ୟ ମିଳିବ। ପଡ଼ୋଶୀଙ୍କ ସହ ମତାନ୍ତର ଦୂର ହେବ। ଛାତ୍ରଛାତ୍ରୀ ମନୋରଞ୍ଜନରେ ସମୟ ଅତିବାହିତ କରିବେ।

**ମୀନ:** ବ୍ୟବସାୟରେ ବାଧା ଆସିବ। ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ବନ୍ଧୁ ମିଳନ କାର୍ଯ୍ୟକ୍ରମରେ ଯୋଗ ଦେବେ। ଅସହାୟଙ୍କୁ ସାହାଯ୍ୟ କରିବେ।

## ଆଜିର ଇତିହାସ

- ୧୬୯୩- ବିଶ୍ୱର ପ୍ରଥମ ମହିଳା ପତ୍ରିକା 'ଲେଡିଜ୍ ମରକ୍ୟୁରି' ଲଣ୍ଡନରେ ପ୍ରକାଶିତ ହେଲା।
- ୧୮୩୯- ମହାରାଜା ରଣଜିତ ସିଂହଙ୍କ ବିୟୋଗ।
- ୧୯୧୪- ଆମେରିକା ଇଥୋପିଆ ସହିତ ବାଣିଜ୍ୟ ସନ୍ଧିରେ ସ୍ୱାକ୍ଷର କଲା।
- ୧୯୬୭- ଲଣ୍ଡନର ଏନ୍‌ଫିଲଡ୍‌ରେ ବିଶ୍ୱର ପ୍ରଥମ ଏଟିଏମ୍ ସ୍ଥାପିତ କରାଗଲା।
- ୧୯୮୧-କାମ୍ବୋଡ଼ିଆ ନୂଆ ସମ୍ବିଧାନ ଆପଣାଇଲା।

## ଆଜି ଆସିଥିଲେ...

# ପଣ୍ଡିତ କୃପାସିନ୍ଧୁ ମିଶ୍ର



ପଣ୍ଡିତ କୃପାସିନ୍ଧୁ ମିଶ୍ର ଓଡ଼ିଶାର ସତ୍ୟବାଦୀ ଯୁଗର ଜଣେ ବରେଣ୍ୟ ସାହିତ୍ୟିକ, ପ୍ରଖ୍ୟାତ ଐତିହାସିକ, ଆଦର୍ଶ ଶିକ୍ଷକ ଏବଂ ସମାଜସେବୀ ଥିଲେ। ସେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଦ୍ୱାରା ପ୍ରତିଷ୍ଠିତ ସତ୍ୟବାଦୀ ବନ ବିଦ୍ୟାଳୟର ପଞ୍ଚସଖାଙ୍କ ମଧ୍ୟରୁ ଅନ୍ୟତମ ଥିଲେ। ୧୮୮୭ ମସିହା ଆଜିର ଦିନରେ ପୁରୀ ଜିଲ୍ଲାର ବୀରହରେକୃଷ୍ଣପୁର ଗ୍ରାମରେ ଜନ୍ମଗ୍ରହଣ କରିଥିଲେ କୃପାସିନ୍ଧୁ ମିଶ୍ର। ସେ ଗାଁ ସ୍କୁଲରୁ ଉତ୍ତୀର୍ଣ୍ଣ ହୋଇ ପୁରୀ ଜିଲ୍ଲା ସ୍କୁଲରେ ନାମ ଲେଖାଇଥିଲେ, ପରବର୍ତ୍ତୀ ସମୟରେ କଟକର ରେଭେନ୍‌ସା କଲିଜିଏଟ୍ ସ୍କୁଲରେ ପଢ଼ିଥିଲେ। ପରେ ସେ ରେଭେନ୍ସା ମହାବିଦ୍ୟାଳୟରୁ ଏଫ୍.ଏ ଓ ବି.ଏ ପାସ୍ କରିଥିଲେ। ୧୯୧୪ ମସିହାରେ ସେ କଲିକତା ବିଶ୍ୱବିଦ୍ୟାଳୟରୁ ଦର୍ଶନ ଶାସ୍ତ୍ରରେ ସ୍ନାତକୋତ୍ତର ଶିକ୍ଷା ଲାଭ କରିଥିଲେ। କୃପାସିନ୍ଧୁ ଓଡ଼ିଶାର ସ୍ଥାପତ୍ୟ, ସଂସ୍କୃତି ଓ ଇତିହାସକୁ ଆଧାର କରି ଅନେକ କାଳଜୟୀ ପୁସ୍ତକ ରଚନା କରିଛନ୍ତି। ୧୯୧୩ ମସିହାଠାରୁ ତାଙ୍କ ରଚିତ ଐତିହାସିକ ପ୍ରବନ୍ଧମାନ ବ୍ରଜସୁନ୍ଦର ଦାସଙ୍କ 'ମୁକୁର' ପତ୍ରିକାରେ ପ୍ରକାଶ ପାଉଥିଲା। ପରେ ତାଙ୍କ ଲେଖନୀରୁ 'ବାରବାଟୀ ଦୁର୍ଗ', କୋଣାର୍କ', ଓ 'ଉତ୍କଳ ଇତିହାସ' ପ୍ରଭୃତି ଐତିହାସିକ ଗବେଷଣାମୂଳକ ପ୍ରବନ୍ଧ ସୃଷ୍ଟି ହେଲା। ଏହାପରେ ସେ ଓଡ଼ିଶାର ପ୍ରଥମ ଐତିହାସିକ ଭାବେ ଖ୍ୟାତିଲାଭ କଲେ। ସେ କେବଳ ଜଣେ ଐତିହାସିକ ନ ଥିଲେ, ଥିଲେ ବିଶିଷ୍ଟ ଦାର୍ଶନିକ। ତାଙ୍କ ଦର୍ଶନତତ୍ତ୍ୱ ସମ୍ବଳିତ 'ଅଦୃଷ୍ଟବାଦ' ଓ 'କା' ପ୍ରବନ୍ଧ ପାଠକମାନଙ୍କ ମନରେ ଗଭୀର ଛାପ ସୃଷ୍ଟି କରିଛି। କଲିକତା ବିଶ୍ୱବିଦ୍ୟାଳୟରୁ ଦର୍ଶନ ଶାସ୍ତ୍ରରେ ଏମ୍.ଏ. ପାସ୍ କରିବା ପରେ କୃପାସିନ୍ଧୁ ଚାହିଁଥିଲେ ବ୍ରିଟିଶ ସରକାରଙ୍କ ଅଧୀନରେ ଉଚ୍ଚ ପଦବୀରେ ଚାକିରି କରିପାରିଥାନ୍ତେ। ସେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ, କୃପାସିନ୍ଧୁ ୧୯୧୪ ମସିହାରେ ସତ୍ୟବାଦୀ ବନ ବିଦ୍ୟାଳୟରେ ଜଣେ ସହକାରୀ ଶିକ୍ଷକ ଭାବରେ ଯୋଗଦାନ କରିଥିଲେ। ତାଙ୍କ ଯୋଗଦେବା ବେଳକୁ ପଣ୍ଡିତ ନୀଳକଣ୍ଠ ଦାସ ଓ ପଣ୍ଡିତ ଗୋଦାବରୀଶ ମିଶ୍ର ସେଠାରେ ଯୋଗ ଦେଇ ସାରିଥାନ୍ତି। ଏମାନଙ୍କ ଦ୍ୱାରା କୃପାସିନ୍ଧୁ ଗଭୀର ଭାବରେ ପ୍ରଭାବିତ ହୋଇଥିଲେ। ପଢ଼ିବା ଓ ପଢ଼େଇବାରେ କୃପାସିନ୍ଧୁଙ୍କର ଆନନ୍ଦ ଥିଲା। ତାଙ୍କର ସଂସ୍କୃତ, ଓଡ଼ିଆ ଓ ଇଂରାଜୀ ଭାଷାରେ ଅଗାଧ ପାଣ୍ଡିତ୍ୟ ଥିଲା ଓ ସେ ଅନର୍ଗଳ ବକ୍ତୃତା ମଧ୍ୟ ଦେଇ ପାରୁଥିଲେ। ସର୍ବଦା ଧୋତି କୁର୍ତ୍ତା ପରିଧାନ କରିଥିବା କୃପାସିନ୍ଧୁଙ୍କର ନିରାଡମ୍ବର ଜୀବନଶୈଳୀ ଓ ସରଳ ବ୍ୟକ୍ତିତ୍ୱ ଛାତ୍ରମାନଙ୍କୁ ପ୍ରଭାବିତ କରୁଥିଲା। ୧୯୨୦ ମସିହାରେ ସେ ସତ୍ୟବାଦୀ ବନ ବିଦ୍ୟାଳୟର ପ୍ରଧାନଶିକ୍ଷକ ଦାୟିତ୍ୱ ଗ୍ରହଣ କରି ମୃତ୍ୟୁ ପର୍ଯ୍ୟନ୍ତ ଏହାକୁ ତୁଲାଇଥିଲେ। ୧୯୨୦ ସେପ୍ଟେମ୍ବର ୪ ତାରିଖରେ କୋଲକାତାଠାରେ ଲାଲ ଲଜପତରାୟଙ୍କ ସଭାପତିତ୍ୱରେ ଅନୁଷ୍ଠିତ କଂଗ୍ରେସ ଅଧିବେଶନରେ ଯୋଗ ଦେଇଥିଲେ କୃପାସିନ୍ଧୁ। ୧୯୨୪ରୁ ମୃତ୍ୟୁ ପର୍ଯ୍ୟନ୍ତ ସେ ପୁରୀ ଜିଲ୍ଲା ବୋର୍ଡର ସଭ୍ୟ ଭାବେ କାର୍ଯ୍ୟ କରିବା ସହିତ ଜିଲ୍ଲା ଶିକ୍ଷା କମିଟିରେ ସଭ୍ୟ ଥିଲେ। ଶିକ୍ଷା ହିଁ ସମାଜର ସବୁଠାରୁ ବଡ଼ ପରିବର୍ତ୍ତନକାରୀ ଶକ୍ତି ବୋଲି ସେ ଭାବୁଥିଲେ। ଏହି ସାରସ୍ୱତ ସାଧକଙ୍କର ୧୯୨୬ ମସିହା ଫେବ୍ରୁଆରି ୧୨ ତାରିଖରେ ମାତ୍ର ୩୮ ବର୍ଷ ବୟସରେ ପରଲୋକ ଘଟିଥିଲା।

# ଅନେକ କଥା ଲୁଚାଉଛି ଚୀନ

ଚୀନ ବିଶ୍ୱର ସବୁଠାରୁ ଦ୍ରୁତ ଗତିରେ ଉନ୍ନତି କରୁଥିବା ସୁପରପାୱାର୍ ଦେଶ ବୋଲି ଦାବି କରେ। ବଡ଼ ବଡ଼ ହାଇୱେ, ବୁଲେଟ୍ ଟ୍ରେନ୍ ଏବଂ ଆକାଶଛୁଆଁ ବିଲ୍ଡିଂ ପାଇଁ ଚୀନ ଜଣାଶୁଣା, ହେଲେ ନିକଟରେ ସୋସିଆଲ ମିଡିଆରେ ଏକ ଭିଡିଓ ଭାଇରାଲ୍ ହୋଇଛି, ଯାହା ଏହାର ଏଭଳି ଚେହେରାକୁ ସମ୍ପୂର୍ଣ୍ଣ ଭାବେ ଭାଙ୍ଗି ଚୂରମାର କରିଦେଇଛି। ଭିଡିଓରେ ବେଜିଂର ପର୍ଯ୍ୟଟନ ଅଞ୍ଚଳରୁ ଦୂରବର୍ତ୍ତୀ ସ୍ଥାନକୁ ଦେଖାଯାଇଛି। ଏଠାରେ କୁଢ଼ କୁଢ଼ ଅଳିଆ ରାସ୍ତା ଉପରେ ପଡ଼ିଥିବାର ନଜର ଆସିଛି। ଚାରିଆଡ଼େ ଅଳିଆ ଆବର୍ଜନା ବିଚ୍ଛୁରିତ ହୋଇ ପଡ଼ି ରହିଥିବା ବେଳେ ଇନ୍‌ଫ୍ରାଷ୍ଟ୍ରକଚର୍ ଜର୍ଜରିତ ଅବସ୍ଥାରେ ଅଛି। ସେହିପରି ଭିଡିଓ ଦେଖି ଲୋକେ ଆଶ୍ଚର୍ଯ୍ୟ ହୋଇଛନ୍ତି ଯେ, ଏହା କ'ଣ ସେହି ବେଜିଂ, ଯିଏ ୨୦୫୦ ମସିହାରେ ବଞ୍ଚିବା ଦାବି କରୁଥିଲା। ଚୀନ ସରକାର ନିଜର ଭାବମୂର୍ତ୍ତିକୁ ସ୍ୱଚ୍ଛ ଏବଂ ଚମକଦାର କରିବା ପାଇଁ ବିପୁଳ ପରିମାଣର ଅର୍ଥ ଖର୍ଚ୍ଚ କରୁଥିଲେ ମଧ୍ୟ ସେଠାକାର ଗ୍ରାମୀଣ ଏବଂ ଖାଦ୍ୟ ସୁରକ୍ଷାର ବାସ୍ତବତା ଅତ୍ୟନ୍ତ ଚିନ୍ତାଜନକ ଅଟେ। ଏଠାକାର ସରକାର କୋଟି କୋଟି ଟଙ୍କା ଖର୍ଚ୍ଚ କରି ନିଜର ଭାବମୂର୍ତ୍ତିକୁ ଚମକାଇବାରେ ଲାଗିଛନ୍ତି। ପର୍ଯ୍ୟଟନ ସ୍ଥଳଗୁଡ଼ିକୁ ବିଶେଷ ଭାବରେ ସଫାସୁତୁରା ଏବଂ ଆକର୍ଷଣୀୟ ରଖାଯାଏ। ହେଲେ ଏହା ବାହାରର ଚିତ୍ର ସମ୍ପୂର୍ଣ୍ଣ ଭିନ୍ନ। ଗ୍ରାମାଞ୍ଚଳ ଏବଂ ଛୋଟ ସହରଗୁଡ଼ିକରେ ରାସ୍ତାଘାଟ ଭାଙ୍ଗିରୁଜି ଯାଇଛି, ସ୍ୱେରେଜ୍ ସିଷ୍ଟମ୍ ଖରାପ ଅଛି ଏବଂ ପ୍ରଦୂଷଣର ସ୍ତର ଅତ୍ୟନ୍ତ ବିପଜ୍ଜନକ। ଖାଦ୍ୟ ସୁରକ୍ଷାର ସ୍ଥିତି ଆହୁରି ଚିନ୍ତାଜନକ ଅଟେ। ଚୀନରେ 'ଗଟର ଅଏଲ୍'ର ବ୍ୟବହାର ରେଷ୍ଟୁରାଣ୍ଟଗୁଡ଼ିକରେ ଖାଦ୍ୟ ପ୍ରସ୍ତୁତ କରିବା ପାଇଁ କରାଯାଏ। କେମିକାଲ୍ ଯୁକ୍ତ ଷ୍ଟ୍ରିଟ୍ ଫୁଡ୍ ଏବଂ ନକଲି ଉତ୍ପାଦର ସ୍କାଣ୍ଡାଲ୍ କ୍ରମାଗତ ଭାବେ ସାମ୍ନାକୁ ଆସୁଛି। ଏହାଦ୍ୱାରା ପ୍ରତିଦିନ ଲକ୍ଷ ଲକ୍ଷ ନାଗରିକଙ୍କ ସ୍ୱାସ୍ଥ୍ୟ ବିପଦରେ ପଡୁଛି। ଚୀନ ସରକାର କଠୋର ସେନ୍ସରସିପ୍ ଜରିଆରେ ନକାରାତ୍ମକ ଖବରଗୁଡ଼ିକୁ ଦବାଇ ରଖନ୍ତି। ହେଲେ ସୋସିଆଲ ମିଡିଆରେ ଅନେକ ବିଦେଶୀ ୟୁଜର୍ସ ଏବଂ କିଛି ସାହସୀ ଚୀନ ନାଗରିକ ଏହି ଭିଡିଓଗୁଡ଼ିକୁ ସେୟାର କରୁଛନ୍ତି। ନିକଟରେ ଏଭଳି ଏକ ଭାଇରାଲ୍ ଭିଡିଓରେ ଦେଖାଯାଇଛି ଯେ, ଚୀନର ବ୍ୟୟବହୁଳ ପ୍ରଚାର ସତ୍ତ୍ୱେ ସାଧାରଣ ଲୋକଙ୍କ ଜୀବନରେ ସୁଧାର ଆସିପାରୁ ନାହିଁ। ବିଶେଷଜ୍ଞମାନଙ୍କ କହିବା କଥା ହେଲା, ଚୀନ ବିକାଶର ଚମକ ମଧ୍ୟରେ ନିଜର ଅନେକ ଅଞ୍ଚଳକୁ ଅଣଦେଖା କରୁଛି। ସହରଗୁଡ଼ିକରେ ବିଳାସପୂର୍ଣ୍ଣ ଅଟ୍ଟାଳିକା ଠିଆ ହେଉଥିବା ବେଳେ, ଦୂରଦୂରାନ୍ତ ଅଞ୍ଚଳରେ ମୌଳିକ ସୁବିଧା ସୁଯୋଗର ଅଭାବ ରହିଛି। ଚୀନ ସରକାର ପ୍ରାୟତଃ ନିଜର ଚମକଦାର ଭିତ୍ତିଭୂମିକୁ ଭାରତର ବିକାଶଶୀଳ ସହରଗୁଡ଼ିକ ସହ ତୁଳନା କରି ନିଜକୁ ଶ୍ରେଷ୍ଠ ପ୍ରମାଣିତ କରିବାକୁ ଚେଷ୍ଟା କରନ୍ତି। ହେଲେ ଏହାର ଭିତର କଥା ସାମ୍ନାକୁ ଆସିବା ପରେ ଜଣାପଡ଼େ ଯେ, ସେଠାରେ ମଧ୍ୟ ଭାରତ ଭଳି ବାୟୁ ପ୍ରଦୂଷଣ ଏବଂ ବର୍ଜ୍ୟବସ୍ତୁ ପରିଚାଳନାର ଘୋର ଅଭାବ ରହିଛି।



# ଯଶ୍‌ଙ୍କୁ ଟକ୍କର ଦେବେ ଶ୍ରଦ୍ଧା

ବଲିଉଡ୍ ଅଭିନେତ୍ରୀ ଶ୍ରଦ୍ଧା କପୁର ଏବେ ତାଙ୍କ ଆଗାମୀ ଫିଲ୍ମ 'ଇଥା'କୁ ନେଇ ଚର୍ଚ୍ଚାରେ ଅଛନ୍ତି। ଏହାର ଟିଜର୍ ନିକଟରେ ରିଲିଜ୍ ହୋଇଥିଲା। ଟିଜର୍‌ରେ ଶ୍ରଦ୍ଧାଙ୍କ ଅଭିନୟ ଦର୍ଶକଙ୍କୁ ଖୁବ୍ ପସନ୍ଦ ଆସିଛି। 'କକ୍‌ଟେଲ୍ ୨'ର ରିଲିଜ୍ ଦିନ ସିନେମା ହଲ୍‌ଗୁଡ଼ିକରେ 'ଇଥା'ର ଟିଜର୍ ରିଲିଜ୍ କରାଯାଇଥିଲା। ମ୍ୟାଡକ୍ ଫିଲ୍ମସ୍ ବ୍ୟାନରରେ ନିର୍ମିତ 'ଇଥା' ଏକ ବାୟୋପିକ୍ ଫିଲ୍ମ। ଏହି ଚଳଚ୍ଚିତ୍ରର କାହାଣୀ ମହାରାଷ୍ଟ୍ରର କିମ୍ବଦନ୍ତୀ ମରାଠୀ ଲାବଣୀ ନୃତ୍ୟଶିଳ୍ପୀ ବିଠାବାଇ ଭାଉ ମାଙ୍ଗ ନାରାୟଣଗାଓଁକରଙ୍କ ଜୀବନୀ ଉପରେ ଆଧାରିତ। ଏଥିରେ ଶ୍ରଦ୍ଧା କପୁର ମୁଖ୍ୟ ଭୂମିକାରେ ଥିବାବେଳେ ରଣଦୀପ ହୁଡ୍ଡା ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଚରିତ୍ରରେ ନଜର ଆସିବେ। 'ଛାଭା' ପରେ ନିର୍ଦ୍ଦେଶକ ଲକ୍ଷ୍ମଣ ଉତେକର ମହାରାଷ୍ଟ୍ରର ଲୋକକଳା ଓ ଇତିହାସର ଆଉ ଏକ ଅଧ୍ୟାୟକୁ 'ଇଥା' ମାଧ୍ୟମରେ ବଡ଼ ପରଦାରେ ଆଣିବାକୁ ଯାଉଛନ୍ତି। ଏହାର ଟିଜର୍ ଦେଖିବା ପରେ ପ୍ରଶଂସକମାନଙ୍କ ଉତ୍ସାହ ବଢ଼ିଯାଇଛି ଏବଂ ସେମାନେ ରିଲିଜ୍‌କୁ ଅପେକ୍ଷା କରିଛନ୍ତି। ଅପରପକ୍ଷରେ 'ସ୍ତ୍ରୀ ୨'ର ଅପାର ସଫଳତାର ପାଖାପାଖି ଦୁଇ ବର୍ଷ ପରେ ଏହିଫିଲ୍ମ ଜରିଆରେ ଶ୍ରଦ୍ଧା ବଡ଼ ପରଦାକୁ ଫେରୁଛନ୍ତି। ଏହା ରକ୍ଷାବନ୍ଧନ ଅବସରରେ ୨୮ ଅଗଷ୍ଟ, ୨୦୨୬ ରେ ସିନେମାହଲ୍‌ରେ ରିଲିଜ୍ ହେବ। ଏହିଦିନ ସାଉଥ୍ ସୁପରଷ୍ଟାର୍ ଯଶ୍‌ଙ୍କ ଚଳଚ୍ଚିତ୍ର 'ଟକ୍ସିକ୍' ମଧ୍ୟ ରିଲିଜ୍ ହେବ। ତେବେ ହିନ୍ଦୀ ଦର୍ଶକଙ୍କ ମଧ୍ୟରେ 'ଟକ୍ସିକ୍'ଠାରୁ 'ଇଥା'କୁ ନେଇ ଅଧିକ ଚର୍ଚ୍ଚା ହେଉଛି। ବାରମ୍ବାର 'ଟକ୍ସିକ୍'ର ରିଲିଜ୍ ଡେଟ୍‌ରେ ପରିବର୍ତ୍ତନ କାରଣରୁ ହିନ୍ଦୀ ଦର୍ଶକଙ୍କ ମଧ୍ୟରେ ଏହାକୁ ନେଇ ଉତ୍ସାହ କମିଯାଇଛି। ତେବେ ବକ୍ସ ଅଫିସ୍‌ରେ ଶ୍ରଦ୍ଧା କି ଯଶ୍ କିଏ ବାଜି ମାରୁଛନ୍ତି ତାହା ଦେଖିବାକୁ ବାକି ରହିଲା।





## ପ୍ରହେଳିକା



- ପୁନେଇଁଟିଏ ସେ ଭାରି ମହାନ
  ସେଦିନ ହସଇ ଶ୍ରୀକ୍ଷେତ୍ର ଧାମ
  ଭାଇ ବଳଭଦ୍ର ସାଥେ ଭଉଣୀ
  ସିନାନ କରନ୍ତି ମଉଡ଼ମଣି
  ଶହେ ଆଠ ଗରା ଶୀତଳ ଜଳେ
  ଗାଧାନ୍ତି ସାଆନ୍ତ ଅମୃତ କାଳେ
  ପବିତ୍ର ପୁନେଇଁ ସିଏ
  ସେ ବିଧି ଦର୍ଶନ ଦିଏ କୋଟି ପୂଣ୍ୟ
  କୁହ ତା'ର ନାମ କିଏ।

  ଉତ୍ତର-ଦେବସ୍ନାନ ପୂର୍ଣ୍ଣିମ

- ଜ୍ୟୈଷ୍ଠ ପୁନେଇଁରେ କାଳିଆ ଧନ
  ଶ୍ରଦ୍ଧାରେ କରନ୍ତି ଶୁଦ୍ଧ ସିନାନ
  ସାଥିରେ ଥାଆନ୍ତି ଭାଇ ଭଉଣୀ
  ସେଥିଲାଗି ହୁଏ ଭକ୍ତ ଗହଳି
  ମଣ୍ଡପରେ ବସି ନାଥ
  ଶହେ ଆଠ ଗରା ଜଳରେ ଗାଧାନ୍ତି
  କୁହ'ତ ତା'ନାମ ମିତ।

  ଉତ୍ତର-ସ୍ନାନ ମଣ୍ଡପ

- ଶ୍ରୀକ୍ଷେତ୍ରର ସିଏ ମଉଡ଼ମଣି
  ସାଥିରେ ଥାଆନ୍ତି ଭାଇ ଭଉଣୀ
  ରତ୍ନ ମଣ୍ଡପରେ ତାଙ୍କରି ବାସ
  ଭକ୍ତଙ୍କୁ ଦିଅନ୍ତି ନିତି ଆଶିଷ
  ଲକ୍ଷ୍ମୀକାନ୍ତ ନାମେ ଖ୍ୟାତ
  କଳା ମୁହଁ ପୁଣି ନାଲି ଯେ ଅଧର
  କୁହ ତାଙ୍କ ନାମ ମିତ।

  ଉତ୍ତର-ଜଗନ୍ନାଥ

- ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର

# ସ୍ନାନ ବେଦୀରେ ଜଗତ ସାଇଁ



ଭୁବନାନନ୍ଦ ପାଣିଗ୍ରାହୀ

ଜଗତ ନାଥ ଜଗତ ସାଇଁ
ଜାତି ଦେବତା ଆମରି ସେଇ
ନୀଳାଚଳରେ ବିଜେ ଶ୍ରୀହରି
ସାଥିରେ ଧରି ଭଉଣୀ ଭାଇ।
ମନମୋହନ ଚକାନୟନ
ରୂପରେ ଜିଣେ କୋଟି ମଦନ
କି ଯାଦୁକରୀ ମନ୍ତର ଜାଣେ
ଦୂରରୁ ଟାଣେ ଭକତ ଜନ।
ଜ୍ୟେଷ୍ଠର ଅନ୍ତେ ପୂର୍ଣ୍ଣମୀ ତିଥି
ମଣ୍ଡପେ ଆସି ଦାରୁ ମୂରତି
ଏକ ଶ' ଆଠ କଳସୀ ଜଳେ
ପାଳନ୍ତି ପୁଣ୍ୟ ସ୍ନାହାନ ନୀତି।
ଗଜାନନଙ୍କ ବେଶେ ସୁନ୍ଦର
ଶୋହନ୍ତି ପ୍ରଭୁ ରଙ୍ଗ ଅଧର
ଦରଶନରେ ହରନ୍ତି ମନ
ଭକତ ମନେ ଖୁସି ଅପାର।
ଜ୍ୱରେ ପୀଡ଼ିତ ହୁଅନ୍ତି ସାଇଁ
ଅଣସରରେ ରୁହନ୍ତି ଯାଇ
ଆକୁଳ ଚିତ୍ତେ ଜଗତ ଜନେ
ରଥଯାତକୁ ବସନ୍ତି ଚାହିଁ। ■

ଗେଡ଼ିଆପଲ୍ଲୀ, ଖୋର୍ଦ୍ଧା

# ସିନାନ ପୂର୍ଣ୍ଣିମା



ସୁଧାକର ରାଉତ

ଆଷାଢ଼ର ଶୁକ୍ଳ ଅଷ୍ଟମୀ ତିଥିରେ
ସିନାନ ମଣ୍ଡପେ ଆସି
ସୁନା କୂପର ସୁବାସିତ ଜଳରେ
ଗାଧୋଇଲ ହସି ହସି।
ଜୁଡୁ ସୁଡୁ ହୋଇ ଗାଧୋଇଲାବେଳେ
ଭୁଲି ପରିଣାମ କଥା
ଖଇଫୁଟା ଜ୍ୱରରେ ଆକ୍ରାନ୍ତ ହୋଇ
ଭୋଗିବଟି କେତେ ବ୍ୟଥା।
ବ୍ରହ୍ମାଣ୍ଡ ଠାକୁର ହୋଇ ପୁଣି କିଆଁ
ଏଡ଼େ ଅମାନିଆ ହେଲ
ଭକତ ଭାବରେ ଭୋଳ ହୋଇ ପ୍ରଭୁ
ନିଜ କଷ୍ଟ ଭୁଲି ଗଲ।
ଗୁପତ ସେବାରେ ଲାଗିବେ ବଇଦେ
ଏବେ ଅଣସର ଘରେ
ପଞ୍ଚଦଶ ଦିନ ନାନା ପଥି ଖାଇ
ସୁସ୍ଥ ହେବ ଧୀରେ ଧୀରେ।
ରତ୍ନ ସିଂହାସନ ପଡ଼ିଯିବ ଶୂନ୍ୟ
ପଟିଦିଆଁ ତୁମ ସ୍ଥାନେ
ପୂଜା ପାଇଲେ ବି ଭକତେ ତୁମକୁ
ଝୁରୁଥିବେ ମନେ ମନେ।
ସମ୍ପୂର୍ଣ୍ଣ ଆରୋଗ୍ୟ ଲାଭ କଲା ପରେ
ନବ ଯଉବନ ବେଶେ
ଦରଶନ ଦେଇ ତୋଷିବ ଭକତେ
ରଥେ ବିଜେ ହେବା ଆଶେ।
ତୁମ ଲୀଳା ପ୍ରଭୁ ତୁମକୁ ଗୋଚର
ଆମେ ତ କୋମଳମତି
ଦୟା ପରବଶ ହୋଇଲେ ଠାକୁର
ରଖିବୁଟି ଯଶ ଖ୍ୟାତି। ■

ପ୍ରତାପ ନଗରୀ, କଟକ

## ସୁମନ

# ଦୁଷ୍ଟ ଓ ଭଲ କ'ଣ



କାଳିକିଙ୍କର

ରଘୁ ଓ ଗୋବିନ୍ଦ ଗୋଟିଏ ଘରେ ରୁହନ୍ତି। ରଘୁ ଅମାନିଆ କାହାରି କଥା ମାନେ ନାହିଁ। ଜିନିଷପତ୍ର ସବୁ ଭଙ୍ଗାରୁଜା କରେ। ବହି ଖାତା ଚିରାଚିରି କରେ। ଘର ଦ୍ୱାର ଅଳିଆ କରେ। ଏସବୁ ଦୁଷ୍ଟାମୀ ତାଙ୍କ ଘରେ ଅନେକଙ୍କୁ ଭଲ ଲାଗେନାହିଁ କିନ୍ତୁ କେହି କିଛି କହନ୍ତି ନାହିଁ କାରଣ ରଘୁର ମାଆ ଯିଏ କହନ୍ତି ତାଙ୍କ ସହ କଳି କରନ୍ତି। ଗୋବିନ୍ଦ ସାନ ଭାଇ। ସେ ମଧ୍ୟ ରଘୁକୁ ଦେଖି ସେମିତି କିଛି କରିବାକୁ ଗଲେ ତା' ମାଆ ତାକୁ ଆକଟ କରନ୍ତି ଓ କହନ୍ତି ସେମିତି କଲେ ତୁ ଭଲ ପିଲା ହେବୁ ନାହିଁ। ସମସ୍ତେ ତୋତେ ଦୁଷ୍ଟ କହିବେ। ଗୋବିନ୍ଦ ବୁଝିପାରେ ନାହିଁ ଯେ ଭଲ କ'ଣ ଦୁଷ୍ଟ କ'ଣ? ସେ ଯାହାହେଉ, ମାଆଙ୍କ କଥା ମାନି ରଘୁ ଭଳି ହୁଏନାହିଁ। ସେଦିନ ଘରେ ଆଲୋଚନା ହେଲା ଯେ ରଘୁ ଓ ଗୋବିନ୍ଦ ଏଥର ସ୍କୁଲକୁ ଯିବେ, ପାଠ ପଢ଼ିବେ। ନୂଆ ବହି, ବ୍ୟାଗ୍, ପୋଷାକ, ଜୋତା ଆସିଲା। ଦୁଇ ଭାଇ ଖୁସି ଯେ ସ୍କୁଲ ଗଲେ ଏମିତି ସବୁ ନୂଆ ନୂଆ ଜିନିଷ ମିଳେ। ବାଃ, ବଢ଼ିଆ ତ। ପ୍ରାୟ ସପ୍ତାହେ ହୋଇଛି କି ନାହିଁ ସ୍କୁଲରୁ ରଘୁର ମାଆଙ୍କୁ କେତେଥର ଡାକରା ଆସିଲା। ସେ ସ୍କୁଲ ଗଲେ ଓ ମୁହଁ ଶୁଖେଇ ଫେରିଲେ। ଗୋବିନ୍ଦ ମାଆଙ୍କୁ କେହି ଡାକନ୍ତି ନାହିଁ। ସେଦିନ ପୁଣି ସ୍କୁଲରୁ ଫୋନ୍ ଆସିଲା ରଘୁର ବାପାଙ୍କ ପାଖକୁ। ସେ ଗଲେ ଓ ସାଥିରେ ରଘୁକୁ ଧରି ଘରକୁ ଆସିଲେ। ରଘୁର ମାଆଙ୍କୁ କହିଲେ-ଏଥର ମୂର୍ଖ କରି ପୁଅକୁ ଘରେ ରଖ। ତା'ର ଦୁଷ୍ଟାମୀ ପାଇଁ ସ୍କୁଲରୁ ବାହାର କରି ଦିଆହେଲା। ଦିନେ ତ ପୁଅକୁ ଆକଟ କଲ ନାହିଁ। ଆଉ ଯଦି ତାକୁ ଘରେ କେହି ଆକଟ କଲା ତୁମେ ତାରି ଆଗରେ ସମସ୍ତଙ୍କ ସହ କଳି କଲ। ଦୁଷ୍ଟ ପିଲାଙ୍କୁ କେହି କୌଣସି ସ୍କୁଲରେ ରଖିବେନି। ଆମ ଗୋବିନ୍ଦ କେତେ ଭଲ ପିଲା, ଦେଖ ତା ନାଁରେ ସ୍କୁଲରେ ଭଲ ପିଲା ବୋଲି ପ୍ରଶଂସା, କୌଣସି ଆପତ୍ତି ଅଭିଯୋଗ ତା ନାଁରେ ନାହିଁ। ରଘୁର ମାଆ କାନ୍ଦିବାକୁ ଲାଗିଲେ। ରଘୁ ମଧ୍ୟ ମାଆ କାନ୍ଦିବାର ଦେଖି କାନ୍ଦିବାକୁ ଲାଗିଲା। ଜେଜେ, ଜେଜେମା କହିଲେ, ଦୁଷ୍ଟ ନ ହୋଇ ଭଲ ପିଲା ହେବାକୁ ଚେଷ୍ଟାକର। ମାଆ କାନ୍ଦିବ ନାହିଁ କି ସ୍କୁଲ ତୋତେ ବାହାର କରିବ ନାହିଁ। ପରଦିନ ଗୋବିନ୍ଦ ଏକୁଟିଆ ଭାଇକୁ ନ ନେଇ ସ୍କୁଲ ଯିବାକୁ ଚାହିଁଲା ନାହିଁ। ସମସ୍ତେ ତାକୁ ବୁଝେଇଲ, ତା' ଭାଇ ଦୁଷ୍ଟ ବୋଲି ସ୍କୁଲକୁ ଯିବାକୁ ନାହିଁ କରାଯାଉଛି। ତୁ ଭଲପିଲା-କଥା ମାନୁ। ତେଣୁ ତୁ ଯାଆ। ଗୋବିନ୍ଦ କିନ୍ତୁ ଭାଇର ହାତ ଧରି ଟାଣି ଟାଣି ତାର ମାଆ ସହ ସ୍କୁଲ ନେଇଗଲା। ଗୋବିନ୍ଦର ମାଆ କହିଲେ ହେଉ, ଗୋବିନ୍ଦକୁ ସ୍କୁଲରେ ଛାଡ଼ି ରଘୁକୁ ଘରକୁ ନେଇ ଆସିବି। ସ୍କୁଲରେ ରଘୁକୁ ପୁଣି ଦେଖି ଗୁରୁମା କିଛି କହିବାକୁ ଯିବା ପୂର୍ବରୁ ଗୋବିନ୍ଦ କହିଲା ଗୁରୁମା, କ୍ଷମା କରି ଦିଅନ୍ତୁ। ମୋ ଭାଇ ଆଉ କେବେ ଦୁଷ୍ଟ ହେବନି। ଗୋବିନ୍ଦର କଥା ସମସ୍ତଙ୍କୁ ବହୁତ ଭଲ ଲାଗିଲା। ରଘୁ ମଧ୍ୟ ବୁଝିଲା ଯେ, ଦୁଷ୍ଟ କ'ଣ ଓ ଭଲ କ'ଣ। ସାନଭାଇ ଭଲ ବୋଲି ତାକୁ ଆଜି ପୁଣିଥରେ ସ୍କୁଲରେ ପାଠ ପଢ଼ିବା ପାଇଁ ଅନୁମତି ମିଳିଲା। ରଘୁ ପୂର୍ବପରି ଆଉ ଦୁଷ୍ଟ ନ ହୋଇ ଭଲ ପିଲା ହେଲା। ■

ରଟିଲ, ରେଞ୍ଚ, ପୁରୀ



ବି:ଦ୍ର- 'ସକାଳ'ର ସୁମନ୍ ପୃଷ୍ଠାରେ ଗଳ୍ପ, କବିତା ପ୍ରକାଶ କରିବାକୁ ଇଚ୍ଛୁକ ପାଠକ ପାଠିକାମାନେ sakalasishu@gmail.comକୁ ପଠାଇ ପାରିବେ। ଛାତ୍ରଛାତ୍ରୀମାନେ (ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ) ଡ୍ରଇଂ ପଠାଇବାକୁ ଚାହୁଁଥିଲେ ସେମାନଙ୍କର ଏକ ପାସ୍‌ପୋର୍ଟ ସାଇଜ୍ ଫଟୋ ସହ ଶ୍ରେଣୀ, ବିଦ୍ୟାଳୟ ଓ ସହରର ନାମ ଲେଖି ଏହି ମେଲ୍‌ରେ ପଠାଇ ପାରିବେ।

## ଆମ ଚିତ୍ର





ସ୍ୱସ୍ତିକା ମହାପାତ୍ର
ପଞ୍ଚମ ଶ୍ରେଣୀ
ସେଣ୍ଟ ଜାଭିୟର ହାଇସ୍କୁଲ
ଖାନନଗର, କଟକ






ଅଭିଳାଷ ଦାଶ
ଦଶମ ଶ୍ରେଣୀ
ପବ୍ଲିକ୍ ସ୍କୁଲ
ବଲାଙ୍ଗୀର





ଦିପ୍ତିମୟୀ ହାଁସଦା
ପଞ୍ଚମ ଶ୍ରେଣୀ
ସରକାରୀ ପ୍ରାଥମିକ ବିଦ୍ୟାଳୟ
ବଡସିଙ୍ଗାରିଆ, ମୟୂରଭଞ୍ଜ





ଆଦ୍ୱିକ୍ ସ୍ୱାଇଁ
ଷଷ୍ଠ ଶ୍ରେଣୀ
ସେଣ୍ଟ ଜାଭିୟର୍ ହାଇସ୍କୁଲ
ଶିଖରପୁର, କଟକ




# ତୃତୀୟଥର ଲାଗି ନକ୍ଆଉଟ୍‌ରେ ଅଷ୍ଟ୍ରେଲିଆ

ସାଣ୍ଟା କ୍ଲାରା, ୨୬।୬ (ଏଜେନ୍ସି)



ଚଳିତ ଫିଫା ବିଶ୍ୱକପ୍‌ରେ ସଦ୍ୟତମ ଦଳ ଭାବେ ଅଷ୍ଟ୍ରେଲିଆ ନକ୍ଆଉଟ୍ ତଥା ରାଉଣ୍ଡ-୩୨ରେ ସ୍ଥାନ ପକ୍କା କରିଛି। ଶୁକ୍ରବାର ସକାଳେ ଏଠାରେ ଅଷ୍ଟ୍ରେଲିଆ ଓ ପାରାଗୁଏ ମଧ୍ୟରେ ଅନୁଷ୍ଠିତ ଗ୍ରୁପ୍-ଡି ମ୍ୟାଚ୍ ଗୋଲ୍‌ଶୂନ୍ୟ ଭାବେ ଅମୀମାଂସିତ ରହିଥିଲା। ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ଉଭୟ ଦଳ ଗୋଲ୍‌ସ୍କୋର କରିବାରେ ବିଫଳ ହୋଇଥିଲେ। ସମ୍ପୂର୍ଣ୍ଣ ମ୍ୟାଚରେ ପାରାଗୁଏ ଅପେକ୍ଷା ଅଷ୍ଟ୍ରେଲିଆ ସମସ୍ତ କ୍ଷେତ୍ରରେ ଉନ୍ନତ ପ୍ରଦର୍ଶନ କରିଥିଲା। ସଟ୍ ଅନ୍ ଟାର୍ଗେଟ୍, ପାସ୍, ପୋଜେସନରେ ଅଷ୍ଟ୍ରେଲିଆ ଭଲ ଖେଳିଥିଲେ ମଧ୍ୟ ପାରାଗୁଏ ଗୋଲ୍‌ପୋଷ୍ଟ ଭେଦ କରିପାରି ନ ଥିଲା।

ଏହି ଡ୍ର ଫଳରେ ଉଭୟ ଅଷ୍ଟ୍ରେଲିଆ ଓ ପାରାଗୁଏକୁ ୧ ପଏଣ୍ଟ ଲେଖାଏରେ ସନ୍ତୁଷ୍ଟ ହେବାକୁ ପଡ଼ିଛି। ଏହି ୧ ପଏଣ୍ଟ ବଳରେ ଅଷ୍ଟ୍ରେଲିଆ ଗ୍ରୁପ୍-ଡି'ରେ ସମସ୍ତ ୩ଟି ମ୍ୟାଚ୍ ଖେଳି ୪ ପଏଣ୍ଟ ସହ ଦ୍ୱିତୀୟ ସ୍ଥାନ ଅର୍ଜନ କରିଛି। ଏଥିସହ ଆମେରିକା (୬ ପଏଣ୍ଟ) ପରେ ଏହି ଗ୍ରୁପ୍‌ରୁ ଦ୍ୱିତୀୟ ଦଳ ଭାବେ ଅଷ୍ଟ୍ରେଲିଆ ନକ୍ଆଉଟରେ ସ୍ଥାନ ପକ୍କା କରିଛି। ଫଳରେ ଫିଫା ବିଶ୍ୱକପ୍ ଇତିହାସରେ ଅଷ୍ଟ୍ରେଲିଆ ମୋଟ୍ ଉପରେ ତୃତୀୟଥର ଲାଗି ନକ୍ଆଉଟ୍‌କୁ ଯୋଗ୍ୟତା ଅର୍ଜନ କରିଛି। ଏଥିପୂର୍ବରୁ ୨୦୦୬ ଓ ୨୦୨୨ରେ କଙ୍ଗାରୁ ଦଳ ନକ୍ଆଉଟ୍ ଖେଳିଥିଲା। ରାଉଣ୍ଡ-୩୨ରେ ଅଷ୍ଟ୍ରେଲିଆର ମୁକାବିଲାର ଗ୍ରୁପ୍-ଜି'ର ଦ୍ୱିତୀୟ ସ୍ଥାନରେ ରହିଥିବା ସହ ହେବ। ଏହି ମ୍ୟାଚ୍ ଜୁଲାଇ ୩ ତାରିଖରେ ଆର୍ଲିଂଟନରେ ଅନୁଷ୍ଠିତ ହେବ।

ଅପରପକ୍ଷରେ ପାରାଗୁଏ ୩ଟି ମ୍ୟାଚରୁ ସମାନ ୪ ପଏଣ୍ଟ ପାଇଥିଲେ ମଧ୍ୟ ଗୋଲ୍ ବ୍ୟବଧାନ ଦୃଷ୍ଟିରୁ ତୃତୀୟ ସ୍ଥାନରେ ରହିଛି। ତୃତୀୟ ସ୍ଥାନିତ ଶ୍ରେଷ୍ଠ-୮ଟି ଦଳ ଭାବେ ପାରାଗୁଏ ଏବେ ନକ୍ଆଉଟ୍ ଖେଳିବା ଆଶା ବଜାୟ ରଖିଛି।

## ବିଶ୍ୱକପ୍ ପଏଣ୍ଟ ଟେବଲ

| ଟିମ୍ | ମ୍ୟା | ବି | ଡ୍ର | ପ | ଗୋଫ | ପ |
|---|---|---|---|---|---|---|
| ଗ୍ରୁପ୍-ଡି' | | | | | | |
| ଆମେରିକା | ୩ | ୨ | ୦ | ୧ | ୪ | ୬ |
| ଅଷ୍ଟ୍ରେଲିଆ | ୩ | ୧ | ୧ | ୧ | ୦ | ୪ |
| ପାରାଗୁଏ | ୩ | ୧ | ୧ | ୧ | -୨ | ୪ |
| ତୁର୍କୀ | ୩ | ୧ | ୦ | ୨ | ୫ | ୩ |
| ଗ୍ରୁପ୍-ଇ' | | | | | | |
| ଜର୍ମାନୀ | ୩ | ୨ | ୦ | ୧ | ୬ | ୬ |
| ଆଇଭରିକୋଷ୍ଟ | ୩ | ୨ | ୦ | ୧ | ୨ | ୬ |
| ଇକ୍ୱେଡର | ୩ | ୧ | ୧ | ୧ | ୦ | ୪ |
| କୁରାସାଓ | ୩ | ୦ | ୧ | ୨ | -୮ | ୧ |
| ଗ୍ରୁପ୍-ଏଫ' | | | | | | |
| ନେଦରଲ୍ୟାଣ୍ଡସ | ୩ | ୨ | ୧ | ୦ | ୬ | ୭ |
| ଜାପାନ | ୩ | ୧ | ୨ | ୦ | ୪ | ୫ |
| ସ୍ୱିଡେନ | ୩ | ୧ | ୧ | ୧ | ୦ | ୪ |
| ଟ୍ୟୁନିସିଆ | ୩ | ୦ | ୦ | ୩ | -୧୦ | ୦ |

ବିଦ୍ର: ମ୍ୟା-ମ୍ୟାଚ୍, ବି-ବିଜୟ, ପ-ପରାଜୟ, ଗୋଫ- ଗୋଲ ଫରକ, ପ- ପଏଣ୍ଟ।



## ଷ୍ଟପେଜ ଟାଇମରେ ଜିତିଗଲା ତୁର୍କୀ

ଲସ୍ ଆଞ୍ଜେଲ୍ସ, ୨୬।୬ (ଏଜେନ୍ସି): ଏକ କଡ଼ା ସଂଘର୍ଷପୂର୍ଣ୍ଣ ଓ ରୋମାଞ୍ଚକ ମୁକାବିଲାରେ ତୁର୍କୀ ୩-୨ ଗୋଲରେ ଆମେରିକାକୁ ହରାଇ ଚଳିତ ଫିଫା ବିଶ୍ୱକପ୍ ଅଭିଯାନ ଶେଷ କରିଛି। ସ୍ଥାନୀୟ ଲସ୍ ଆଞ୍ଜେଲ୍ସ ଷ୍ଟାଡିୟମରେ ଅନୁଷ୍ଠିତ ଗ୍ରୁପ୍-ଡି'ର ଏହି ମ୍ୟାଚର ନିର୍ଦ୍ଧାରିତ ୯୦ ମିନିଟ୍ ସୁଦ୍ଧା ଉଭୟ ଆମେରିକା ଓ ତୁର୍କୀ ୨ଟି ଲେଖାଏ ଗୋଲ୍ ଦେଇଥିଲେ। ମ୍ୟାଚ୍ ଡ୍ର ହେବ ବୋଲି ଆଶା କରାଯାଉଥିଲା। ତେବେ ଇଞ୍ଜୁରୀ ତଥା ଷ୍ଟପେଜ ଟାଇମ୍‌ର ଶେଷ ମିନିଟ୍ (୯୦+୮)ରେ ତୁର୍କୀର କାନ୍ ଆୟହାନ ଗୋଲ୍ ଦେଇ ମ୍ୟାଚର ଫଳାଫଳ ବଦଳାଇ ଦେଇଥିଲେ। କାନ୍‌ଙ୍କ ଏହି ଅନ୍ତିମ ମିନିଟ ଗୋଲ୍ ସହାୟତାରେ ତୁର୍କୀ ୩-୨ ଗୋଲ୍‌ରେ ଆୟୋଜକ ଆମେରିକାକୁ ମାତ୍ ଦେଇଛି। ଫଳରେ ବିଶ୍ୱକପ୍‌ରୁ ବିଦା ହୋଇସାରିଥିବା ତୁର୍କୀ ଅନ୍ତିମ ତଥା ୩ୟ ଗ୍ରୁପ୍ ମ୍ୟାଚରେ ପ୍ରଥମ ବିଜୟ ସ୍ୱାଦ ଚାଖିଛି। ଅର୍ଥାତ୍ ବିଜୟ ସହ ତୁର୍କୀ ବିଶ୍ୱକପ୍ ଅଭିଯାନ ଶେଷ କରିଛି। ଅପରପକ୍ଷରେ ନକ୍ଆଉଟରେ ସ୍ଥାନ ପକ୍କା କରିସାରିଥିବା ଆମେରିକା ବିଶ୍ୱକପ୍‌ରେ ପ୍ରଥମ ପରାଜୟବରଣ କରିଛି। ହ୍ୟାଟ୍ରିକ ବିଜୟ ଆଶାରେ ଥିବା ଆମେରିକାକୁ ରାଉଣ୍ଡ-୩୨ ମ୍ୟାଚ ପୂର୍ବରୁ ଏହି ପରାଜୟ ଏକ ବଡ଼ ଝଟକା ବୋଲି କୁହାଯାଉଛି। ଆସନ୍ତା ବୁଧବାର ରାଉଣ୍ଡ-୩୨ରେ ବୋସନିଆକୁ ଭେଟିବ ଆମେରିକା।


## ପ୍ରଥମଥର ନକ୍ଆଉଟରେ ଆଇଭରୀ କୋଷ୍ଟ



ଫିଲାଡେଲଫିଆ, ୨୬।୬ (ଏଜେନ୍ସି): ପଶ୍ଚିମ ଆଫ୍ରିକୀୟ ରାଷ୍ଟ୍ର ଆଇଭରୀ କୋଷ୍ଟ ଫିଫା ବିଶ୍ୱକପ୍ ଇତିହାସରେ ପ୍ରଥମଥର ଲାଗି ନକ୍ଆଉଟ୍‌ରେ ସ୍ଥାନ ପକ୍କା କରିଛି। ଗତକାଲି ବିଳମ୍ବିତ ରାତିରେ ଅନୁଷ୍ଠିତ ଗ୍ରୁପ୍-ଇ'ର ଏକ ମ୍ୟାଚରେ ଆଇଭରୀ କୋଷ୍ଟ ୨-୦ ଗୋଲ୍‌ରେ କୁରାସାଓକୁ ହରାଇଦେଇଛି। ବିଜୟୀ ଦଳ ପକ୍ଷରୁ ନିକୋଲାସ ପେପେ ୭ମ ଓ ୬୪ତମ ମିନିଟରେ ଦୁଇଟିଯାକ ଗୋଲ୍ ଦେଇଥିଲେ। ଫଳରେ ତୃତୀୟ ମ୍ୟାଚରୁ ଦ୍ୱିତୀୟ ବିଜୟ ସହ ଆଇଭରୀ କୋଷ୍ଟ ୬ ପଏଣ୍ଟ ପାଇ ଜର୍ମାନୀ ପଛକୁ ଗ୍ରୁପ୍‌ରୁ ଦ୍ୱିତୀୟ ଦଳ ଭାବେ ନକ୍ଆଉଟ୍‌କୁ ଯୋଗ୍ୟତା ଅର୍ଜନ କରିଛି। ପୂର୍ବରୁ ଆଇଭରୀ କୋଷ୍ଟ ୨୦୦୬, ୨୦୧୦ ଓ ୨୦୧୪ ବିଶ୍ୱକପ୍ ଖେଳିଥିଲେ ମଧ୍ୟ ଗ୍ରୁପ୍ ପର୍ଯ୍ୟାୟରୁ ବିଦାୟ ନେଇଥିଲା। ଅପରପକ୍ଷରେ ଦେଢ଼ଲକ୍ଷ ଜନସଂଖ୍ୟା ବିଶିଷ୍ଟ କୁରାସାଓ ୨ ପରାୟ ଓ ଗୋଟିଏ ଡ୍ର ସହ ଏକ ପଏଣ୍ଟ ପାଇ ଗ୍ରୁପ୍‌ର ନିମ୍ନ ସ୍ଥାନରେ ରହି ବିଶ୍ୱକପ ଅଭିଯାନ ଶେଷ କରିଛି।

## ଦର୍ଶକରେ ନୂଆ ରେକର୍ଡ

ନ୍ୟୁୟର୍କ, ୨୬।୬ (ଏଜେନ୍ସି): ଦର୍ଶକ ଉପସ୍ଥିତିରେ ଫିଫା ବିଶ୍ୱକପ୍-୨୦୨୬ ସର୍ବକାଳୀନ ରେକର୍ଡ କରିଛି। ଗୁରୁବାର ଶେଷ ସୁଦ୍ଧା ଚଳିତ ବିଶ୍ୱକପ୍‌କୁ ୩୬ ଲକ୍ଷ ୫,୩୫୭ଜଣ ଦର୍ଶକ ଷ୍ଟାଡିୟମରେ ବସି ମ୍ୟାଚ୍ ଉପଭୋଗ କରିଛନ୍ତି। ନ୍ୟୁ ଜର୍ସିରେ ଇକ୍ୱେଡର ଓ ଜର୍ମାନୀ ମଧ୍ୟରେ ଅନୁଷ୍ଠିତ ମ୍ୟାଚ୍‌ର ଦ୍ୱିତୀୟାର୍ଦ୍ଧ ସମୟରେ ଏହି ଘୋଷଣା କରାଯାଇଥିଲା। ଚଳିତ ସଂସ୍କରଣରେ ଆହୁରି ୪୮ ମ୍ୟାଚ୍ ବାକି ଥିବାରୁ ଏହି ସଂଖ୍ୟା ଆହୁରି ବୃଦ୍ଧି ପାଇବା ଏକପ୍ରକାର ନିଶ୍ଚିତ ହୋଇଛି। ଆମେରିକାରେ ଅନୁଷ୍ଠିତ ୧୯୯୪ ସଂସ୍କରଣରେ ମୋଟ୍ ୫୨ଟି ମ୍ୟାଚ୍ ଖେଳାଯାଇଥିବାବେଳେ ପାଖାପାଖି ୩.୬ ନିୟୁତ (୩୬ ଲକ୍ଷ) ଦର୍ଶକ ଷ୍ଟାଡିୟମରେ ଉପଭୋଗ କରିଥିଲେ। ତେଣୁ ଏଥର ଏହି ସଂଖ୍ୟା ଦ୍ୱି-ଗୁଣିତ ହେବ ବୋଲି ଆଶା କରାଯାଉଛି। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ପ୍ରଶାସନ ଦ୍ୱାରା କିଛି ରାଷ୍ଟ୍ର ଉପରେ ଯାତ୍ରା ପ୍ରତିବନ୍ଧକ ସହିତ ଉଚ୍ଚ ଟିକେଟ୍ ଦର ଯୋଗୁ ଅନେକ ଲୋକ ଟୁର୍ଣ୍ଣାମେଣ୍ଟରେ ସାମିଲ ହେବାକୁ ଇଚ୍ଛା କରିଥିଲେ। କିନ୍ତୁ ଯୋଗ ଦେଇପାରି ନଥିଲେ।



| ଫିଫା ବିଶ୍ୱକପ୍ ମୁକାବିଲା |
|---|
| ଜୁନ୍-୨୭, ଶନିବାର ରାତି |
| ଇଂଲଣ୍ଡ-ପାନାମା |
| ନ୍ୟୁ ଜର୍ସି, ରାତି ୨.୩୦ |
| କ୍ରୋଏସିଆ-ଘାନା |
| ଫିଲାଡେଲଫିଆ, ରାତି ୨.୩୦ |
| ଜୁନ୍-୨୮, ରବିବାର |
| ପର୍ତ୍ତୁଗାଲ-କଲମ୍ବିଆ |
| ମିଆମି, ସକାଳ ୫ଟା |
| ଉଜ୍‌ବେକିସ୍ତାନ-କଙ୍ଗୋ |
| ଆଟଲାଣ୍ଟା, ସକାଳ ୫ଟା |
| ଆଲଜେରିଆ-ଅଷ୍ଟ୍ରିଆ |
| କାନସାସ ସିଟି, ସକାଳ ୭.୩୦ |
| ଆର୍ଜେଣ୍ଟିନା-ଜୋର୍ଡାନ |
| ଆର୍ଲିଙ୍ଗଟନ, ସକାଳ ୭.୩୦ |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

## ବଡ଼ ବିପର୍ଯ୍ୟୟ: ଜର୍ମାନୀକୁ ହରାଇଲା ଇକ୍ୱେଡର

ନ୍ୟୁୟର୍କ, ୨୬।୬ (ଏଜେନ୍ସି)

ନକ୍ଆଉଟ୍ ପର୍ଯ୍ୟାୟ ପୂର୍ବରୁ ଫିଫା ବିଶ୍ୱକପ୍‌ରେ ଏକ ବଡ଼ ବିପର୍ଯ୍ୟୟ ଦେଖିବାକୁ ମିଳିଛି। ଗତକାଲି ରାତିରେ ସ୍ଥାନୀୟ ନ୍ୟୁୟର୍କ ଜର୍ସି ଷ୍ଟାଡିୟମରେ ଅନୁଷ୍ଠିତ ଗ୍ରୁପ୍-ଇ'ର ଏକ ମ୍ୟାଚରେ ବିଶ୍ୱ ମାନ୍ୟତାର ୨୩ତମ ଦଳ ଇକ୍ୱେଡର ୨-୧ ଗୋଲରେ ଚାରିଥରର ବିଜେତା ଜର୍ମାନୀକୁ ପରାସ୍ତ କରିଛି। ବିଶ୍ୱ ମାନ୍ୟତାର ୧୦ମ ସ୍ଥାନରେ ଥିବା ଜର୍ମାନୀ ମ୍ୟାଚର ଦ୍ୱିତୀୟ ମିନିଟରେ ଲେରୟ ସାନେଙ୍କ ଗୋଲ୍ ବଳରେ ଖାତା ଖୋଲିଥିଲା। ନିଜର ୧୫ତମ ଅନ୍ତର୍ଜାତୀୟ ମ୍ୟାଚ ଖେଳୁଥିବା ଲେରୟଙ୍କ ଏହା ପ୍ରଥମ ଗୋଲ୍ ଥିଲା। ତେବେ ନବମ ମିନିଟରେ ମାନୁଏଲ୍ ନେଉରଙ୍କଠାରୁ ପାସ୍ ପାଇ ନିଲସନ ଆଙ୍ଗୁଲୋ ଇକ୍ୱେଡର ପାଇଁ ଏହି ଗୋଲ୍‌ଟି ଶୁଝି ଦେଇଥିଲେ। ଫଳରେ ମ୍ୟାଚ୍ ୧-୧'ର ବରାବର୍‌ସ୍ତରକୁ ଚାଲିଆସିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୭୭ତମ ମିନିଟରେ ଗୋଞ୍ଜାଲୋ ପ୍ଲାଟା ଆଫ୍ରିକୀୟ ରାଷ୍ଟ୍ର ଇକ୍ୱେଡର ପାଇଁ ବିଜୟସୂଚକ ଦ୍ୱିତୀୟ ଗୋଲଟି ଦେଇଥିଲେ। ଫଳରେ ବଳକା ୧୩ ମିନିଟରେ ମ୍ୟାଚକୁ ଫେରିବା ଲାଗି ଜର୍ମାନୀ ଆପ୍ରାଣ ଉଦ୍ୟମ କରିଥିଲେ ମଧ୍ୟ ବିଫଳ ହୋଇଥିଲା। ପୂର୍ବରୁ ନକ୍ଆଉଟ୍‌ରେ ପହଞ୍ଚି ସାରିଥିବା ଜର୍ମାନୀ ତୃତୀୟ ମ୍ୟାଚରୁ ପ୍ରଥମ ପରାଜୟ ଓ ୨ଟି ବିଜୟ ସହ ୬ ପଏଣ୍ଟ ପାଇ ଗ୍ରୁପ୍ ଶୀର୍ଷରେ ରହିଛି। ସେହିଭଳି ଇକ୍ୱେଡର ଗୁରୁତ୍ୱପୂର୍ଣ୍ଣ ବିଜୟ ପଏଣ୍ଟ ସହ ୪ ପଏଣ୍ଟ ପାଇ ଗ୍ରୁପ୍-ଇ'ରେ ତୃତୀୟ ସ୍ଥାନରେ ରହି ରାଉଣ୍ଡ-୩୨ରେ ସ୍ଥାନ ପକ୍କା କରିଛି। ଶ୍ରେଷ୍ଠ-୮ଟି ତୃତୀୟ ସ୍ଥାନିତ ଦଳ ଭାବେ ଇକ୍ୱେଡର ନକ୍ଆଉଟରେ ପହଞ୍ଚିଛି। ଏହି ଗ୍ରୁପ୍‌ରୁ ଦ୍ୱିତୀୟ ଦଳ ଭାବେ ଆଇଭରୀ କୋଷ୍ଟ ୬ ପଏଣ୍ଟ ପାଇ ପରବର୍ତ୍ତୀ ରାଉଣ୍ଡକୁ ଉନ୍ନୀତ ହୋଇଛି।

## ନାଗାତୋମାଙ୍କ ୫ମ ବିଶ୍ୱକପ୍

ଆର୍ଲିଂଟନ, ୨୬।୬ (ଏଜେନ୍ସି): ଜାପାନର ୟୁତୋ ନାଗାତୋମୋ ଫିଫା ବିଶ୍ୱକପରେ ଇତିହାସ ରଚିଛନ୍ତି। ପ୍ରଥମ ଏସୀୟ ଖେଳାଳି ଭାବେ ୩୯ ବର୍ଷୀୟ ନାଗାତୋମା ୫ଟି ବିଶ୍ୱକପ୍ ଖେଳିବାର ବିରଳ କୃତିତ୍ୱ ହାସଲ କରିଛନ୍ତି। ଗତକାଲି ସ୍ୱିଡେନ ବିପକ୍ଷ ମ୍ୟାଚ୍ ଖେଳିବାକୁ ନାଗାତୋମାଙ୍କୁ ସୁଯୋଗ ମିଳିଥିଲା। ନାଗାତୋମାଙ୍କ ଏହା ପଞ୍ଚମ ଫିଫା ବିଶ୍ୱକପ ଅଂଶଗ୍ରହଣ ଥିଲା। ଏଥିପୂର୍ବରୁ ସେ ୨୦୧୦, ୨୦୧୪, ୨୦୧୮, ୨୦୨୨ ବିଶ୍ୱକପ୍ ଖେଳିସାରିଛନ୍ତି। ପାଞ୍ଚ କିମ୍ବା ଏହାଠାରୁ ଅଧିକ ବିଶ୍ୱକପ୍ ଖେଳିବାରେ ସେ ବିଶ୍ୱର ୧୦ମ ଖେଳାଳି ହୋଇଛନ୍ତି। ଲିଓନେଲ୍ ମେସି ଓ କ୍ରିଷ୍ଟିଆନୋ ରୋନାଲ୍ଡୋ ଛଅଟି ଲେଖାଏ ଏବଂ ଲୁକା ମୋଡ୍ରିକ୍, ଲୁଇସ୍ ସୁଆରେଜ୍, ମାନୁଏଲ୍ ନୁଏର୍, ଲୋଥାର୍ ମାଥୌସ୍, ଆଣ୍ଡ୍ରେସ୍ ଗାର୍ଡାଡୋ, ରାଫେଲ୍ ମାର୍କେଜ୍, ଆଣ୍ଟୋନିଓ କାର୍ବାଜାଲ୍ ପ୍ରତ୍ୟେକ ୫ ବିଶ୍ୱକପ୍‌ରେ ଅଂଶଗ୍ରହଣ କରିଛନ୍ତି।

## ଜାପାନ, ସ୍ୱିଡେନ ଆଗେଇଲେ

ଆର୍ଲିଂଟନ, ୨୬।୬ (ଏଜେନ୍ସି): ଜାପାନ ଓ ସ୍ୱିଡେନ ମଧ୍ୟରେ ସ୍ଥାନୀୟ ଡଲାସ ଷ୍ଟାଡିୟମରେ ଅନୁଷ୍ଠିତ ଗ୍ରୁପ୍-ଏଫ୍'ର ଏକ କଡ଼ା ସଂଘର୍ଷପୂର୍ଣ୍ଣ ମ୍ୟାଚ ୧-୧ ଗୋଲରେ ଡ୍ର ରହିଛି। ମ୍ୟାଚର ପ୍ରଥମାର୍ଦ୍ଧ ଗୋଲ୍‌ଶୂନ୍ୟ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୫୬ତମ ମିନିଟରେ ଡାଇଜେନ ମାଇଦାଙ୍କ ଗୋଲ୍ ବଳରେ ଜାପାନ ୧-୦ରେ ଅଗ୍ରଣୀ ଲାଭ କରିଥିଲା। କିନ୍ତୁ ଜାପାନର ଏହି ଖୁସି ମାତ୍ର ୬ ମିନିଟ୍ ପାଇଁ ରହିଥିଲା। ୬୨ତମ ମିନିଟରେ ସ୍ୱିଡେନ ଏହି ଗୋଲ୍‌ଟି ଶୁଝି ଦେଇ ୧-୧'ର ସମାନସ୍ତରକୁ ଆଣିଥିଲା। ଆଣ୍ଟୋନୀ ଏଲାଙ୍ଗା ସ୍ୱିଡେନ ପାଇଁ ଏହି ଗୋଲ୍‌ଟି ଦେଇଥିଲେ। ମ୍ୟାଚ୍ ଅମୀମାଂସିତ ରହିବା ସହ ଉଭୟ ଦଳ ଏକ ପଏଣ୍ଟ ଲେଖାଏ ପାଇ ନକ୍ଆଉଟ୍‌ରେ ପ୍ରବେଶ କରିଛନ୍ତି। ଜାପାନ ୩ଟି ଯାକ ଗ୍ରୁପ୍ ମ୍ୟାଚ୍ ଖେଳି ୨ ଡ୍ର ଓ ଗୋଟିଏ ବିଜୟ ସହ ୫ ପଏଣ୍ଟ ପାଇ ନେଦରଲ୍ୟାଣ୍ଡସ (୭) ପଛକୁ ଦ୍ୱିତୀୟ ସ୍ଥାନ ହାସଲ କରି ରାଉଣ୍ଡ-୩୨ରେ ପହଞ୍ଚିଛି। ତେବେ ସ୍ୱିଡେନ ୩ଟି ମ୍ୟାଚରୁ ୪ ପଏଣ୍ଟ ପାଇ ତୃତୀୟ ସ୍ଥାନ ହାସଲ କରିଛି। କିନ୍ତୁ ତୃତୀୟ ସ୍ଥାନିତ ଶ୍ରେଷ୍ଠ-୮ଟି ଦଳ ମଧ୍ୟରେ ରହି ସ୍ୱିଡେନ ନକ୍ଆଉଟ୍ ଟିକଟ୍ ହାସଲ କରିଛି।

## ନେଦରଲ୍ୟାଣ୍ଡସ ଗ୍ରୁପ୍ ବିଜେତା

କାନସାସ୍ ସିଟି, ୨୬।୬ (ଏଜେନ୍ସି): ଟାଇଟଲ୍ ଦାବିଦାର ନେଦରଲ୍ୟାଣ୍ଡସ ଏହାର ଶେଷ ଗ୍ରୁପ୍ ମ୍ୟାଚରେ ୩-୧ ଗୋଲରେ ଟ୍ୟୁନିସିଆକୁ ହରାଇଦେଇଛି। କାନସାସ୍ ସିଟି ଷ୍ଟାଡିୟମରେ ଶୁକ୍ରବାର ଭୋର ସମୟରେ ଅନୁଷ୍ଠିତ ଏହି ଏକପାଖିଆ ମ୍ୟାଚର ତୃତୀୟ ମିନିଟରେ ଟ୍ୟୁନିସିଆର ଏଲିସ ଶିରି ଏକ ଆତ୍ମଘାତୀ ଗୋଲ୍ ଦେଇଥିଲେ। ଫଳରେ ନେଦରଲ୍ୟାଣ୍ଡସ ଖାତା ଖୋଲିଥିଲା। ଏହାର ୪ ମିନିଟ୍ ପରେ ବ୍ରାଏନ ବୋବିଙ୍କ ଗୋଲ୍ ବଳରେ ନେଦରଲ୍ୟାଣ୍ଡର ଅଗ୍ରଣୀ ୨-୦କୁ ବୃଦ୍ଧି ପାଇଥିଲା। ପ୍ରଥମାର୍ଦ୍ଧ ସୁଦ୍ଧା ଏହି ଅଗ୍ରଣୀକୁ ବଜାୟ ରଖିଥିବା ନେଦରଲ୍ୟାଣ୍ଡସ ଦଳ ୬୨ତମ ମିନିଟରେ ତୃତୀୟ ଗୋଲ୍‌ସ୍କୋର କରିଥିଲା। ଜନ୍ ପଲ୍ ଭାନ ହେକେ ଦଳ ପାଇଁ ଏହି ଗୋଲ୍‌ଟି ଦେଇଥିଲେ। ଟ୍ୟୁନିସିଆ ପକ୍ଷରୁ ହାଜିମ୍ ମାସ୍ତୌରୀ ୫୪ତମ ମିନିଟରେ ଏକମାତ୍ର ଗୋଲଟି ଶୁଝିଥିଲେ। ନେଦରଲ୍ୟାଣ୍ଡସ ୩ଟି ମ୍ୟାଚରୁ ଗୋଟିଏ ଡ୍ର ଓ ୨ଟି ବିଜୟ ସହ ୭ ପଏଣ୍ଟ ପାଇ ଗ୍ରୁପ୍-ଏଫ୍ ଶୀର୍ଷରେ ରହି ରାଉଣ୍ଡ-୩୨ରେ ପହଞ୍ଚିଛି। ଅପରପକ୍ଷରେ ହ୍ୟାଟ୍ରିକ ପରାଜୟ ସହ ଟ୍ୟୁନିସିଆ ବିଶ୍ୱକପ୍ ଅଭିଯାନ ଶେଷ କରିଛି।



## ଆନ୍ତଃ-ରାଜ୍ୟ ଆଥ୍‌ଲେଟିକ୍ସ: ଓଡ଼ିଶାକୁ ସ୍ୱର୍ଣ୍ଣ

ଭୁବନେଶ୍ୱର, ୨୬।୬ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ୬୫ତମ ଆନ୍ତଃ-ରାଜ୍ୟ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍‌ର ତୃତୀୟ ଦିବସ ଖେଳ ଶୁକ୍ରବାର ଅନୁଷ୍ଠିତ ହୋଇଯାଇଛି। ତୃତୀୟ ଦିବସରେ ଓଡ଼ିଶାର ୪ ଗୁଣା ୧୦୦ ମିଟର ପୁରୁଷ ରିଲେ ଦଳ ସ୍ୱର୍ଣ୍ଣିମ ସଫଳତା ପାଇଛି। ଫାଇନାଲରେ ଓଡ଼ିଶା ଦଳ ୩୯.୯୨ ସେକେଣ୍ଡରେ ରେସ୍ ଫିନିଶ କରି ପୋଡିୟମର ପ୍ରଥମ ସ୍ଥାନ ହାସଲ କରିଥିଲା। ଅଭିଜ୍ଞ ଅମୀୟ ମଲ୍ଲିକ, ସରୁନ ପାୟାସିଂ, ଲାଲୁ ପ୍ରସାଦ ଭୋଇ ଓ ଦଣ୍ଡପତି ଜୟରାମ ସ୍ୱର୍ଣ୍ଣ ବିଜୟୀ ଓଡ଼ିଶା ଦଳର ସଦସ୍ୟ ରହିଥିଲେ। ତାମିଲନାଡୁ (୪୦.୦୨ ସେକେଣ୍ଡ) ଓ ମହାରାଷ୍ଟ୍ର (୪୦.୩୭ ସେକେଣ୍ଡ) ରିଲେ ଦଳ ଯଥାକ୍ରମେ ରୌପ୍ୟ ଓ କାଂସ୍ୟ ପଦକ ହାସଲ କରିଥିଲା। ଅପରପକ୍ଷରେ ପୁରୁଷ ଟ୍ରିପଲ ଜମ୍ପରେ ପ୍ରବୀଣ ଚିତ୍ରଭେଲ ୧୬.୯୨ ଲମ୍ଫ ପ୍ରଦାନ କରି ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ସେହିଭଳି ମହିଳା ଡିସକସ୍ ଥ୍ରୋ'ରେ ହରିୟାଣାର ସୀମା ୫୯.୭୩ ମିଟର ସହ ପୋଡିୟମର ପ୍ରଥମ ସ୍ଥାନରେ ରହି ସ୍ୱର୍ଣ୍ଣ ଜିତିବା ସହ ଏସୀୟ କ୍ରୀଡ଼ାକୁ ଯୋଗ୍ୟତା ଅର୍ଜନ କରିଛନ୍ତି।

ପ୍ରଥମ ଟି-୨୦

## ପ୍ରଥମଥର ଭାରତକୁ ହରାଇଲା ଆୟର୍ଲାଣ୍ଡ

ବେଲ୍‌ଫାଷ୍ଟ, ୨୬।୬ (ଏଜେନ୍ସି): ଟି-୨୦ କ୍ରିକେଟ୍ ଇତିହାସରେ ଆୟର୍ଲାଣ୍ଡ ପ୍ରଥମଥର ଭାରତକୁ ହରାଇବାରେ ସମର୍ଥ ହୋଇଛି। ଶୁକ୍ରବାରଠାରୁ ଆରମ୍ଭ ହୋଇଥିବା ଟି-୨୦ ସିରିଜର ପ୍ରଥମ ମ୍ୟାଚ୍‌ରେ ଘରୋଇ ଆୟର୍ଲାଣ୍ଡ ୩୪ ରନରେ ଡିଫେଣ୍ଡିଂ ବିଶ୍ୱ ଚାମ୍ପିଅନ ଭାରତକୁ ପରାସ୍ତ କରିଛି। ୧୮୩ ରନକୁ ପିଛା କରିଥିବା ଭାରତ ୧୪୮ ରନରେ ଅଲ୍‌ଆଉଟ୍ ହୋଇଛି। ସିରିଜର ଅନ୍ତିମ ତଥା ଦ୍ୱିତୀୟ ଟି-୨୦ ରବିବାର ଖେଳାଯିବ। ଭାରତ ଓ ଆୟର୍ଲାଣ୍ଡ ମଧ୍ୟରେ ସର୍ବପ୍ରଥମ ଟି-୨୦ ମୁକାବିଲା ୨୦୦୯ରେ ଖେଳାଯାଇଥିଲା। ଇତିମଧ୍ୟରେ ୧୭ ବର୍ଷ ମଧ୍ୟରେ ୯ଟି ମୁକାବିଲା ଖେଳାଯାଇଛି। ଯେଉଁଥିରେ ଭାରତ ୮ ଓ ଆୟର୍ଲାଣ୍ଡ ଗୋଟିଏ ମ୍ୟାଚ୍ ଜିତିଛି। ୧୮୩ ରନର ଲକ୍ଷ୍ୟକୁ ପିଛା କରିଥିବା ଭ୍ରମଣକାରୀ ଭାରତ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। କେବଳ ଓପନର ଅଭିଷେକ ଶର୍ମାଙ୍କୁ ଛାଡ଼ିଦେଲେ ଅନ୍ୟ କେହି ଆଖିଦୃଶିଆ ସ୍କୋର କରିପାରି ନ ଥିଲେ। ଫଳରେ ଭାରତ ୭ଟି ବଲ୍ ବଳକା ଥାଇ ୧୪୮ ରନରେ ସୀମିତ ରହିଥିଲା। ଅଭିଷେକ ୭ଟି ଚୌକା ଓ ୨ଟି ଛକା ବଳରେ ୨୦ ବଲରୁ ୫୦ ରନ କରି ଆଉଟ ହୋଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସଞ୍ଜୁ ସାମସନ ୫, ଇଶାନ କିଶାନ ୧, ଅଧିନାୟକ ଶ୍ରେୟସ ଆୟର ୩, ତିଲକ ବର୍ମା ୧୯, ଶିବମ ଦୁବେ ୨୫, ଅକ୍ଷର ପଟେଲ ୧୫, ୱାଶିଂଟନ ସୁନ୍ଦର ୯ ରନ କରିଥିଲେ। ସଫଳ ବୋଲର ଭାବେ ଆୟର୍ଲାଣ୍ଡ ପକ୍ଷରୁ ମାଥ୍ୟୁ ହୋଲାର୍ଡ ଓ ମାଥ୍ୟୁ ହମ୍ପରେସ ୩ଟି ଲେଖାଏ ୱିକେଟ୍ ନେଇଥିଲେ। ପୂର୍ବରୁ ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଆୟର୍ଲାଣ୍ଡ ୭.୧ ଓଭର ମଧ୍ୟରେ ୫୧ ରନରେ ୪ଟି ୱିକେଟ୍ ହରାଇ ବିପର୍ଯ୍ୟୟରେ ପଡ଼ିଥିଲା। କିନ୍ତୁ ଅଧିନାୟକ ଲୋରକାନ ଟକର (୩୬ ବଲରେ ୫୦ ରନ) ଓ ଗେରେଥ ଡେଲାନୀ (୩୨ ବଲରେ ୪୯ ରନ)ଙ୍କ ଦ୍ରୁତ ବ୍ୟାଟିଂ ବଳରେ ଦଳ ୯ ୱିକେଟରେ ୧୮୨ ରନର ସମ୍ମାନଜନକ ସ୍କୋର ଠିଆ କରିପାରିଥିଲା। ଭାରତ ପକ୍ଷରୁ ହର୍ଷିତ ରାଣା ୩ଟି ଏବଂ ଅର୍ଶଦୀପ୍ ସିଂହ ଓ ଅକ୍ଷର ପଟେଲ ୨ଟି ଲେଖାଏ ୱିକେଟ୍ ନେଇଥିଲେ। ଯୁବ ଓପନର୍ ବୈଭବ ସୂର୍ଯ୍ୟବଂଶୀଙ୍କୁ ଅନ୍ତର୍ଜାତୀୟ ପଦାର୍ପଣର ସୁଯୋଗ ନ ମିଳିବା କ୍ରିକେଟ୍‌ପ୍ରେମୀଙ୍କ ନିରାଶ କରିଛି।



ଓଡ଼ିଶା ରାଜ୍ୟ ତାଏକ୍ୱୋଣ୍ଡୋ ଚାମ୍ପିଅନସିପ୍

## ଭୁବନେଶ୍ୱର କ୍ରୀଡ଼ାବିତ୍‌ଙ୍କୁ ୨୨ ପଦକ

ଭୁବନେଶ୍ୱର,୨୬।୬(ସମିସ)

ଓଡ଼ିଶା ତାଏକ୍ୱୋଣ୍ଡୋ ସଂଘ (ଓଟିଏ) ଓ କଟକ ଜିଲ୍ଲା ତାଏକ୍ୱୋଣ୍ଡୋ ଆସୋସିଏସନର ମିଳିତ ଆନୁକୂଲ୍ୟରେ ସ୍ଥାନୀୟ ଜବାହରଲାଲ ନେହରୁ ଇଣ୍ଡୋର ଷ୍ଟାଡିଅମରେ ଓଡିଶା ରାଜ୍ୟ କ୍ୟୁରୋଜୀ ଓ ପୁମସେ ତାଏକ୍ୱୋଣ୍ଡୋ ଚାମ୍ପିଅନସିପ ଅନୁଷ୍ଠିତ ହୋଇଯାଇଛି। ଏହି ୩ ଦିନିଆ ପ୍ରତିଯୋଗିତାରେ ଭୁବନେଶ୍ୱରର କ୍ରୀଡ଼ାବିତମାନେ ମୋଟ୍ ୨୨ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୮ ସ୍ୱର୍ଣ୍ଣ, ୬ ରୌପ୍ୟ ଏବଂ ୮ କାଂସ୍ୟ ପଦକ ସାମିଲ ରହିଛି। ୧୪୨୦ ପଏଣ୍ଟ୍‌ସ ସହ ଭୁବନେଶ୍ୱର ପଞ୍ଚମ ସ୍ଥାନ ହାସଲ କରିଛି। କ୍ରୀଡ଼ାବିତଙ୍କ ଏହି ସଫଳତା ପରେ କୋଚ ତଥା ଭୁବନେଶ୍ୱର ଆମେଚର ତାଏକ୍ୱୋଣ୍ଡୋ ଆସୋସିଏସନର ସମ୍ପାଦକ ଏହେସାସ ହୋତା, ସଭାପତି ମନମୋହନ ଭଞ୍ଜ ଏବଂ କୋଷାଧ୍ୟକ୍ଷ ବିବେକାନନ୍ଦ ସାମଲ ପ୍ରମୁଖ ଶୁଭେଚ୍ଛା ଜଣାଇଛନ୍ତି।



## ବିସିସିଆଇ ଇମର୍ଜିଂ ଟୁର୍ଣ୍ଣାମେଣ୍ଟ ଖେଳିବେ ସମ୍ବିତ

ଭୁବନେଶ୍ୱର,୨୬।୬(ସମିସ)



ଓଡ଼ିଶା କ୍ରିକେଟ୍ ଜଗତ ପାଇଁ ଏକ ଖୁସି ଖବର। ରାଜ୍ୟର ଉଦୀୟମାନ ଖେଳାଳି ସମ୍ବିତ ବରାଳ ପୁଣିଥରେ ଜାତୀୟସ୍ତରରେ ନିଜ ପ୍ରତିଭାର ପ୍ରମାଣ ଦେଇଛନ୍ତି। ସେ ଭାରତୀୟ କ୍ରିକେଟ୍ କଣ୍ଟ୍ରୋଲ ବୋର୍ଡ (ବିସିସିଆଇ) ଦ୍ୱାରା ଆୟୋଜିତ ହେବାକୁ ଥିବା ଉଦୀୟମାନ ପୁରୁଷ କ୍ରିକେଟ୍ ପ୍ରତିଯୋଗିତା ପାଇଁ ଘୋଷିତ ହୋଇଥିବା 'ଏ' ଦଳରେ ସ୍ଥାନ ପାଇଛନ୍ତି। ସର୍ବଭାରତୀୟ ଜୁନିଅର ଏବଂ ସିନିଅର ଚୟନ କମିଟି ଦ୍ୱାରା ଏହି ଦଳ ଚୟନ କରାଯାଇଛି। ଆସନ୍ତା ଜୁଲାଇ ୬ ତାରିଖରୁ ୨୪ ତାରିଖ ପର୍ଯ୍ୟନ୍ତ ବେଙ୍ଗାଲୁରୁ ସ୍ଥିତ ବିସିସିଆଇର ଉତ୍କର୍ଷ କେନ୍ଦ୍ରରେ ଏହି ପ୍ରତିଯୋଗିତା ଆୟୋଜନ ହେବ। ଚଳିତ ବର୍ଷ ଏପ୍ରିଲ୍ ଓ ମେ ମାସରେ ବେଙ୍ଗାଲୁରୁଠାରେ ଅନୁଷ୍ଠିତ ହୋଇଥିବା ୨୫ ବର୍ଷରୁ କମ୍ ଉଦୀୟମାନ ହାଇ ପରଫର୍ମାନ୍ସ ଶିବିରରେ ସମ୍ବିତ ଚମତ୍କାର ପ୍ରଦର୍ଶନ କରିଥିଲେ। ସମ୍ବିତଙ୍କର ଏହି ସଫଳତା ପାଇଁ ଓଡ଼ିଶା କ୍ରିକେଟ୍ ଆସୋସିଏସନ୍ (ଓସିଏ) ସଭାପତି ପଙ୍କଜ ଲୋଚନ ମହାନ୍ତି, ସମ୍ପାଦକ ସଞ୍ଜୟ ବେହେରା ଏବଂ ସମସ୍ତ କର୍ମକର୍ତ୍ତା ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ସୁଟ୍ ଆଉଟ୍‌ରେ ହାରିଲା ଭାରତ

ଲଣ୍ଡନ, ୨୬।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ପୁରୁଷ ହକି ଦଳ ଏହାର ୟୁରୋପ ଲେଗ୍ ଖେଳ ଜାରି ରଖିଛି। ଶୁକ୍ରବାର ସକାଳେ ଅନୁଷ୍ଠିତ ଏକ କଡ଼ା ସଂଘର୍ଷପୂର୍ଣ୍ଣ ମ୍ୟାଚରେ ଭାରତ ସୁଟ୍‌ଆଉଟ୍‌ରେ ୧-୪ ଗୋଲ୍‌ରେ ଘରୋଇ ଇଂଲଣ୍ଡ ନିକଟରୁ ପରାସ୍ତ ହୋଇଛି। ନିର୍ଦ୍ଧାରିତ ସମୟସୀମା ସୁଦ୍ଧା ଉଭୟ ଭାରତ ଓ ଇଂଲଣ୍ଡ ଦଳ ୨ଟି ଲେଖାଏ ଗୋଲ୍ ଦେଇଥିଲେ। ଭାରତ ପକ୍ଷରୁ ଦିଲ୍‌ପ୍ରୀତ୍ ସିଂହ ଦୁଇଟି ଯାକ ଗୋଲ୍‌ସ୍କୋର କରିଥିଲେ। ଏହାପରେ ଫଳାଫଳ ପାଇଁ ସୁଟ୍‌ଆଉଟ୍‌ର ସହାୟତା ନିଆଯାଇଥିଲା। ଏଥିରେ ଇଂଲଣ୍ଡ ୪ଟି ଗୋଲ୍ ଦେଇଥିବାବେଳେ ଭାରତ ମାତ୍ର ଗୋଟିଏ ବଲ୍ ପ୍ରତିପକ୍ଷ ପୋଷ୍ଟ ମଧ୍ୟକୁ ପଠାଇବାକୁ ସମର୍ଥ ହୋଇଥିଲା। ବିଜୟ ସହ ଇଂଲଣ୍ଡ ବୋନସ୍ ପଏଣ୍ଟ ହାତେଇନେଇଛି। ଇଂଲଣ୍ଡ ୧୪ଟି ମ୍ୟାଚରୁ ୩୧ ପଏଣ୍ଟ ପାଇ ବେଲ୍‌ଜିୟମ (୩୬) ପଛକୁ ଟେବୁଲର ଦ୍ୱିତୀୟ ସ୍ଥାନରେ ରହିଛି। ଅପରପକ୍ଷରେ ଭାରତ ୧୪ଟି ମ୍ୟାଚରୁ ୧୪ ପଏଣ୍ଟ ସହ ୯ ଦଳୀୟ ଟେବୁଲ ତାଲିକାର ୮ମ ସ୍ଥାନରେ ରହିଛି। ଭାରତ ଏହାର ପରବର୍ତ୍ତୀ ମ୍ୟାଚରେ ପାକିସ୍ତାନକୁ ଭେଟିବାର କାର୍ଯ୍ୟସୂଚୀ ରହିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS